

◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-99 ◆SUNDAY ◆5 OCTOBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୯୯ ◆ରବିବାର ◆୫ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦ (ସିନ୍ଦୂରା ସହ)


## ପୁଲିସ ଚାକିରି ବେପାର

## ୧୧୮ ଗିରଫ; ଚେର ଖୋଜୁଛି କ୍ରାଇମ୍‌ବ୍ରାଞ୍ଚ

# ବଡ଼ବଡ଼ିଆଙ୍କୁ ହାତ ପାଉନି

- ସମସ୍ତ ୯୩୩ ପଦ ବିକ୍ରି ପାଇଁ କରାଯାଇଥିଲା ଯୋଜନା
- ସିଲିକନ୍ ଟେକ୍‌ଲାବ୍ ଓ ପଞ୍ଚସପ୍ଟ ମଧ୍ୟରେ ତଦନ୍ତ ସୀମିତ
- ବାରମ୍ବାର ପରୀକ୍ଷା ପରିଚାଳନା ସବ୍‌ଲେଟ୍ ସନ୍ଦେହଘେରରେ
- କିଏ ଦେଇଥିଲା ପରୀକ୍ଷା ପରିଚାଳନା ସଂସ୍ଥା ପରିବର୍ତ୍ତନ ଅନୁମତି
- ଆସନ୍ତା ୬ ତାରିଖରେ ପ୍ରତିବାଦ ଶୋଭାଯାତ୍ରା କରିବ ବିଜେଡି

■ **ଭୁବନେଶ୍ୱର/ବ୍ରହ୍ମପୁର, ୪।୧୦ (ସମିସ):** ଓଡ଼ିଶା ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଘଟଣା ସାରା ଦେଶରେ ଚାଞ୍ଚଲ୍ୟ ସୃଷ୍ଟି କରିଛି। ଏହି ଘଟଣାରେ ୧୧୪ ଜଣ ପରୀକ୍ଷାର୍ଥୀ ଓ ୪ ଜଣ ଦଲାଲଙ୍କୁ ମିଶାଇ ମୋଟ ୧୧୮ ଜଣ ଗିରଫ ହୋଇଛନ୍ତି। ମାତ୍ର ଘଟଣାକୁ ୫ଦିନ ବିତିଥିଲେ ମଧ୍ୟ ପ୍ରକୃତ ମାଷ୍ଟରମାଇଣ୍ଡ ପାଖରେ ପୁଲିସ୍ ପହଞ୍ଚି ପାରିନାହିଁ। ପରୀକ୍ଷା ପରିଚାଳନା କରିବା ପାଇଁ ଟେଣ୍ଡର ପାଇଥିବା କେନ୍ଦ୍ରୀୟ ପିଏସ୍‌ୟୁ ଆଇଟିଆଇ ଲିମିଟେଡ୍‌ର କୌଣସି ଅଧିକାରୀଙ୍କୁ ଜେରା କରାଯାଇ ନାହିଁ। ସେହି କମ୍ପାନୀଠାରୁ ସବ୍ ଟେଣ୍ଡର ପାଇଥିବା ସିଲିକନ୍ ଟେକ୍‌ଲାବ୍ ପ୍ରାଇଭେଟ୍ ଲିମିଟେଡ୍ ଏବଂ ସିଲିକନ୍‌ଠାରୁ ସବ୍ ଟେଣ୍ଡର ନେଇଥିବା ପଞ୍ଚସପ୍ଟ ଟେକ୍ନୋଲୋଜି ମଧ୍ୟରେ ହିଁ ତଦନ୍ତ ସୀମିତ ରହିଛି।

ଅପରପକ୍ଷରେ ପୂର୍ବତନ ଜେଲ୍ ଡିଆଇଜି କୁଳମଣି ବେହେରାଙ୍କ ପୁଅ ମଧ୍ୟ ଏହି ମାମଲାରେ ଗିରଫ ହୋଇଛନ୍ତି। ଏସ୍‌ଆଇ ପରୀକ୍ଷା ପରିଚାଳନା କରୁଥିବା ଓଡ଼ିଶା ପୁଲିସ୍ ନିଯୁକ୍ତି ବୋର୍ଡ (ଓପିଆର୍‌ବି)ର ଅଧ୍ୟକ୍ଷ ଜେଲ୍ ବିଭାଗର ଡିଜି ଭାବେ କାର୍ଯ୍ୟ କରୁଥିବାରୁ ତାଙ୍କର ସମ୍ପୃକ୍ତିକୁ ନେଇ ମଧ୍ୟ ଅଭିଯୋଗ ହୋଇଛି। ପରୀକ୍ଷା ପରିଚାଳନା ପାଇଁ ଆଇଟିଆଇ ▶ପୃଷ୍ଠା-୭

## ବାରଙ୍ଗରୁ ଆଉ ଜଣେ ଦଲାଲ ଗିରଫ


ବିଶ୍ୱରଞ୍ଜନ ବେହେରା

**ମୁନ୍ନା ମହାନ୍ତି, ଶଙ୍କର ପୃଷ୍ଟି ନିଖୋଜ**

■ **ଭୁବନେଶ୍ୱର, ୪।୧୦ (ସମିସ):** ପୁଲିସ ଏସ୍‌ଆଇ ଚାକିର ବିକ୍ରି ରାକେଟ୍‌ର ଦୁଇ ପ୍ରମୁଖ ଅଭିଯୁକ୍ତ ମୁନା ମହାନ୍ତି ଓ ଶଙ୍କର ପୃଷ୍ଟିଙ୍କ ପତ୍ତା ପାଉନାହିଁ ପୁଲିସ। ଦୁହିଁଙ୍କୁ ଧରିବାକୁ ପୁଲିସ ତନାଘନା ଚଳାଇଥିଲେ ବି ସେମାନେ ଫେରାର ଅଛନ୍ତି। ତେବେ କ୍ରାଇମବ୍ରାଞ୍ଚ ଟିମ୍ ଭୁବନେଶ୍ୱର ବାରଙ୍ଗ ଅଞ୍ଚଳରୁ ଅନ୍ୟ ଜଣେ ଦଲାଲକୁ ଗିରଫ କରିଛି। ଗିରଫ ଦଲାଲ ହେଲେ ବାରଙ୍ଗ ଥାନା ବିଦ୍ୟାଧରପୁର ଗ୍ରାମର ବିଶ୍ୱରଞ୍ଜନ ବେହେରା। ଅଭିଯୁକ୍ତ ବିଶ୍ୱରଞ୍ଜନ ଏହି ଘଟଣାରେ ଜଣେ ମଧ୍ୟସ୍ଥ ଭାବରେ କାର୍ଯ୍ୟ କରୁଥିଲେ। ଏହି ସିଣ୍ଡିକେଟର ମୁଖ୍ୟଙ୍କ ନିର୍ଦ୍ଦେଶ ଅନୁଯାୟୀ ବିଶ୍ୱରଞ୍ଜନ ଆଶାୟୀ ପ୍ରାର୍ଥୀଙ୍କ ସହିତ ନିୟମିତ ଯୋଗାଯୋଗ କରୁଥିଲେ। ଆଶାୟୀ ପ୍ରାର୍ଥୀଙ୍କଠାରୁ ସେମାନଙ୍କ ଅରିଜିନାଲ ଶିକ୍ଷାଗତ ପ୍ରମାଣପତ୍ର ଏବଂ ବ୍ଲାଙ୍କ୍ ଚେକ୍ ସଂଗ୍ରହ କରିଥିଲେ। ପରବର୍ତ୍ତୀ ସମୟରେ ଏହି କାଗଜପତ୍ର ଗୁଡ଼ିକୁ ସିଣ୍ଡିକେଟ୍‌ର ଅନ୍ୟ ଜଣେ ସଦସ୍ୟଙ୍କୁ ସେ ହସ୍ତାନ୍ତର କରିଥିଲେ।

## ଅଧିନାୟକ ପଦରୁ ବିଦାହେଲେ ରୋହିତ

# ଗିଲ୍‌ଙ୍କୁ ଦିନିକିଆ ନେତୃତ୍ୱ




■ **ମୁମ୍ବାଇ, ୪।୧୦ (ଏଜେନ୍ସି):** ଭାରତୀୟ ଦିନିକିଆ ଦଳର ଅଧିନାୟକ ପଦରୁ ରୋହିତ ଶର୍ମାଙ୍କୁ ହଟାଇ ଦିଆଯାଇଛି। ଟେଷ୍ଟ ଅଧିନାୟକ ଶୁବମନ ଗିଲ୍‌ଙ୍କୁ ତାଙ୍କ ସ୍ଥାନରେ ଅଷ୍ଟ୍ରେଲିଆ ବିପକ୍ଷ ସିରିଜ୍ ଲାଗି ଦଳର ନେତୃତ୍ୱ ଦିଆଯାଇଛି। ଟେଷ୍ଟ କ୍ରିକେଟରୁ ଅବସର ନେବା ପରେ ରୋହିତଙ୍କ ସ୍ଥାନରେ ମଧ୍ୟ ଗିଲ୍‌ଙ୍କୁ ନେତୃତ୍ୱ ନେବା ଲାଗି ଚୟନ କରାଯାଇଥିଲା। ଅଷ୍ଟ୍ରେଲିଆରେ ଅକ୍ଟୋବର ୧୯, ୨୩ ଓ ୨୫ରେ ଖେଳାଯିବାକୁ ଥିବା ଦିନିକିଆ ସିରିଜ୍ ଲାଗି ଟେଷ୍ଟ ଓ ଟି-୨୦ କ୍ରିକେଟରୁ ଅବସର ନେଇଥିବା ରୋହିତ ଶର୍ମା ଓ ବିରାଟ କୋହଲିଙ୍କୁ ସାମିଲ କରାଯାଇଛି। ଶ୍ରେୟସ ଆୟରଙ୍କୁ ଦଳର ଉପ-ଅଧିନାୟକ ମନୋନୀତ କରାଯାଇଥିଲା ବେଳେ ଯଶପ୍ରୀତ୍ ବୁମ୍‌ରାଙ୍କୁ ଏହି ସିରିଜ୍ ଲାଗି ବିଶ୍ରାମ ଦିଆଯାଇଛି। (ବିବରଣୀ: ଖେଳ ପୃଷ୍ଠାରେ...)

## ମୁଖ୍ୟ ସଚିବଙ୍କ ଉଚ୍ଚସ୍ତରୀୟ ବୈଠକ

**ଭୁବନେଶ୍ୱର, ୪।୧୦ (ସମିସ):** ପୁଲିସ ସବଇନ୍ସପେକ୍ଟର ପରୀକ୍ଷା କେଲେଙ୍କାରୀକୁ ନେଇ ଶନିବାର ସନ୍ଧ୍ୟାରେ ଲୋକସେବା ଭବନରେ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଛି। ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଗୃହ ସଚିବ ସତ୍ୟବ୍ରତ ସାହୁଙ୍କ ସହ ଓପିଆରବି (ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ) ଅଧ୍ୟକ୍ଷ ସୁଶାନ୍ତ ନାଥ, ଓପିଆରବି ସଦସ୍ୟ ଆଇପିଏସ ଅବିନାଶ କୁମାର ପ୍ରମୁଖ ଉପସ୍ଥିତ ଥିଲେ।ସୂଚନା ଅନୁଯାୟୀ ବୈଠକରେ ମୁଖ୍ୟ ସଚିବ ଏସଆଇ କେଲେଙ୍କାରୀ ସମ୍ପର୍କରେ ବିସ୍ତୃତ ତଥ୍ୟ ପଚାରି ବୁଝିଛନ୍ତି। ଏପରି ଦୁର୍ନୀତି କିପରି ହେଲା, ଦୁର୍ନୀତିର ମୂଳ ଖିଅ ଖୋଜିବା ପାଇଁ ତଦନ୍ତ କେତେବାଟ ଯାଇଛି, ପରୀକ୍ଷା ପରିଚାଳନାରେ ମୂଳ ତ୍ରୁଟି କେଉଁଠି ରହିବା ସେନେଇ ବୈଠକରେ ବ୍ୟାପକ ବିଚାର ବିମର୍ଶ କରାଯାଇଛି। ସେହିପରି ଏପର୍ଯ୍ୟନ୍ତ ହୋଇଥି ତଦନ୍ତ ସମ୍ପର୍କରେ ମଧ୍ୟ ଆଲୋଚନା କରାଯାଇଥିବା ନେଇ ମଧ୍ୟ ସୂଚନା ହସ୍ତଗତ ହୋଇଛି। ଏ ସମ୍ପର୍କରେ ଓପିଆର୍‌ବି ଅଧ୍ୟକ୍ଷ ସୁଶାନ୍ତ ନାଥ କହିଛନ୍ତି, ଯାହା ଘଟଣା ଘଟିଛି କ୍ରାଇମ୍‌ବ୍ରାଞ୍ଚକୁ ଲିଖିତ ଭାବେ ଜଣାଇଛୁ। ତଦନ୍ତ ରିପୋର୍ଟକୁ ଅପେକ୍ଷା କରିଛୁ। ରିପୋର୍ଟ ଆସିବା ପରେ ପରବର୍ତ୍ତି କାର୍ଯ୍ୟାନୁଷ୍ଠାନ ନିଆଯିବ। ସଠିକ୍ ସମୟରେ ସ୍ୱଚ୍ଛ ଭାବେ ପରୀକ୍ଷା ହେବ ବୋଲି ଶ୍ରୀ ନାଥ କହିଛନ୍ତି।

## ପଞ୍ଚସପ୍ଟର ୩ଟି ଅଫିସ ସିଲ୍

ଚାକିରି ବେପାର ଘଟଣାର ତଦନ୍ତ କ୍ରାଇମ୍‌ବ୍ରାଞ୍ଚ ଚଳାଇଥିବାବେଳେ ଏସ୍‌ପି ଅନୀଲ ବେହୁରିଆ ଏହାର ତତ୍ତ୍ୱାବଧାନ କରୁଛନ୍ତି। ତେବେ ଏହାର ତଦନ୍ତ ଦାୟିତ୍ୱ ଡିଏସ୍‌ପି ରତ୍ନପ୍ରଭା ଶପତଥୀଙ୍କୁ ପ୍ରଦାନ କରାଯାଇଛି। ପରୀକ୍ଷା ପରିଚାଳନା ଦାୟିତ୍ୱରେ ଥିବା ଓପିଆରବିଠୁ କାମ ନେଇଥିବା ସଂସ୍ଥା ସିଲିକନ୍ ମାଲିକ ସମେତ ୫ଜଣକୁ ପଚରାଉଚରା କରିଛି ଆଜି କ୍ରାଇମ୍‌ବ୍ରାଞ୍ଚ ଜେରା କରିଛି। ଏହା ସହ ବ୍ରହ୍ମପୁର ଏବଂ ଭୁବନେଶ୍ୱରରେ ଥିବା ପଞ୍ଚସପ୍ଟ ସହ ଅନ୍ୟ ୩ ଅଫିସ ସିଲ କରିଛି କ୍ରାଇମ୍‌ବ୍ରାଞ୍ଚ। ଫେରାର ଥିବା ଶଙ୍କର ପୃଷ୍ଟି ବ୍ରହ୍ମପୁରସ୍ଥିତ ପଞ୍ଚସପ୍ଟ ସଂସ୍ଥାର ମୁଖ୍ୟ ବୋଲି କୁହାଯାଉଛି। ଶଙ୍କର ଘର ଗଞ୍ଜାମ ଶେରଗଡ଼ ଅଞ୍ଚଳରେ ବୋଲି ସୂଚନା ମିଳିଛି।

## ଦୁର୍ନୀତି ଗନ୍ଧ ବାରି ଇସ୍ତଫା ଦେଇଥିଲେ ଓପିଆର୍‌ବି ଅଧ୍ୟକ୍ଷ

■ **ଭୁବନେଶ୍ୱର, ୪।୧୦ (ସମିସ):** ଏସ୍‌ଆଇ ପରୀକ୍ଷା ନିଯୁକ୍ତିରେ ବ୍ୟାପକ ଦୁର୍ନୀତି ହେଉଥିବା ଗନ୍ଧ ବାରିଥିଲେ ପୂର୍ବତନ ଓପିଆରବି ଅଧ୍ୟକ୍ଷ ସନ୍ତୋଷ ଉପାଧ୍ୟାୟ। ୨୦୨୪ରେ ପୁଲିସ ଏସଆଇ ନିଯୁକ୍ତି ପାଇଁ ବିଜ୍ଞପ୍ତି ବାହାରିବା ପରେ ପ୍ରକ୍ରିୟାର ଦାୟିତ୍ୱ ନେଇଥିଲା ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋର୍ଡ ବା ଓପିଆରବି। ସେତେବେଳେ ଓପିଆରବିର ଅଧ୍ୟକ୍ଷ ଥିଲେ ଆଇପିଏସ୍ ସନ୍ତୋଷ ଉପାଧ୍ୟାୟ। ପରୀକ୍ଷା ପରିଚାଳନା ପାଇଁ ଓପିଆରବି ଦାୟିତ୍ୱ ଦେଇଥିଲା କେନ୍ଦ୍ର ସରକାରଙ୍କ ପିଏସୟୁ ଗୁଜୁରାଟର ଆଇଟିଆଇ ସଂସ୍ଥାକୁ। ଆଇଟିଆଇ ଗୁଜୁରାଟର ଆଉ ଏକ ସଂସ୍ଥା ରିଚ୍ ମାଇନସ ଡ଼ିଜିଟାଲକୁ ଏହି ଦାୟିତ୍ୱ ଦେଲା। ଏଥିରେ ଦୁର୍ନୀତି ଆଶଙ୍କା କରି ନିଜଆଡୁ ସେ ଗତ ଏପ୍ରିଲ ମାସରେ ଇସ୍ତଫା ଦେଇଥିଲେ। ଓପିଆରବି ଅଧ୍ୟକ୍ଷ ପଦରୁ ସନ୍ତୋଷ ଉପାଧ୍ୟାୟ ଇସ୍ତଫା ଦେବା ପରେ ସୁଶାନ୍ତ ନାଥ ଅଧ୍ୟକ୍ଷ ଦାୟିତ୍ୱ ସମ୍ଭାଳିଲେ। ଏହା ପରେ ବଦଳିଗଲା ଓପିଆରବି ଅଧୀନରେ ପୁଲିସ ଏସ୍‌ଆଇ ପରୀକ୍ଷା ଦାୟିତ୍ୱରେ ଥିବା ସଂସ୍ଥା।

## ସିଲିକନ୍ ଟେକ୍‌ଲାବ୍‌ରେ ୧୬ ଅଂଶୀଦାର

### ୩ ଜଣଙ୍କ ନିକଟରେ ୭୭.୩୧ ପ୍ରତିଶତ ଅଂଶ

■ **ଭୁବନେଶ୍ୱର, ୪।୧୦ (ସମିସ):** ଚାକରି ବେପାର ଘଟଣାରେ ବିବାଦୀୟ ସିଲିକନ୍ ଟେକ୍‌ଲାବ୍ ସମ୍ପର୍କରେ ଯେତେ ଖୋଳତାଡ଼ ହେଉଛି, ସେତିକି ନୂଆ ନୂଆ ତଥ୍ୟ ପଦାକୁ ଆସୁଛି। ପରୀକ୍ଷା ପରିଚାଳନାର ସାମାନ୍ୟ ଅଭିଜ୍ଞତା ନ ଥିବା ଏହି ସଂସ୍ଥା ଓପିଆର୍‌ବି ଠାରୁ ଦାୟିତ୍ୱ ପାଇଥିବା ରାଷ୍ଟ୍ରାୟତ୍ତ ସଂସ୍ଥା ଆଇଟିଆଇଠାରୁ ଏସ୍‌ଆଇ ପରୀକ୍ଷା ପରିଚାଳନା ଭାର ଗ୍ରହଣ କରିଥିଲା ଓଡିଶାରେ ପୁଲିସ ଏସଆଇ ପରୀକ୍ଷା ପରିଚାଳନା ପାଇଁ କେନ୍ଦ୍ରୀୟ ଉଦ୍ୟୋଗ ଆଇଟିଆଇର ପ୍ରଥମ ସହଯୋଗୀ ସଂସ୍ଥା ଥିଲା ଗୁଜୁରାଟର ଘରୋଇ ସଂସ୍ଥା ରିଚ୍ ମାଇଣ୍ଡସ। ସେତେବେଳେ ବି ଅନୁରୂପ ଅନିୟମିତା ଅଭିଯୋଗ ହୋଇଥିଲା ଓ ଏହି ସଂସ୍ଥାକୁ ପରୀକ୍ଷା ପରିଚାଳନାରୁ ଅବ୍ୟାହତି ଦିଆଯାଇଥିଲା। ଏହାପରେ ଓଡ଼ିଶାର ଘରୋଇ ସଂସ୍ଥା ସିଲିକନ୍ ଟେକଲାବ୍ ପରୀକ୍ଷା ପରିଚାଳନା ଦାୟିତ୍ୱ ପାଇଥିଲା। ସେତେବେଳେ ସିଲିକନ୍ ସଂସ୍ଥାର ଅଭିଜ୍ଞତା ଓ ବିଶ୍ୱସନୀୟତାକୁ କିଏ ଯାଞ୍ଚ କରିଥିଲା ତାର କୌଣସି ତଥ୍ୟ ନାହିଁ। ପୁନଶ୍ଚ ଏହି ସଂସ୍ଥା ପୁଣି ପଞ୍ଚସପ୍ଟ ଟେକନୋଲୋଜିକୁ ସହଯୋଗୀ ସଂସ୍ଥା ଭାବେ ପରୀକ୍ଷା ପରିଚାଳନା ପାଇଁ ବାଛିବା ପଛରେ କାହାର ହାତ ଥିଲା ତାହା ଏବେ ମଧ୍ୟ ସନ୍ଦେହରେ। କମ୍ପାନୀ ରେକର୍ଡ ଅନୁସାରେ ଏହି ସଂସ୍ଥାରେ ୧୬ଜଣ ଅଂଶୀଦାର ଥିଲେ ହେଁ ସୁରେଶ ଚନ୍ଦ୍ର ନାୟକ, ସଂଗ୍ରାମ କେଶରୀ ମହାନ୍ତି, ସମୀର ରଥ, ଶାଶ୍ୱତୀ ମିଶ୍ର ଏବଂ ଏସ ଭି ଏରାଙ୍କ ପ୍ରମୁଖ ୫ ଜଣ ନିର୍ଦ୍ଦେଶକ ରହିଥିଲେ। ମାତ୍ର କୌତୂହଳର କଥା ହେଉଛି ଏହାର ୧୬ ଅଂଶୀଦାରଙ୍କ ନିକଟରେ ମାତ୍ର ୨୨.୬୯% ଅଂଶ ରହିଥିବାବେଳେ ୩ଜଣଙ୍କ ନିକଟରେ ଥିଲା ୭୭.୩୧ ଅଂଶ। ନିର୍ଦ୍ଦେଶକ ସୁରେଶ ନାୟକଙ୍କ ନିକଟରେ ୩୦.୭%, ସଞ୍ଜୀବ ନାୟକଙ୍କ ନିକଟରେ ୨୧.୩୬% ଓ ଏସ୍‌ଟିପିଏଲ୍ ନାମକ ଏକ ସଂସ୍ଥା ନିକଟରେ ୨୫.୨୫% ଅଂଶ ଥିବା ସୂଚନା ମିଳିଛି। ତେଣୁ ଚାକିରି ବେପାରରେ ଅନ୍ୟ ଅଂଶୀଦାରଙ୍କ ଭୂମିକା କ'ଣ ରହିଛି ତାହାର ଅନୁସନ୍ଧାନ ହେବାର ଆବଶ୍ୟକ ରହିଛି ବୋଲି ଦାବି ହୋଇଛି।

## ଭାଇଚାରାର ସହରରେ ରକ୍ତର ଛିଟା

# ଭସାଣିରେ ଗୋଷ୍ଠୀ ସଂଘର୍ଷ: ୬ ଗୁରୁତର, ଆଇସିୟୁରେ ୨

■ **କଟକ, ୪।୧୦ (ସମିସ):** ଭାଇଚାରାରେ ରକ୍ତଛିଟା। ଐତିହାସିକ କଟକ ଦୁର୍ଗାପୂଜା ଭସାଣିରେ ଗତକାଲି ବିଳମ୍ବିତ ରାତିରେ କଟକ ଦରଘାବଜାର ଥାନା ଅଞ୍ଚଳରେ ରକ୍ତାକ୍ତ ଗୋଷ୍ଠୀ ସଂଘର୍ଷ ଘଟିଛି। ୨ ଗୋଷ୍ଠୀ ମଧ୍ୟରେ ଢେଲା ଓ କାଚ ବୋତଲ ମାଡ଼ ହୋଇଥିବା ବେଳେ ଏଥିରେ ୬ ଜଣ ଗୁରୁତର ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୨ଜଣଙ୍କ ସ୍ୱାସ୍ଥ୍ୟାବସ୍ଥା ସଂକଟାପନ୍ନ ରହିଛି। ଦୁହିଁଙ୍କୁ ଚିକିତ୍ସା ନିମନ୍ତେ ଏସ୍‌ସିବି ଟ୍ରମା ଆଇସିୟୁରେ ଭର୍ତ୍ତି କରାଯାଇଛି। ଏହି ଗଣ୍ଡଗୋଳରେ ସମ୍ପୃକ୍ତି ଥିବା ୬ ଆକ୍ରମଣକାରୀଙ୍କୁ

**ଡିସିପିଙ୍କ ସମେତ ୩ ପୁଲିସ କନେଷ୍ଟବଲ ଆହତ**

**ସୋମବାର ଭିଏଚ୍‌ପିର 'କଟକ ବନ୍ଦ' ଡାକରା**

ଦରଘାବଜାର ପୁଲିସ ଗିରଫ କରିଛି। ଅନ୍ୟପଟେ ସିସି କ୍ୟାମେରା, ନିୟୋଜିତ ଡ୍ରୋନ୍ ଫୁଟେଜ୍ ଏବଂ ପୁଲିସ ପକ୍ଷରୁ ସୁଟିଂ ହୋଇଥିବା ଭିଡିଓ ଫୁଟେଜ୍‌ରୁ ଆକ୍ରମଣକାରୀ ଚିହ୍ନଟ ପ୍ରକ୍ରିୟା ଚାଲିଛି। ସର୍ଚ୍ଚ ଅପରେସନ୍‌କୁ ମଧ୍ୟ ପୁଲିସ ଜୋରଦାର୍ କରିଛି।

ଗତକାଲି ବିଳମ୍ବିତ ରାତିରେ ଦରଘାବଜାର ଥାନା ଅଞ୍ଚଳରେ ଗଣ୍ଡଗୋଳ ପରେ ତୀବ୍ର ଉତ୍ତେଜନା ସୃଷ୍ଟି ହୋଇଥିଲା। ଏହା ପରେ ଉଭୟ ଗୋଷ୍ଠୀ ଢେଲା ଓ କାଚ ବୋତଲ ମାଡ଼ କରିଥିଲେ। ଏଥିରେ ଡିସିପି ଖିଲାରି ଋଷିକେଶ ଦ୍ୟାନଦେଓ ମଧ୍ୟ ଆହତ ହୋଇଛନ୍ତି। ପଥର ମାଡ଼ରେ ତାଙ୍କ ଆଖିପତା ଫାଟି ଯାଇଛି। ସେହିପରି ▶ପୃଷ୍ଠା-୭

## ନିନ୍ଦାକଲେ ନବୀନ



**ଶାନ୍ତିପ୍ରିୟ ଓଡ଼ିଶାରେ ଏ ଅଶାନ୍ତିର ବାତାବରଣ କଦାପି ଗ୍ରହଣୀୟ ନୁହେଁ**

**ଆଇନଶୃଙ୍ଖଳାକୁ ବିଗାଡ଼ିଦେଉଛି ପୁଲିସ ଉପରେ ଚାପ**

■ **ଭୁବନେଶ୍ୱର, ୪।୧୦ (ସମିସ):** ଦୁର୍ଗାପୂଜା ଭସାଣି ସମୟରେ କଟକ ଦରଘା ବଜାରରେ ଘଟିଥିବା ଗୋଷ୍ଠୀ ସଂଘର୍ଷକୁ ଦୃଢ଼ ନିନ୍ଦା କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଏ ସଂପର୍କରେ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ଉଲ୍ଲେଖ କରି ନବୀନ କହିଛନ୍ତି ଯେ ଭାଇଚାରାର ସହର କଟକରେ ଏପରି ଅପ୍ରୀତିକର ସ୍ଥିତି ବେଶ୍ ଚିନ୍ତାଜନକ। ଭସାଣି ସମୟରେ ଢେଲା-ପଥର, ବୋତଲ ମାଡ଼ ପରି ଘଟଣା ଏକ ବଡ଼ ସମ୍ବେଦନଶୀଳ ଦିଗକୁ ଇଙ୍ଗିତ କରୁଛି। ଶାନ୍ତିପ୍ରିୟ ଓଡ଼ିଶାରେ ଏ ଅଶାନ୍ତିର ବାତାବରଣ କଦାପି ଗ୍ରହଣୀୟ ନୁହେଁ। ଏପରି ସ୍ଥିତିକୁ ନିୟନ୍ତ୍ରଣ କରିବା ଆଗରେ ପୁଲିସ ପ୍ରଶାସନ ସମ୍ପୂର୍ଣ୍ଣ ଅସହାୟ ମନେ ହେଉଛି। ବିଜେପି ସରକାରରେ ପୁଲିସ ଉପରେ ରହୁଥିବା ଚାପ ରାଜ୍ୟରେ ଆଇନଶୃଙ୍ଖଳାକୁ ବିଗାଡ଼ି ଦେଉଛି। ପରସ୍ପର ମଧ୍ୟରେ ସୌହାର୍ଦ୍ଦ୍ୟ ଓ ସଦ୍‌ଭାବନା ବଜାୟ ରଖିବା ଆମ ସମସ୍ତଙ୍କ ପ୍ରଥମ ଲକ୍ଷ୍ୟ ଏବଂ କର୍ତ୍ତବ୍ୟ ହେଉ। ସମାଜରେ ଶାନ୍ତି ଓ ମୈତ୍ରୀ ବଜାୟ ରହୁ ବୋଲି ନବୀନ ନିଜ ପୋଷ୍ଟରେ ଉଲ୍ଲେଖ କରିଛନ୍ତି।

## ବିମାନବନ୍ଦରରୁ ପୁଣି ଜବତ ହେଲା ୩ କୋଟିର ମାରିଜୁଆନା

■ **ଭୁବନେଶ୍ୱର, ୪।୧୦ (ସମିସ):** ନିଶା ଚାଲାଣର ସହଜ ବାଟପାଲଟିଛି ବିଜୁ ପଟ୍ଟନାୟକ ବିମାନ ବନ୍ଦର। ଏଠାରେ ଯାଞ୍ଚ କଡ଼ାକଡ଼ି ନଥିବାରୁ ନିଶା ମାଫିଆଙ୍କ ଆଖି ଏହି ବିମାନ ବନ୍ଦର ଉପରେ। ଗତ କିଛି ମାସ ହେବ ନିୟମିତ ଭାବେ ବିଜୁ ପଟ୍ଟନାୟକ ବିମାନ ବନ୍ଦର ଦେଇ ନିଶା ଚାଲାଣ ହେଉଛି। ଯେତେ ଧରାପଡୁଥିଲେ ମଧ୍ୟ ନିଶା ଚାଲାଣ ଥମୁନି। ଦେଢ଼ମାସ ପୂରିନି ପୁଣି ଥରେ ଜବତ ହୋଇଛି ମାରିଜୁଆନା। ବିମାନବନ୍ଦରରୁ ୩ କୋଟି ଟଙ୍କାର ମାରିଜୁଆନା ଜବତ କରାଯାଇଛି। ମାରିଜୁଆନା ଆଣିଥିବା କେରଳର ଯାତ୍ରୀଙ୍କୁ କଷ୍ଟମ ବିଭାଗ ଅଟକ ରଖି ପଚରାଉଚରା କରୁଛି। ଏହି ଯାତ୍ରୀ ଜଣକ ହେଉଛନ୍ତି ମହମ୍ମଦ। ବ୍ୟାଙ୍କକରୁ ମାରିଜୁଆନା ଆଣି ଏୟାରଇଣ୍ଡିଆ ବିମାନରେ ଭୁବନେଶ୍ୱର ଆସିଥିଲେ। ଏହି ଯାତ୍ରୀଙ୍କ ଚାଲିଚଳନରେ ସନ୍ଦେହ ହେବାରୁ ବିମାନ ବନ୍ଦରରେ ଅଟକାଇ ଲଗେଜ ବ୍ୟାଗର ଯାଞ୍ଚ କରାଯାଇଥିଲା। ଯାଞ୍ଚ ବେଳେ ୩.୨ କିଲୋ ମାରିଜୁଆନ ମିଳିଥିଲା।



**ବ୍ୟାଙ୍କକରୁ ଆସୁଥିଲା, ଯାତ୍ରୀଙ୍କୁ ଅଟକ ରଖି ପଚରାଉଚରା**

**ଭୁବନେଶ୍ୱରକୁ ନିଶା ହବ୍ କରିବାକୁ ଅନ୍ତର୍ଜାତୀୟ ଚକ୍ରାନ୍ତ**

ସୂଚନାଯୋଗ୍ୟ ଯେ ଭୁବନେଶ୍ୱର ଦେଇ ବିଦେଶରୁ ବ୍ୟାପକ ପରିମାଣରେ ▶ପୃଷ୍ଠା-୭

## ସିନେଟ୍‌ରେ ଅଟକିଛି ଅର୍ଥ ବିଲ୍

# ୪ ଦିନ ହେଲା ଆମେରିକା ସଟ୍‌ଡାଉନ୍

### ନାସା ବି ବନ୍ଦ ■ ଛୁଟିରେ ଗଲେ ୭ ଲକ୍ଷ ୫୦ ହଜାର କର୍ମଚାରୀ

■ **ୱାଶିଂଟନ, ୪।୧୦ (ଏଜେନ୍ସି):** ସିନେଟ୍‌ରେ ଅର୍ଥ ବିଲ୍ ଅନୁମୋଦନକୁ ନେଇ ଅଚଳାବସ୍ଥା ଲାଗି ରହିଥିବାରୁ ଗତ ୪ ଦିନ ଧରି ଆମେରିକା ଅଚଳ (ସଟ୍‌ଡାଉନ୍) ହୋଇଯାଇଛି। କେବଳ କିଛି ଅତ୍ୟାବଶ୍ୟକ ସେବାକୁ ଛାଡ଼ିଦେଲେ ଅନ୍ୟ ସେବା ଗୁଡ଼ିକୁ ବନ୍ଦ କରି ଦିଆଯାଇଛି। ଏପରିକି ଆମେରିକାର ମହାକାଶ ସଂସ୍ଥା 'ନାସା' ମଧ୍ୟ ବନ୍ଦ ହୋଇଯାଇଛି। ଦେଶର ସାଢ଼େ ସାତ ଲକ୍ଷ କର୍ମଚାରୀଙ୍କ ଭବିଷ୍ୟତ ଏବେ ବିପଦ ମୁହଁକୁ ଠେଲି ହୋଇଯାଇଛି। ସାତ ଲକ୍ଷ କର୍ମଚାରୀଙ୍କୁ ଛୁଟିରେ ପଠାଇ ଦିଆଯାଇଥିବା ବେଳେ ସେମାନଙ୍କ ମଧ୍ୟରୁ ୩ ଲକ୍ଷ କର୍ମଚାରୀ ଛଟେଇ ହେବାର ଆଶଙ୍କା ରହିଛି। ଏହାଛଡ଼ା ଅନେକ କର୍ମଚାରୀଙ୍କୁ ଏବେ ବିନା ବେତନରେ କାମ କରିବାକୁ ପଡ଼ିବ। ଗତ ୭ ବର୍ଷ ମଧ୍ୟରେ ପ୍ରଥମ ଥର ଲାଗି ଆମେରିକାରେ ଏଭଳି ପରିସ୍ଥିତି ସୃଷ୍ଟି ହୋଇଛି। ଏଥିଲାଗି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ଦାୟୀ କରାଯାଇଛି।

**ଜିଦ୍‌ରେ ଅଟଳ ଡେମୋକ୍ରାଟ୍ ସଦସ୍ୟ; ଅଡୁଆରେ ଟ୍ରମ୍ପ**

ନିୟମ ଅନୁଯାୟୀ ଆମେରିକାର ବିଭିନ୍ନ ବିଭାଗ ପାଇଁ ସଂସଦ ପ୍ରତିବର୍ଷ ଅକଟୋବର ପହିଲା ତାରିଖ ସୁଦ୍ଧା ଅର୍ଥ ମଞ୍ଜୁର କରିଥାଏ। ମଞ୍ଜୁରୀ ମିଳିବା ପରେ ୧ ତାରିଖରୁ ବିଭାଗଗୁଡ଼ିକ ବଜେଟ ଖର୍ଚ୍ଚ ଆବଣ୍ଟନ କରାଯାଏ। କିନ୍ତୁ ଏଥର ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟି ଏବଂ ବିରୋଧୀ ଦଳ ଡେମୋକ୍ରାଟିକ ପାର୍ଟି ମଧ୍ୟରେ ମତଭେଦ ଯୋଗୁଁ



ଏହା ସମ୍ଭବ ହୋଇପାରି ନାହିଁ। ସ୍ୱାସ୍ଥ୍ୟ ସେବାକୁ ମିଳୁଥିବା ସବସିଡିକୁ କାଟିବା ଲାଗି ଟ୍ରମ୍ପ ପ୍ରଶାସନ ଜିଦ୍ ଧରିଥିବା ବେଳେ ଡେମୋକ୍ରାଟିକ ପାର୍ଟି ଏହାର ବିରୋଧ କରୁଛି। ଯେଉଁ ପର୍ଯ୍ୟନ୍ତ ଏହି ସବସିଡି ବ୍ୟବସ୍ଥା ଅବ୍ୟାହତ ରଖାନଯାଇଛି, ସେପର୍ଯ୍ୟନ୍ତ ଡେମୋକ୍ରାଟ୍ ସାଂସଦ ଅର୍ଥ ବିଲକୁ ସମର୍ଥନ କରିବେ ନାହିଁ ବୋଲି ସ୍ପଷ୍ଟ କରିଦେଇଛନ୍ତି। ସୂଚନାଯୋଗ୍ୟ ଯେ ଆମେରିକା ସଂସଦ ବା କଂଗ୍ରେସର ନିମ୍ନ ସଦନ (ହାଉସ ଅଫ୍ ରିପ୍ରେଜେଣ୍ଟେଟିଭ୍) ରେ ଟ୍ରମ୍ପଙ୍କ ପାର୍ଟିର ସଂଖ୍ୟାଗରିଷ୍ଠତା ଥିବା ବେଳେ ଉଚ୍ଚ ସଦନ (ସିନେଟ)ରେ ବିରୋଧୀ ଡେମୋକ୍ରାଟିକ୍ ପାର୍ଟିର ଅଧିକ ସାଂସଦ ରହିଛନ୍ତି। ତେଣୁ ସିନେଟରେ ବିଲ୍ ପାସ୍ କରିବାକୁ ହେଲେ ଡେମୋକ୍ରାଟ୍ ପାର୍ଟିର ସମର୍ଥନ ଜରୁରୀ। ଫଳାରେ ଏଭଳି ଅଚଳାବସ୍ଥା ସୃଷ୍ଟି ହୋଇଛି। ଅର୍ଥ ମଞ୍ଜୁର ହୋଇନଥିବାରୁ ଜାତୀୟ ଅର୍ଥନୀତି ▶ପୃଷ୍ଠା-୭

# ଆମେରିକାରେ ଭାରତୀୟ ଛାତ୍ରଙ୍କୁ ଗୁଳି କରି ହତ୍ୟା

ହାଇଦରାବାଦ,୪।୧୦(ଏଜେନ୍ସି): ଆମେରିକାର ଡଲାସ୍ ସହରରେ ଜଣେ ଭାରତୀୟ ଦନ୍ତ ଚିକିତ୍ସା ଛାତ୍ରଙ୍କୁ ଗୁଳି କରି ହତ୍ୟା କରାଯାଇଛି। ହାଇଦରାବାଦ୍‌ରୁ ୨୭ ବର୍ଷୀୟ ଚନ୍ଦ୍ରଶେଖର ପୋଲ୍ ଡଲାସର ଏକ ଗ୍ୟାସ ଷ୍ଟେସନରେ ପାର୍ଟ ଟାଇମ୍ ଚାକିରି କରୁଥିଲେ। ସେ ହାଇଦରାବାଦ୍‌ରେ ଡେଣ୍ଟାଲ ସର୍ଜରୀରେ ସ୍ନାତକ ଡିଗ୍ରୀ ହାସଲ କରିବା ପରେ ୨୦୨୩ରେ ଉଚ୍ଚଶିକ୍ଷା ପାଇଁ ଆମେରିକା ଯାଇଥିଲେ। ତେବେ ଗତ ରାତିରେ କେତେଜଣ ଅଜଣା ବନ୍ଧୁକଧାରୀ ତାଙ୍କୁ ଗୁଳି କରି ହତ୍ୟା କରିଛନ୍ତି। ୬ ମାସ ତଳେ ସେ ଆମେରିକାରେ ମାଷ୍ଟର ଡିଗ୍ରୀ ହାସଲ କରିଥିଲେ। ସେ ଫୁଲ୍ ଟାଇମ୍ ଚାକିରି ପାଇଁ ଚେଷ୍ଟା କରୁଥିଲେ। ଆମେରିକାରୁ ପୁଅର ମୃତଦେହ ଆଣିବାକୁ ଚନ୍ଦ୍ରଶେଖରଙ୍କ ପରିବାର ଭାରତ ସରକାରଙ୍କୁ ନିବେଦନ କରିଛନ୍ତି। ତେବେ କେଉଁ କାରଣରୁ ଚନ୍ଦ୍ରଶେଖରଙ୍କୁ ହତ୍ୟା କରାଯାଇଛି ସେ ନେଇ କିଛି ସ୍ପଷ୍ଟ କରାଯାଇନାହିଁ। ବିଆରଏସ୍ ବିଧାୟକ ଟି ହରିସ ରାଓ ମୃତଦେହ ଫେରାଇ ଆଣିବାକୁ ଆବଶ୍ୟକ ପଦକ୍ଷେପ ଯଥାଶୀଘ୍ର ଗ୍ରହଣ କରିବାକୁ ସରକାରଙ୍କୁ ଅନୁରୋଧ କରିଛନ୍ତି।

# ବେଲୁଚିସ୍ତାନରେ ବନ୍ଦର ନିର୍ମାଣ କରିବ ଆମେରିକା

ଇସ୍‌ଲାମାବାଦ୍,୪।୧୦(ଏଜେନ୍ସି): ପାକିସ୍ତାନର ବେଲୁଚିସ୍ତାନ ରାଜ୍ୟରେ ଏକ ବନ୍ଦର ନିର୍ମାଣ କରିବାକୁ ଆମେରିକାକୁ ପ୍ରସ୍ତାବ ଦିଆଯାଇଛି। ଏହି ପ୍ରସ୍ତାବ ଦେଇଛନ୍ତି ପାକିସ୍ତାନ ସେନା ମୁଖ୍ୟ ହାସିମ ମୁନୀରଙ୍କ ଉପଦେଷ୍ଟା। ଏ ନେଇ ପ୍ରମୁଖ ନ୍ୟୁଜି ଏଜେନ୍ସି ରଏଟର୍ସ। ବେଲୁଚିସ୍ତାନର ପସନୀ ସହରରେ ଆରବ ସାଗର ଉପକୂଳରେ ଏକ ନୂଆ ବନ୍ଦର ନିର୍ମାଣ କରିବା ସହ ଏହାକୁ ଚଳାଇବାକୁ ପାକିସ୍ତାନ ଆନୁଷ୍ଠାନିକ ଭାବେ ଆମେରିକାକୁ ପ୍ରସ୍ତାବ ଦେଇଛି। ତେବେ ଏହି ବନ୍ଦର କେବଳ ବ୍ୟବସାୟ ଓ ଖଣିଜ ସମ୍ପଦର ନେବା ଆଣିବା ପାଇଁ ନିର୍ମାଣ ହେବ ବୋଲି କୁହାଯାଇଛି। ଆମେରିକାକୁ ପ୍ରସ୍ତାବିତ ବନ୍ଦରରେ କୌଣସି ସୈନ୍ୟ ଠିକଣା ନିର୍ମାଣ କରିବାକୁ ଅନୁମତି ଦିଆଯିବ ନାହିଁ ବୋଲି ପାକିସ୍ତାନ ତରଫରୁ ସ୍ପଷ୍ଟ କରାଯାଇଛି। ପସନୀ ଚୀନ ନିର୍ମିତ ବନ୍ଦର ଗ୍ୱାଦର ବନ୍ଦରଠାରୁ ମାତ୍ର ୧୧୨ କିମି ଦୂରରେ ଅବସ୍ଥିତ। ଏହି ବନ୍ଦର ମାଧ୍ୟମରେ ପାକିସ୍ତାନରୁ ତମ୍ବା ଓ ଆଣ୍ଟିମନୀ ଭଳି ଖଣିଜ ପଦାର୍ଥ ଆମେରିକାକୁ ସହଜରେ ପଠାଯାଇପାରିବ। ଏହି ବନ୍ଦରକୁ ଦେଶର ପଶ୍ଚିମାଞ୍ଚଳ ସହ ଯୋଗାଯୋଗ ପାଇଁ ୧୧ ହଜାର କୋଟି ଟଙ୍କା ବିନିମୟରେ ନୂଆ ରେଳ ଲାଇନ୍ ବିଛା ଯିବ। ମୁନୀର କିଛିଦିନ ତଳେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ରେଳ ଖଣିଜ ସମ୍ପଦର ବ୍ରିଫକେସ୍ ଦେଖାଇଥିଲେ ଓ ଏହାକୁ ନେଇ ଚର୍ଚ୍ଚା ସୃଷ୍ଟି ହୋଇଥିଲା। ଭାରତର ଅପରେସନ ସିନ୍ଦୂର ପରେ ଆମେରିକା ଓ ପାକିସ୍ତାନ ନିକଟତର ହୋଇଛନ୍ତି।

# ଡଲାର ମୁଦ୍ରାରେ ଟ୍ରମ୍ପଙ୍କ ଚିତ୍ର ଖୋଦିତ

ୱାଶିଂଟନ,୪।୧୦(ଏଜେନ୍ସି): ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଚିତ୍ର ଖୋଦିତ ଏକ ଡଲାର ବିଶିଷ୍ଟ ମୁଦ୍ରା ବା କଏନ ଜାରି ହେବା ପାଇଁ ପ୍ରସ୍ତୁତି ଅନ୍ତିମ ପର୍ଯ୍ୟାୟରେ ପହଞ୍ଚିଛି। ଆମେରିକାର ଟ୍ରେଜେରୀ ବିଭାଗ ଶୁକ୍ରବାର ଏହି ମୁଦ୍ରାର ଡ୍ରାଫ୍ଟ ଡିଜାଇନ୍ ଜାରି କରିଛି। ଏହି ମୁଦ୍ରା ୨୦୨୬ରେ ଆମେରିକାର ୨୫୦ତମ ସ୍ୱାଧୀନତା ଦିବସ ଅବସରରେ ଜାରି କରାଯିବ ବୋଲି ଟ୍ରେଜେରୀ ବିଭାଗ ତରଫରୁ କୁହାଯାଇଛି। ଏହି ମୁଦ୍ରାର ଗୋଟିଏ ପଟେ ଟ୍ରମ୍ପ ନିଜ ମୁଠା ଉଠାଇଥିବାର ଦେଖାଯାଇଛି ଓ ଏହି ପଟେ ଫାଇଟ୍, ଫାଇଟ୍, ଫାଇଟ୍ ବୋଲି ଲେଖାଯାଇଛି। ଏହି ଶବ୍ଦ ଟ୍ରମ୍ପ ଗତବର୍ଷ ଏକ ଆକ୍ରମଣରୁ ବର୍ତ୍ତିବା ପରେ କହିଥିଲେ। ସେହିପରି ମୁଦ୍ରାର ଅନ୍ୟପଟେ ଟ୍ରମ୍ପଙ୍କ ଚିତ୍ର, ଲିବର୍ଟି ଓ ତାରିଖ (୧୯୭୭-୨୦୨୬) ଲେଖା ଯାଇଛି। ମୁଦ୍ରାର ଏହି ଡିଜାଇନ୍ ଦେଶର ଦୃଢ଼ ମାନସିକତାକୁ ଦର୍ଶାଉଛି ବୋଲି ଟ୍ରେଜେରୀ ତରଫରୁ କୁହାଯାଇଛି। ମୁଦ୍ରାର ଅନ୍ତିମ ଡିଜାଇନ୍ ଏପର୍ଯ୍ୟନ୍ତ ଚୟନ ହୋଇନାହିଁ ବୋଲି କୁହାଯାଇଛି। ଉଲ୍ଲେଖଥାଉ କି, ୧୯୭୬ରେ ଆମେରିକାର ୨୦୦ତମ ସ୍ୱାଧୀନତା ଦିବସ ଅବସରରେ ଲିବର୍ଟି ବେଲ୍ ଓ ଚନ୍ଦ୍ରକୁ ନେଇ ମୁଦ୍ରା ପ୍ରସ୍ତୁତ କରାଯାଇଥିଲା। ଏଥିରେ ପୂର୍ବତନ ରାଷ୍ଟ୍ରପତି ଏଇସେନହାୱାରଙ୍କ ଚିତ୍ର ଥିଲା। ଟ୍ରମ୍ପଙ୍କୁ ଏହି ମୁଦ୍ରାର ଡିଜାଇନ ପସନ୍ଦ ଆସିବ ବୋଲି ହ୍ୱାଇଟ୍‌ହାଉସ୍ ମୁଖପାତ୍ର କାରାଲିନ ଲେବିଟ କହିଛନ୍ତି।





# ତଳ କୋର୍ଟର ଦୁଇ ବିଚାରପତିଙ୍କୁ ହଟାଇଲେ ବମ୍ବେ ହାଇକୋର୍ଟ

ମୁମ୍ବାଇ,୪।୧୦(ଏଜେନ୍ସି): ବମ୍ବେ ହାଇକୋର୍ଟ ଶୁକ୍ରବାର ତଳ କୋର୍ଟର ଦୁଇଜଣ ବିଚାରପତିଙ୍କୁ ପଦରୁ ହଟାଇଛନ୍ତି।



ଅନୁଚିତ ତଥା ଅଶୋଭନୀୟ ଅଚାରଣ ଓ ଦୁର୍ନୀତି ପାଇଁ ହାଇକୋର୍ଟ ଦୁଇ ବିଚାରପତି ସତାରାର ଅତିରିକ୍ତ ସେସନ ଜଜ୍ ଧନଞ୍ଜୟ ନିକମ ଓ ପାଲଘର ସିଭିଲ ଜଜ୍ (ସିନିଅର ଡିଭିଜନ) ଇର୍ଫାନ ଶେଖଙ୍କୁ ପଦରୁ ବହିଷ୍କାର କରିଛନ୍ତି। ଶୃଙ୍ଖଳାଗତ କମିଟିର ତଦନ୍ତ ପରେ ହାଇକୋର୍ଟ ଏହି ଦୃଷ୍ଟାନ୍ତମୂଳକ ନିଷ୍ପତ୍ତି ନେଇଛନ୍ତି। ଧନଞ୍ଜୟଙ୍କ ନାମରେ ଉତ୍କୋଚ ତଥା ଲାଞ୍ଚ ନେବାର ଅଭିଯୋଗ ଆସିଥିଲା। ସେହିପରି ଏକ ଶୁଣାଣି ଅବସରରେ ଇର୍ଫାନ ଦୁର୍ନୀତି କରିବାର ଅଭିଯୋଗ ହୋଇଥିଲା। ଇର୍ଫାନ ଜବତ ହୋଇଥିବା ନିଶାଦ୍ରବ ସେବନ କରିବାର ଅଭିଯୋଗ ହୋଇଥିଲା ଓ ଏ ନେଇ ବମ୍ବେ ହାଇକୋର୍ଟରେ ପିଟିସନ ଦାଖଲ କରାଯାଇଥିଲା। ତେବେ ଆମେ ନିର୍ଦ୍ଦୋଶ ବୋଲି ବହିଷ୍କୃତ ହୋଇଥିବା ଏହି ଦୁଇ ବିଚାରପତି କହିଛନ୍ତି। ହାଇକୋର୍ଟଙ୍କ ଏହି ନିଷ୍ପତ୍ତି ପରେ ମୁମ୍ବାଇ ନ୍ୟାୟିକ ବ୍ୟବସ୍ଥାରେ ହଇଚଇ ସୃଷ୍ଟି ହୋଇଛି।

# ଜୁବିନଙ୍କୁ ବିଷ ଦେଇଛନ୍ତି ମ୍ୟାନେଜର!



ନୂଆଦିଲ୍ଲୀ,୪।୧୦(ଏଜେନ୍ସି): ଜଣାଶୁଣା ବଲିଉଡ ଓ ଆସାମ ଗାୟକ ଜୁବିନ ଗର୍ଗଙ୍କ ମୃତ୍ୟୁକୁ ନେଇ ନୂଆ ନୂଆ କଥା ସାମନାକୁ ଆସିବାରେ ଲାଗିଛି। ଜୁବିନଙ୍କୁ ହତ୍ୟା କରିବା ଲାଗି ବଡ଼ ଧରଣର ଷଡ଼ଯନ୍ତ୍ର ହୋଇଥିଲା। ଏହାକୁ କାର୍ଯ୍ୟକାରୀ କରିବା ଲାଗି ସିଙ୍ଗାପୁରର ପାନ୍ ପେସିଫିକ୍ ହୋଟେଲକୁ ଚୟନ କରାଯାଇଥିଲା। କେବଳ ଏତିକି ନୁହେଁ, ତାଙ୍କୁ ପାଣିରେ ବୁଡ଼ାଇ ମାରିବା ଲାଗି ବିଷ ଦିଆଯାଇଥିଲା। ଏଭଳି ଷଡ଼ଯନ୍ତ୍ର କରି ଜୁବିନଙ୍କୁ ବିଷ ଦେଇଛନ୍ତି ତାଙ୍କର ମ୍ୟାନେଜର ସିଦ୍ଧାର୍ଥ ଶର୍ମା ଓ ଇଭେଣ୍ଟ ଆୟୋଜକ ଶ୍ୟାମକାନୁ ମହନ୍ତ। ଏଭଳି ଅଭିଯୋଗ ଆଣିଛନ୍ତି ଜୁବିନଙ୍କ ବ୍ୟାଣ୍ଡମେଟ୍ ତଥା ସାଥି ଗାୟକ ଶେଖର ଜ୍ୟୋତି ଗୋସ୍ୱାମୀ।

ମାମଲାର ତଦନ୍ତ କରୁଥିବା ସ୍ୱତନ୍ତ୍ର ତଦନ୍ତକାରୀ ଦଳ ବା ଏସ୍‌ଆଇଟି ଅଧିକାରୀଙ୍କ ସାମନାରେ ଶେଖର ଏହି ବୟାନ ଦେଇ କହିଛନ୍ତି ଯେ ଏହି ଦୁଇଜଣ ହତ୍ୟାକୁ ଦୁର୍ଘଟଣାର ରୂପ ଦେବାକୁ ଷଡ଼ଯନ୍ତ୍ର କରିଥିଲେ। ସିଙ୍ଗାପୁରର ପାନ୍ ପେସିଫିକ୍ ହୋଟେଲରେ ମ୍ୟାନେଜର ସିଦ୍ଧାର୍ଥ ସେମାନଙ୍କ ସହ ରହୁଥିଲେ। ଜୁବିନଙ୍କ ମୃତ୍ୟୁ ପୂର୍ବରୁ ତାଙ୍କ ଆଚରଣ ସନ୍ଦେହଜନକ ଥିଲା। ସିଦ୍ଧାର୍ଥ ସମୁଦ୍ର ମଝିରେ ବୋଟ୍‌ର ଚାଳକଙ୍କୁ ହଟାଇ ନିୟନ୍ତ୍ରଣ ହାତକୁ ନେଇଥିଲେ। ଜୁବିନ ସମୁଦ୍ରକୁ ଭିତରକୁ ଯିବା ପରେ ଅଣନିଶ୍ୱାସୀ ହେବା ଭଳି ଲାଗୁଥିଲା। ଏହାସତ୍ତ୍ୱେ ସିଦ୍ଧାର୍ଥ ଜୁବିନଙ୍କୁ ଯିବାକୁ ଦିଅ, ଯିବାକୁ ଦିଅ ବୋଲି କହିଥିଲେ। ତେଣୁ ଏହା ଆଦୌ ଦୁର୍ଘଟଣା ନଥିଲା ବୋଲି ସେ କହିଛନ୍ତି।

**ହତ୍ୟାକୁ ଦୁର୍ଘଟଣାର ରୂପ ଦେବାକୁ ହୋଇଛି ଷଡ଼ଯନ୍ତ୍ର**

ଉଲ୍ଲେଖଥାଉ କି, ସିଙ୍ଗାପୁରରେ ସେପ୍ଟେମ୍ବର ୧୯ରେ ଜୁବିନ ସ୍କୁବା ଡାଇଭିଂ କରିବା ବେଳେ ମୃତ୍ୟୁବରଣ କରିଥିଲେ। ୨୦ ତାରିଖରେ ସିଙ୍ଗାପୁରରେ ହେବାକୁ ଥିବା ନର୍ଥ ଇଷ୍ଟ ଇଣ୍ଡିଆ ଫେଷ୍ଟିଭାଲରେ ସଂଗୀତ ପରିବେଷଣ କରିଥାନ୍ତେ। କିନ୍ତୁ ଜୁବିନ ଇଭେଣ୍ଟ ପୂର୍ବରୁ ୱାଟର ଆଡଭାନଚର ଆକ୍ଟିଭିଟିରେ ଭାଗ ନେଇଥିଲେ। ଜୁବିନଙ୍କୁ ଭଲଭାବେ ପହଁରା ଜଣାଥିଲା। ତେଣୁ ସେ ପାଣିରେ ବୁଡ଼ି ମୃତ୍ୟୁବରଣ କରିନାହାନ୍ତି ବୋଲି ଶେଖର ଦାବି କରିଛନ୍ତି। ଏହି ମାମଲାରେ ବର୍ତ୍ତମାନ ସୁଦ୍ଧା ୪ ଜଣଙ୍କୁ ଗିରଫ କରି ଜେଲ୍ ହାଜତକୁ ପଠାଇ ଦିଆଯାଇଛି।

# ଗାଜାରେ ଶାନ୍ତି ପାଇଁ ବାଟ ଫିଟୁଛି

ୱାସିଂଟନ,୪।୧୦(ଏଜେନ୍ସି):

ଆମେରିକାର ରାଷ୍ଟ୍ରପତି ଟ୍ରମ୍ପଙ୍କ ଧମକର ୬ ଘଣ୍ଟା ପରେ ହମାସ ଅସ୍ତ୍ରବିରତି ପାଇଁ ରାଜି ହୋଇଛି। ହମାସ ଶୁକ୍ରବାର ରାତିରେ ଏ ନେଇ ଘୋଷଣା କରିଛି। ଟ୍ରମ୍ପଙ୍କ ଦ୍ୱାରା ଦିଆଯାଇଥିବା ଯୋଜନା ଅନୁଯାୟୀ ବଞ୍ଚିଥିବା ଓ ମୃତ୍ୟୁବରଣ କରିଥିବା ସବୁ ପଣବନ୍ଦୀଙ୍କୁ ମୁକ୍ତ କରିବାକୁ ହମାସ ପ୍ରସ୍ତୁତ ଅଛି ବୋଲି କହିଛି। ଏଥିସହ ଗାଜା ଉପରୁ ନିୟନ୍ତ୍ରଣ ଛାଡ଼ିବାକୁ ହମାସ ମଧ୍ୟ ରାଜି ହୋଇଛି। ତେବେ ଟ୍ରମ୍ପ ଦେଇଥିବା ୨୦ ସୂତ୍ରୀ ଶାନ୍ତି ପ୍ରସ୍ତାବରେ କେତୋଟି ସ୍ଥାନରେ ଆଲୋଚନା କରିବାର ଆବଶ୍ୟକତା ଅଛି ବୋଲି ହମାସ କହିଛି। ହମାସ ଅସ୍ତ୍ର ଛାଡ଼ିବ କି ନାହିଁ ସେ ନେଇ କିଛି କୁହାଯାଇନାହିଁ। ହମାସର ଏହି ଘୋଷଣା ପରେ ଗାଜା ଉପରେ ଆକ୍ରମଣ ନ କରିବାକୁ ଟ୍ରମ୍ପ ଇସ୍ରାଏଲକୁ ନିର୍ଦ୍ଦେଶ ଦେଇଛନ୍ତି। ଇସ୍ରାଏଲ ମଧ୍ୟ ଟ୍ରମ୍ପଙ୍କ ଗାଜା ଯୋଜନା ଉପରେ କାର୍ଯ୍ୟ କରିବାକୁ ପ୍ରସ୍ତୁତ ବୋଲି କହିଛି। ଟ୍ରମ୍ପଙ୍କ ଏହି ଯୋଜନାର ପ୍ରଥମ ପର୍ଯ୍ୟାୟ ଲାଗୁ କରିବାକୁ ପ୍ରସ୍ତୁତ ଅଛୁ ବୋଲି ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁଙ୍କ କାର୍ଯ୍ୟାଳୟ ତରଫରୁ କୁହାଯାଇଛି। ଯୁଦ୍ଧ ଶେଷ କରିବା ପାଇଁ ଟ୍ରମ୍ପ ଓ ନେତାନ୍ୟାହୁଙ୍କ ଟିମ୍ ସାଥିହୋଇ କାର୍ଯ୍ୟ କରିବେ। ଗାଜାରେ ଆକ୍ରମଣ ରୋକିବାକୁ ଇସ୍ରାଏଲ ପ୍ରସ୍ତୁତ ବୋଲି କହିଛି। ତେବେ ଅତି ଆବଶ୍ୟକ ପଡିଲେ କାର୍ଯ୍ୟାନୁଷ୍ଠାନ କରିବାକୁ ଇସ୍ରାଏଲ କହିଛି।



**ନିୟନ୍ତ୍ରଣ ଛାଡ଼ିବ ହମାସ**

**ମୁକ୍ତ ହେବେ ପଣବନ୍ଦୀ**

**ଇସ୍ରାଏଲର ପୁଣି ଆକ୍ରମଣ, ୬ ମୃତ**

ଉଲ୍ଲେଖଥାଉ କି, ହମାସ ପାଖରେ ୪୮ ଜଣ ଇସ୍ରାଏଲ ପଣବନ୍ଦୀ ରହିଛନ୍ତି। ଏମାନଙ୍କ ମଧ୍ୟରୁ ଏବେ ୨୦ ଜଣ ବଞ୍ଚିଛନ୍ତି। ଅସ୍ତ୍ରବିରତି ଘୋଷଣା ହେବାର ୭୨ ଘଣ୍ଟା ମଧ୍ୟରେ ଇସ୍ରାଏଲ ମଧ୍ୟ ୨,୦୦୦ରୁ ଅଧିକ ପାଲେଷ୍ଟାଇନ୍ ସୁରକ୍ଷାକର୍ମୀ ଓ ମୃତାହତ ହୋଇଥିବା ଗାଜା ବାସୀଙ୍କ ମୃତଦେହ ଫେରାଇବାକୁ କୁହାଯାଇଛି। ଇସ୍ରାଏଲ ଓ ହମାସର ଏଭଳି ଆଚରଣ ଗାଜାରେ ଶାନ୍ତି ପାଇଁ ବାଟ ଫିଟାଇଛଇ ବୋଲି କୁହାଯାଉଛି।

ଶାନ୍ତି ତଥା ଅସ୍ତ୍ରବିରତି ପାଇଁ କ୍ଷେତ୍ର ପ୍ରସ୍ତୁତ ହେଉଥିବା ବେଳେ ଇସ୍ରାଏଲ ଗାଜା ଉପରେ ପୁଣି ଶନିବାର ଆକ୍ରମଣ କରିଛି। ଫଳରେ ସ୍ଥିତି ବିଗିଡ଼ିବାର ସମ୍ଭାବନା ସୃଷ୍ଟି ହୋଇଛି। ଏହି ଆକ୍ରମଣରେ ଗାଜା ଷ୍ଟ୍ରିପରେ ୬ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଗୋଟିଏ ଆକ୍ରମଣରେ ଗାଜା ସିଟିର ଏକ ଘରେ ରହୁଥିବା ୪ ଜଣ ପ୍ରାଣ ହରାଇଥିଲେ। ସେହିପରି ଦକ୍ଷିଣ ଗାଜାର ଖାନ୍ ୟୁନିସ୍‌ରେ ଆଉ ଏକ ଆକ୍ରମଣରେ ଦୁଇଜଣ ମୃତ୍ୟୁବରଣ କରିଛନ୍ତି ବୋଲି ସ୍ୱାସ୍ଥ୍ୟକର୍ମୀ ଓ ସ୍ଥାନୀୟ କର୍ତ୍ତୃପକ୍ଷ କହିଛନ୍ତି। ପୂର୍ବରୁ ଗାଜା ଉପରେ ଆକ୍ରମଣକୁ ତରୁନ୍ତ ବନ୍ଦ କରିବାକୁ ଆମେରିକା ରାଷ୍ଟ୍ରପତି ଟ୍ରମ୍ପ ନିର୍ଦ୍ଦେଶ ଦେଇଥିଲେ। ୨୦୨୩ ଅକ୍ଟୋବର ୭ ପରେ ହମାସର ଆତଙ୍କବାଦୀ ଆକ୍ରମଣ ପରେ ଇସ୍ରାଏଲ୍ ଗାଜାରେ ଆକ୍ରମଣ ଜାରି ରଖିଛି। ହମାସର ଏହି ଆକ୍ରମଣରେ ୧୨୦୦ ଲୋକ ମୃତ୍ୟୁବରଣ କରିଥିଲେ। ଏଥିସହ ହମାସ୍ ୨୫୧ଜଣଙ୍କୁ ପଣବନ୍ଦୀ ରଖିଥିଲା ଗାଜାରେ ଇସ୍ରାଏଲ ଏହି ସେନା ଅଭିଯାନରେ ଏପର୍ଯ୍ୟନ୍ତ ୬୬,୦୦୦ ଲୋକ ପ୍ରାଣ ହରାଇଲେଣି।

# ଭାରତ ରୁଷ୍‌ଠାରୁ ଆହୁରି ଅଧିକ ଏସ୍-୪୦୦ କିଣିବ



ନୂଆଦିଲ୍ଲୀ,୪।୧୦(ଏଜେନ୍ସି): ଭାରତ ରୁଷିଆଠାରୁ ଆହୁରି ଅଧିକ ଏସ୍-୪୦୦ କ୍ରୟ କରିପାରେ। ପୂର୍ବରୁ ୫ଟି ଏସ୍-୪୦୦ କ୍ରୟ ନେଇ ଚୁକ୍ତି ହୋଇସାରିଛି। ଭାରତ ମଧ୍ୟ ୩ଟି ଏସ୍-୪୦୦ ପାଇ ସାରିଛି। ଏବେ ଆଉ କିଛି ସିଷ୍ଟମ ପାଇଁ ଚୁକ୍ତି ହେବ। ଆଗାମୀ ଡିସେମ୍ବରରେ ରୁଷିଆ ରାଷ୍ଟ୍ରପତି ଭ୍ଲାଡିମିର ପୁଟିନ ଭାରତ ଗସ୍ତରେ ଆସିବେ। ଏହି ଗସ୍ତ ଅବସରରେ ଚୁକ୍ତି ହେବାର ଯଥେଷ୍ଟ ସମ୍ଭାବନା ରହିଛି। ଅପରେସନ ସିନ୍ଦୂରରେ ଏସ୍-୪୦୦ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରି ପାକିସ୍ତାନକୁ ଚକ୍‌ମା ଦେବାରେ ସଫଳ ହୋଇଥିଲା। ପାକିସ୍ତାନ ତରଫରୁ ଆସିଥିବା ସବୁ ଡ୍ରୋନ୍ ଓ ମିସାଇଲକୁ ଏସ୍-୪୦୦ ନିଷ୍କ୍ରିୟ କରିଥିଲା। ଭାରତ ୨୦୧୮ ଅକ୍ଟୋବର ୫୦୦ କୋଟି ଡଲାର ବିନିମୟରେ ଏସ୍-୪୦୦ କ୍ରୟ କରିବାକୁ ଚୁକ୍ତି କରିଥିଲା। ସେତେବେଳେ ଆମେରିକା ଏ ନେଇ ଚେତାବନୀ ମଧ୍ୟ ଦେଇଥିଲା। ଏବେ ଭାରତ ଏସ୍-୫୦୦ ମିସାଇଲ ସିଷ୍ଟମ କ୍ରୟ କରିବା ନେଇ ବିଚାର କରୁଛି। ଏସ୍-୪୦୦ ଓ ଏସ୍- ୫୦୦ ଦୁଇଟି ଯାକ ଅତ୍ୟାଧୁନିକ ସିଷ୍ଟମ ଭାବେ ପରିଗଣିତ ହେଉଛି। ଆକାଶମାର୍ଗରୁ ଶତ୍ରୁର ଆକ୍ରମଣକୁ ପଣ୍ଡ କରିବା ପାଇଁ ଏହି ସିଷ୍ଟମର ବ୍ୟବହୃତ ହୋଇଥାଏ। ଆବଶ୍ୟକତା ଅନୁଯାୟୀ ଭାରତ ଏସ୍-୪୦୦ ଓ ଅନ୍ୟ ଡିଫେନ୍ସ ସିଷ୍ଟମ କ୍ରୟ କରିବ ବୋଲି ଏୟାର ଚିଫ୍ ମାର୍ଶାଲ ଏପି ସିଂ ପୂର୍ବରୁ କହି ସାରିଛନ୍ତି।

**ଏସ୍-୫୦୦ କ୍ରୟ ନେଇ ବିଚାର କରାଯାଇ ପାରେ**

**ଡିସେମ୍ବରରେ ପୁଟିନଙ୍କ ଭାରତ ଗସ୍ତରେ ଚୁକ୍ତି ହୋଇପାରେ**

# ପିଲାଙ୍କ ପାଇଁ କାଳ କଫ୍ ସିରପ୍






ନୂଆଦିଲ୍ଲୀ,୪।୧୦(ଏଜେନ୍ସି): ତାମିଲନାଡୁ ପରେ ମଧ୍ୟପ୍ରଦେଶରେ କଫ୍ ସିରପକୁ ନିଷେଧ କରାଯାଇଛି। କଫ୍ ସିରପ ସେବନ କରି ଏପର୍ଯ୍ୟନ୍ତ ରାଜସ୍ଥାନରେ ୩ ଓ ମଧ୍ୟପ୍ରଦେଶରେ ୯ଜଣ ପିଲା ମୃତ୍ୟୁବରଣ କରିଛନ୍ତି। ଫଳରେ ଏହି ଦୁଇ ରାଜ୍ୟରେ କଫ୍ ସିରପକୁ ସମ୍ପୂର୍ଣ୍ଣ ଭାବେ ନିଷେଧ କରାଯାଇଛି। ମଧ୍ୟପ୍ରଦେଶରେ ଶନିବାରଠାରୁ କୋଲ୍ଡରିଫ୍ ସିରପ ଓ ନେକ୍ସଟ୍ରୋ-ଡିଏସ୍ ବିକ୍ରି କରିବାକୁ ନିଷେଧ କରାଯାଇଛି। ଏହି ଦୁଇ କଫ୍ ସିରପ ତାମିଲନାଡୁର କାଞ୍ଚିପୁରମ୍‌ରେ ତିଆରି କରାଯାଉଥିଲା। ପିଲାଙ୍କ ମୃତ୍ୟୁପରେ ତାମିଲନାଡୁ ସରକାର ଏହି ଔଷଧଗୁଡିକର ତିଆରି ଓ ବିକ୍ରି ଉପରେ ନିଷେଧାଦେଶ ଜାରି କରିଛନ୍ତି। ସେପଟେ ରାଜସ୍ଥାନରେ ଡେକ୍ସଟ୍ରୋମେଥେରୋଫାନ ହାଇଡ୍ରୋବ୍ରୋମାଇଡ୍ କଫ୍ ସିରପ୍‌ର ଉତ୍ପାଦନକାରୀ କମ୍ପାନୀ କସନ ଫାର୍ମାକୁ ମଧ୍ୟ ବ୍ୟାନ କରାଯାଇଛି। ଏହି କମ୍ପାନୀର ପ୍ଲାଣ୍ଟ ରାଜସ୍ଥାନର ଜୟପୁରରେ ମଧ୍ୟ ରହିଛି। ଏଥିପାଇଁ ରାଜସ୍ଥାନର ଜଣେ ଡ୍ରଗ୍ସ କଣ୍ଟ୍ରୋଲରଙ୍କୁ ସସ୍‌ପେଣ୍ଡ କରାଯାଇଛି।

- ୧୨ ପିଲାଙ୍କ ମୃତ୍ୟୁ ପରେ କାର୍ଯ୍ୟାନୁଷ୍ଠାନ
- ତାମିଲନାଡୁ ପରେ ମଧ୍ୟପ୍ରଦେଶରେ ନିଷିଦ୍ଧ
- ରାଜସ୍ଥାନରେ ଡ୍ରଗ୍ସ କଣ୍ଟ୍ରୋଲର ସସ୍‌ପେଣ୍ଡ

ଉଲ୍ଲେଖଥାଉ କି, କୋଲ୍ଡରିଫ୍ ଓ ନେକ୍ସଟ୍ରୋ ଡିଏସ୍ ସେବନ କାରଣରୁ ମଧ ପ୍ରଦେଶରେ ଗତ ୨୬ ଦିନ ମଧ୍ୟରେ ୯ ଜଣ ପିଲା ମୃତ୍ୟୁବରଣ କରିଛନ୍ତି। ସେହିପରି ରାଜସ୍ଥାନର ଭରତପୁର ଓ ସିକାରରେ ମଧ ସମକାରଣ ଯୋଗୁ ତିନିଜଣ ପିଲା ମୃତ୍ୟୁବରଣ କରିଥିଲେ। ମଧ୍ୟପ୍ରଦେଶ ଏ ନେଇ ଚିଠି ଦେବା ପରେ ୪୮ ଘଣ୍ଟା ମଧ୍ୟରେ ତାମିଲନାଡୁରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଥିଲା। ସେପଟେ ଦୁଇବର୍ଷରୁ କମ୍ ବୟସ୍କ ପିଲାଙ୍କୁ କଫ୍ ସିରପ ନ ଦେବାକୁ କେନ୍ଦ୍ର ସରକାରଙ୍କ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ ସମସ୍ତ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

# ମହାରାଷ୍ଟ୍ରକୁ ବିପଦ 'ଶକ୍ତି'

ମୁମ୍ବାଇ,୪।୧୦(ଏଜେନ୍ସି):

ଗୁଜରାଟର କଚ୍ଛ ନିକଟରେ ଆରବ ସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ଏବେ ବାତ୍ୟାର ରୂପ ନେଇଛି। ଶ୍ରୀଲଙ୍କା ଏହି ବାତ୍ୟାର ନାମ 'ଶକ୍ତି' ରଖିଛି। ମହାରାଷ୍ଟ୍ରରେ ୩ରୁ ୭ ଅକ୍ଟୋବର ମଧ୍ୟରେ ବାତ୍ୟା ଶକ୍ତିକୁ ନେଇ ସତର୍କତା ଜାରି କରାଯାଇଛି। ମୁମ୍ବାଇ, ଥାନେ, ପାଲଘର, ରାଇଗଡ଼, ରତ୍ନଗିରି ଓ ସିନ୍ଧୁଦୁର୍ଗ ଜିଲ୍ଲାରେ ଶକ୍ତିର ପ୍ରଭାବ ଦେଖିବାକୁ ମିଳିବ ଓ ୪୫ରୁ ୫୫ କିମି ବେଗରେ ପବନ ବହିବ ବୋଲି ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ସତର୍କ କରାଯାଇଛି। ପବନର ବେଗ ୬୫ କିମିରେ ମଧ୍ୟ ପହଞ୍ଚିବ ବୋଲି ଆଶଙ୍କା କରାଯାଉଛି। ଅକ୍ଟୋବର ୫ରେ ମହାରାଷ୍ଟ୍ର ଉପକୂଳରେ ସମୁଦ୍ରରୁ ବଡ଼ ବଡ଼ ଜୁଆର ଆସିବ ବୋଲି ଅନୁମାନ କରାଯାଉଛି। ମୌସୁମୀର ଲେଉଟାଣି ପରେ ଶକ୍ତି ପ୍ରଥମ ବାତ୍ୟା ଭାବେ ଆରବ ସାଗରରେ ସୃଷ୍ଟି ହୋଇଛି। ଶକ୍ତି କିନ୍ତୁ ଭାରତରେ ଲ୍ୟାଣ୍ଡଫଲ କରିବ ନାହିଁ। ଅକ୍ଟୋବର ୭ ସୁଦ୍ଧା ସମୁଦ୍ରରୁ ବଡ଼ ବଡ଼ ଜୁଆର ଆସିବ, ଜୋରରେ ପବନ ବହିବା ସାଙ୍ଗକୁ ଗୁଜରାଟ ଓ ଉତ୍ତର ମହାରାଷ୍ଟ୍ରରେ ପ୍ରବଳ ବର୍ଷା ହେବ ବୋଲି ଆଶଙ୍କା କରାଯାଉଛି। ବଙ୍ଗୋପ ସାଗରରେ ଗଭୀର ଅବପାତ କାରଣରୁ ଆନ୍ଧ୍ରପ୍ରଦେଶ ଓ ଓଡ଼ିଶାର କୋତୋଟି ଜିଲ୍ଲାରେ ପ୍ରବଳ ବର୍ଷା ହୋଇଛି। ବର୍ଷା କାରଣରୁ ଆନ୍ଧ୍ରରେ ୪ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ଓଡ଼ିଶାର ଗଜପତି ଜିଲ୍ଲାରେ ୨ ଜଣ ଲୋକ ପ୍ରାଣ ହରାଇଛନ୍ତି। ସମୁଦ୍ରରେ ଏବେ ୧୦୦ କିମିରୁ ଅଧିକ ବେଗରେ ପବନ ବହୁଛି। ଅକ୍ଟୋବର ୬ ବେଳକୁ ଶକ୍ତି ଦୁର୍ବଳ ହେବ। ସମୁଦ୍ର ଭିତରକୁ ନ ଯିବା ପାଇଁ ମାଛ ଧରାଳିଙ୍କୁ ସତର୍କ କରି ଦିଆଯାଇଛି। ମହାରାଷ୍ଟ୍ରର ବିଭିନ୍ନ ଜିଲ୍ଲାରେ ଧନଜୀବନ ହାନିକୁ ଦୃଷ୍ଟିରେ ରଖି ଅଧିକାରୀମାନଙ୍କୁ ବିଭିନ୍ନ ସତର୍କତାମୂଳକ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦିଆଯାଇଛି।



**୬୫ କିମି ବେଗରେ ପବନ ବହିବ**

# ସାର୍ କ୍ରିକ୍ ପାଇଁ ଭାରତ-ପାକିସ୍ତାନ ମୁହାଁମୁହିଁ

ନୂଆଦିଲ୍ଲୀ,୪।୧୦(ଏଜେନ୍ସି): ସାର କ୍ରିକ୍‌କୁ ନେଇ ପୁଣିଥରେ ଭାରତ ଓ ପାକିସ୍ତାନ ମୁହାଁମୁହିଁ ହୋଇଛନ୍ତି। ଗୁଜରାଟର କଚ୍ଛ ଜିଲ୍ଲା ଓ ପାକିସ୍ତାନର ସିନ୍ଧ ରାଜ୍ୟର ସୀମାକୁ ଏକ ୯୬ କିମି ଦୀର୍ଘର ଜୁଆରିଆ ମୁହାଣ ନିର୍ଦ୍ଧାରିତ କରୁଛି। ଏହି ମୁହାଣ ସିଧା ଆରବ ସାଗରକୁ ସଂଯୋଗ କରୁଛି। ଜୁଆର ଓ ଭଟ୍ଟା ଅନୁସାରେ ଏହି ସାର କ୍ରିକ୍‌ର ଜଳ ପତନ ବୃଦ୍ଧି ଓ ହ୍ରାସ ହୋଇଥାଏ। ଦୁଇ ଦେଶ ଏହି ସାମୁଦ୍ରିକ ସୀମାକୁ ନେଇ ଭିନ୍ନ ଭିନ୍ନ ମତ ଓ ତର୍କ ଦେଇ ଆସୁଛନ୍ତି। ଏହି ଅଞ୍ଚଳ ଐତିହାସିକ, ଭୌଗଳିକ, ଆର୍ଥନୈତିକ, ପରିବେଷ ଦୃଷ୍ଟିକୋଣରୁ ଦୁଇ ଦେଶ ପାଇଁ ଗୁରୁତ୍ୱ ବହନ କରୁଛି। ଏହାକୁ ପୂର୍ବେ 'ବନ ଗଙ୍ଗା' କୁହାଯାଉଥିଲା। କିନ୍ତୁ ଇଂଗ୍ରେଜ ଶାସନ ବେଳେ ବ୍ରିଟିଶ ଅଧିକାରୀ ସାର କ୍ରିକ୍‌ଙ୍କ ଅନୁସାରେ ଏହାର ନୂଆ ନାମକରଣ ହୋଇଥିଲା। ଏବେ ଏହି ଅଞ୍ଚଳ ନେଇ ବିବାଦ ସୃଷ୍ଟି ହୋଇଛି। ଏହି ଅଞ୍ଚଳରେ ପାକିସ୍ତାନ ସେନା ତା'ର ଉପସ୍ଥିତି ଜାହିର କରୁଛି। ତେଣୁ ଭାରତର ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ପାକିସ୍ତାନକୁ ଏଥିପାଇଁ କଡ଼ା ଚେତାବନୀ ଦେଇଛନ୍ତି। ଯଦି ଏହି ଅଞ୍ଚଳରେ ପାକିସ୍ତାନ କିଛି ଦୁଃସାହାସ କରେ ତେବେ ତା' କଡ଼ା ଜବାବ ଦିଆଯିବ ଓ ଇତିହାସ ସମେତ ଭୂଗୋଳ ମଧ୍ୟ ବଦଳାଇ ଦିଆଯିବ ବୋଲି ରାଜନାଥ ଚେତାବନୀ ଦେଇଛନ୍ତି। ଏହି ଅଞ୍ଚଳରେ ପାକିସ୍ତାନ ତା'ର ସୈନ୍ୟ ଭିତ୍ତିଭୂମି ନିର୍ମାଣ କରୁଥିବାର ଖବର ଆସିବା ପରେ ରାଜନାଥ ପାକିସ୍ତାନକୁ ଏହି ସତର୍କବାଣୀ ଶୁଣାଇଛନ୍ତି। ପୂର୍ବରୁ ଏହି ସୀମା ବିବାଦକୁ ସମାଧାନ କରିବାକୁ ଏକାଧିକବାର ପ୍ରୟାସ କରାଯାଇଥିବା ବେଳେ ଏପର୍ଯ୍ୟନ୍ତ ଏହାର ସମାଧାନ ହୋଇନାହିଁ। କାରଣ ପାକିସ୍ତାନ ସମଗ୍ର ଅଞ୍ଚଳକୁ ନିଜର ବୋଲି ଦାବି କରୁଛି।

# ଜାପାନରେ ପ୍ରଥମଥର ପାଇଁ ମହିଳା ହେବେ ପ୍ରଧାନମନ୍ତ୍ରୀ

ଟୋକିଓ,୪।୧୦(ଏଜେନ୍ସି): ପୂର୍ବ ଏସୀୟ ଦେଶ ଜାପାନରେ ପ୍ରଥମଥର ପାଇଁ ଜଣେ ମହିଳା ପ୍ରଧାନମନ୍ତ୍ରୀ ପଦରେ ଅଳଙ୍କୃତ ହେବେ। ସେ ହେଉଛନ୍ତି ୬୪ ବର୍ଷୀୟା କନଜରଭେଟିଭ୍ ରାଜନେତ୍ରୀ ସାନାଏ ତାକାଇଚି। ତାକାଇଚି ବ୍ରିଟେନ ପୂର୍ବତନ ପ୍ରଧାନମନ୍ତ୍ରୀ ମାର୍ଗାରେଟ ଥାଚରଙ୍କ ଜଣେ ପ୍ରଶଂସକ ଭାବେ ବେଶ୍ ଜଣାଶୁଣା। ଖୁବ୍‌ଶୀଘ୍ର ତାଙ୍କର ପ୍ରଧାନମନ୍ତ୍ରୀ ହେବାର ସ୍ୱପ୍ନ ପୂରଣ ହେବାକୁ ଯାଉଛି। ଜାପାନରେ ବହୁମତ ହାସଲ କରିଥିବା ପାର୍ଟିର ଅଧ୍ୟକ୍ଷ ପ୍ରଧାନମନ୍ତ୍ରୀ ଭାବେ ଶପଥ ଗ୍ରହଣ କରିବାର ପରମ୍ପରା ରହିଆସିଛି। ତେଣୁ ତାକାଇଚି ପରବର୍ତ୍ତୀ ପ୍ରଧାନମନ୍ତ୍ରୀ ହେବା ଏକ ପ୍ରକାର ନିଶ୍ଚିତ ହୋଇଛି। ତାଙ୍କୁ ପୂର୍ବତନ ପ୍ରଧାନମନ୍ତ୍ରୀ ଶିଞ୍ଜୋ ଆବେଙ୍କ ନିକଟତର ଓ ଚୀନ୍-ବରୋଧୀ ନେତା ବୋଲି ବିବେଚିନା କରାଯାଏ।



ତାକାଚାଇ ଜାପାନରେ ପୁରୁଷ ରାଜା ଶାସନର ସମର୍ଥକ ଭାବେ ବେଶ୍ ଜଣାଶୁଣା। ଏଥିସହ ସେ ରାଣୀ ରାଷ୍ଟ୍ରମୁଖ୍ୟ ଭାବେ ଶାସନ ଭାର ସମ୍ଭାଳିବା ବିପକ୍ଷରେ ରହିଥାନ୍ତି। ତାକାଚାଇ ୨୦୦୪ରେ ସାଥି ସାଂସଦ ତାକୁ ୟମାମେଟୋଙ୍କୁ ବିବାହ କରିଥିଲେ। ତେବେ ୨୦୧୭ ଜୁଲାଇରେ ରାଜନୈତିକ ମତଭେଦ କାରଣରୁ ଦୁହେଁ ଅଲଗା ହୋଇଥିଲେ। କିନ୍ତୁ ୨୦୨୧ରେ ଦୁହେଁ ପୁଣି ଏକାଠି ହୋଇଥିଲେ ଓ ପୁଣିଥରେ ବିବାହ କରିଥିଲେ।

# ଚାକିରି ବିକ୍ରି: ମେଧାବୀଙ୍କ ଆଖିରେ ଲୁହ

## ବଡ଼ ଆନ୍ଦୋଳନ ପାଇଁ ସଜବାଜ

ଭୁବନେଶ୍ୱର, ୪।୧୦(ସମିସ): ରାଜ୍ୟରେ ଚାକିରି ବିକ୍ରି ହେଉଛି। ଯାହା ପାଖରେ ଟଙ୍କା ଅଛି, ସେ ଲାଞ୍ଚ ଦେଇ ଚାକିରି ପାଉଛି। ଏପରିକି, ବଡ଼ବଡ଼ ପଦରେ ଥିବା ଅଧିକାରୀମାନେ ସେମାନଙ୍କ ପୁଅ-ଝିଅ ପାଇଁ ଚାକିରି କିଣି ଦେଉଛନ୍ତି। ଫଳରେ ପରୀକ୍ଷାରେ ଆଖି ଖୋସି ହୋଇଗଲା ପରି କଟ୍-ଅଫ୍ ଯାଉଛି। ଦୀର୍ଘ ବର୍ଷ ଧରି ଦିନରାତି ପାଠ ପଢୁଥିବା ଛାତ୍ରଛାତ୍ରୀମାନେ କଟ୍-ଅଫ୍ ଦେଖିଲା ପରେ ମୁଣ୍ଡରେ ହାତ ଦେଉଛନ୍ତି। ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଘଟଣା ପଦାକୁ ଆସିବା ପରେ ମେଧାବୀଙ୍କ ଚିନ୍ତା ବହୁଗୁଣିତ ହୋଇଛି। ଖୁଲମ୍‌ଖୁଲା ଚାକିରି କିଣାବିକା ହେଉଥିବାରୁ କେମିତି ସରକାରୀ ଚାକିରି ଖଣ୍ଡେ ପାଇବେ ବୋଲି ଚିନ୍ତାରେ ପଡ଼ିଛନ୍ତି। ପାଠପଢ଼ା ଛାଡ଼ି ବିକଳ୍ପ ଚିନ୍ତା କରିବା ସହ ତୀବ୍ର ଆନ୍ଦୋଳନ ହିଁ ଏକମାତ୍ର ବିକଳ୍ପ ବୋଲି ବିଚାର କରୁଛନ୍ତି। ଭୁବନେଶ୍ୱର ଓ କଟକରେ ଆନ୍ଦୋଳନ ଆରମ୍ଭ ହୋଇଥିବା ବେଳେ ଖୁବଶୀଘ୍ର ରାଜ୍ୟର କୋଣ ଅନୁକୋଣରେ ଆନ୍ଦୋଳନ କରବା ପାଇଁ ସଜବାଜ ହେଉଛନ୍ତି।

ମୋଟ୍ ୯୩୩ଟି ପୁଲିସ ସବ୍-ଇନ୍ସପେକ୍ଟର୍ (ଏସ୍‌ଆଇ) ପଦ ମଧ୍ୟରୁ ପ୍ରାୟ ୪୨୦ଟି ପଦ ବିକ୍ରି କରିବା ପାଇଁ ଡିଲ୍ ହୋଇଥିଲା। କିଛି ଦଲାଲ୍ ଏନେଇ ଆଶାୟୀ ପ୍ରାର୍ଥୀଙ୍କୁ ହ୍ୱାଟସ୍-ଆପ୍ ମେସେଜ୍‌ରେ କହିଥିବାର ସ୍କ୍ରିନ୍‌ସଟ୍ ଏବେ ବିଭିନ୍ନ ସାମାଜିକ ଗଣମାଧ୍ୟମରେ ଭାଇରାଲ୍ ହେଉଛି। ଅର୍ଥାତ୍ ପ୍ରାୟ ୫୦% ସିଟ୍ ବିକ୍ରି ହେଉଥିବା ଏକପ୍ରକାର ସ୍ପଷ୍ଟ ଜଣାପଡୁଛି। ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ୍‌ରୁ ୧୧୪ଜଣ ପରୀକ୍ଷାର୍ଥୀଙ୍କ ସମେତ ୩ଜଣ ଦଲାଲ୍ ଧରା ହେବା ଚାକିରି ବିକ୍ରି ଅଭିଯୋଗ ଉପରେ ମୋହର ମାରିଛି। ହେଲେ ଏହା ପୂର୍ବରୁ ମଧ୍ୟ ପ୍ରାୟ ୨ଶହ ଆଶାୟୀଙ୍କୁ ନିଆଯାଇଥିବା ମେଧାବୀମାନେ ଅଭିଯୋଗ କରିଛନ୍ତି। କିଛି ପରୀକ୍ଷାର୍ଥୀ ଧରାପଡ଼ିବା ପରେ ଅନ୍ୟମାନେ ଅଲଗା ଅଲଗା ହୋଇ ଟ୍ରେନ୍ ଓ ବିମାନ ଯୋଗେ ବିଭିନ୍ନ ସ୍ଥାନକୁ ପଳାଇଛନ୍ତି।

'ଟଙ୍କା ଦିଅ, ଚାକିରି ନିଅ' ନାମକ ଏକ ଅଘୋଷିତ ଯୋଜନା ଆରମ୍ଭ ହୋଇଥିବାରୁ ପ୍ରକୃତ ମେଧାବୀମାନେ ଚିନ୍ତା ଓ ଚାପରେ ପଡ଼ିଛନ୍ତି। ଗ୍ରାମାଞ୍ଚଳ ଓ ଗରିବ ପରିବାରରୁ ଆସି ୫ଟଙ୍କିଆ ଆହାର ଖାଇ ପଢୁଥିବା ପିଲାମାନେ ଚାକିରି କିପରି ପାଇବେ ବୋଲି ଭାବୁଛନ୍ତି। କାରଣ ସେମାନଙ୍କ ପାଖରେ ପର୍ଯ୍ୟାପ୍ତ ଟଙ୍କା ନାହିଁ, ଯାହା ଦେଇ ଚାକିରି କିଣି ପାରିବେ। ପାଠ ପଢ଼ିଲେ ମଧ୍ୟ ଚାକିରି ପାଇବେ ନାହିଁ, କାରଣ ସେମାନେ ଲକ୍ଷ୍ୟ ରଖି ପଢୁଥିବା ପଦଗୁଡ଼ିକ ବିକ୍ରି ହୋଇ ଯାଉଛି। ଟଙ୍କା ଦେଇ ପୂର୍ବରୁ ପ୍ରଶ୍ନପତ୍ର ପାଉଥିବାରୁ ୯୫%ରୁ ଅଧିକ କଟ୍-ଅଫ୍ ଯାଉଛି। ଏପରି ସ୍ଥିତିରେ ସରକାରୀ ଚାକିରି ଖଣ୍ଡେ ପାଇବା ଏକପ୍ରକାର ଅସମ୍ଭବ ହୋଇ ପଡୁଛି।

ମେଧା ଭିତ୍ତିରେ ଚାକିରି ପାଇବାକୁ ଆଶାୟୀମାନେ ବିକଳ୍ପ ଚିନ୍ତା କରୁଛନ୍ତି। ଗତକାଲି ଅର୍ଥାତ ଶୁକ୍ରବାର ଭୁବନେଶ୍ୱରସ୍ଥିତ ହରେକୃଷ୍ଣ ମହତାବ ରାଜ୍ୟ ଗ୍ରନ୍ଥାଗାର ସମ୍ମୁଖରେ ଆଶାୟୀମାନେ ଏକତ୍ରିତ ହେବା ସହ ଆନ୍ଦୋଳନ କରିଛନ୍ତି। ସରକାର ଚାକିରି ବିକ୍ରି ବନ୍ଦ କରିବାକୁ ଦାବି କରିବା ସହ ମାଷ୍ଟମାଇଣ୍ଡକୁ ତୁରନ୍ତ ଗିରଫ କରିବାକୁ ଦାବି କରିଛନ୍ତି। ଏହାର ଦିନକ ପରେ ଅର୍ଥାତ୍ ଶନିବାର କଟକସ୍ଥିତ ବିଶ୍ୱନାଥ ପଣ୍ଡିତ କେନ୍ଦ୍ରୀୟ ଗ୍ରନ୍ଥାଗାର ସମ୍ମୁଖରେ ବିକ୍ଷୋଭ କରିଛନ୍ତି। ଘଟଣାର ୫ଦିନ ପରେ ମଧ୍ୟ ପୁଲିସ୍ ଅଖିଦୃଶିଆ କାର୍ଯ୍ୟାନୁଷ୍ଠାନ ନେଉନଥିବାରୁ ଆନ୍ଦୋଳନକୁ ଅଧିକ ବ୍ୟାପକ କରିବାକୁ ଯୋଜନା କରୁଛନ୍ତି।

## ପୁଲିସ ଏସ୍‌ଆଇ ନିଯୁକ୍ତି କେଲେଙ୍କାରୀ: ଗର୍ଜିଲା ବିଜେଡି

# ସିବିଆଇ ତଦନ୍ତ ଦାବି; ୬ରେ ପ୍ରତିବାଦ ଶୋଭାଯାତ୍ରା

ଭୁବନେଶ୍ୱର,୪।୧୦(ସମିସ): ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା କେଲେଙ୍କାରୀ ଘଟଣାରେ ରାଜ୍ୟ ସରକାରଙ୍କର ପ୍ରଚ୍ଛନ୍ନ ହାତ ରହିଛି। ପୁଲିସ ବିଭାଗରେ ଏହି ଦୁର୍ନୀତି ହୋଇଥିବା ବେଳେ ବିଭାଗର ଏକ ଅଂଶ ଭାବେ ରହିଥିବା କ୍ରାଇମବ୍ରାଞ୍ଚ ଦ୍ୱାରା ତଦନ୍ତ କରିବା ଗ୍ରହଣୀୟ ନୁହେଁ। ତେଣୁ ଏପରି ସ୍ପର୍ଶକାତର ଘଟଣାର ସିବିଆଇ ତଦନ୍ତ ଦାବିରେ ବିଜେଡି ରାଜରାସ୍ତାକୁ ଓହ୍ଲାଇବ। ଆସନ୍ତା ସୋମବାର ଦିନ ବିଜୁ ଯୁବ ଛାତ୍ର ଜନତା ଦଳ ପକ୍ଷରୁ ରାଜଧାନୀ ଭୁବନେଶ୍ୱରରେ ଧାରଣା ଦିଆଯିବ ବୋଲି ଦଳ ପକ୍ଷରୁ ସୂଚନା ଦିଆଯାଇଛି।

ଶନିବାର ଶଙ୍ଖ ଭବନରେ ଶନିବାର ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ସାଧାରଣ ସମ୍ପାଦକ ପ୍ରୀତିରଞ୍ଜନ ଘଡେଇ ଓ ବିଜୁ ଯୁବ ଜନତା ଦଳର ସଭାପତି ଚିନ୍ମୟ ସାହୁ ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷାରେ ହୋଇଥିବା କେଲେଙ୍କାରୀ ପ୍ରସଙ୍ଗରେ ରାଜ୍ୟ ସରକାରଙ୍କ ଭୂମିକା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ବୋଲି କହିଛନ୍ତି। ଶ୍ରୀ ଘଡେଇ କହିଛନ୍ତି ଯେ ଏହି ନିଯୁକ୍ତି ପରୀକ୍ଷାକୁ କରିବା ପାଇଁ ପ୍ରାଥମିକ ଭାବେ ଆଇଟିଆଇ ସଂସ୍ଥାକୁ ଦିଆଯାଇଥିଲା । ପରବର୍ତ୍ତୀ ସମୟରେ ଏହା ଦୁଇ ଦୁଇଟି ସଂସ୍ଥାକୁ ଆଉଟସୋର୍ସିଂ କରାଯାଇଥିଲା । ରାଜ୍ୟ ସରକାରଙ୍କ ଆଉଟସୋର୍ସିଂ ନୀତି ସ୍ପଷ୍ଟ ହେବା ଦରକାର। କାହା ନିର୍ଦ୍ଦେଶରେ ଏପରି ଏକ ଅନଭିଜ୍ଞ କମ୍ପାନୀକୁ ଆଉଟସୋର୍ସିଂ କରାଯାଇଥିଲା। ଏହି ଆଉଟସୋର୍ସିଂ ମାଧ୍ୟମରେ ଦୁର୍ନୀତି କରିବା ପାଇଁ ରାଜ୍ୟ ସରକାର ବାଟ ତିଆରି କରିଥିଲେ। ଏହି ଘଟଣାରେ ଓପିଆରବିର ଅଧ୍ୟକ୍ଷ ଓ ରାଜ୍ୟ ସରକାରଙ୍କ ଗୃହ ବିଭାଗର ସଚିବ ତଦନ୍ତ ପରିସରଭୁକ୍ତ ହେବା ଦରକାର । ରାଜ୍ୟର ହଜାର ହଜାର ଚାକିରୀ ଆଶାୟୀ ଯୁବକ ଆଜି ଏହି ଘଟଣାରେ ହତାଶ ହୋଇଛନ୍ତି। ବିଶେଷକରି ଏହି କେଲେଙ୍କାରୀରେ



ପୁଲିସ ଅଧିକାରୀ ଅଭିଯୁକ୍ତ ରହିଥିବା ବେଳେ କ୍ରାଇମବ୍ରାଞ୍ଚ ଦ୍ୱାରା ତଦନ୍ତରେ ନ୍ୟାୟ ମିଳିବା ନେଇ ସନ୍ଦେହ ରହିଛି । ତେଣୁ ସିବିଆଇ ତଦନ୍ତ ଏକ ମାତ୍ର ବିକଳ୍ପ। ଯଦି ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଏହି ଘଟଣାରେ ତାଙ୍କର ସ୍ୱଚ୍ଛତା ପ୍ରତିପାଦନ କରିବାକୁ ଚାହୁଁଛନ୍ତି, ତାହେଲେ ତୁରନ୍ତ ଏହି ଘଟଣାର ତଦନ୍ତ ସିବିଆଇକୁ ହସ୍ତାନ୍ତର କରନ୍ତୁ ବୋଲି ଶ୍ରୀ ଘଡେଇ କହିଛନ୍ତି।

ଯୁବ ବିଜେଡି ସଭାପତି ଚିନ୍ମୟ ସାହୁ କହିଛନ୍ତି ଯେ ଚାକିରୀ ବିକ୍ରି ଘଟଣା ହେଉଛି ରାଜ୍ୟ ସରକାରଙ୍କ ପ୍ରାୟୋଜିତ କାର୍ଯ୍ୟକ୍ରମ। ଚଳିତ ବର୍ଷ ମାର୍ଚ୍ଚ ୭ ଓ ୮ ରେ ହେବାକୁ ଥିବା ଲିଖିତ ପରୀକ୍ଷାକୁ ଶେଷ ମୁହୂର୍ତ୍ତରେ ବାତିଲ କରି ଦିଆଯାଇଥିଲା। ଚାକିରୀ ବିକ୍ରି କରି ମୋଟା ଅଙ୍କର ଅର୍ଥ ଆଦାୟ କରିବା ଯୋଜନାର ମୂଳ ଉଦ୍ଦେଶ୍ୟ ଥିଲା। ନିଯୁକ୍ତି ପରୀକ୍ଷା ଆୟୋଜନ କରିବାରେ ତିଳେ ମାତ୍ର ଅଭିଜ୍ଞତା ନ ଥିବା ସଂସ୍ଥା ପଞ୍ଚସଫ୍ଟକୁ ଆଉଟସୋର୍ସିଂ କରାଯାଇଥିଲା। ଏହି କମ୍ପାନୀ ମାଧ୍ୟମରେ ଆଶାୟୀମାନଙ୍କଠାରୁ ମୋଟା ଅଙ୍କର ଅର୍ଥ ଆଦାୟ କରାଯାଇଥିଲା। ପ୍ରତି ଆଶାୟୀଙ୍କ ଠାରୁ ଦଶ ଲକ୍ଷ ଟଙ୍କା ଅଗ୍ରୀମ ଆକାରରେ ଆଦାୟ ହୋଇ ସାରିଥିଲା ଓ ସର୍ତ୍ତ ଅନୁସାରେ ଚାକିରୀ ପାଇବା ପରେ ଆଉ ପନ୍ଦର ଲକ୍ଷ ଦେବାକୁ ବାକି ରହିଥିଲା। କିନ୍ତୁ ବ୍ରହ୍ମପୁରରେ ସେମାନଙ୍କୁ ଏକତ୍ରିତ କରି ଶ୍ରୀକାକୁଲମ ନେବା ପୂର୍ବରୁ ଆଶାୟୀମାନଙ୍କୁ ସେମାନଙ୍କ ଅରିଜିନାଲ ସାର୍ଟିଫିକେଟ ସଂସ୍ଥା ପାଖରେ ବନ୍ଧକ ରଖିବାକୁ କୁହାଯାଇଥିଲା । କିଛି ଆଶାୟୀ ଏହି ସର୍ତ୍ତରେ ରାଜି ହୋଇ ନଥିବାରୁ ଘଟଣା ବିଷୟରେ ପୁଲିସକୁ ଖବର ଯାଇଥିଲା ଓ ଶ୍ରୀକାକୁଲମ ଠାରେ ପୁଲିସ ଗିରଫ କରିଥିଲା। ତେଣୁ ଏହି ଘଟଣାରେ ସିବିଆଇ ତଦନ୍ତ ହେବାର ସର୍ବାଧିକ ଆବଶ୍ୟକତା ରହିଛି ବୋଲି ସେ କହିଥିଲେ।

# ୧୫ ମାସରେ ୧୫ ପରୀକ୍ଷା ମହାଦୁର୍ନୀତି: କଂଗ୍ରେସ

ଭୁବନେଶ୍ୱର,୪।୧୦(ସମିସ): ପୁଲିସ ଏସଆଇ ନିଯୁକ୍ତି ପରୀକ୍ଷାରେ ଯେଉଁଭଳି ଦୁର୍ନୀତି ଓ ଅନିୟମିତତା ଦେଖା ଦେଇଛି, ତାହା ରାଜ୍ୟର ଯୁବଶକ୍ତିର ଆସ୍ଥାକୁ ଭଙ୍ଗି ଦେଇଛି। ବର୍ଷକୁ ବର୍ଷ ଧରି ପରିଶ୍ରମ କରୁଥିବା ଯୁବକମାନେ ଆଜି ହତାଶାରେ ଥିବାବେଳେ ଦୁର୍ନୀତିଖୋରମାନେ ଖୋଲା ଘୂରି ବୁଲୁଛନ୍ତି। ବିଜେପି ଅମଳରେ ଗତ ୧୫ ମାସରେ ୧୫ଟି ପରୀକ୍ଷା ଦୁର୍ନୀତି ହୋଇ ସାରିଲାଣି। ଏହା ଏକ ଅନ୍ତଃରାଜ୍ୟ ରାକେଟ୍ ହୋଇଥିବାରୁ ତଦନ୍ତ ଭାର ସିବିଆଇକୁ ଦିଆଯାଉ ବୋଲି ଦାବି କରିଛି କଂଗ୍ରେସ। ସେହିପରି ପରୀକ୍ଷାର୍ଥୀଙ୍କୁ ପର୍ଯ୍ୟାପ୍ତ କ୍ଷତିପୂରଣ ପ୍ରଦାନ ସହ ମାସିକ ୨୦ ହଜାର ଭତ୍ତା ଦିଆଯାଉ ବୋଲି କଂଗ୍ରେସ ଦାବି କରିଛି।

କଂଗ୍ରେସ ଭବନରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଦଳ ବରିଷ୍ଠ ମୁଖପାତ୍ର ଦେବାଶିଷ ନାୟକ କହିଛନ୍ତି ଯେ ଏହି ଦୁର୍ନୀତି ପଛରେ ୨୫ ଲକ୍ଷ ଟଙ୍କାର ଡିଲ ହୋଇଛି। ଖୋଦ୍ ପୁଲିସ ଏହା ସ୍ୱୀକାର କରିଛି। ଗରିବ ବାପା ମା ଓ ତାଙ୍କ ପିଲାର ଭବିଷ୍ୟତକୁ ଚାକିରି ଦଲାଲମାନେ ଅନ୍ଧକାର କରି ଦେଇଛନ୍ତି ବୋଲି ସେ ଅଭିଯୋଗ କରିଛନ୍ତି। ସେହିପରି ଅନ୍ୟତମବରିଷ୍ଠ ମୁଖପାତ୍ର ସୋନାଲି ସାହୁ କହିଛନ୍ତି ଯେ ଓଡ଼ିଶାର ଯୁବକ ମାନଙ୍କୁ ଦାଦନ ଖଟିବାକୁ ସରକାର ବାଧ୍ୟ କରୁଛନ୍ତି। ଗରିବ, ଶ୍ରମିକଙ୍କ ପିଲାଙ୍କୁ ଚାକିରି ଦେବା ନାଁରେ ସରକାର ହଜାର ହଜାର କୋଟି ଟଙ୍କା ଲୁଟୁଛନ୍ତି। ରାଜ୍ୟରେ ୧୫ ମାସର ସରକାରରେ ୧୫ ଥର ପ୍ରଶ୍ନ ପତ୍ର ଲିକ୍ ହୋଇଛି। ସରକାରୀ ମେଧାବୀ ଗରିବ ଯୁବକଙ୍କଠାରୁ ପରୀକ୍ଷା ଫିସ ବାବଦ କୋଟି କୋଟି ଟଙ୍କା ଆତ୍ମସାତ୍ ହୋଇଛି। ସରକାରଙ୍କ ପକ୍ଷରୁ ଯଦିଓ ଚାକିରି ପିଛା ୨୫ ଲକ୍ଷ ଟଙ୍କାର ପିସି କାରବାର ହୋଇଥିବା କୁହାଯାଉଛି, ବାସ୍ତବିକ୍ ଏଥିରେ ପାଖାପାଖି ୫୦ ଲକ୍ଷ ଟଙ୍କା ଅର୍ଥାତ୍ ସିଧାସଳଖ ୩୦୦ କୋଟି ଟଙ୍କାର ଦୁର୍ନୀତି ହୋଇଛି। ରାଜ୍ୟରେ ଗରିବ ପିଲାଙ୍କୁ ଲୁଟିବା ପାଇଁ ଏକ ଦୁର୍ନୀତିର ଚକ୍ରବ୍ୟୁହ ରଚନା କରାଗଲା। ପଞ୍ଚସଫ୍ଟର ମୁଖ୍ୟ ଶଙ୍କର ପୃଷ୍ଟିଙ୍କ ସମ୍ପର୍କ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀଙ୍କ ସହ ରହିଛି, ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ ଏହି ବ୍ୟକ୍ତିଙ୍କୁ ଦଳରେ



ଅନ୍ତଃରାଜ୍ୟ ରାକେଟ୍‌ର ହେଉ ସିବିଆଇ ତଦନ୍ତ

ବିଧିବଦ୍ଧ ଭାବରେ ସାମିଲ କରିଥିଲେ। ଗରିବ ପିଲାଙ୍କୁ ଲୁଟି ଶଙ୍କର ପୃଷ୍ଟି ଜରିଆରେ ବିଜେପି ନେତାଙ୍କୁ ମାଲାମାଲ କରିବାକୁ ସୁଚିନ୍ତିତ ଷଡ଼ଯନ୍ତ୍ର ରଚାଯାଇଥିଲା। ଏହି ସ୍କାମ୍ ପଛରେ ଥିବା ବିଜେପିର ବଡ଼ ବଡ଼ ନେତା, ମନ୍ତ୍ରୀ, ପୁଲିସ କମିଶନରଙ୍କୁ ଥରେ ହେଲେ ବି ପଚରା ଉଚରା କରାଗଲା ନାହିଁ। ସମଗ୍ର ଘଟଣାରେ ମୁଖ୍ୟମନ୍ତ୍ରୀ ନିରବ କାହିଁକି ବୋଲି ଶ୍ରୀମତି ସାହୁ ପ୍ରଶ୍ନ କରିଛନ୍ତି। ସେହିପରି ବର୍ତ୍ତମାନ ଶାସନ ଯେଉଁ ରାବଣ ହାତରେ ରହିଛି ସେଥିରେ ଓଡ଼ିଶାର ଯୁବପିଢିଙ୍କ ଭବିଷ୍ୟତ ଅନ୍ଧକାର ମଧ୍ୟକୁ ଠେଲିହୋଇ ଯାଇଛି ବୋଲି ଅନ୍ୟତମ ମୁଖପାତ୍ର ଡ଼ ମନିଷା ଦାସ ପଟ୍ଟନାୟକ ମତବ୍ୟକ୍ତ କରିଛନ୍ତି । ଛାତ୍ର ନେତା ତଥା ଅନ୍ୟତମ ମୁଖପାତ୍ର ବିଭୂତି ଭୂଷଣ ମହାପାତ୍ର ରାଜ୍ୟରେ ନିଯୁକ୍ତି ଦୁର୍ନୀତି ଏକ ବ୍ୟବସାୟ ହେଇଯାଇଛି ଓ ଏହି ବ୍ୟବସାୟୀ ମାନଙ୍କୁ ସରକାର ପ୍ରୋତ୍ସାହନ ଦେଉଛନ୍ତି ବୋଲି କ୍ଷୋଭ ପ୍ରକାଶ କରିଥିଲେ।

# ଗିରଫଙ୍କ ମଧ୍ୟରେ ଅବସରପ୍ରାପ୍ତ ଜେଲ୍ ଡିଆଇଜିଙ୍କ ପୁଅ

ଭୁବନେଶ୍ୱର, ୪।୧୦ (ସମିସ): ପୁଲିସ ଏସ୍‌ଆଇ ଚାକିରି କିଣାବିକା ଘଟଣାରେ ବଡ଼ବଡ଼ିଆ ପୁଲିସ୍ ଅଧିକାରୀଙ୍କ ସମ୍ପୃକ୍ତି ନେଇ ସନ୍ଦେହ ଦୃଢ଼ୀଭୂତ ହୋଇଛି। ଗିରଫ ହୋଇଥିବା ଆଶାୟୀଙ୍କ ମଧ୍ୟରେ ପୂର୍ବତନ ଜେଲ୍ ଡିଆଇଜି କୁଳମଣି ବେହେରାଙ୍କ ପୁଅ ଅମୀୟ ବେହେରା (୨୮) ମଧ୍ୟ ରହିଛନ୍ତି। ଗତ ମାର୍ଚ୍ଚରେ ଜେଲ୍ ବିଭାଗରୁ ଏହି ବରିଷ୍ଠ ଅଧିକାରୀ ଅବସର ନେଇଥିବାବେଳେ ସେହି ଜେଲ୍ ବିଭାଗର ଡିଜି ମଧ୍ୟ ଓଡ଼ିଶା ପୁଲିସ୍ ନିଯୁକ୍ତି ବୋର୍ଡ (ଓପିଆର୍‌ବି)ର ଅଧ୍ୟକ୍ଷ ଅଛନ୍ତି। ଏଣୁ ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଘଟଣାରେ ବହୁ ବଡ଼ବଡ଼ିଆଙ୍କ ସମେତ ଖୋଦ୍ ଓପିଆର୍‌ବି ଅଧ୍ୟକ୍ଷ ସମ୍ପୃକ୍ତ ରହିଥିବା ଷ୍ଟୁଡେଣ୍ଟ ଏଗେନେଷ୍ଟ କରପସନର ଆବାହକ ବିଭୂତି ଭୂଷଣ ମହାପାତ୍ର ଅଭିଯୋଗ କରିଛନ୍ତି।

ଅଭିଯୋଗ ଅନୁସାରେ ଓପିଆର୍‌ବି ଅଧ୍ୟକ୍ଷ ଦାୟିତ୍ୱରେ ଥିବା ସୁଶାନ୍ତ କୁମାର ନାଥ ଜେଲ୍ ବିଭାଗର ଡିଜି ଭାବେ ମଧ୍ୟ କାର୍ଯ୍ୟରତ ଅଛନ୍ତି। ସେହି ବିଭାଗରେ ଡିଆଇଜି ଭାବେ କାର୍ଯ୍ୟ କରିଥିବାରୁ ଶ୍ରୀ ବେହେରାଙ୍କ ପ୍ରତ୍ୟକ୍ଷ ସମ୍ପୃକ୍ତି ରହିଛି। ଏଣୁ କ୍ଷମତାର ଅପବ୍ୟବହାର କରି ତାଙ୍କ ପୁଅକୁ ଏସ୍‌ଆଇ କରିବାକୁ ପ୍ରୟାସ କରୁଥିଲେ। ଚାକିରି ବିକ୍ରି ରାକେଟ୍ ସମ୍ପର୍କରେ ଅବଗତ ଥାଇ ମଧ୍ୟ କୌଣସି ପଦକ୍ଷେପ ନେଇ ନାହାନ୍ତି। ଏଣୁ ଶ୍ରୀ ବେହେରାଙ୍କୁ ମଧ୍ୟ ତଦନ୍ତ ପରିସରଭୁକ୍ତ କରିବାକୁ ଶ୍ରୀ ମହାପାତ୍ର ଦାବି କରିଛନ୍ତି। ଆହୁରି ବଡ଼ ପୁଲିସ୍ ଅଧିକାରୀ ଚାକିରି ବିକ୍ରି ରାକେଟ୍‌ରେ ସାମିଲ୍ ଥିବା ସେ ଆଶଙ୍କା କରିଛନ୍ତି। ବଡ଼ବଡ଼ ଅଧିକାରୀଙ୍କ ଉପରେ ସେମାନଙ୍କ ଅଧସ୍ତନ କର୍ମଚାରୀମାନେ କିପରି ତଦନ୍ତ କରିବେ ବୋଲି ପ୍ରଶ୍ନ ଉଠାଇଛନ୍ତି। ଏଣୁ ରାଜ୍ୟର ଲକ୍ଷ ଲକ୍ଷ ମେଧାବୀ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ସହିତ ଖେଳୁଥିବା ବଡ଼ବଡ଼ିଆଙ୍କୁ ଧରିବାକୁ ରାଜ୍ୟ ସରକାର ଏହି ଦୁର୍ନୀତିର ତଦନ୍ତ ଭାର ତୁରନ୍ତ ସିବିଆଇକୁ ଦିଅନ୍ତୁ, ଅନ୍ୟଥା ହାଇକୋର୍ଟରେ କାର୍ଯ୍ୟରତ ବିଚାରପତିଙ୍କ ତତ୍ତ୍ୱାବଧାନରେ ତଦନ୍ତ ପାଇଁ ପଦକ୍ଷେପ ନେବାକୁ ସେ ଦାବି କରିଛନ୍ତି। ମେଧାବୀଙ୍କ ପ୍ରତି ହୋଇଥିବା ଅନ୍ୟାୟ ସମ୍ପର୍କରେ ସରକାର ନୀରବତା ଭାଙ୍ଗନ୍ତୁ, ନହେଲେ ରାଜ୍ୟର କୋଣଅନୁକୋଣରେ ମେଧାବୀମାନେ ରାସ୍ତାକୁ ଓହ୍ଲାଇବେ ବୋଲି ସେ ଚେତାବନୀ ଦେଇଛନ୍ତି।

# ୯ ବେଳକୁ ଆଉ ଏକ ଲଘୁଚାପ

ଭୁବନେଶ୍ୱର,୪।୧୦(ସମିସ): ଗଭୀର ଅବପାତ କାରଣରୁ ଦଶହରା ଶେଷାର୍ଦ୍ଧ ଫିକା ପଡ଼ିଥିବା ବେଳେ ଆସନ୍ତା ୯ ତାରିଖ ବେଳକୁ ବଙ୍ଗୋପସାଗରରେ ଆଉ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ଏନେଇ ଭାରତୀୟ ପାଣିପାଗ ବିଭାଗର ବିଭିନ୍ନ ମଡେଲ ପୂର୍ବାନୁମାନ କରିଛି। ଆଇଏମଡିର ଜିଏସ୍‌ଏଫ୍ ମଡେଲ ଆକଳନ ଅନୁଯାୟୀ ୫ ତାରିଖ ବେଳକୁ ଉତ୍ତର ଆଣ୍ଡାମାନ ସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବ। ଏହା ଉତ୍ତର-ଉତ୍ତର ପଶ୍ଚିମ ଦିଗରେ ଗତି କରି କ୍ରମଶଃ ଉତ୍ତର ବଙ୍ଗୋପସାଗର ଆଡ଼କୁ ମୁହାଁଇବ। ୯ ତାରିଖ ସୁଦ୍ଧା ଏହା ଲଘୁଚାପ କ୍ଷେତ୍ରରେ ପରିଣତ ହେବାର ସମ୍ଭାବନା ରହିଛି ବୋଲି ଜିଏସ୍‌ଏଫ୍ ଆକଳନ କରିଛି। ସେହିପରି ଏନ୍‌ସିଇପି-ଜିଏସଏଫ ମଡେଲ ମଧ୍ୟ ସମାନ ପୂର୍ବାନୁମାନ ଦୋହରାଇଛି। ଅପରପକ୍ଷେ ରବିବାର ରାଜ୍ୟରେ ଅଧିକାଂଶ ଜିଲ୍ଲାରେ ବର୍ଷା, ବିଜୁଳି ସହ ୩୦ରୁ ୪୦ କିମି ବେଗରେ ପବନ ବହିବା ନେଇ ୟେଲୋ ୱାର୍ଣ୍ଣିଂ ଜାରି କରିଛି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର। ରବିବାର ସୁନ୍ଦରଗଡ, ଝାରସୁଗୁଡା, ବରଗଡ, ସମ୍ବଲପୁର, ଦେବଗଡ, ଅନୁଗୋଳ, ଢେଙ୍କାନାଳ, କେନ୍ଦୁଝର, ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ, ଗଞ୍ଜାମ ଓ ଗଜପତି ଜିଲ୍ଲାକୁ କେନ୍ଦ୍ର ପକ୍ଷରୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

**ଆଜି ଅଧିକାଂଶ ଜିଲ୍ଲାରେ ବର୍ଷା, ପବନ**

# ଚୌଦ୍ୱାର ଜେଲ୍‌ରୁ ୨ କୁଖ୍ୟାତ ବିହାରୀ କଏଦୀ ଚମ୍ପଟ

ଚୌଦ୍ୱାର, ୪।୧୦ (ସମିସ): ଚୌଦ୍ୱାର ସର୍କଲ ଜେଲ୍‌ରୁ ୨ କୁଖ୍ୟାତ ବିହାରୀ କଏଦୀ ଗୁରୁବାର ବିଳମ୍ବିତ ରାତିରେ ଫେରାର୍ ହୋଇଯିବା ଘଟଣାର ତଦନ୍ତ ଆରମ୍ଭ ହୋଇଛି। ରାଜ୍ୟର ସର୍ବବୃହତ୍ ଜେଲ ଭାବେ ପରିଗଣିତ ଏହି ଜେଲର କଡ଼ା ସୁରକ୍ଷା

- ଜୁଏଲାରୀ ଦୋକାନରୁ ଲୁଟ୍ ଓ ୨ଜଣଙ୍କୁ ଗୁଳି କରି ହତ୍ୟା କରିଥିଲେ
- ତଦନ୍ତ ଆରମ୍ଭ, ୨ ୱାର୍ଡର୍ ନିଲମ୍ବିତ
- ସୂଚନାଦାତାଙ୍କୁ ୫୦ ହଜାର ପୁରସ୍କାର ଘୋଷଣା
- ରଡ୍ କାଟିବାକୁ ଆରି ଆଣିଲେ କେଉଁଠୁ?

ବ୍ୟବସ୍ଥା ସତ୍ତ୍ୱେ ଏହାର ସୁଉଚ୍ଚ ପାଚେରୀ ଡେଇଁ ୨ଜଣ କଏଦୀ ଫେରାର୍ ହୋଇଯିବା ଘଟଣା ଜେଲ ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ମିଳିଥିବା ସୂଚନା ଅନୁଯାୟୀ, ବିହାର ରାଜ୍ୟର ମୁଫସିଲ ଥାନା ଅଧୀନ ଲୋହିଆ ନଗରର ରାଜା ସାହାଣୀ ଓ ଗୌର ଥାନା ରାମପୁର ଗ୍ରାମର ମଧୁକାନ୍ତ କୁମାର ନାମକ ୨ଜଣ କଏଦୀ ଗତ ୮ ମାସ ହେବ ଚୌଦ୍ୱାର ଜେଲ୍‌ରେ ବିଚାରାଧୀନ କଏଦୀ ଭାବେ ଥିଲେ। ବହୁଚର୍ଚ୍ଚିତ ଯାଜପୁର ଜିଲ୍ଲା ପାଣିକୋଇଲି ଅଞ୍ଚଳର ପଣ୍ଡା ସୁନା ଅଳଙ୍କାର ଦୋକାନରୁ ଲୁଟ୍ ଓ ସର୍ବସାଧାରଣରେ ୨ ଜଣଙ୍କୁ ଗୁଳି କରି ହତ୍ୟା କରିବା ଭଳି ସଙ୍ଗିନ୍ ଅପରାଧରେ ସେମାନେ ସାମିଲ ଥିଲେ। ଅଧିକ ସୁରକ୍ଷା ଦୃଷ୍ଟିରୁ ୮ ମାସ ତଳେ ଦୁହିଁଙ୍କୁ ଯାଜପୁର ରଗଡ଼ି ଜେଲ୍‌ରୁ ଚୌଦ୍ୱାର ଜେଲ୍‌କୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ଏଠାକୁ ଆସିବା ପରଠାରୁ ସେମାନେ ଜେଲ୍‌ରୁ ଫେରାର୍ ହେବା ପାଇଁ ଉଦ୍ୟମ ଆରମ୍ଭ କରିଥିଲେ। କିଛି ମାସ ତଳେ ଏହି ୨ ଅପରାଧୀ ଫେରାର୍ ହେବା ପାଇଁ ଜେଲ ପରିସରରେ ସିନ୍ଧି କରିବା ପାଇଁ ଯୋଜନା କରୁଥିବା ବେଳେ ପୂର୍ବତନ ଅଧୀକ୍ଷକଙ୍କ ହାତରେ ଧରାପଡ଼ିଥିଲେ। କିନ୍ତୁ ଏହି ଗୋଟିଏ ବିଫଳତାରେ ସେମାନେ ଅଟକି ଯାଇନଥିଲେ। ଜେଲ୍ ଭିତରେ ସେମାନଙ୍କୁ



ଦିଆଯାଇଥିବା କମ୍ବଳ ଓ ପିନ୍ଧାବସ୍ତ୍ରକୁ କାଟି ସେଥିରୁ ଦଉଡ଼ି ତିଆରି କରିଥିଲେ। ଦଶହରା ରାତିରେ ଜେଲ୍ ଭିତରେ ସମସ୍ତେ ଭୋଜିଭାତରେ ମସଗୁଲ୍ ରହିଥିବା ବେଳେ ଏହାର ସୁଯୋଗ ନେଇ ଅପରାଧୀଦ୍ୱୟ ସେମାନେ ରହୁଥିବା ସେଲର ସ୍ପେଶାଲ ଗ୍ରିଲକୁ କାଟି ଦେଇଥିଲେ। ପୂର୍ବରୁ ତିଆରି କରିଥିବା ଦଉଡ଼ି ଓ ବାଉଁଶ ସାହାଯ୍ୟରେ ଜେଲର ସୁଉଚ୍ଚ ପାଚେରି ଡେଇଁ ସେମାନେ ଫେରାର୍ ହୋଇଯାଇଥିଲେ।

ଏହି ଘଟଣା ଜଣାପଡ଼ିବା ପରେ ତୁରନ୍ତ ୨ଜଣ ୱାର୍ଡରଙ୍କୁ ନିଲମ୍ବନ କରାଯାଇଛି। ଜେଲର ସିସିଟିଭିକୁ ଯାଞ୍ଚ କରାଯିବା ସହ କାର୍ଯ୍ୟରେ ଅବହେଳା ପାଇଁ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜେଲ ଡିଜି ସୁଶାନ୍ତ କୁମାର ନାଥ ପ୍ରକାଶ କରିଛନ୍ତି। ଏହାବ୍ୟତୀତ ଫେରାର୍ ଦୁଇ ଅପରାଧୀଙ୍କ ସମ୍ପର୍କରେ ସଠିକ ସୂଚନା ଦେବା ବ୍ୟକ୍ତିବିଶେଷଙ୍କୁ ୫୦ହଜାର ଟଙ୍କା ପୁରସ୍କାର ରାଶି ପ୍ରଦାନ କରାଯିବ ବୋଲି କମିସନରେଟ୍ ପୁଲିସ ତରଫରୁ ଘୋଷଣା କରାଯାଇଛି। ଜେଲ ଭିତରେ ରଡ୍ କାଟିବା ପାଇଁ ସେମାନେ ଆରି ବା ଅସ୍ତ୍ର ପାଇଲେ କିପରି, ତାହା ଏବେ ବି ପ୍ରଶ୍ନବାଚୀ ହୋଇ ରହିଛି।

# ଅକ୍ଟୋବର ୯ରୁ ବିଜେଡିର ଜନସମ୍ପର୍କ ଅଭିଯାନ

## ଗାନ୍ଧୀ ମୂର୍ତ୍ତି ତଳେ ସଂକଳ୍ପନେଲେ ନେତା, କର୍ମୀ

ଭୁବନେଶ୍ୱର, ୪।୧୦(ସମିସ): ଜାତିର ଜନକ ମହାତ୍ମା ଗାନ୍ଧୀଙ୍କ ପବିତ୍ର ଜୟନ୍ତୀ ଅବସରରେ ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ଗୁରବାର ଭୁବନେଶ୍ୱର ସାଙ୍ଗଠନିକ ଜିଲ୍ଲା ପକ୍ଷରୁ ଜନସମ୍ପର୍କ ଅଭିଯାନ ସଂକଳ୍ପ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଉତ୍ତର

- ମହାତ୍ମା ଗାନ୍ଧୀଙ୍କ ଜୟନ୍ତୀରେ ଦଳ ଜଣାଇଲା ଶ୍ରଦ୍ଧାଞ୍ଜଳି
- ନଭେମ୍ବର ୯ ପର୍ଯ୍ୟନ୍ତ ଚାଲିବ ପଦଯାତ୍ରା
- ପୂର୍ବ ସରକାରଙ୍କ ସଫଳତା, ଏବେର ସରକାରଙ୍କ ବିଫଳତା ସମ୍ପର୍କରେ ସଚେତନ କରିବେ


ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ଜନତା ମଇଦାନ ଗାନ୍ଧୀ ପାର୍କରେ ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧାସୁମନ ଅର୍ପଣ କରିବା ସହ ଜିଲ୍ଲା ବିଜେଡି ସଭାପତି ଅଶୋକ ପଣ୍ଡାଙ୍କ ଆବାହକତ୍ୱରେ ଜନସମ୍ପର୍କ ଅଭିଯାନର ସଂକଳ୍ପ ନିଆଯାଇଛି। ଏହି ଅବସରରେ ଦଳର ବରିଷ୍ଠ ନେତା ଦେବୀପ୍ରସାଦ ମିଶ୍ର ଜନସମ୍ପର୍କ ଅଭିଯାନର ସଂକଳ୍ପ ପାଠ କରାଇଥିଲେ।



ମହାତ୍ମା ଗାନ୍ଧୀ ଅହିଂସାର ପ୍ରତୀକ। ସମ୍ବିଧାନର ମୁଖବନ୍ଧରେ ଅହିଂସା ଶବ୍ଦକୁ ସ୍ଥାନ ଦେବାକୁ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସଭାପତି ନବୀନ ପଟ୍ଟନାୟକ ସବୁବେଳେ ଦାବି କରି ଆସୁଛନ୍ତି। ଅହିଂସା ଶବ୍ଦକୁ ସମ୍ବିଧାନର ମୁଖବନ୍ଧରେ ସ୍ଥାନ ଦେବା ପାଇଁ ବିଜେଡି ସଂଗ୍ରାମ ଜାରି ରଖିବ ବୋଲି ସଂକଳ୍ପ ନିଆଯାଇଛି। ଆସନ୍ତା ୯ ତାରିଖ ଗୋପବନ୍ଧୁ ଜୟନ୍ତୀରୁ ଆରମ୍ଭ ହେବାକୁ ଥିବା ପଦଯାତ୍ରାରେ ଘରକୁ ଘର ବୁଲି ନବୀନ ପଟ୍ଟନାୟକ ସରକାରଙ୍କ ସଫଳତା ଓ ବର୍ତ୍ତମାନର ବିଜେପି ସରକାରଙ୍କ ବିଫଳତା ନେଇ ବିଜେଡି ସଚେତନତା ସୃଷ୍ଟି କରିବ। ଏହା ନଭେମ୍ବର ୯ ଯାଏଁ ମାସେ ବ୍ୟାପୀ ପ୍ରତି ୱାର୍ଡ, ବ୍ଲକ, ପଞ୍ଚାୟତ, ଜିଲ୍ଲା ପରିଷଦ, ପୌରାଞ୍ଚଳ ଓ ନିର୍ବାଚନମଣ୍ଡଳୀରେ ଅନୁଷ୍ଠିତ ହେବ। ବିଶେଷକରି ଏହି ପଦଯାତ୍ରା ସମୟରେ ନବୀନ ପଟ୍ଟନାୟକଙ୍କ ସରକାର ସମୟରେ ନିଆଯାଇଥିବା ଲୋକାଭିମୁଖୀ କାର୍ଯ୍ୟକ୍ରମଗୁଡ଼ିକର ଅବତାରଣା କରାଯିବା ସହ ବର୍ତ୍ତମାନର ସରକାର ଦେଇଥିବା ପ୍ରତିଶ୍ରୁତି ପାଳନରେ ବିଫଳତା, ମହିଳାମାନଙ୍କୁ ପ୍ରତାରଣା ଓ ନିର୍ଯାତନା, ଆଇନଶୃଙ୍ଖଳାର ଅଧୋଗତି, ପଞ୍ଚାୟତରେ ଗଣତାନ୍ତ୍ରିକ ଓ ସାମ୍ବିଧାନିକ ବ୍ୟବସ୍ଥାକୁ ଧ୍ୱଂସ କରିବାକୁ ଅଭିସନ୍ଧି, ଚାଷୀମାନଙ୍କ ସମସ୍ୟା ପ୍ରତି ବିମୁଖତା, ଯୁବସମାଜ ଓ ଛାତ୍ରଛାତ୍ରୀଙ୍କ ସମସ୍ୟା, ଦରଦାମ ବୃଦ୍ଧି, ଅନୁସୂଚିତ ଜାତି, ଜନଜାତି, ପଛୁଆବର୍ଗ ଓ ସଂଖ୍ୟାଲଘୁଙ୍କୁ ଉପେକ୍ଷା ଆଦି ବିଭିନ୍ନ ପ୍ରସଙ୍ଗ ସଂପର୍କରେ ଲୋକଙ୍କୁ ସଚେତନ କରାଯିବ ବୋଲି ଶ୍ରୀ ମିଶ୍ର ସୂଚନା ଦେଇଛନ୍ତି।

ଜନସମ୍ପର୍କ ଅଭିଯାନ ସଂକଳ୍ପ ଅବସରରେ ବିଜେଡିର ବରିଷ୍ଠ ନେତା ସଞ୍ଜୟ ଦାସ ବର୍ମା, ଉତ୍ତର ବିଧାୟକ ସୁଶାନ୍ତ କୁମାର ରାଉତ, ଭୁବନେଶ୍ୱର-ମଧ୍ୟ ବିଧାୟକ ଅନନ୍ତ ନାରାୟଣ ଜେନା, ଭୁବନେଶ୍ୱର ମହାନଗର ନିଗମର ମେୟର ସୁଲୋଚନା ଦାସ, ବିଜୁ ମହିଳା ଜନତା ଦଳର ସଭାନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ, ଯୁବ ସଭାପତି ଚିନ୍ମୟ ସାହୁ, ଛାତ୍ର ସଭାନେତ୍ରୀ ଇପ୍ସିତା ସାହୁ, ସାଧାରଣ ସମ୍ପାଦକ ବିଜୟ ନାୟକ, ସୁମିତ୍ରା ଜେନା, ମିନତି ବେହେରା, ସ୍ଥାନୀୟ କର୍ପୋରେଟର୍ ଓ ଦଳର ଅନ୍ୟ ସଦସ୍ୟ ଉପସ୍ଥିତ ଥିଲେ।

# ବାଜା ରୋଷଣୀରେ ବିଦାୟ ନେଲେ ଦୁର୍ଗତିନାଶିନୀ ମା' ଦୁର୍ଗା




ଅନୁଗୋଳ,୪ ।୧୦(ସମିସ)

ସାର୍ବଜନୀନ ଶାରଦୀୟ ଦୁର୍ଗାପୂଜା ସମାରୋହ ଆଶ୍ୱିନ ଷଷ୍ଠୀ ତିଥିରୁ ବିଜୟା ଦଶମୀ ଯାଏଁ ମା' ଦୁର୍ଗାଙ୍କ ପୂଜା ଉତ୍ସବ ବିଭିନ୍ନ ପୂଜା ମଣ୍ଡପରେ ଅନୁଷ୍ଠିତ ହୋଇଛି। ପୂଜାର ଅନ୍ତିମ ପର୍ବ ମା'ଙ୍କ ବିଦାୟୀ ଉତ୍ସବ ଶୁକ୍ରବାର ପାଳିତ ହୋଇଛି। ଅନୁଗୋଳରେ ଦଶହରା ପଡିଆ, ଅମଲାପଡ଼ା, ଶିମିଳିପଡ଼ା, ହେମସୁରପଡ଼ା, ହୁଲୁରସିଂହା, ଷ୍ଟେସନ ଛକ, କଲଟାକ୍ସ ଛକ, ଗାନ୍ଧୀମାର୍ଗ ଛକ, ଗୀତାଗ୍ରାମ, ବସଷ୍ଟାଣ୍ଡ ପ୍ରଭୃତି ପୂଜା ମଣ୍ଡପରେ ପୂଜିତ ହୋଇଥିବା ମୃଣ୍ମୟୀ ପ୍ରତିମାଙ୍କ ବିସର୍ଜନ ଉତ୍ସବ ଅନୁଷ୍ଠିତ ହୋଇଛି। ବିରାଟ ଶୋଭାଯାତ୍ରାରେ ସହର ପରିକ୍ରମା କରି ବିଦାୟୀ ଉତ୍ସବ ପାଳନ ହୋଇଛି। ଶୋଭାଯାତ୍ରାରେ ସୁସଜିତ ମେଢ଼ ଆଗେ ଆଗେ ପୂଜା କମିଟି କର୍ମକର୍ତ୍ତା, ସାହି ମୁରବୀମାନେ ସମାନ ରଙ୍ଗର ପୋଷାକ ପିନ୍ଧି ବେକରେ ଗେଣ୍ଡୁ, ଗଜରା ହାର ପକାଇ ମେଢ଼କୁ ଆଗକୁ ଆଗକୁ ବଢ଼େଇ ଚାଲିଥିଲେ। ଶୋଭାଯାତ୍ରାରେ ଆଧୁନିକ ଡ୍ରମ ବାଜା ସାଙ୍ଗକୁ ପାରମ୍ପରିକ ଢୋଲ ନିଶାଣୀ, ସିଂଘବାଜା, ଡିଜେ ସାଉଣ୍ଡ ସହରକୁ ପ୍ରକମ୍ପିତ କରୁଥିବା ବେଳେ ପାରମ୍ପରିକ ଘଣ୍ଟ ଘଣ୍ଟୁଆଳ, ଆଲଟ ଚାମର, ଲାଉଡ଼ି ଖେଳ, ପାଇକ ସମର କଳା ପ୍ରଭୃତି ଲୋକକଳା ଲୋକଙ୍କୁ ବେଶ୍ ଆକୃଷ୍ଟ କରୁଥିଲା। ଭାଷାଣି ଉତ୍ସବରେ ଦୂର ଦୂରାନ୍ତରୁ ଲୋକେ ସାମିଲ ହୋଇଥିଲେ ହେଁ ସହରବାସୀ ଘରେ କେହି ରହିପାରି ନ ଥିବା ଭଳି ଦୃଶ୍ୟ ଦେଖିବାକୁ ମିଳିଥିଲା। ଉତ୍କଣ୍ଠାର ସହ ଲୋକେ ରାସ୍ତା ପାର୍ଶ୍ୱରେ ଛିଡ଼ା ହୋଇ ମା'ଙ୍କୁ ବିଦାୟ ଦେଇଥିଲେ। ଭାସାଣି ଶୋଭାଯାତ୍ରା ଯିବା ପାଇଁ ପୂର୍ବରୁ ପୂଜା କମିଟିଗୁଡ଼ିକୁ ପ୍ରଶାସନ ପକ୍ଷରୁ ରୁଟ ଚାଟ୍ ଦିଆଯାଇଥିଲା। ସହର ପରିକ୍ରମା ସାରି ମେଢ଼ଗୁଡିକୁ ପାଖ ଜଳାଶୟଗୁଡ଼ିକରେ ନିଜ ନିଜ ସୁବିଧା ମୁତାବକ ବିସର୍ଜନ କରିଥିଲେ। ଶାନ୍ତିଶୃଙ୍ଖଳା ରକ୍ଷା ଏବଂ ଟ୍ରାଫିକ ନିୟନ୍ତ୍ରଣ ପାଇଁ ବ୍ୟାପକ ପୁଲିସ ମୁତୟନ କରାଯାଇଥିଲା।

## ଅନୁଗୋଳ ନିର୍ବାହୀ ଅଧିକାରୀଙ୍କୁ ଶାସନ ସଚିବଙ୍କ ପ୍ରଶଂସା

ଅନୁଗୋଳ,୪ ।୧୦(ସମିସ): ସେପ୍ଟେମ୍ବର ୩୦ ତାରିଖ ଅନୁଗୋଳ ପୌରପାଳିକାର ସଫେଇ କର୍ମଚାରୀ ଲକ୍ଷ୍ମଣ ଗୋଚ୍ଛାୟତଙ୍କ ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା ସମାରୋହକୁ ଯେଭଳି ଢଙ୍ଗରେ ପାଳନ କରାଗଲା ସେ ନେଇ ନଗର ଉନ୍ନୟନ ବିଭାଗ ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀ ନିର୍ବାହୀ ଅଧିକାରୀଙ୍କୁ ବେଶ୍ ପ୍ରଶଂସା କରିଛନ୍ତି। ସଚିବ ପାଢ଼ୀ କହିଛନ୍ତି, ଗତାନୁଗତିକ ବିଦାୟ ସଭାକୁ ନିର୍ବାହୀ ଅଧିକାରୀ ସତ୍ୟପ୍ରକାଶ ତ୍ରିପାଠୀ ଯେଭଳି ଉତ୍ସାହପ୍ରଦ, ରୁଚିପୂର୍ଣ୍ଣ ଏବଂ ମାନବିକତାର ସ୍ପର୍ଶ ଦେଇ ପାଳନ କଲେ ତାହା ଗର୍ବର ବିଷୟ। ଏହି ଘଟଣା ବିଭାଗ ପାଇଁ ସବୁଦିନ ଏକ ଉଦାହରଣ ହୋଇ ରହିବ। ସଫେଇ କର୍ମଚାରୀ ହେଉଛନ୍ତି ପୌରପାଳିକାର ଆଗଧାଡ଼ିର ସୈନିକ। ସେମାନଙ୍କ ସୁଖ ଦୁଃଖରେ ସାମିଲ ହେବା, ନେତୃତ୍ୱ ନେଇ ସେମାନଙ୍କ ଦ୍ୱାରା କାର୍ଯ୍ୟ ହାସଲ କରାଇବା ଅଧିକାରୀମାନଙ୍କ ପ୍ରମୁଖ ଦାୟିତ୍ୱ। ନିର୍ବାହୀ ଅଧିକାରୀ ତ୍ରିପାଠୀ ଉଚ୍ଚ ମାନବିକ ମୂଲ୍ୟବୋଧ ପ୍ରଦର୍ଶନ କରି ଲକ୍ଷ୍ମଣଙ୍କୁ ଯେଭଳି ବିଦାୟ ସମ୍ବର୍ଦ୍ଧନା ଦେଲେ ତାହା ରାଜ୍ୟ ନଗର ଉନ୍ନୟନ ବିଭାଗରେ ଏକ ଗୌରବମୟ ପରମ୍ପରା ଆରମ୍ଭ କରିଛି। ତ୍ରିପାଠୀଙ୍କ ଏହି ଉଚ୍ଚ ମୂଲ୍ୟବୋଧ ସମ୍ପନ୍ନ ବିଚାରଧାରା ବିଭାଗର ଅନ୍ୟ ଅଧିକାରୀଙ୍କୁ ମଧ୍ୟ ପ୍ରେରଣା ଯୋଗାଇବ ବୋଲି ସେ କହିଛନ୍ତି। ସୂଚନାଯୋଗ୍ୟ, ସଫେଇ କର୍ମଚାରୀ ଲକ୍ଷ୍ମଣଙ୍କ ଚାକିରିର ଶେଷ ଦିନରେ ତାଙ୍କୁ ଭାବପୂର୍ଣ୍ଣ ସମ୍ବର୍ଦ୍ଧନା ଦେବା ସହ ତାଙ୍କୁ ଏକ ତାରକା ହୋଟେଲ୍‌କୁ ନିଜ ଗାଡ଼ିରେ ନେଇ ନିର୍ବାହୀ ଅଧିକାରୀ ଯେଭଳି ଚର୍ଚ୍ଚା କରିଥିଲେ ତାହା ସମଗ୍ର ରାଜ୍ୟରେ ଏକ ଗୌରବପୂର୍ଣ୍ଣ ପରମ୍ପରା ଭାବେ ପରିଗଣିତ ହେବା ସହ ନିର୍ବାହୀ ଅଧିକାରୀ ତ୍ରିପାଠୀଙ୍କୁ ଏଥିପାଇଁ ଅନେକ ପ୍ରଶଂସା ମିଳିଥିଲା।

ଫଟୋ-୧୫-




## ପୂଜା ମଣ୍ଡପ ବୁଲିଲେ ବିକାଶ ଫାଉଣ୍ଡେସନ ଅଧ୍ୟକ୍ଷା



କିଶୋରନଗର,୪ ।୧୦(ସମିସ): କିଶୋରନଗର ବ୍ଲକ ଅଞ୍ଚଳରେ ବିଭିନ୍ନ ପୂଜା କମିଟି ପକ୍ଷରୁ ଦଶହରା ପୂଜା ପାଳିତ ହୋଇଛି। ଏହି ଅବସରରେ କିଶୋରନଗର ବ୍ଲକ ବାମୁର, ଘୋଷର, ଧଉରାପାଲ୍ଲୀ, କସ୍ତୁରୀବାହାଳ ଆଦି ପୂଜା ମଣ୍ଡପ ବୁଲିଛନ୍ତି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ଧର୍ମପତ୍ନୀ ତଥା ବିକାଶ ଫାଉଣ୍ଡେସନ ଅଧ୍ୟକ୍ଷା ମୃଦୁଳା ଠାକୁର। ସେହିପରି ମାଧପୁର, କନ୍ଧପଡ଼ା, ଆଠମଲ୍ଲିକ, ଠାକୁରଗଡ଼, ବଇଣ୍ଡା ଅଞ୍ଚଳର ପୂଜା ମଣ୍ଡପ ବୁଲି ମା'ଙ୍କ ଦର୍ଶନ କରିଥିଲେ।

## ୧୫୫୫୧ ଟଙ୍କାରେ ମା'ଙ୍କ ଆଜ୍ଞାଲଡୁ ନିଲାମ



କିଶୋରନଗର,୪ ।୧୦(ସମିସ): କିଶୋରନଗର ବ୍ଲକ ବାମୁର ବଜାର କମିଟି ପକ୍ଷରୁ ଧୁମଧାମରେ ଦଶହରା ଓ ଦୁର୍ଗାପୂଜା ପାଳିତ ହୋଇଛି। ଦଶହରା ଅବସରେ ମା'ଙ୍କ ଆଜ୍ଞାଲଡୁ ନିଲାମ ହୋଇଛି। ଆଜ୍ଞାଲଡୁକୁ କଳାବେଢ଼ା ଗାଁର ଦୁଇଭାଇ ଲବ ପ୍ରଧାନ ଓ କୁଶ ପ୍ରଧାନ ୧୫୫୫୧ ଟଙ୍କାରେ ନିଲାମ ନେଇଛନ୍ତି। କମିଟି ପକ୍ଷରୁ ତାଙ୍କୁ ଆଜ୍ଞାଲଡୁ ପ୍ରଦାନ କରାଯାଇଛି।

## ରାବଣପୋଡ଼ିରେ ଅଘଟଣ ବାଣଫୁଟି ପୋଡ଼ିଗଲା ନାବାଳକ ବେକ



ତାଳଚେର ସହର,୪ ।୧୦(ସମିସ): ଦଶହରା ଉପଲକ୍ଷେ ତାଳଚେର ସାଉଥବଲଣ୍ଡାଠାରେ ରାବଣପୋଡ଼ି ଉତ୍ସବ ଅନୁଷ୍ଠିତ ହୋଇଥିଲା। ତେବେ ବର୍ଷା ଯୋଗୁଁ ସଠିକ ଭାବରେ ବାଣ ଫୁଟି ନ ଥିବା ବେଳେ ଶୁକ୍ରବାର ସକାଳେ ଏକ ଅଫୁଟା ବାଣ ଫୁଟି ଜଣେ ନାବାଳକ ଗୁରୁତର ହୋଇଛି। ସୂଚନା ଅନୁଯାୟୀ ରାବଣପୋଡ଼ି ଉତ୍ସବ ଆରମ୍ଭ ପୂର୍ବରୁ ବର୍ଷା ହୋଇଥିଲା। ଫଳରେ ରାବଣପୋଡ଼ି ବେଳେ ଖଞ୍ଜାଯାଇଥିବା ବାଣ ସଠିକ ଭାବେ ଫୁଟି ନ ଥିଲା। କୌଣସି ପ୍ରକାରେ ଚେଷ୍ଟା କରି ରାବଣପୋଡ଼ି କରାଯିବା ପରେ ଆୟୋଜକ ଏବଂ ଦର୍ଶକ ଚାଲିଯାଇଥିଲେ। ତେବେ ଅନେକ ବାଣ ଅଫୁଟା ରହିଯାଇଥିଲା। ଆୟୋଜକ କମିଟି ସଦସ୍ୟମାନେ ଅଫୁଟା ବାଣକୁ ନିଷ୍କ୍ରିୟ କରିବା ପରିବର୍ତ୍ତେ ସେହିଭଳି ଛାଡ଼ି ଯାଇଥିଲେ। ପରଦିନ ସକାଳେ ସେହି ପଡ଼ିଆରେ କିଛି ପିଲା ଖେଳାଖେଳି କରିଥିଲେ। ପଡ଼ିଥିବା ଅଫୁଟା ବାଣ ଉପରେ ଖେଳାଖେଳି କରୁଥିବା ବେଳେ ଏକ ବାଣ ଫୁଟିଯିବାରୁ ୯ ବର୍ଷ ବୟସ୍କ ଲକ୍ଷ୍ମଣ ସୋରେନ ନାମକ ଜଣେ ନାବାଳକ ବେକରେ ଆଘାତ ଲାଗିଥିଲା। ଫଳରେ ଲକ୍ଷ୍ମଣଙ୍କ ବେକରୁ ପ୍ରବଳ ରକ୍ତସ୍ରାବ ହୋଇଥିଲା। ସ୍ଥାନୀୟ ଲୋକ ତାଙ୍କୁ ଉଦ୍ଧାର କରି ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ଲକ୍ଷ୍ମଣଙ୍କ ବେକରେ ଗଭୀର କ୍ଷତ ଲାଗିଥିବାରୁ ସେ କଥା କହିପାରୁ ନାହାନ୍ତି କି କିଛି ଖାଦ୍ୟ ଖାଇପାରୁ ନାହାନ୍ତି। ତେବେ ଆୟୋଜକମାନେ ରାବଣପୋଡ଼ି ଉତ୍ସବ ସରିବା ପରେ ସଠିକ ଭାବେ ଯାଞ୍ଚ ନ କରିବା ଏବଂ ଅଫୁଟା ବାଣଗୁଡ଼ିକୁ ଖୋଜି ନଷ୍ଟ ନ କରିବା ଯୋଗୁଁ ଏଭଳି ଅଘଟଣ ଘଟିଥିବା ନାବାଳକଙ୍କ ବାପା ଭୁକ୍ତ ସୋରେନ ଅଭିଯୋଗ କରିଛନ୍ତି। ଅନ୍ୟପଟେ ତାଳଚେର ବିଧାୟକ ବ୍ରଜକିଶୋର ପ୍ରଧାନ ନାବାଳକଙ୍କ ନିକଟରେ ପହଞ୍ଚି ପରିବାରକୁ ସାନ୍ତ୍ୱନା ଦେବା ସହ ଉତ୍ତମ ଚିକିତ୍ସା ପାଇଁ ନାବାଳକକୁ କଟକ ସ୍ଥାନାନ୍ତର କରିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି।







## ନିଖୋଜ ଦୁଇ ଭଉଣୀ ଉଦ୍ଧାର



କଣିହାଁ,୪ ।୧୦(ସମିସ): କଣିହାଁ ବ୍ଲକ ରେଙ୍ଗାଳି ପ୍ରକଳ୍ପ ଅନ୍ତର୍ଗତ ଫାଣ୍ଡି ଛକରେ ମାମୁଘରେ ରହୁଥିବା ଦୁଇ ନାବାଳିକା ଭଉଣୀଙ୍କ ନିଖୋଜ ନେଇ ବୁଧବାର ରେଙ୍ଗାଳି ଥାନାରେ ଅଭିଯୋଗ ହୋଇଥିଲା। ପୁଲିସ ମାମଲା ରୁଜୁକରି ତଦନ୍ତ ଆରମ୍ଭ କରିଥିଲା। ଅନୁଗୋଳ ଏସ୍‌ପିଙ୍କ ନିର୍ଦ୍ଦେଶ କ୍ରମେ ରେଙ୍ଗାଳି ଥାନା ଆଇଆଇସିଙ୍କ ତତ୍ତ୍ୱାବଧାନରେ ଏକ ଟିମ ଗୁରୁବାର ଦୁଇ ନାବାଳିକା ଭଉଣୀଙ୍କୁ କଟକ ବାଦାମବାଡ଼ିଠାରୁ ଠାବ କରିଥିଲେ। ଉଭୟଙ୍କୁ ରେଙ୍ଗାଳି ଥାନାକୁ ଅଣାଯିବା ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି। ରେଙ୍ଗାଳି ପୁଲିସର ତ୍ୱରିତ କାର୍ଯ୍ୟାନୁଷ୍ଠାନ ପାଇଁ ୨୪ ଘଣ୍ଟାରେ ଦୁଇଭଉଣୀଙ୍କୁ ଉଦ୍ଧାର କରାଯାଇଥିବାରୁ ପୁଲିସକୁ ଅଞ୍ଚଳବାସୀ ସାଧୁବାଦ ଜଣାଇଛନ୍ତି।

## କୁମଣ୍ଡରେ ପାକିସ୍ଥାନୀ ପତାକାକୁ ନେଇ ଚର୍ଚ୍ଚା

ଅନୁଗୋଳ,୪ ।୧୦(ସମିସ): ଅନୁଗୋଳ ସହର ନିକଟ କୁମଣ୍ଡ ଗାଁ କେନାଲ ରୋଡ୍‌ରେ ଜଣେ ବ୍ୟକ୍ତି ତାଙ୍କ ଘରେ ପାକିସ୍ଥାନୀ ପତାକା ଉଡ଼ାଉଥିବା ନେଇ ଚର୍ଚ୍ଚା ହୋଇଥିଲା। କିଛି ବ୍ୟକ୍ତି ଏହାର ଫଟୋ ଉଠାଇବାରୁ ବ୍ୟକ୍ତି ଜଣକ ପତାକା କାଢ଼ି ନେଇଥିଲେ। ତେବେ ଏହି ପତାକା ପାକିସ୍ଥାନର ଜାତୀୟ ପତାକା ଭଳି ଦିଶୁଥିବା ଏକ ଧର୍ମୀୟ ପତାକା ବୋଲି ଜଣାପଡ଼ିଛି। ପତାକା ଲଗାଇଥିବା ନିର୍ଦ୍ଦିଷ୍ଟ ସମ୍ପ୍ରଦାୟର ସମ୍ପୃକ୍ତ ବ୍ୟକ୍ତି ଗାଁରେ ସରକାରୀ ଜାଗାରେ ରହୁଛନ୍ତି। ଏ ନେଇ ଗାଁ କମିଟିର ବରିଷ୍ଠ ସଭ୍ୟ କୁଶ ଦେହୁରୀଙ୍କୁ ପଚାରିବାରୁ ସେ କହିଲେ, ଜବରଦଖଲ କରି ଗାଁରେ ରହୁଥିବା ବ୍ୟକ୍ତିବିଶେଷଙ୍କୁ ପର୍ଯ୍ୟାୟ କ୍ରମେ ଉଚ୍ଛେଦ କରାଯିବ ବୋଲି ଗାଁ କମିଟିରେ ନିଷ୍ପତ୍ତି ହୋଇଛି। ଏହି କ୍ରମରେ ସମ୍ପୃକ୍ତ ବ୍ୟକ୍ତିଙ୍କୁ ଅକ୍ଟୋବର ୩୦ ସୁଦ୍ଧା ଘର ଖାଲି କରିବାକୁ କୁହାଯାଇଛି। କିନ୍ତୁ ପତାକା ସମ୍ପର୍କରେ ସେ କିଛି ଜାଣି ନ ଥିବା କହିଛନ୍ତି।







### ବ୍ୟବସାୟ ଓ ଘୋଡ଼ା ଦୌଡ଼ରେ ଟଙ୍କା ଲଗାଇବାକୁ କହି ଠକିନେଲେ ଲକ୍ଷାଧିକ ଟଙ୍କା

## ୫ ସାଇବର ଠକ ଗିରଫ; କାର୍ ଜବତ

ଅନୁଗୋଳ,୪ ।୧୦(ସମିସ): ବ୍ୟବସାୟ ଓ ଘୋଡ଼ା ଦୌଡ଼ରେ ଟଙ୍କା ଲଗାଇ ରାତାରାତି କୋଟିପତି କରାଇଦେବା ଲୋଭ ଦେଖାଇ ଲକ୍ଷାଧିକ ଟଙ୍କା ଠକି ନେଉଥିବା ଏକ ସାଇବର ଠକ ଦଳର ପାଞ୍ଚ ଜଣଙ୍କୁ ଗିରଫ କରିଛି ଅନୁଗୋଳ ପୁଲିସ। ଗତ ଜୁଲାଇ ମାସରେ ଅନୁଗୋଳ ଗାନ୍ଧୀ ମାର୍ଗର ଜଣେ ବ୍ୟକ୍ତିଙ୍କ ପାଖକୁ ଗୁଜରାଟ ବରୋଦା ଅଞ୍ଚଳର ବୋଲି ପରିଚୟ ଦେଇ ବିଶିଖା ଅଗ୍ରୱାଲ ନାମକ ଜଣେ ମହିଳା ଫୋନ୍ କରିଥିଲେ। ସେ କାଠ ବ୍ୟବସାୟ ଓ ଘୋଡ଼ା ଦୌଡ଼ରେ ପାର୍ଟନର କରି କୋଟିପତି କରାଇଦେବାକୁ ଲୋଭ ଦେଖାଇଥିଲେ। ଲୋଭରେ ପଡ଼ି ବ୍ୟକ୍ତି ଜଣକ ରାଜି ହେବାରୁ ଠକ କମ୍ପାନୀ ପକ୍ଷରୁ ଏକ ଲିଙ୍କ ପଠାଯାଇଥିଲା। ଏହି ଲିଙ୍କ ଜରିଆରେ ଟଙ୍କା ପଠାଇବାକୁ କୁହାଯାଇଥିଲା। ବ୍ୟକ୍ତି ଜଣକ ପ୍ରଥମ ଦଫାରେ ପାଞ୍ଚଟି କିସ୍ତିରେ ୩୦,୮୦,୦୦୦ ଟଙ୍କା ଆକ୍ସିସ ବ୍ୟାଙ୍କ୍ ଆକାଉଣ୍ଟରୁ ଏବଂ ଦ୍ୱିତୀୟ ଦଫାରେ ଆଇସିଆଇସିଆଇ ବ୍ୟାଙ୍କରୁ ୨୧,୪୬,୦୦୦ ଟଙ୍କା ଟ୍ରାନ୍ସଫର କରିଥିଲେ। ଠକମାନେ ଏତେ ଟଙ୍କା ନେବା ପରେ ପୁଣି ୨୯,୪୨,୩୩୬ ଟଙ୍କା ଆୟକର ବାବଦ ଦେବାକୁ ପଡ଼ିବ ବୋଲି ମାଗିଥିଲେ। ଏବେ ବ୍ୟକ୍ତି ଜଣକ ସାଇବର ଠକଙ୍କ ହାବୁଡ଼ରେ ପଡ଼ିଯାଇଥିବା ହୃଦ୍‌ବୋଧ କରି ଶେଷରେ ଗତ ଅଗଷ୍ଟ ୨୯ରେ ଅନୁଗୋଳ ସାଇବର ଥାନା ଦ୍ୱାରସ୍ଥ ହୋଇଥିଲେ। ଏସପି ରାହୁଲ ଜୈନଙ୍କ ନିର୍ଦ୍ଦେଶରେ ବଛାବଛା ଅଫିସରଙ୍କୁ ନେଇ ଏହାର ଛାନ୍‌ଭିନ କରାଯାଇଥିଲା। କଲ୍ ରେକର୍ଡ ଏବଂ ବ୍ୟାଙ୍କ ଦଲିଲରୁ ଅନୁସନ୍ଧାନ କରି ପୁଲିସ ଜାଣିପାରିଥିଲା ଯେ ବାଲେଶ୍ୱର ସୋର ଅଞ୍ଚଳର ଦିଲୀପ କୁମାର ଲେଙ୍କା ଓ ବିଜୟ କୁମାର ଜେନା ଏହି ଠକ ଦଳର କିଙ୍ଗପିନ। ଠକାମୀରେ ବିଭିନ୍ନ ବ୍ୟାଙ୍କ ଆକାଉଣ୍ଟ ଦେଇ ଏହି ଦୁଇଜଣଙ୍କୁ ସହଯୋଗ ଦେଇଥିବା ଅନ୍ୟ ତିନିଜଣଙ୍କୁ ମଧ୍ୟ ପୁଲିସ ଧରିଥିଲା। ପୁଲିସ ଅକ୍ତିଆରକୁ ଆସିବା ପରେ ସେମାନେ ସତ ମାନିଯାଇଥିଲେ। ଗିରଫ ଅନ୍ୟ ତିନିଜଣ ହେଲେ ଭଦ୍ରକର କୃପାସିନ୍ଧୁ ମହାରଣା, ସୋରର ଚିତ୍ତରଞ୍ଜନ ମୁଦୁଲି ଏବଂ ଦାର୍ଜିଲିଂର ମହମ୍ମଦ ନିଶାର ଆଲମ୍। ଅଭିଯୁକ୍ତଙ୍କଠାରୁ ପୁଲିସ ନଗଦ ୨,୨୮,୦୦୦ ଟଙ୍କା, ଗୋଟିଏ କାର୍, ସୁନାଗହଣା, ଏକାଧିକ ମୋବାଇଲ, ଏକାଧିକ ପାସବୁକ୍ ଜବତ କରିଛି। ଅନୁଗୋଳ ଥାନା ଆଇଆଇସି ଧୀରେଶ କୁମାର ଦାସଙ୍କ ନେତୃତ୍ୱରେ ଏସଆଇ କାଲେଶ୍ୱର ସେଠୀ, ସୌରଭ ସାମଲ, ଗୋପୀନାଥ ଭାରତୀ ପ୍ରମୁଖ ତଦନ୍ତ ଦାୟିତ୍ୱ ନେଇଥିଲେ।






# ଲଗାଣ ବର୍ଷାରେ ଭାଙ୍ଗିଲା କାନ୍ଥ



ଖଜୁରିଆକଟା,୪।୧୦(ସମିସ): ହିନ୍ଦୋଳ ଉପଖଣ୍ଡରେ ଗତ ୩ ଦିନ ଧରି ଲଗାଣ ବର୍ଷାରେ ପରିସ୍ଥିତି ବେହାଲ ହୋଇଯାଇଛି। ଶୁକ୍ରବାର ରାତିରେ ହିନ୍ଦୋଳ ବ୍ଲକ୍ ରଞ୍ଜାଗୋଳ ଗ୍ରାମର ପ୍ରଭାକର ସାହୁଙ୍କ ଚାଳଛପର ଘର କାନ୍ଥ ବର୍ଷାରେ ଭାଙ୍ଗିଯାଇଛି।

**ପରିବାର ହନ୍ତସନ୍ତ**

ଫଳରେ ପରିବାର ଲୋକ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ପ୍ରଭାକରଙ୍କ ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ନ ଥିବାରୁ ବହୁ କଷ୍ଟରେ ପରିବାର ଚଳାଉଛନ୍ତି। ଏଭଳି ସ୍ଥିତିରେ ପ୍ରଶାସନ ତୁରନ୍ତ ସହାୟତା ଯୋଗାଇ ଦେବାକୁ ସାଧାରଣରେ ଦାବି ହେଉଛି।

# ଢେଙ୍କାନାଳର ପ୍ରତିଭା ନୂଆଦିଲ୍ଲୀ ଭାରତ ମଣ୍ଡପରେ ସମ୍ବର୍ଦ୍ଧିତ




ଗଁଦିଆ,୪।୧୦(ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଖଙ୍କିରା ଗ୍ରାମର ସଂସ୍କୃତି ସଂରକ୍ଷକ, ଶିକ୍ଷା ସମାଜସେବୀ ଅଶୋକ କୁମାର ପତି ନୂଆଦିଲ୍ଲୀସ୍ଥିତ ଭାରତମଣ୍ଡପ ଓ ନିଫା ସଙ୍ଗଠନର ମୁଖ୍ୟ କାର୍ଯ୍ୟାଳୟ ହରିୟାନାର କର୍ଣ୍ଣଲରେ ରଜତ ଜୟନ୍ତୀ ସମାରୋହରେ ଚେୟାରମ୍ୟାନ ପ୍ରୀତିପାଲ ସିମ୍ପନୁରଙ୍କଠାରୁ ସମ୍ବର୍ଦ୍ଧିତ ହୋଇଛନ୍ତି। ଏହି କାର୍ଯ୍ୟକ୍ରମରେ ସମଗ୍ର ଦେଶରୁ ମୋଟ ୧୨୨୦ ଜଣ ପ୍ରତିଭାଙ୍କୁ ସମ୍ମାନିତ କରାଯାଇଛି। ଏଥିରେ ମରିସସ, ରୁଷିଆ ଓ ଜାପାନ ତଥା ସମେତ ୧୨ ଦେଶରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗଦେଇଥିଲେ। ଭାରତର ଶାନ୍ତି ମୈତ୍ରୀ ଓ ଭାତୃତ୍ୱ ଭାବନାକୁ ନେଇ କର୍ଣ୍ଣାଲ ସହରରେ ଏକ ଶୋଭାଯାତ୍ରା କରାଯାଇଥିଲା। ଅଂଶଗ୍ରହଣ କରିଥିବା ପ୍ରତିଭାମାନଙ୍କୁ ଉଚ୍ଚକୋଟୀର ଆତିଥ୍ୟ ଓ ସମ୍ମାନ ପ୍ରଦାନ କରାଯାଇଥିଲା।

# ଗଡ଼ଖଙ୍କିରା କ୍ଷତ୍ରିୟ ସମାଜ ପକ୍ଷରୁ ପାରମ୍ପରିକ ଅସ୍ତ୍ରପୂଜା

ଗଁଦିଆ,୪।୧୦(ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଗଡ଼ଖଙ୍କିରା ଗ୍ରାମରେ ପବିତ୍ର ଦଶହରା ଉପଲକ୍ଷେ ୧୬୦୫ ମସିହାରୁ ଅଦ୍ୟାବଧି ଗ୍ରାମର କ୍ଷତ୍ରିୟ ସମାଜ ତରଫରୁ



ଗ୍ରାମ ମଧ୍ୟସ୍ଥ ଭୈରବୀ ପୀଠରେ ନିଜ ଅସ୍ତ୍ରକୁ ସଜାଇ ପୂଜାପାଠ କରାଯାଇ ଆସୁଛି। ଗୁରୁସେବକ ଓ ମନ୍ତ୍ର ଉଚ୍ଚାରଣ ସେବକଙ୍କ ପରିଚାଳନାରେ ଦାଣ୍ଡିପୂଜା କରାଯାଇଥିଲା। ପୂଜାରେ ଭୈରବ ପୀଠ ଦେବୀ, ଅଷ୍ଟଦେବତା ମଣ୍ଡଳ, ଅଷ୍ଟଭୈରବ ବେତାଳ ମଣ୍ଡଳ, ଚଉରାଅଶି ସିଦ୍ଧ ଚାରିଦିଗ ଓ ୪ ଯୁଗର ପୂଜା ବୈଦିକ ନୀତିରେ ଅନୁଷ୍ଠିତ ହୋଇଥିଲା। ଶେଷରେ ବୀରବାଦ୍ୟର ତାଳେ ତାଳେ ସମସ୍ତେ ନିଜ ଅସ୍ତ୍ରଶସ୍ତ୍ର ଧରି ଦଶହରା ପଡ଼ିଆକୁ ପଟୁଆରରେ ଯାଇ କୌଶଳ ପ୍ରଦର୍ଶନ କରିଥିଲେ। କାର୍ଯ୍ୟକ୍ରମରେ ଧୀରସାହି, ବ୍ରହ୍ମସାହି, ଭୂୟାଁସାହି, ପାତ୍ରସାହି, ସିଂହସାହି, ବିଶ୍ୱାଳସାହିରୁ ସମସ୍ତେ ସହଯୋଗ କରି ଅଖଣ୍ଡ ଗଡ଼ଖଙ୍କିରା ଗଠନ ଦିଗରେ ମତ ପ୍ରଦାନ କରିଥିଲେ। ଗ୍ରାମବାସୀଙ୍କ ମଙ୍ଗଳ କାମନା କରାଯାଇଥିଲା।

# ଯୋରନ୍ଦାରେ ୫୨ତମ ରାବଣପୋଡ଼ି ଉତ୍ସବ

ଗଁଦିଆ,୪।୧୦(ସମିସ): ଯୋରନ୍ଦାରେ ୫୨ତମ ରାବଣପୋଡ଼ି ଉତ୍ସବ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ଢେଙ୍କାନାଳ ବିଧାୟକ ତଥା ରାଜ୍ୟ ଖାଦ୍ୟ ଯୋଗାଣ ଏବଂ ଖାଉଟି କଲ୍ୟାଣ ବିଭାଗ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ମୁଖ୍ୟଅତିଥି ଭାବେ ଯୋଗଦେଇ କହିଲେ, ରାବଣପୋଡ଼ି ଉତ୍ସବ ଅସତ୍ୟ ଉପରେ ଉପରେ ସତ୍ୟର ବିଜୟକୁ ସ୍ମରଣ କରାଉଛି। ସମସ୍ତେ ସତ୍ୟ ପଥରେ ଚାଲିବାକୁ ସେ ପରାମର୍ଶ ଦେଇଥିଲେ। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ଜିଲ୍ଲାପରିଷଦ ଉପାଧ୍ୟକ୍ଷ କୋଦଣ୍ଡଧର ସାହୁ, ମନ୍ତ୍ରୀଙ୍କ ପ୍ରତିନିଧି ପୋରୁହଖୋଜ ସରପଞ୍ଚ ରତିକାନ୍ତ ସାହୁ, ପ୍ରଦୀପ କୁମାର ସାହୁ, ଯୋରନ୍ଦା ସରପଞ୍ଚ ଆରତୀ ନାୟକ, ସମିତି ସଭ୍ୟ ପ୍ରତ୍ୟୁଷହରି ପ୍ରଧାନ, ପୂର୍ବତନ ବିଜେପି ଜିଲ୍ଲା ସଭାପତି ନରେଶ ଚନ୍ଦ୍ର ମହାପାତ୍ର, ପୂର୍ବତନ ଓକିଲ ସଂଘ ସଭାପତି ନବକିଶୋର ଗୁରୁ, ବିଜେପି ଜିଲ୍ଲା ଯୁବମୋର୍ଚ୍ଚା ସଭାପତି ଏମଜେ ମହିମା, ଯୋରନ୍ଦା ମଣ୍ଡଳ ସଭାପତି ପ୍ରତାପ ନାଥ, କାବେରା ସମିତି ସଭ୍ୟ ଶତ୍ରୁଘ୍ନ ରାଉତ, ସମାଜସେବୀ ସମରେନ୍ଦ୍ର ଶତପଥୀ ପ୍ରମୁଖ ଉପସ୍ଥିତ ଥିଲେ। ଶେଷରେ ମୁଖ୍ୟଅତିଥି ପାତ୍ର ରାବଣର ପୁତ୍ତଳିକାରେ ଅଗ୍ନି ସଂଯୋଗ କରିଥିଲେ। ଅଧ୍ୟାପକ ପ୍ରେମାନନ୍ଦ ନାୟକ ଅତିଥି ପରିଚୟ ପ୍ରଦାନ, ମଞ୍ଚ ପରିଚାଳନା ସହ ଧନ୍ୟବାଦ ଦେଇଥିଲେ।

# ଭୁବନରେ ପ୍ରସିଦ୍ଧ ବଳଦ ଯାତ୍ରା; ମା'ଙ୍କୁ ମେଲାଣି

ଭୁବନ/ହିନ୍ଦୋଳ,୪।୧୦(ସମିସ):



ଶାରଦୀୟ ଦୁର୍ଗାପୂଜାରେ ବିଭିନ୍ନ ପୂଜା ମଣ୍ଡପ ଉତ୍ସବମୁଖର ପାଲଟିଥିଲା। ଶନିବାର ମା'ଙ୍କୁ ମେଲାଣି ଦିଆଯାଇଛି। ଭୁବନର ବିଭିନ୍ନ ଅଞ୍ଚଳରେ ସରକାରୀ କଟକଣାକୁ ଦୃଷ୍ଟିରେ ରଖି ଶାନ୍ତିଶୃଙ୍ଖଳାର ସହ ଭସାଣି ଶୋଭାଯାତ୍ରା ସମ୍ପନ୍ନ ହୋଇଛି। ବନଦୁର୍ଗା ପୂଜା ମଣ୍ଡପ ପକ୍ଷରୁ ପାରମ୍ପରିକ ନୃତ୍ୟର ତାଳେ ତାଳେ ଭସାଣି ଉତ୍ସବ ଅନୁଷ୍ଠିତ ହୋଇଛି। ମା'ଙ୍କୁ ଭୁବନ ଗ୍ରାମ ପରିକ୍ରମା କରାଯାଇଥିଲା। ଭୁବନ ଦଶହରା ଯାତ୍ରାରେ ୩୧ଟି ବଳଦ, ୨ଟି ଷଣ୍ଢ ଏବଂ ୧୩ଟି ମେଢ଼ ସାମିଲ ହୋଇଥିଲେ। ମା' ବଣିଜାର ପୀଠରେ ଥୋରିଆ ସାମାଜ ମୁରବୀ ପୂଜାର୍ଚ୍ଚନା କରିବା ପରେ ବନ୍ଦାଣ ଖୁଣ୍ଟରେ ଥୋଡ଼ି ବଳଦକୁ ଘଣ୍ଟଘଣ୍ଟା ଘାଗୁଡ଼ି, ମୁହଁକାର ଲଗାଇ ଗଡ଼ିଶା ମାଛ ଅନୁକୂଳ କରି ଘରର ବୋହୂମାନେ ବନ୍ଦାପନା କରି ବଳଦ ଯାତ୍ରାକୁ ଆଗକୁ ନେଇଥିଲେ। ଦାନୀଘରେ ବନ୍ଧୁଗୁଆ, ଗୋପାଳପୁର ଛକରେ ଲୁଣମାପ, ଦଶହରା ପଡ଼ିଆ ମାଟିକୁ ପ୍ରଣାମ କରି ଛତିଶ ପାଟକ ଭାଇଙ୍କୁ ପୂର୍ବବର୍ଷ ପରି ନିମନ୍ତ୍ରଣ କରିଥିଲେ ସଭାପତି ବ୍ରହ୍ମାନନ୍ଦ ସାହୁ। ତୃତୀୟାଦେବ ପୀଠରେ ପୂଜର୍ଚ୍ଚନା ହୋଇ ଆରମ୍ଭ ହୋଇଥିଲା ଯାତ୍ରା। କାଚରା ସମାଜ ମୁରବୀ କୈଳାସ ଚନ୍ଦ୍ର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ତହସିଲଦାର ସୂର୍ଯ୍ୟଶଙ୍କର ଦାସ, ନିର୍ବାହୀ ଅଧିକାରୀ ପ୍ରଦତ୍ତ ସାହୁ, ବଳଦିଆ କମିଟି ସଭାପତି ଦିଲୀପ କୁମାର ଦାସ, ଶ୍ରୀ ଜଗନ୍ନାଥ ଚାରିଟେବୁଲ ଟ୍ରଷ୍ଟ ସଭାପତି ଶୁଭେନ୍ଦୁ କୁମାର ସାହୁଙ୍କୁ ଉତ୍ତରୀୟ, ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି ରାବଣପୋଡ଼ିର ରୌପ୍ୟ ଜୟନ୍ତୀ ପାଳନ କରାଯାଇଥିଲା। ଅତିଥି ଭାବେ ବିଧାୟକ ଶତ୍ରୁଘ୍ନ ଜେନା ଯୋଗଦେଇ ରାବଣ ପ୍ରତିକୃତିରେ ଅଗ୍ନିସଂଯୋଗ କରିଥିଲେ। ଅନ୍ୟତମ ଅତିଥି ଭାବେ ନଗରପାଳ ଦାୟିତ୍ୱରେ ଥିବା ଉପନଗରପାଳ ମାନିନୀ ସାହୁ, ଭାରତ ରକ୍ଷାମଞ୍ଚର ରାଷ୍ଟ୍ରୀୟ ଉପସଭାପତି ଡ. ଅରୁଣ କୁମାର ନାୟକ, ସାଗରିକା ମିଶ୍ର, ଅଧ୍ୟାପକ ଦିଲୀପ କୁମାର ଦାସଙ୍କ ସମେତ ରାବଣପୋଡ଼ି କମିଟିର କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ।

ଯାତ୍ରା ଅବସରରେ ବଡ଼ହାଟ ଯୁବକ ସଂଘ ଓ ତୃପ୍ତି ପାଠାଗାର ପକ୍ଷ୍ୟରୁ ସୂଚନା କେନ୍ଦ୍ର ଖୋଲାଯାଇ ଲୋକଙ୍କୁ ସେବା ଯୋଗାଇ ଦିଆଯାଇଥିଲା। ବଡ଼ହାଟ ରେଳଗାଡ଼ି, ଅରାସାହିର ଦୋଳମଣ୍ଡପ, ରାଧାମାଧବ ସାହିର କେଦାରନାଥ ମନ୍ଦିର ଆକର୍ଷଣର କେନ୍ଦ୍ରବିନ୍ଦୁ ସାଜିଥିଲା। ବଳଦ ଯାତ୍ରା ଫଟୋ ଗ୍ୟାଲେରୀ ମହାଷ୍ଟମୀରେ ଉଦଘାଟିତ ହୋଇଥିଲା। ପ୍ରସିଦ୍ଧ ବଳଦ ଯାତ୍ରାର ୪୦ବର୍ଷର ସଂଗୃହୀତ ଫଟୋ ଗ୍ୟାଲେରୀରେ ସ୍ଥାନ ପାଇଥିଲା। ତୃପ୍ତି ପାଠାଗାର ଅଧ୍ୟକ୍ଷ ପୂର୍ଣ୍ଣଚନ୍ଦ୍ର ସାହୁ ଅଧ୍ୟକ୍ଷତା କରିଥିଲେ। ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ଭୁବନ ଶାଖା ତରଫରୁ ନୂଆଭୁବନ ମଝିସାହିରେ ଝାଙ୍କି ପ୍ରଦର୍ଶନ କରାଯାଇଥିଲା। ବ୍ରହ୍ମାକୁମାରୀ ବିଜୟାଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ହୋଇଥିଲା। ନୂଆଭୁବନ ଛକ ପକ୍ଷରୁ ପାଳିତ ହୋଇଛି ରୌପ୍ୟଜୟନ୍ତୀ ଉତ୍ସବ। ବଛା ବଛା କଳାକାରଙ୍କୁ ନେଇ ମେଲୋଡି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଶୁକ୍ରବାର ସନ୍ଧ୍ୟା ୬ଟାରୁ ଯାତ୍ରା ଆରମ୍ଭ ହୋଇ ଶନିବାର ମଧ୍ୟାହ୍ନ ପର୍ଯ୍ୟନ୍ତ ଚାଲିଥିଲା।

# ହିନ୍ଦୋଳ ଗଜଲକ୍ଷ୍ମୀ ପୂଜା ଶାନ୍ତିକମିଟି ବୈଠକ



ଖଜୁରିଆକଟା,୪।୧୦(ସମିସ): ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ଉପଖଣ୍ଡରେ ପ୍ରସିଦ୍ଧ ଗଜଲକ୍ଷ୍ମୀ ପୂଜାପାଇଁ ସ୍ଥାନୀୟ ଏସଡିପିଓଙ୍କ ଅଧ୍ୟକ୍ଷତାରେ ଶାନ୍ତିକମିଟି ବୈଠକ ଅନୁଷ୍ଠିତ ହୋଇଛି। ଏସଡିପିଓ ସତ୍ୟ କୁମାର ନନ୍ଦଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ବୈଠକରେ ଉପଖଣ୍ଡର ସମସ୍ତ ପୂଜାକମିଟି ସଭାପତି, ସମ୍ପାଦକଙ୍କ ସମେତ ବିଦ୍ୟୁତ, ସ୍ୱାସ୍ଥ୍ୟ, ଅଗ୍ନିଶମ, ପୁଲିସଲ ବିଭାଗର ଅଧିକାରୀ ଯୋଗଦେଇଥିଲେ। ମୁଖ୍ୟତଃ ଶାନ୍ତିଶୃଙ୍ଖଳା, ଅଗ୍ନିସୁରକ୍ଷା, ନିରନ୍ତର ବିଦ୍ୟୁତ ସେବା, ସ୍ୱାସ୍ଥ୍ୟସେବା, ଆମ୍ବୁଲାନ୍ସ ସେବା ବିଷୟରେ ଆଲୋଚନା ହୋଇଥିଲା। ସମ୍ଭାବ୍ୟ ଅଘଟଣରୁ ବର୍ତ୍ତିବା ପାଇଁ ସୁରକ୍ଷା ବ୍ୟବସ୍ଥାର ଢାଞ୍ଚା ପରିବର୍ତ୍ତନ କରି ଅତ୍ୟାଧୁନିକ ବ୍ୟବସ୍ଥା ଉପରେ ଏସଡିପିଓ ନନ୍ଦ ଗୁରୁତ୍ୱାରୋପ କରିଥିଲେ। ପ୍ରତ୍ୟେକ ପୂଜାମଣ୍ଡପ ନିକଟରେ ମହିଳାଙ୍କ ପାଇଁ ଅସ୍ଥାୟୀ ଶୌଚାଳୟ, ପାର୍କିଂ ବ୍ୟବସ୍ଥା, ସିସି କ୍ୟାମେରା ବ୍ୟବସ୍ଥା, ଫାଷ୍ଟଏଡ ବ୍ୟବସ୍ଥା, ଅଗ୍ନିନିର୍ବାପକ ବ୍ୟବସ୍ଥା କରାଯିବା ସହ ନିଶାଦ୍ରବ୍ୟ କାରବାର ରୋକିବା ଉପରେ ପଦକ୍ଷେପ ନେବାକୁ ଏସଡିପିଓ ପରାମର୍ଶ ଦେଇଥିଲେ। ସେହିପରି ପ୍ରଶାସନଙ୍କଠାରୁ ଆବଶ୍ୟକ ଅନୁମତି ନେଇ ମିନବଜାର, ସାଂସ୍କୃତିକ କାର୍ଯ୍ୟକ୍ରମ, ଫାଷ୍ଟଫୁଡ ଦୋକାନ ଇତ୍ୟାଦି କରିବାକୁ କହିଥିଲେ। ଆସନ୍ତା ୧୬ ତାରିଖ ଭସାଣି ଉତ୍ସବ ପାଇଁ ଆବଶ୍ୟକ ଅନୁମତି ଆଣି ପୂଜାକମିଟି ସେଚ୍ଛାସେବୀଙ୍କ ସହଯୋଗରେ ପୁଲିସ ଓ ପ୍ରଶାସନ ପରାମର୍ଶରେ ପରିଚାଳନା କରାଯିବା ପାଇଁ ଆଲୋଚନା ହୋଇଥିଲା। ଉଚ୍ଚ ସ୍ୱରରେ ଡିଜେ, ମାଇକ, ସାଉଣ୍ଡ ବ୍ୟବହାର ନ କରିବା ସହ ନିର୍ଦ୍ଧାରିତ ସମୟସୀମା ଭିତରେ ଶାନ୍ତିଶୃଙ୍ଖଳାର ସହ ପୂଜା ଓ ଭସାଣି ସମ୍ପନ୍ନ କରିବାକୁ ସହମତି କରି ପ୍ରକାଶ ପାଇଥିଲା। ପୂଜା ଓ ଭସାଣି ପାଇଁ ଏସଡିପିଓ ନନ୍ଦ ସମସ୍ତଙ୍କ ସହଯୋଗ କାମନା କରିଥିଲେ।

# ୨୫ ଦିନ ପରେ ହାତୀଦାନ୍ତ ଉଦ୍ଧାର କଲା ବନ ବିଭାଗ

ହିନ୍ଦୋଳ,୪।୧୦(ସମିସ): ସେପ୍ଟେମ୍ବର ୧୦ ତାରିଖ ହିନ୍ଦୋଳ ବନାଞ୍ଚଳ ରାସୋଳ ସେକ୍ସନ ଗୁଲୁଗୁଣ୍ଡି ଗ୍ରାମରେ ଫୁଲ ତୋଳୁଥିବା ସମୟରେ ବାଲିକିଆରୀ ଗ୍ରାମର ପ୍ରକାଶ ସାହୁଙ୍କୁ ଏକ ଦନ୍ତାହାତୀ ଆକ୍ରମଣ କରିଥିଲା। ପ୍ରକାଶ ଜୀବନ ବିକଳରେ ରାସ୍ତା ପାର୍ଶ୍ୱରେ ଛିଡ଼ା ହୋଇଥିବା ଏକ ଟ୍ରାକ୍ଟର ତଳେ ପଶି ଯାଇଥିଲେ। ତେବେ ହାତୀଟି ଟ୍ରାକ୍ଟରକୁ ବାରମ୍ବାର ଆଘାତ ଦେବା ଫଳରେ ତା'ର ଗୋଟିଏ ଦାନ୍ତ ଗଳି ପଡ଼ିଥିଲା। ଏଥି ସହ ହାତୀ ଦାନ୍ତରୁ ପ୍ରଚୁର ରକ୍ତସ୍ରାବ ହୋଇଥିବା ସ୍ଥାନୀୟ ଲୋକେ ଦେଖିଥିଲେ। ତେବେ କେତେଜଣ ଦୁର୍ବୃତ୍ତ ଭାଙ୍ଗିଯାଇଥିବା ଉକ୍ତ ହାତୀଦାନ୍ତକୁ ନେଇଯାଇଥିଲେ। ଧରାପଡ଼ିବା ଭୟରେ ବାରମ୍ବାର ସେମାନେ ଦାନ୍ତ ରଖିବାର ସ୍ଥାନ ବଦଳାଉଥିଲେ ମଧ୍ୟ ଶେଷରେ ଧରାପଡ଼ିଛନ୍ତି। ଅଭିଯୁକ୍ତମାନେ ଦାନ୍ତକୁ ବିକ୍ରି କରିବାକୁ ଯୋଜନା କରୁଥିବା ବେଳେ ବନବିଭାଗ ସ୍କ୍ୱାଡ୍ ଚଢ଼ଉ କରି ଦାନ୍ତକୁ ଉଦ୍ଧାର କରିଛି। ତେବେ ବର୍ତ୍ତମାନ ଉକ୍ତ ଦନ୍ତାହାତୀଟି କେଉଁଠାରେ ରହିଛି, ଜୀବିତ ଅଛି ନା ତା'ର ମୃତ୍ୟୁ ହୋଇଛି, ସେ ଖବର ବନ ବିଭାଗ ପାଖରେ ନାହିଁ। ଘଟଣାସ୍ଥଳରୁ ହାତୀର ଗତିବିଧି ଉପରେ ନଜର ରଖାଯାଇଥିଲେ ହାତୀର ଜୀବନ ବିପଦରେ ପଡ଼ି ନ ଥାନ୍ତା ବୋଲି ମତ ପ୍ରକାଶ ପାଇଛି।

**ହାତୀ ଜୀବିତ ନା ମୃତ, ବନ ବିଭାଗ ପାଖରେ ଖବର ନାହିଁ**

# ଅସୁସ୍ଥ ଷଣ୍ଢକୁ ଜଗତପୁର ଗୋଶାଳା ପଠାଗଲା

ଗଁଦିଆ,୪।୧୦(ସମିସ): ଦୀର୍ଘ ୪ ଦିନ ଧରି ଏକ ଷଣ୍ଢ ସ୍ଥାନୀୟ ସାନ୍ଦାପଶି ପାଟଣାର କାଳନ୍ଦୀ ଚରଣ ସାହୁଙ୍କ ବାସଭବନ ଆଗରେ ଅସୁସ୍ଥ ହେଇ ପଡ଼ି ରହିଥିବା ବେଳେ ତା'ର ଚିକିତ୍ସା ଜାରି ରହିଥିଲା। ତେବେ ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ନ ହେବାରୁ ଗଁଦିଆ ଆଞ୍ଚଳିକ ସେବା ସଂଗଠନ ପକ୍ଷରୁ ସମାଜସେବୀ ତାପସ କୁମାର ରାଉତ, ଅଜିତ ପ୍ରସାଦ ରାଉତ, ସୁଶାନ୍ତ କୁମାର ସାହୁ, ଆତ୍ମଜ କୁମାର ସାହୁ, ଲକ୍ଷ୍ମୀଧର ସାହୁ, ରାଜେଶ କୁମାର ସାହୁ, ଅଭିମନ୍ୟୁ ଦାସଙ୍କ ସମେତ ସ୍ଥାନୀୟ ବହୁ ଯୁବକ ଷଣ୍ଢର ଅଧିକ ଚିକିତ୍ସା ପାଇଁ ଜଗତପୁର ଗୋଶାଳାକୁ ପଠାଇଛନ୍ତି।



# କଙ୍କଡ଼ାହାଡ଼ରେ ରାବଣପୋଡ଼ି ମହୋତ୍ସବ

କଙ୍କଡ଼ାହାଡ଼,୪।୧୦(ସମିସ): କଙ୍କଡ଼ାହାଡ଼ ବ୍ଲକ ସଦର ମହକୁମା କଙ୍କଡ଼ାହାଡ଼ ଗ୍ରାମରେ ପ୍ରଥମ ରାବଣପୋଡ଼ି ମହୋତ୍ସବ ଧୁମଧାମରେ ଅନୁଷ୍ଠିତ ହୋଇଛି। ଗାଁର କାଚରା ସମାଜ ତରଫରୁ ଦୀର୍ଘ ୨୫ ବର୍ଷ ହେଲା ଜଗତ ଜନନୀ ମା' ଦୁର୍ଗାଙ୍କ ପୂଜା ଅନୁଷ୍ଠିତ ହେଉଛି। ଚଳିତବର୍ଷ ସମାଜର ନିଷ୍ପତ୍ତି ଅନୁଯାୟୀ ରାବଣପୋଡ଼ି ଉତ୍ସବ ଆୟୋଜିତ ହୋଇଥିଲା। ପବିତ୍ର ବିଜୟା ଦଶମୀ ଅବସରରେ ଗାଁ ଯାତ୍ରା ପଡ଼ିଆରେ ରାବଣପୋଡ଼ି ମହୋତ୍ସବ ହୋଇଥିଲା। ଏଥିରେ ସମାଜର କୋଷାଧ୍ୟକ୍ଷ ନରୋତ୍ତମ ବେହେରା କର୍ତ୍ତା ଦାୟିତ୍ୱ ତୁଲାଇଥିଲେ। ମୁଖ୍ୟଅତିଥି ଭାବେ କାଚରା ସମାଜ ସଭାପତି ନନ୍ଦକିଶୋର ସାହୁ ଯୋଗଦେଇ ରାବଣ ପ୍ରତିକୃତିରେ ଅଗ୍ନି ସଂଯୋଗ କରିଥିଲେ। ସମ୍ମାନିତ ଅତିଥି ଭାବେ ପୂର୍ବତନ ବ୍ଲକ ଅଧ୍ୟକ୍ଷ ସନ୍ତୋଷ କୁମାର ସାହୁ, ବରିଷ୍ଠ ନାଗରିକ ମଞ୍ଚ ବ୍ଲକ ସଭାପତି ଭଗବାନ ସିଂହ, କଙ୍କଡ଼ାହାଡ଼ ବ୍ଲକ ସାମ୍ବାଦିକ ସଂଘ ସଭାପତି ରାଜେଶ କୁମାର ଦେହୁରୀ, କାଚରା ସମାଜ ସମ୍ପାଦକ ପ୍ରଶାନ୍ତ ବେହେରା, କଙ୍କଡ଼ାହାଡ଼ ଗ୍ରାମ ସଭାପତି ପ୍ରକାଶ ବିଶ୍ୱାଳ, ସମ୍ପାଦକ ତ୍ରିଲୋଚନ ପଣ୍ଡା, ପୂର୍ବତନ ଗାଁ ସଭାପତି ବିଷ୍ଣୁଚରଣ ସିଂହ, ହଳଦୀପାଳ ଗାଁ ସଭାପତି ଶିଶିର ବିଶ୍ୱାଳ, ସାମ୍ବାଦିକ ସଂଘ କୋଷାଧ୍ୟକ୍ଷ ଅରବିନ୍ଦ ପାଳ, ବରିଷ୍ଠ ସାମ୍ବାଦିକ ପାଣ୍ଡବ ଚରଣ ଦାସ, ପୂର୍ବତନ ସରପଞ୍ଚ ଭରତ ଚନ୍ଦ୍ର ସାହୁ, କଙ୍କଡ଼ାହାଡ଼ ମଣ୍ଡଳ ବିଜେପି ସଭାପତି ଶୁଭେନ୍ଦୁ ପାଳ, ସାମାଜସେବୀ ବ୍ରହ୍ମାନନ୍ଦ ସାହୁ, ନଟବର ସାହୁ, ପବିତ୍ର ମୋହନ ପଣ୍ଡା, ପବନା ନାଥ, ଗିରିଧାରୀ ପରିଡ଼ା, ମା' ଖଣ୍ଡୁରୀ କଲଚରାଲ କ୍ଲବ ସଭାପତି ଶାନ୍ତନୁ ପଣ୍ଡା ପ୍ରମୁଖ ଯୋଗଦେଇଥିଲେ। ପ୍ରଥମ ଥର କଙ୍କଡ଼ାହାଡ଼ରେ ରାବଣପୋଡ଼ି ହେଉଥିବାରୁ ବର୍ଷା ସତ୍ତ୍ୱେ ଆଖପାଖ ଅଞ୍ଚଳର ବହୁ ଲୋକଙ୍କ ସମାଗମ ହୋଇଥିଲା। ସମାଜର ବାଇନ ସାହୁ, ଗଙ୍ଗା ସାହୁ, ଶ୍ୟାମ ସାହୁ, ଗିରୀଶ ରଣା, ପ୍ରାଣବନ୍ଧୁ ସାହୁ, ଚନ୍ଦନ ସାହୁ, ସୁଶାନ୍ତ ବେହେରା, ଜିତୁ ବେହେରା, ସରୋଜ ବେହେରା, ଦେବରଞ୍ଜନ ସାହୁ, ଚିତ୍ତରଞ୍ଜନ ବେହେରା ପ୍ରମୁଖ ସହଯୋଗ କରିଥିଲେ। ପୂର୍ବତନ ବ୍ଲକ ଅଧ୍ୟକ୍ଷ କାର୍ତ୍ତିକ ସାହୁ ମଞ୍ଚ ପରିଚାଳନା ଓ ଧନ୍ୟବାଦ ଅର୍ପଣ କରିଥିଲେ।



# ୪୧ତମ ପିଙ୍ଗୁଆ କପ କ୍ରିକେଟ ଟୁର୍ଣ୍ଣାମେଣ୍ଟ



ଗଁଦିଆ,୪।୧୦(ସମିସ): ଢେଙ୍କାନାଳ ସ୍ପୋର୍ଟସ ଆସୋସିଏସନ ପିଙ୍ଗୁଆ ଆନୁକୂଲ୍ୟରେ ୪୧ତମ ପିଙ୍ଗୁଆ କପ୍ କ୍ରିକେଟ ଟୁର୍ଣ୍ଣାମେଣ୍ଟର ୩ୟ ଲିଗ୍ ପର୍ଯ୍ୟାୟ ମ୍ୟାଚ ଅନୁଷ୍ଠିତ ହୋଇଛି। ବାଲେଶ୍ୱର ଯୁବଶକ୍ତି ଓ ଚୌଦ୍ୱାର ଜକୋବିନ ମଧ୍ୟରେ ଏହି ମ୍ୟାଚ୍ ଅନୁଷ୍ଠିତ ହୋଇଥିଲା। ଚୌଦ୍ୱାର ଦଳ ବିଜୟୀ ହୋଇଛି। ଚୌଦ୍ୱାର ଦଳ ଟସ୍ ଜିତି ବାଲଶ୍ୱରକୁ ବ୍ୟାଟିଂ କରିବାକୁ ଆମନ୍ତ୍ରଣ କରିଥିଲା। ବାଲେଶ୍ୱର ଦଳ ନିର୍ଦ୍ଧାରିତ ୧୨ ଓଭରରେ ୨ ୱିକେଟ ହରାଇ ୧୭୨ ରନ ସଂଗ୍ରହ କରିଥିଲା। ଚୌଦ୍ୱାର ଦଳ ୪ ୱିକେଟ ହରାଇ ଆବଶ୍ୟକ ରନ୍ ସଂଗ୍ରହ କରିନେଇଥିଲା। ଚୌଦ୍ୱାର ଦଳର ଲିପୁନା ବେହେରା ୩୨ ବଲରେ ୮୪ ରନର ଧୂଆଁଧାର ଇନିଂସ ଖେଳିଥିଲେ। ତାଙ୍କୁ ମ୍ୟାନ ଅଫ ଦି ମ୍ୟାଚ ଘୋଷଣା କରାଯାଇଥିଲା। ସୁନୀଲ ମଲ୍ଲିକ ଓ ବିଶ୍ୱମୋହନ ସାହୁ ମ୍ୟାଚ ପରିଚାଳନା କରିଥିଲେ। ପ୍ରମୋଦ ସାହୁ ଓ ସୌମ୍ୟରଞ୍ଜନ ବେହେରା ସ୍କୋର ବୋର୍ଡ ପରିଚାଳନା କରିଥିଲେ। ପ୍ରତାପ ରଞ୍ଜନ ସାହୁ ଏବଂ ଗୌରାଙ୍ଗ ବେହେରା ଧାରାବିବରଣୀ ପ୍ରଦାନ କରିଥିଲେ। କ୍ଲବ ତରଫରୁ ବାଦଲ ସାହୁ, ବିଷ୍ଣୁ ସାହୁ, ଲିପୁନା ନାଥ, ନିତ୍ୟାନନ୍ଦ ପାଗଡ଼, ରଞ୍ଜନ ମଲ୍ଲିକ, ରମେଶ ବେହେରା, ଦିପୁନା ସାହୁ ସହଯୋଗ କରିଥିଲେ। ରବିବାର ଭୁବନେଶ୍ୱର ଓ କଟକ ବିଡ଼ାନାସୀ ମଧ୍ୟରେ ମ୍ୟାଚ ଖେଳାଯିବ।

# ହିନ୍ଦୀ ପକ୍ଷ ଉଦଯାପନୀ ଓ ପୁରସ୍କାର ବିତରଣ ଉତ୍ସବ

ଢେଙ୍କାନାଳ,୪।୧୦(ସମିସ):

ଭାରତୀୟ ଜନସଞ୍ଚାର ସଂସ୍ଥାନ (ଆଇଆଇଏମସି) ଆନୁକୂଲ୍ୟରେ ଦୀର୍ଘ ୧୫ ଦିନ ଧରି ଚାଲିଥିବା ହିନ୍ଦୀ ପକ୍ଷ ଶୁକ୍ରବାର ଉଦଯାପିତ ହୋଇଛି। ସମ୍ମିଳନୀ କକ୍ଷରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ବିତରଣ ଓ ସମ୍ବର୍ଦ୍ଧିତ କରାଯାଇଛି। ପ୍ରତିଷ୍ଠାନର

**ସାମ୍ବାଦିକତାରେ ନିରପେକ୍ଷ ରହିବାକୁ ଆହ୍ୱାନ**

ଆଞ୍ଚଳିକ ନିର୍ଦ୍ଦେଶକ ପ୍ରଫେସର ଆନନ୍ଦ ପ୍ରଧାନଙ୍କ ପୌରୋହିତ୍ୟରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଢେଙ୍କାନାଳ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ ମୁଖ୍ୟଅତିଥି ଭାବେ ଯୋଗଦେଇ ବିଦ୍ୟାର୍ଥୀଙ୍କୁ ମାର୍ଗଦର୍ଶନ କରିଥିଲେ। ହିନ୍ଦୀ ହେଉଛି ଆମ ରାଷ୍ଟ୍ରଭାଷା ଏବଂ ଏହାର ବିକାଶ ତଥା ସୁରକ୍ଷା ଜରୁରୀ। ଏଥିପାଇଁ ପୁରାତନ କାଳରୁ ଦେଶର ବିଭିନ୍ନ ପ୍ରାନ୍ତରୁ ଅନ୍ୟାନ୍ୟ ଆଞ୍ଚଳିକ ଭାଷା ଓ ଭାଷାଭାଷୀ ବ୍ୟକ୍ତିବିଶେଷଙ୍କ ଯଥେଷ୍ଟ ଅବଦାନ ରହିଛି। ହିନ୍ଦୀର ପ୍ରଚାରପ୍ରସାର ପାଇଁ ଏପରି କାର୍ଯ୍ୟକ୍ରମ ସରକାରଙ୍କ ପକ୍ଷରୁ ଗ୍ରହଣ କରାଯାଇଥିବା ପ୍ରଫେସର ପ୍ରଧାନ ପ୍ରକାଶ କରିଥିଲେ। ସେହିପରି ସାମ୍ବାଦିକତାରେ ନିରପେକ୍ଷ ରହିବାକୁ ଜିଲ୍ଲାପାଳ ପାଟିଲ ଆହ୍ୱାନ ଜଣାଇଥିଲେ। ଅନୁରୂପ, ପ୍ରଭାବଶାଳୀ ଯୋଗାଯୋଗ ପାଇଁ ଆଞ୍ଚଳିକ ଓ ମାତୃଭାଷାର ଅଧିକ ଗୁରୁତ୍ୱ ରହିଛି। ଏ ନେଇ ସାରା ଦେଶରେ ହିନ୍ଦୀ ଏବଂ ରାଜ୍ୟରେ ଓଡ଼ିଆ ଭାଷାରେ ସରକାରୀ କାର୍ଯ୍ୟ ଓ ଅଭିଯୋଗ ଶୁଣାଣି ଆଦି ଅଭିଯାନ ଆରମ୍ଭ ହୋଇଥିବା ସେ କହିଥିଲେ। ହିନ୍ଦୀ ପକ୍ଷ ଅବସରରେ ଆୟୋଜିତ ବିତର୍କ, ପ୍ରବନ୍ଧ ଲିଖନ, ପୋଷ୍ଟର ନିର୍ମାଣ, ରେଡିଓ ଜିଙ୍ଗଲ, କବିତା ପାଠ ଆଦି ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଆସିଷ୍ଟାଣ୍ଟ ପ୍ରଫେସର ବିରଞ୍ଚି ନାରାୟଣ ସେଠ, ଚିରସ୍ରୋତା ଜେନା, ଏକାଡେମିକ ଆସୋସିଏଟ ହରେକୃଷ୍ଣ ପ୍ରଧାନ, ଏକାଡେମିକ ସଂଯୋଜକ ଜିତେନ୍ଦ୍ର ପତି, ଲାଇବ୍ରେରୀ ଇନଚାର୍ଜ ଶୁଭଙ୍କରୀ ଦାସ, ସମସ୍ତ କର୍ମଚାରୀ ଓ ବିଦ୍ୟାର୍ଥୀ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଆସିଷ୍ଟାଣ୍ଟ ପ୍ରଫେସର ଆଭା ସିଂ ପ୍ରାରମ୍ଭିକ ବକ୍ତବ୍ୟ ରଖିଥିବା ବେଳେ ପାରସ ଯାଦବ ଧନ୍ୟବାଦ ଦେଇଥିଲେ।



# ଇଗ୍ନୋ ତରଫରୁ ସଚେତନତା




ହିନ୍ଦୋଳ,୪।୧୦(ସମିସ): ଇନ୍ଦିରା ଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱ ବିଦ୍ୟାଳୟ (ଇଗ୍ନୋ) ଆଞ୍ଚଳିକ କେନ୍ଦ୍ର ଭୁବନେଶ୍ୱର ଓ ବିଶ୍ୱ ଯୁବକେନ୍ଦ୍ର ମିଳିତ ଉଦ୍ୟମରେ ହିନ୍ଦୋଳ ବ୍ଲକ ମାଧପୁର ପଞ୍ଚାୟତ କଣ୍ଟାପାଳ ଗ୍ରାମରେ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏଥିରେ ବିଶ୍ୱ ଯୁବକେନ୍ଦ୍ରର କାଉନସେଲର ମନସ୍ମିତା ନାୟକ ସରକାରଙ୍କ ବିଭିନ୍ନ ଲୋକାଭିମୁଖୀ ଯୋଜନା, ଏହାର ପରିଚାଳନା, ଲୋକଙ୍କ ସହାଭାଗିତା, ଗ୍ରାମସଭା ଓ ପଲ୍ଲୀସଭା ଏବଂ ଲୋକଙ୍କ ଅଂଶଗ୍ରହଣ, ବାଲ୍ୟବିବାହ, ଶିଶୁ ଚାଲାଣ ଓ ଏହାର ନିରୋଧ ପାଇଁ ପଦକ୍ଷେପ ବିଷୟରେ ବିବରଣୀ ପ୍ରଦାନ କରିଥିଲେ। ସ୍ୱଚ୍ଛତା ବିଷୟରେ ସଚେତନ କରାଇଥିଲେ। ଟୋଲ ଫ୍ରି ନମ୍ବର ୧୦୯୮ର ବ୍ୟବହାର ବିଷୟରେ ଅବଗତ କରାଯାଇଥିଲା। ଯୋଗଦେଇଥିବା ସମସ୍ତ ବ୍ୟକ୍ତିଙ୍କୁ ନେଇ ଏକ ଶପଥପାଠ ଅନୁଷ୍ଠିତ ହୋଇଥିଲା। ଅଙ୍ଗନବାଡ଼ି କର୍ମୀ ଚପଳା ବେହେରା, ସ୍ୱୟଂ ସହାୟକ ଗୋଷ୍ଠୀ ସଭାନେତ୍ରୀ ବିନତି ବେହେରା ପ୍ରମୁଖ ସହଯୋଗ କରିଥିଲେ। ଜୁଲି ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

# ସେଠି ଗୋଟେ ଖାଇ ଅଛି



ସ୍ୱାଗତିକା ସ୍ୱାଇଁ

ନିଷ୍ଠୁରତମ ମାସ ଆଶ୍ୱିନ । ଏମିତିରେ ତ କହିବାକୁ ଏହା ହସଖୁସିର ପାର୍ବଣ ସମୟ । ମାତ୍ର ଆଜିକାଲି ତାହା ଆସେ, ତା' ସାଙ୍ଗରେ ନେଇ ଆସେ ହୃଦୟହୀନ ଖରାତାପ । ଘୋର ଜଳାଞ୍ଜଳି ଏବଂ ନିଷ୍ଠୁର କାଳ ବୈଶାଖୀ । ଅକସ୍ମାତ୍ ଝଡ଼ ତୋଫାନ । ହାଣ୍ଡିଶାଳ ପିଣ୍ଡାତଳ ଲିପି ସାରିବା ପରେ କଷ୍ଟରେ ଅଣ୍ଟା ସଳଖ କରି ଛିଡ଼ା ହେଲା, ଜଗା ବୋଉ । କାଦୁଅ ହାତ ଆଡୁଆଳ କରି ଚାହିଁଲା ସକାଳର ସୂର୍ଯ୍ୟ ଆଡ଼କୁ । ମନକୁ ମନ କହିଲା, "ବେଳ କେତେ ହେବ ! ଆଶ୍ୱିନରେ କେଡ଼େ ହାଁ ଖରା ।"

ଦିନଥିଲା, ସେ ଏକାଥରକେ ଚାରି ପାଞ୍ଚ ବଖରା ଘର ପିଣ୍ଡା ଲିପି ଆଣୁଥିଲା । ଆଜିକାଲି କିନ୍ତୁ ଆଉ ପାରୁନାହିଁ । ଆଣ୍ଠୁଗଣ୍ଠି ବାତ ସାଙ୍ଗକୁ ସେଦିନ, ସେ ବୟସ ବି ଆଉ କୋଉଠି ଅଛି ।

: ଏଥର ପୂଜା ସିଜନ୍‌ଟା ଖାଲି ଯାଉ । ତତେ ଆଉ କଷ୍ଟ କରିବାକୁ ପଡ଼ିବନି । ମାଟି ଖଞ୍ଜା ପୂରା ଭାଙ୍ଗି ଦବା । ଦାଣ୍ଡ ପାଖକୁ ଲଗେଇ ଦି ବଖରା ପକ୍‌କା ଘର ତୋଳି ଦେବି, ରହିଥା । ତୋର ଯେତେ ଇଚ୍ଛା ସେତେ ପୁନେଇ, ସଂକ୍ରାନ୍ତି ଘର ଧୁଆଧୁଇ କରୁଥିବୁ ବସି ।

ପ୍ରତ୍ୟେକ ଥର ମାଆକୁ କଷ୍ଟ କରି ଘର ଲିପା ପୋଛା କରୁଥିବାର ଦେଖିଲେ ଏଇ କଥା କହେ,ଜଗା । ପୁଣି କହେ, "ରାଜଧାନୀରେ ମୋର ଆଉ କୋଉଁଥି ପାଇଁ ଏତେ ପରିଶ୍ରମ କହିଲୁ! ଯଦି ତୋ ପାଇଁ ଦୁଇ ବଖରା ପକ୍‌କା ଘର ତୋଳି ଦେଇ ନ ପାରିଲି, ତା'ହେଲେ ମୁଁ ତୋର କି ପୁଅ ତୁ ମୋର କି ବୋଉ ।"

ପୁଅ କଥା ମନେପଡ଼ିଗଲା ତ ଜଗା ବୋଉ ଆଖିରୁ ଦି' ବୁନ୍ଦା ଲୁହ ଗଡ଼ି ପଡ଼ିଲା । ରକ୍ତକୁ ପାଣି କରି କି ଗଧ ଖଟଣି ନ ଖଟୁଚି ସିଏ ସେଠି । ଏଇ ପୁନେଇଁକୁ ତାକୁ ଛବିଶ ପୂରି ସତେଇଶି ଚାଲିବ । ଆଉ ଅପେକ୍ଷା କରି ହେବନି । ଏଇ ବର୍ଷ ଯେମିତି ବି ହେଲେ ତାକୁ ହାତକୁ ଦି' ହାତ କରିବାକୁ ପଡ଼ିବ । ବୁଢ଼ା ବାପାଙ୍କର ଆଉ କେତେ ବା ଆୟୁଷ । ଯେ ହେଲେ ପିଲାଟା ବୁଝିଲେ ସିନା । ତା'ର ତ ସେଇ ଗୋଟାଏ ଜିଦି । ମାଟି ଖଞ୍ଜା ଭାଙ୍ଗି ପକ୍‌କା ଘର ଗଢ଼ିବ । ତାପରେ ଯାଇ ଯାହା ହବ ।

ମାଆ ବୋଲି ଯଦି କେବେ ସିଏ ତାକୁ ବାହାଘର କଥା ଥରକୁ ଦି' ଥର କୁହେ, ତାହେଲେ ଜଗା ବିଗିଡ଼ିଯାଏ । ବଡ଼ ପାଟି କରି କହେ, "ତୋର ତ ମୋ' ଉପରେ ବିଶ୍ୱାସ ନାହିଁ ଦେଖୁଚି । ଭାବୁଚୁ କି ମୁଁ ଘର ଦି ବଖରା ତୋଳିପାରିବିନି !" ତାପରେ ମାଆ ପାଖକୁ ଚାଲିଆସି କଣ୍ଠରେ ହାଲୁକା ମିଠା ଭରି କହେ, "ଜାଣିଚୁ ନା ବୋଉ! ପେଟ୍ରୋଲ ପମ୍ପ ପାଖକୁ ବେପାର ଉଠେଇ ଆସିଲା ଦିନଠୁଁ ଆଜିକାଲି ପଇସା ଯାହାକୁ ଯେତେ । ତୁ ଜାଣିଛୁ, ଏହୁଁ ଏହୁଁ ଗାଡ଼ିବାଲାଏ ପରା ତେଲ ପକେଇ ସାରିଲେ ମୋଠୁଁ ଠୋଲାଏଁ ମସଲା ମୁଢ଼ି କିଣିବେ ମାନେ କିଣିବେ । କହିବେ, କ'ଣ ଜଗନ୍ନାଥ, ତମେ କ'ଣ ତମ ମୁଢ଼ିରେ ଅଫିମ ପକେଇଚ ନା କ'ଣ । ନ କିଣିଲେ ମନ ମାନୁନି କି ଗାଡ଼ି ଗଡୁନି!

ପୁଅକୁ ମନେ ପକେଇ ଜଗା ବୋଉର ମନଟା ଏବେ ପୁଣି ଥରକ ପାଇଁ ସ୍ନେହ ସରାବୋଉ ହେଇ ଉଠିଲା । ସେ ସାମ୍ନାର ଅଗଣାକୁ ଚାହିଁଲା । ସେଠାକାର ଲିପାପୋଛା ପରିଷ୍କାର ମାଟି ଚଟାଣରେ ତାକୁ ପିଲାଟାର ହସକୁରା ମୁହଁଟିର ଛବି ଦେଖାଦେଇ ଗଲା । ସେ ଠାକୁରଙ୍କୁ ହାତ ଯୋଡ଼ିଲା । ମମତାର ଆବେଗ ଭରା ନିରବତା ଭିତରେ ତା'ର କୋଟି ଶୁଭ ମନାସିଲା ।

ଅଥଚ ଆକାଶର ଆଶ୍ୱିନର ସୂର୍ଯ୍ୟ କିନ୍ତୁ ମାଆ ମନର ସେଇ ନରମ ଆବେଗ ଭରା ଜାଗାଟି ଆଡ଼କୁ ଏତେ ଟିକେ ସଦୟ ଦୃଷ୍ଟିରେ ଆଦୌ ଚାହିଁ ନଥିଲା । ବନ୍ଧବାଡ଼ ନ ମାନି ତତଲା ନିଆଁ ଢାଳିବାରେ ଲାଗି ରହିଥିଲା ।

ଆଜିର ଦିନଟି ପରିବାର ପାଇଁ ସଙ୍କଟର ଦିନ ନେଇ ଆସିଛି । କାରଣ ଅଳ୍ପ ସମୟ ତଳେ ଜଗା ବାପା ପାଖକୁ ଅଜଣା ନମ୍ବରରୁ ଫୋନ୍‌ଟିଏ ଆସିଥିଲା ।

: କିଏ ଜଗନ୍ନାଥ ମଲ୍ଲିକ ବାପା କହୁଚ ।

: ହଁ କହୁଚି ।

: ତମ ପୁଅର ଗୋଟିଏ ଛୋଟ ଆକ୍ସିଡେଣ୍ଟ ହୋଇଯାଇଛି ।

: ହେଁ... କୋଉଠି କେତେବେଳେ? ପୁଅ ମୋର କୋଉଠି ଅଛି ?

: ବ୍ୟସ୍ତ ହୁଅନି । ସେଥିପାଇଁ ଖୋଦ୍ ସରକାରୀ ବ୍ୟବସ୍ଥା ହେଇଛି । ତମେ ଯେତେ ଶୀଘ୍ର ପାରୁଚ ସେତେ ଶୀଘ୍ର ଆସି ସଦର ହାସ୍‌ପାତାଲ୍‌ରେ ପହଞ୍ଚି ଯାଅ । ଚଞ୍ଚଳ ଆସିବ ।

ସେ ପାଖରୁ ଫୋନ୍ କଟିଗଲା ତ' ଏ ପାଖରେ ଜଗା ବାପା ମୁଣ୍ଡରେ ସତେକି ଘଡ଼ଘଡ଼ି ପଡ଼ିଗଲା । ସ୍ତ୍ରୀକୁ ଏକାଏକ୍ ଏଇ ଖବର ଜଣେଇଦବ କି ନାଇଁ ହଠାତ୍ ଠିକଣା କରି ହେଲା ନାହିଁ । ମନର ଭାବନା ମନରେ ଛପେଇ ରଖି ସେ ଏବେ ନିଭୃତ ସେଠି ଅଗଣା କୋଣ ନଳିଆ ପାଖରେ ହାତ ଧୋଉଥିବା ସ୍ତ୍ରୀ ଆଡ଼କୁ ଚାହିଁଲେ । କଥାଟାକୁ କ'ଣ କେମିତି ଖୋଲି କହିବେ ଦ୍ୱନ୍ଦ୍ୱରେ ପଡ଼ିଗଲେ ।

:କିଏ ଫୋନ୍ କରିଥିଲା?

ମାଟି କାଦୁଅ ହାତ ଧୋଇ ଦେଇ ଆସି ଜଗା ବୋଉ ନିଜ ଆଡୁ ପଚାରିଲା ।

: ନାଇଁ ଏଇ ଜଗାର କିଏ ସାଙ୍ଗ ଫୋନ୍ କରିଥିଲା ।

: ଜଗାର ସାଙ୍ଗ, ସିଏ କ'ଣ କହୁଥିଲା?

: କହୁଥିଲା ତମେ ଟିକିଏ ରାଜଧାନୀ ଆସ ।

: କାହିଁକି ?

: ଜଗାକୁ କ'ଣ ଟିକିଏ ବଡ଼ କରି ଜର ହେଇଯାଇଛି । ତୁ ଚଞ୍ଚଳ କାମ ସାରେ । ଆମେ ଦିହେଁ ଯାକ ଯିବା ।

ଅଗଣାର ଖରା ଏବେ ଆହୁରି ଅଧିକ ତେଜମୟ ଏବଂ ତତଲା ହେବାକୁ ଲାଗିଥିଲା । ଜଗା ବୋଉ ତା'ର କାନ୍ଦ କାନ୍ଦ ମୁହଁ ବୁଲେଇ ବିକଳରେ ସେ ଆଡ଼କୁ ଚାହିଁଲା । ଭାବୁଥିଲା, ଦେଖନା! କାଲି ସକାଳେ ଫୋନ୍ କରିଥିଲା । ବାପାର ଔଷଧପତ୍ର କଥା ବୁଝିଲା । ଗାଁ ବସ୍‌ରେ ଲେମ୍ବୁ, ଆଚାର ଡବାଟେ ପଠେଇବାକୁ କହିଲା । ଫେରନ୍ତା ଗାଡ଼ିରେ କଣ୍ଡକ୍ଟର ହାତରେ ପଇସା ପଠେଇବ ବୋଲି କହିଲା । ଆଉ ଦେଖିଲା ବେଳକୁ ଜରରେ ପଡ଼ିଗଲା ।

ଗାଧୋଇ ସାରି ଗଳବସ୍ତ୍ର ହୋଇ ଚଉରାରେ ପାଣି ଦେଲା ବେଳେ, କାମସାରି ଘରେ କୋଇପ ଦବା ବେଳେ ଏବଂ ବସ୍‌ରେ ବସି ଯିବା ସମୟ ଯାକ ଜଗା ବୋଉର ସେଇ ଗୋଟିଏ କଥା ବାରମ୍ବାର ମନେ ପଡ଼ି ଯାଉଥିଲା । ଅବଶ୍ୟ ବସ୍‌ରୁ ଠିକଣା ଜାଗାରେ ଓହ୍ଲେଇଲା ବେଳକୁ ତା' ମନ ଟିକିଏ ଅଲଗା ପ୍ରକାର ହେଇ ଯାଇଥିଲା ।

ସେ କେତେଥର ଭାବିଛି ଥରେ ଯାଇ ଦେଖନ୍ତା, ଖରାବର୍ଷାକୁ ଛାତିପାତି ଦେଇ ପୁଅ ତା'ର କୋଉଠି ବେପାର ପସରା ଖୋଲିଛି । କେମିତି ପିଆଜ, ଲଙ୍କା, ଆଚାର, ବାରମଜା, ସିଝାସୋଲା, ମିଶେଇ ମସଲା ମୁଢ଼ି ତିଆରି କରୁଛି । ଗରାଖଙ୍କ ମନ ଜିଣି ନଉଛି । ଆଜି ଏତେ ଦିନକେ ଆସିଚି ଯେତେବେଳେ ଥରେ ତା' ନିଶ୍ଚୟ ଦେଖିବି । ଛୁଆଟା ଭଲ ହେଇଯାଉ ଆଗ ।

ଦିନ ଦ୍ୱିପ୍ରହର ବେଳକୁ ସେମାନେ ଆସି ପହଞ୍ଚିଯାଇଥିଲେ । ସଦର ହାସ୍‌ପାତାଲ୍ ସାମ୍ନାରେ । ଶୁଖିଲା ମ୍ରିୟମାଣ ମୁହଁଟି ମାନ ଧରି ସେଠି ଆତଯାତ ହଉଥିବା ଲୋକଙ୍କର ଗହଳି ଭିତରେ ଜଣେ ହେଇ ଛିଡ଼ା ହେଇଥିଲେ । କେଜାଣି କେତେବେଳେ ଏ ଅବସ୍ଥାରେ ଛିଡ଼ା ହେବା ପରେ ସେଠି ସରକାରୀ ବାବୁ ଜଣେ ଆସି ତାଙ୍କ ସାମ୍ନାରେ ଛିଡ଼ା ହେଲେ । ସେ ତାଙ୍କ ବା ହାତରେ ପିନ୍ଧିଥିବା ହାତ ଘଣ୍ଟାଟିକୁ ଆର ହାତରେ ବାରମ୍ବାର ସଜାଡୁ ଥିଲେ । ସତେ ଯେମିତି ସେ ସମୟକୁ ସାମ୍ନା କରିବାର ସାହସ ଜୁଟାଉ ଥିଲେ । ବହୁ ସମୟ କାଟିବା ପରେ ସେ ହୁଏତ ନିଜକୁ ପ୍ରସ୍ତୁତ କଲେ । ଜଗା ବାପାଙ୍କର ଗୋଟିଏ ବାହୁକୁ ଜାବୁଡ଼ି ଧରି କହିଲେ, "ମଉସା ଧୈର୍ଯ୍ୟ ଧରିବ । ତମେ ବାପ । ମାଉସୀଙ୍କୁ ସମ୍ଭାଳିବ । ଛାତିକୁ ଭିଡ଼ି ଦିଅ । ଶୁଣ, ପୁଅ ତମର ଆଉ ନାହିଁ ।"

ଶବ୍ଦମାନେ ବିସ୍ଫୋରଣ କରନ୍ତି କି?? ବୋଧହୁଏ କରନ୍ତି । କାରଣ ଠିକ୍ ଏବେ କୁହାଯାଇଥିବା କେତୋଟି ଶବ୍ଦ ଯୋଡ଼ିଏ ନିରାଶ୍ରୟ ବାପାମାଆଙ୍କୁ ଗୁଣ୍ଡ ଗୁଣ୍ଡ କରି ଚୂନା କରିବା କେଇଟା କାପାସିଟର୍ ବେଶୀ ସମୟ ନେଇ ନଥିଲା । ସରକାରୀ ବାବୁଜଣଙ୍କ ଆଉରି କ'ଣ କ'ଣ କହୁଥିଲେ- "ସେଇଟା ଗୋଟାଏ ସାଢ଼େ ଚାରି ଟନ୍ କାପାସିଟର୍ ଅଣ୍ଡରଗ୍ରାଉଣ୍ଡ ଏଲ୍‌ପିଜି ଟ୍ୟାଙ୍କ । ସେଠି କ'ଣ ଛିଡ଼ା ହେଇ ବେପାର କରିବା କଥା । ଏ ଦୁର୍ଘଟଣାରେ ପରା କେତେ ବଡ଼ ବାବୁଙ୍କର କୋଠାବାଡ଼ିର ଗୁଡ଼ାଏ କ୍ଷତି ହୋଇଯାଇଛି ।"

ମାତ୍ର ସେସବୁ ଏଇ ଦୁଇ ସର୍ବହରାଙ୍କୁ ଆଦୌ ଶୁଭୁ ନ ଥିଲା । ସେମାନଙ୍କର ମନେ ହଉଥିଲା ସତେ ଯେମିତି ତାଙ୍କ ପାଦ ତଳେ ମାଟି ଧସି ହେଇଯାଉଛି ।

ଏବଂ ବିଧାତାର ଅଦୃଶ୍ୟ ହାତ ସେମାନେ ଦୁହିଁକୁ ଧରଣୀ ଗର୍ଭକୁ ଟାଣି ନଉଛି । ଏହା ସେମାନଙ୍କ ଶେଷଦିନ । ଏବଂ ସେଦିନ ଯେତେବେଳେ ଗଭୀର ରାତିର କାଳିମା ଚିରି ଗାଁ ମଶାଣିପଦାରେ ଲେଲିହାନ ଶିଖା ତେଜି ଜୁଇଟିଏ ଜଳିଥିଲା । ସେତେବେଳେ ଚାରିପାଖର ନିର୍ଜନତାକୁ ବିଦୀର୍ଣ୍ଣ କରି ଶୁଭିଥିଲା ନିଃସ୍ୱ ମାଆଟିର କରୁଣ ବିଳାପ – "କୁଆଡ଼େ ଗଲୁରେ ମୋ ନାରାୟଣ, ମୋ ଗଣ୍ଠିଧନ । ମତେ କାଙ୍ଗାଲୁଣୀ କରି କୁଆଡ଼େ ଚାଲିଗଲୁରେ ମୋ ଅନ୍ଧ ଲଉଡ଼ି !!"

ଯଦି ତମ ପାଖରେ ଏକାନ୍ତ ମନଟି ଥିବ, ତାହାଲେ ସେ ସ୍ୱର ଶୁଣି ତମେ ବି କହିବ ଅକିଞ୍ଚନ, ନିର୍ଦ୍ଧନଙ୍କ ପାଇଁ ସୁଖ ସ୍ୱପ୍ନ ପର୍ଯ୍ୟନ୍ତ ପହଞ୍ଚିଥିବାର ରାସ୍ତା ଏତେ ସହଜ ନୁହଁ । କାରଣ ତାଙ୍କ ପାଇଁ ସେ ରାସ୍ତାରେ ଗୋଟାଏ ବିରାଟ କାନ୍ଥ ଯୁଗ ଯୁଗ ଧରି ରହି ଆସିଛି, ଆଜି ବି ଅଛି । ■




ଜଗନ୍ନାଥ ସାହି, ଇନ୍ଦିରା ଗାନ୍ଧୀ ମହିଳା କଲେଜ ପାଖ
ଚାନ୍ଦିନୀ ଚୌକ, କଟକ-୨
ମୋ: ୯୪୩୭ ୬୦୪୨୮୦

## ପତ୍ରିକା ପରିଚୟ

### ପଞ୍ଚବଟୀ

**ସଂପାଦକ : ସୁଶାନ୍ତ କୁମାର ନାୟକ**



ପଞ୍ଚବଟୀ ନଗର, ୨ୟ ଲେନ୍
ରାୟଗଡ଼ା- ୭୬୫୦୦୧
ମୂଲ୍ୟ: ୩୦୦ ଟଙ୍କା

ବୃହତ୍ କଳେବର ନେଇ ସୁଶାନ୍ତ କୁମାର ନାୟକଙ୍କ ସଂପାଦନାରେ ପ୍ରକାଶ ପାଇଛି 'ଆମ ପଞ୍ଚବଟୀ'ର ଶାରଦୀୟ ବିଶେଷାଙ୍କ-୨୦୨୫ । ଓଡ଼ିଶାର ବହୁ ପ୍ରତିଷ୍ଠିତ କବି, କଥାକାର, ପ୍ରାବନ୍ଧିକ, ଗୀତିକବିଙ୍କ ସୃଜନ ସମ୍ଭାରରେ ସମୃଦ୍ଧ ହୋଇଛି 'ପଞ୍ଚବଟୀ'ର ଏହି ସଂଖ୍ୟାଟି । 'କାହାଣୀ' ବିଭାଗରେ ବିଭୂତି ପଟ୍ଟନାୟକ, ଗୌରହରି ଦାସ, ଜୟନ୍ତୀ ରଥ, କୃପାସାଗର ସାହୁ, ରବି ପଣ୍ଡା, ତରୁଣ କୁମାର ସାହୁ, ରାଜ୍ୟବର୍ଦ୍ଧନ ଧଳ ମହାପାତ୍ର, କାଶୀନାଥ ନନ୍ଦୀ ପ୍ରମୁଖ କଥାକାରଙ୍କ ଗଳ୍ପରେ ସାମାଜିକ ବାସ୍ତବତା, ମାନବୀୟ ଭାବାବେଗ, ମଣିଷର ଦ୍ୱନ୍ଦ୍ୱ, ସଂଘର୍ଷ, ଜୀବନ ଯନ୍ତ୍ରଣାର କଥା ପ୍ରତିଫଳିତ ହୋଇଛି । ସେହିପରି କବିତା ବିଭାଗରେ ଫନୀ ମହାନ୍ତି,ବଂଶୀଧର ମହାନ୍ତି, ଅମରେଶ ପଟ୍ଟନାୟକ, ଭଗବାନ ଜୟସିଂହ, ଗାୟତ୍ରୀବାଳା ପଣ୍ଡା, ରକ୍ଷକ ନାୟକ, ପ୍ରୀତିଧାରା ସାମଲ ପ୍ରମୁଖଙ୍କ କବିତାରେ ମଣିଷ ମନର କଥା ଓ ବ୍ୟଥା ମାର୍ମିକ ଭାବେ ଚିତ୍ରିତ ହୋଇଛି । ପ୍ରବନ୍ଧ ବିଭାଗରେ ଡକ୍ଟର ସଂଘମିତ୍ରା ମିଶ୍ର, ଅଭୟ ଦ୍ୱିବେଦୀ, ଡକ୍ଟର ବିଜୟାନନ୍ଦ ସିଂହ, ଡକ୍ଟର ଫଣୀନ୍ଦ୍ର ଭୂଷଣ ନନ୍ଦ ପ୍ରମୁଖଙ୍କ ପ୍ରବନ୍ଧଗୁଡ଼ିକ ଉଚ୍ଚକୋଟୀର ଓ ତଥ୍ୟ ଭିତ୍ତିକ ହୋଇଛି । ସେହିପରି ସାକ୍ଷାତକାର, ସ୍ମୃତି ଅନୁଭୂତି, ଅନୁବାଦ ଗଳ୍ପ, ଫିଚର, ଗୀତି କବିତା ଆଦି ପ୍ରତିଟି ବିଭାଗ ମନଛୁଆଁ ହୋଇଛି । 'ପଞ୍ଚବଟୀ'ର ଶାରଦୀୟ ବିଶେଷାଙ୍କ ପାଠକୀୟ ଆଦୃତି ଲାଭ କରିବ ବୋଲି ଆଶା କରାଯାଏ । ■

### ଶୋଭନା

**ସଂପାଦକ : ବିଧୁଭୂଷଣ ପଟ୍ଟନାୟକ**



କ୍ୱାର୍ଟର ନଂ: ୨ ଆର୍‌ଏଚ-୬୦,
ୟୁନିଟ୍- ୯
ଭୁବନେଶ୍ୱର-୨୨
ମୂଲ୍ୟ: ୧୫୦ ଟଙ୍କା

ମହିଳା ପତ୍ରିକାର ନବଦିଗନ୍ତ 'ଶୋଭନା' ଉତ୍ସବ ବିଶେଷ ପ୍ରକାଶ ପାଇଛି । ବିଧୁଭୂଷଣ ପଟ୍ଟନାୟକଙ୍କ ସଂପାଦନାରେ ପ୍ରକାଶିତ 'ଶୋଭନା'ର ଏହି ସଂଖ୍ୟାଟି ଓଡ଼ିଆ ସାହିତ୍ୟର ବହୁ ବରିଷ୍ଠ ଓ ଯୁବ କଥାକାରଙ୍କ ଗଳ୍ପରେ ପରିପୁଷ୍ଟ ହୋଇଛି । ବିଭୂତି ପଟ୍ଟନାୟକଙ୍କ 'ତମେ କେବେ ଆସିବ ନୟନା!', ତରୁଣକାନ୍ତି ମିଶ୍ରଙ୍କ 'ଆଗନ୍ତୁକ', ବନଜ ଦେବୀଙ୍କ 'ଫୁଲ ମନ ବୁଝେ', ଦାଶ ବେନହୁରଙ୍କ 'ବ୍ରହ୍ମରାକ୍ଷସ', ପରେଶ କୁମାର ପଟ୍ଟନାୟକଙ୍କ 'ସେମାନେ ହସୁଥିଲେ', ଶ୍ୟାମା ପ୍ରସାଦ ଚୌଧୁରୀଙ୍କ 'ପେଣ୍ଟିଂ', ସରୋଜିନୀ ସାହୁଙ୍କ 'କାଳପୁରୁଷ', କ୍ଷୀରୋଦ ଦାସଙ୍କ 'ମୋକ୍ଷ', ମଳୟ ମିଶ୍ରଙ୍କ 'ଧୂମକେତୁ', ସୁପ୍ରିୟା ପଣ୍ଡାଙ୍କ 'କ୍ରୁଶବିଦ୍ଧ ଅଠାବନ', ରବି ପଣ୍ଡାଙ୍କ 'ଭଗ୍ନାବଶେଷ', ରାଜ୍ୟବର୍ଦ୍ଧନ ଧଳ ମହାପାତ୍ରଙ୍କ 'ମନ ଦହନ', ଗିରୀଶ ସାହୁଙ୍କ 'କବିର ବ୍ୟଥା' ଗଳ୍ପଗୁଡ଼ିକରେ ସାଂପ୍ରତିକ ମଣିଷର ଜୀବନ ଯନ୍ତ୍ରଣା, ଭାବାବେଗ, ସଂଘାତ ଓ ସଂଘର୍ଷ, ଆଶା ଓ ଆକାଂକ୍ଷା ବଳିଷ୍ଠ ଭାବେ ଚିତ୍ରିତ ହୋଇଛି । କାହାଣୀ ମାଧ୍ୟମରେ ମଣିଷର ମନର ବେଦନାବୋଧକୁ କଥାକାରମାନେ ଅତି ସମ୍ବେଦନଶୀଳ ଭାବେ ପ୍ରକାଶ କରିଛନ୍ତି । ସେହିପରି ଯୁବ କଥା ପ୍ରଦୀପ ନାୟକ, ବିରଜା ରାଉତରାୟ, ଜାକିର ଖାନ୍, ଲିପ୍‌ସା ପଟେଲ, ଭାଗିରଥୀ ବେହେରା, ମାତୃଦତ୍ତ ମହାନ୍ତି, ସମରେନ୍ଦ୍ର ବଳିୟାରସିଂହ ପ୍ରମୁଖଙ୍କ ଗପଗୁଡ଼ିକ ମଧ୍ୟ ମନଛୁଆଁ ହୋଇଛି । 'ଶୋଭନା' ବିଶେଷ ଉତ୍ସବର କାହାଣୀଗୁଡ଼ିକ ପାଠକମାନଙ୍କ ମନକୁ ଛୁଇଁ ପାରିବ ବୋଲି ଆଶା କରାଯାଏ । ■

# ମୋ ମା'ର ଉପାସ



କେଦାର ମିଶ୍ର

ଆଠକାଳି ବାରମାସୀ ମୋ ମା'ର ଉପାସ ।

ଅସୁମାରି ତା'ର ଓଷାବ୍ରତ
କେବେ ଏକାଦଶୀ, କେବେ ସଂକ୍ରାନ୍ତି
କେବେ କେଉଁ ଈଶ୍ୱର ଜନ୍ମ ନେଇଥିଲେ କେଉଁଠି
ହଜାର ବର୍ଷ ପରେ ମୋ ମା'
ଈଶ୍ୱରଙ୍କର ଜନ୍ମଦିନ ପାଳୁଛି
ଭୋକ ଉପାସରେ ଏଇଠି ।

ଅନ୍ନରେ ନୁହେଁ ଅନାହାରରେ ଗଢ଼ା
ମୋ ମା'ର ପିଣ୍ଡ
ତା' ପେଟରେ ଭୋକ ବଦଳରେ ପୁଣ୍ୟ
ତା' ଆଖିରେ ଜଗତର
ସବୁ ସବୁ ମଙ୍ଗଳ ବିଧାନ ।

ବେଳେ ବେଳେ ମୋତେ ଲାଗେ
ମୁଁ ଇ ମୋ' ମା'ର ଅପରାଧୀ
ମୋ ଲାଗି ତା'ର କେତେ କେତେ
କାଷ୍ଠା ଓ ନିର୍ଜଳା ଉପବାସ
ମୋ'ଠୁ ବେଶି ଅପରାଧୀ ମୋର ବାପା

ଯିଏ ଚାଳିଶ ବର୍ଷ ତଳୁ ପାଉଁଶ ହୋଇଗଲେଣି ମଶାଣିରେ
ତଥାପି ସେ ମୋ ମା'ର ପେଟରେ ଭୋକ ହୋଇ ଜଳୁଥାନ୍ତି
ପ୍ରତି ମାସ ବିଧବା ଉପାସରେ, ଏକାଦଶୀରେ ।

ମୋତେ ଦେବୀ ଦେବତାମାନେ ଘଣ୍ଟ ଘୋଡ଼େଇ ରଖନ୍ତୁ ବୋଲି
ନିରବଚ୍ଛିନ୍ନ ତା'ର ଉପାସ ଓ ଉପାସନା
ମୁଁ କିନ୍ତୁ ସନ୍ଦେହ କରି ଆସିଛି
ସବୁ ଦେବତାମାନଙ୍କୁ
ମୁଁ ଚିରକାଳ ଈଶ୍ୱରଙ୍କ ବିପକ୍ଷରେ ଠିଆ ହୋଇଥିବା କବି
ମୋ ମା' କିନ୍ତୁ ଈଶ୍ୱରଙ୍କ ଆଗରେ
ମୋତେ ଜୀବନ ଦେଉଥିବା
ଉପାସୀ ଦେହର ଦେବୀ । ■

ବିନୋଦିନୀ ନିବାସ, ୨୬୫/୧୭୩୬ ଏ
ଶାସ୍ତ୍ରୀ ନଗର, ୟୁନିଟ -୪, ଭୁବନେଶ୍ୱର-୧

# ଘର





ସୂର୍ଯ୍ୟସ୍ନାତ ତ୍ରିପାଠୀ

"ଘରଟିଏ ଗଢିବାର ଅଛି..."

ଏଇ ଗୋଟିଏ ସ୍ୱପ୍ନକୁ
ମାଂସଳ କୁଜଟିଏ ଭଳି
ପିଠିରେ ବୋହି, ସମୟର
ତତଲା ବାଲିରେ ଚାଲି ଆସିଲିଣି
କାହିଁ କେତେ ବାଟ!

ଏବେ, ଉତ୍ତରାକାଶରେ ଚମକୁଛି
ଯେଉଁ ଧ୍ରୁବତରା, ବୋଉର ଆଖିଦାଢ଼ରେ
ସେ ଢଳ ଢଳ ମୋତିଟିଏ ମାତ୍ର...

(ମାତ୍ର? ହାୟ,
ଏ ବହପ ଜିଭର...)

ବୋଉ ହୁଏତ ଜାଣେ ନାହିଁ,
ତା' ଓଠର ଧାରେ ଓଦା ହସ ପାଇଁ
ଖରାଠୁ ଲୁଚେଇ ମୁଁ ସାଇତି ରଖିଛି
ସବୁତକ ଶୋଷ ମୋର

ସେ ଜାଣେ ନାହିଁ,
ତା' କୋଳରେ ଏ ସଂସାରର
ଶେଷ ମରୁଝର!

ଓ ମରୀଚିକା?
ମରୀଚିକା ତ ବାହାନା କେବଳ,
ମୃତ୍ୟୁମୁହାଣକୁ ଏ ଯାତ୍ରା ମୋର!

ସେଇଠି ସ୍ୱପ୍ନଭଙ୍ଗ,
ସେଇଠି ହୃଦଟିଏ ବହଳ
ରକ୍ତର... ■

ସିଦ୍ଧେଶ୍ୱରପୁର, କଟକ

## ମୁଁ କାହିଁକି ଲେଖେ

# "ମୋର ପ୍ରିୟ ପୃଥିବୀର ଋଣ ଶୁଝିବାକୁ ଲେଖୁଛି"



ଚିରଶ୍ରୀ ଇନ୍ଦ୍ରସିଂ

ମୋର ପ୍ରତି ମୁହୂର୍ତ୍ତର ବଞ୍ଚି ରହିବା, ଚାରିପଟର ମଣିଷମାନଙ୍କୁ କୌତୂହଳର ସହ ଦେଖିବା କେବଳ ମଣିଷ ନୁହେଁ, ମାନବେତର ଜୀବ ଜଗତକୁ ବୁଝିବାକୁ ଆଗ୍ରହ ରଖିବା, କଳ୍ପନାର ଉଡ଼ାଣ ଲଗାଇ ଦେଖି ପାରୁ ନଥିବା ବିଶ୍ୱବ୍ରହ୍ମାଣ୍ଡ ସହିତ ଯୋଡ଼ି ହୋଇ ରହିବାକୁ ଇଚ୍ଛା କରିବା, ନିଜର ସତ୍ତା ଓ ଅନ୍ୟ ଅନେକଙ୍କର ସମ୍ଭାବନାର, ସମୃଦ୍ଧିର, ସୁଖର ବାଟ ଓଗାଳି ଠିଆ ହୋଇଥିବା ଅନ୍ୟାୟ, ଅନୀତି, ଅନ୍ଧବିଚାର ଓ ବିଶ୍ୱାସମାନଙ୍କୁ ପ୍ରଶ୍ନ କରିବା, ଭିତରର ନାନା ଭୀରୁତା, ଭୟ, କ୍ରୋଧ ଓ କାରୁଣ୍ୟ ସତ୍ତ୍ୱେ ଆପାତତଃ ସ୍ୱାଭାବିକ ଜୀବନ ଯାତ୍ରା ଜାରି ରଖିବାର ଅଭିନୟ କରିବା - ଏମିତି ନାନା କଥା ସହ ଛନ୍ଦାଛନ୍ଦି ହୋଇ ରହିଛି ମୋର ଲେଖାଲେଖିର ଗୁମର ।

ସମାଜ ଓ ସାମାଜିକ ଘଟଣା ସବୁକୁ ମୁଁ ଦେଖିଛି ଖୋଲା ଆଖିରେ । ଆପ୍ରାଣ ଚେଷ୍ଟା କରିଛି କ୍ଷମତା ଓ ଖ୍ୟାତିର ଖାତା ଖତିୟାନ ଭରି ରହିଥିବା ଖମାର ଘର ପାଖରେ ନିଉଛାଳି ହୋଇ ଠିଆ ନହେବା ପାଇଁ । ମୋ ଗାଁ, କୈଶୋରରେ ବାପାଙ୍କ ସହ ତାଙ୍କର ଚାକିରି ଜାଗାମାନଙ୍କରେ ପାଠ ପଢ଼ିଥିବା ବିଦ୍ୟାଳୟ ଓ ସରକାରୀ କ୍ୱାର୍ଟର୍ସ ସବୁର ପରିବେଶ, ମୋର ଚାକିରି ଜାଗା, ବିଭିନ୍ନ ଅବସରରେ ଭେଟିଥିବା କିଛି ଅସାଧାରଣ ଚରିତ୍ର, ମୋର ପରିଚିତ ଓ ପ୍ରିୟ ମଣିଷମାନେ, ମୋର ଜୀବନ ବଞ୍ଚିବାର ଅନୁଭୂତି ଓ ମୋର ସ୍ୱପ୍ନ ପ୍ରବଣତା- ଏସବୁ ମୋର ଲେଖାଲେଖିରେ ରହନ୍ତୁ ବୋଲି ମୁଁ ଇଚ୍ଛା କରିଛି । ରାତି ଅଧରେ, ସେତେବେଳେ ବିଜୁଳି ସଂଯୋଗ ହୋଇ ନଥିବା ମୋର ପଲ୍ଲୀ ଗାଁରେ,ଯେଉଁଠି ଥିଲା ଗଡ଼ଜାତି ମେଘ-ରାତିର ଅନ୍ଧାର ସେମିତି ସମୟରେ କେବେ କେବେ ମୋ ବୋଉ ଏକୁଟିଆ ମନକୁ ମନ ଗାଉଥିଲା 'ପ୍ରଣୟବଲ୍ଲରୀ', 'କୀଚକବଧ', 'ଚିଲିକା' ବା 'ଧୂପ'ର ପଦ ପରେ ପଦ । ସେଇ ଶିହରଣ ମିଶି ଯାଇଚି ମୋର ପ୍ରାଣ-ପବନରେ ଓ ମୁଁ ବି କବିତା ଗୁଣୁଗୁଣୁ ହୋଇଛି । ପଦ ଯୋଡ଼ିଛି, ସ୍ୱର ଖଞ୍ଜିଛି । ଲୋଡ଼ିଛି ବ୍ୟାକୁଳ ଭାବରେ, କବିତାରେ ରହୁ ବୋଲି ମୋର ଭଲ ପାଇବା, ମୋର ଭାବଅଭାବ, ମୋର ବିଦ୍ରୋହ ଓ ମୋର ବିଭୋରପଣର ବିନ୍ୟାସ ଓ ବିଳାସ ।

ବହୁତ ସାନ ବୟସରେ, ପଞ୍ଚମ ଷଷ୍ଠ ଶ୍ରେଣୀ ବେଳକୁ କବିତା ଲେଖିବା ଆରମ୍ଭ କରିଥିଲି । ଦୁଇ ତିନି ଧାଡ଼ି ଲେଖିସାରିଲା ବେଳକୁ ଅନାବନା କରି, ପାଦ ତଳେ ଫୁଟି ଯାଉଥିଲା ସତେ କି ଶହେ ଭାର ପଦ୍ମ । ଖୁସି, କେବଳ ଖୁସି । ସେ ଖୁସିର ତୁଳନା ନାହିଁ, ବିକଳ୍ପ ନାହିଁ । ଜାଣେ, ସେ ଖୁସି ଆଉ ଥରେ ଜୀବନକୁ ଫେରି ଆସିବାର ନାହିଁ । ସେଇ ଖୁସିକୁ କିନ୍ତୁ ମୁଁ ଏବେ ବି ଖୋଜେ, ଖୋଜୁଥାଏ ।

ଘରେ ବାପାବୋଉ ଅନେକ ପତ୍ରପତ୍ରିକା କିଣନ୍ତି । ଗାଁକୁ ଗଲେ ଛୁଟିରେ, ସନ୍ଧ୍ୟାରେ ପଢ଼ିବାକୁ ପଡ଼େ ଭାଗବତ । ଛପା ଅକ୍ଷରରେ ପୁରାଣ ହେଉ କି ପ୍ରେମକଥା, ମନରେ ଲୋଭ ଜଗାଏ । ମୋର ଗୀତ ବି ଛପା ହେଉ । ପଠେଇ ଦିଏ କେବେ କେବେ ଡାକରେ । କଟକ,ଭୁବନେଶ୍ୱର ଅନେକ ଦୂର । ଛପା ହେଲା କି ନାହିଁ ଜଣାପଡ଼େନି । ପୋଷ୍ଟକାର୍ଡରେ ଚିଠି ପହଞ୍ଚିଛି କେତେ ଥର ଭଲ ଲାଗିଲା ଗୀତ । କୋଉ ପତ୍ରିକା, କ'ଣ, କିଛି ଜଣାପଡ଼େ ନାହିଁ । ଦିନେ ଦେଇଗଲା ଡାକବାଲା - 'କୁନିକଥା' । ଭିତରେ ମୋର ଛପା ଅକ୍ଷରରେ ଲେଖା କବିତା - 'ଟିକି ଦିଅଁ ମୋର ଟିକି ଦିଅଁ' । ସେଦିନ ମୁଁ ଦ୍ୱିଜ ହେଲି, ଜନ୍ମ ନେଲି ଆଉ ଥରେ ।

ମୋ ବୋଉ ମୋର ଶବ୍ଦର ଠାକୁରାଣୀ । ଅତି ସାଧାରଣ ଘରକରଣା ଭିତରେ କେମିତି ଜଣେ ଶବ୍ଦ ଓ ସ୍ୱରର ବିଭବ ଓ ବିଚିତ୍ରତାକୁ ନିଜ ବ୍ୟକ୍ତିତ୍ୱରେ ଧାରଣ କରି ରାଜରାଣୀ ପରି ବଞ୍ଚେ, ବଞ୍ଚିପାରେ- ସେ ତା'ର ଉଜ୍ଜ୍ୱଳ ଉଦାହରଣ । ତା' ପରି ସହଜ ଖୁସି ଓ ସହଜ କଥା ନୁହେଁ ମୋ ପାଇଁ ଲେଖାଲେଖି । ମୋ କାମଟି ନିଜକୁ ଦର୍ପଣରେ ଦେଖିବାର ସହଜ ସ୍ମିତ ନୁହେଁ, ଏ କାମରେ ଅନ୍ୟର ମୁହଁ ପାଖରେ ବି କେବେକେବେ ମୁଁ ଥୋଇ ଦିଏ ଦର୍ପଣ, ଏ କାମରେ ଭଲ କଥାକୁ ଭୁଲ ବୁଝିବାର ଭୟ ଥାଏ, ଥାଏ ବି ଦର୍ପଣ ପଛପଟରୁ ପାରଦ ଖସି ଯାଇଥିବାର ବିକଳ ବିଡ଼ମ୍ବନା ।

ପେଟ ପୋଷିବା ପାଇଁ ମୁଁ ରାଜନୀତି ବିଜ୍ଞାନ ପ୍ରତିଦିନ ପଢ଼ାଏ । ରାଜନୀତି ବିଜ୍ଞାନ ଶାସ୍ତ୍ରଟିକୁ ଧର୍ମାଚାର ପରି ପ୍ରତିଦିନ ପଢ଼ିଛି ବୋଲି କହି ପାରିବି ନାହିଁ । କିନ୍ତୁ ଏଇ ସମାଜଶାସ୍ତ୍ର ସମାଜକୁ ବୁଝିବାରେ ମତେ ସାହାଯ୍ୟ କରିଛି । ମୋର ରହିବା ଜାଗା ସବୁ ଏମିତି ଯେ, ସେଠୁ ଗାଁ ବି ଦିଶେ, ସହର ବି ଦିଶେ । ଗାଁ ସବୁ ଦ୍ରୁତ ଗତିରେ ଧାଇଁ ଥାଆନ୍ତି ସହର ମୁହାଁ । ଆଧୁନିକ ଜୀବନର ବାସ୍ତବତା, ଦୁନିଆଁର ଦୂଷଣ, ସୌଜନ୍ୟ ଓ ସୀମାବଦ୍ଧତାର ସଚେତନତା, ଭଲପଣର ଅସହାୟତା ଇତ୍ୟାଦିକୁ ଦେଖୁଥାଏ ମୁଁ । ଯାହା ଭାବିଛି, ଯାହା କହିବାକୁ ଚାହିଁଛି, କିଛି ଦଶନ୍ଧି ତଳେ ସବୁ କଥା କହିପାରିନି, ତେବେ ନିଜର କୁଣ୍ଠା ସବୁକୁ ଅତିକ୍ରମ କରିବାକୁ ଚେଷ୍ଟା କରିଛି ଅକ୍ଳାନ୍ତ । ଅନ୍ୟ କାହର ଚଷମା ପିନ୍ଧି ଦେଖି ନାହିଁ ଘଟଣାମାନଙ୍କୁ କି ନିଜକୁ । ଯୋଉଠି ଯାହା ଯେମିତି ଲୋଡ଼ା ପଡ଼ିଛି, ସେଇଭଳି ଭାଷା, ଶୈଳୀ, ବର୍ଣ୍ଣନା ଓ ଶବ୍ଦ ଖୋଜି ଆଣିବାକୁ ଅଣ୍ଟା ଭିଡ଼ି ବାହାରି ପଡ଼ିଛି । କଞ୍ଚା, ନିରୁତା, ଆଟୋପହୀନ, ଆଡ଼ମ୍ବରହୀନ ଅଥଚ ଜୀବନର ପାଖାପାଖି ରଖିବାକୁ ଚାହିଁଛି ମୋର ଅନୁଭବ- ମୋର ପାଠକମାନଙ୍କ ପାଖରେ ।

ପୃଥିବୀ ବଦଳି ଚାଲିଛି । ରାଜନୀତିର ବାମ, ଡାହାଣ ଓ ମଧ୍ୟମ ପନ୍ଥାର ପାଗଳାମୀ, ମହାବାତ୍ୟା, ମହାମାରୀ, ତୃତୀୟ ଲିଙ୍ଗ ବିଚାର, ଜଗତୀକରଣ- କେତେ ବିରୋଧାଭାଷ, ବିକଳ୍ପ ଓ ବିଭିନ୍ନତା । ନିଜେ ନାରୀ ହୋଇଥିବାରୁ ଏସବୁ ଭିତରେ ନାରୀର କଥା, ସୀମାନ୍ତରିତ ମଣିଷମାନଙ୍କର କଥା ଆସିଛି ମୋ ଲେଖାଲେଖି ଭିତରକୁ । ଯଥାସମ୍ଭବ ଏଡ଼େଇ ଯାଇଛି ଉତ୍ତାପ ଓ ଉତ୍ତେଜନା ଭରା କେଉଁ ଗୋଠଛଡ଼ା କଥାକୁ ଗୁରୁତ୍ୱ ଦେବା ।

ନାନାଦି ଦୁଃଖରେ ଭରା ମଣିଷର ଜୀବନ । ଅଳ୍ପ ମଣିଷ ବହୁ ମଣିଷଙ୍କୁ ଦୁଃଖ ପାଇବାର କାରଣ ହୁଅନ୍ତି । ମଣିଷଙ୍କୁ ଭଲ ପାଇ ସାହିତ୍ୟ ଲେଖିବାକୁ ଗଲେ ସେଇ ଦୁଃଖର ତୋଡ଼ ବି ଛାତିରେ ବାଜେ । ଦୋଷୀ ଦୋଷୀ ଲାଗେ ବୁଝି ପାରିଲାରୁ ଯେ, ଦ୍ରୋହ ଓ ଦରଦକୁ ଧରି ରଖିବାକୁ ଅକୁଳାଣ ହେଉଛି ମୋର ସାମର୍ଥ୍ୟ!

ଜୀବନରେ ଓ ଜଗତରେ ଅନେକ କ୍ଷତ ଚିହ୍ନ ।

କ୍ଷତିରେ ଚାଲିଛି ସମୟ ।

ନିଜକୁ ଯଦି ପଚାରୁଛି ଯେ, କାହିଁକି ମୁଁ ଲେଖୁଛି (ଏ ପ୍ରଶ୍ନର ଉତ୍ତର ଦେବାକୁ ମୁଁ ଏଡ଼େଇ ଯାଇଛି ବହୁ ଥର । ଭୟ ଲାଗିଛି ଯେ, ନିଜ ବିଷୟରେ କହିବା ହେଇପାରେ ଅତିଶୟୋକ୍ତି, ହେଇ ବି ପାରେ କୁଣ୍ଠିତ ଅର୍ଦ୍ଧସତ୍ୟ) ମତେ ଲାଗୁଛି ଯେ ସମୟର ପଲାରେ କିଛି ଭଲ ଅନୁଭବ ରଖିଦେବା ପାଇଁ ମୁଁ ଲେଖୁଛି । କ୍ଷତମାନଙ୍କରେ ଛୁଆଁଇ ଦେବା ପାଇଁ ଭଲ ପାଇବାର ମଲମ ଓ ସାହାଯ୍ୟ କରିବାକୁ ମଣିଷକୁ ଓହ୍ଲେଇ ଦେବାକୁ ତା' ଆଖିରୁ ଅନ୍ଧାର, ଲେଖୁଛି ମୁଁ । ମୋର ପ୍ରିୟ ପୃଥିବୀର ଋଣ ଶୁଝିବାକୁ ଲେଖୁଛି ମୁଁ, ଲେଖୁଛି ନିଜେ ବଞ୍ଚି ରହିଛି ବୋଲି ବୁଝି ପାରିବା ପାଇଁ । ■

ଅଡ଼ଶପୁର, କଟକ
ପିନ୍:୭୫୪୦୧୧
ମୋ:୮୦୧୮୪୨୦୫୧୭

### ମାନସିକ ଭିନ୍ନକ୍ଷମ ମହିଳାଙ୍କୁ ଟ୍ରକ୍ ଚାଳକର ଅପହରଣ

# ଭଦ୍ରକରୁ ପୀଡ଼ିତା ଉଦ୍ଧାର; ଝୁମ୍ପୁରାରୁ ଟ୍ରକ୍ ସହ ଅଭିଯୁକ୍ତ ଗିରଫ



ଭଦ୍ରକ, ୪।୧୦ (ସମିସ): ବିଳମ୍ବିତ ରାତ୍ରିରେ ଭଦ୍ରକ ଚରମ୍ପାରୁ ଜଣେ ମାନସିକ ଭିନ୍ନକ୍ଷମ ମହିଳାଙ୍କୁ ଅପହରଣ କରିନେବା ଅଭିଯୋଗରେ ଭଦ୍ରକ ପୁଲିସ ଅଭିଯୁକ୍ତ ଟ୍ରକ୍ ଚାଳକ ଏମ୍.ଡି ସଦ୍ଦାମ ହୁସେନକୁ ଗିରଫ କରିଛି। ତା' ଘର ବିହାର ଅଞ୍ଚଳରେ। ଏହାସହ ପୁଲିସ୍ ଭଦ୍ରକ-ବନ୍ତ ରାସ୍ତା ରାନ୍ଦିଆ ଛକ ରାସ୍ତା କଡ଼ରୁ ପୀଡ଼ିତା ମହିଳାଙ୍କୁ ଉଦ୍ଧାର କରିଛି। ମାନସିକ ଭିନ୍ନକ୍ଷମ ମହିଳାଙ୍କୁ ସେ ଦୁଷ୍କର୍ମ କରିବା ପରେ ରାସ୍ତାକଡ଼ରେ ଫିଙ୍ଗି ଦେଇଥିବା ପୁଲିସ୍ ସନ୍ଦେହ କରୁଛି। ଉଭୟଙ୍କ ଡାକ୍ତରୀ ମାଇନା କରାଯିବା ପରେ ଏହା ସ୍ପଷ୍ଟ ହେବ। ଭଦ୍ରକ ଅତିରିକ୍ତ ଏସ୍‌ପି ଅରୂପ ଅଭିଷେକ ବେହେରା ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦେଇଛନ୍ତି।

ଗତ ୨ ତାରିଖ ରାତି ପ୍ରାୟ ୧୨ଟା ୫୦ରେ ବର୍ଷା ଦାଉରୁ ରକ୍ଷା ପାଇବାକୁ ରାସ୍ତାକଡ଼ରେ ଜଣେ ମାନସିକ ଭିନ୍ନକ୍ଷମ ମହିଳା ଏକୁଟିଆ ଛିଡ଼ା ହୋଇଥିଲେ। ଏହି ସମୟରେ ଟ୍ରକ୍ ନେଇ ସେହି ବାଟ ଦେଇ ଯାଉଥିବା ସଦ୍ଦାମ ତାଙ୍କୁ ଟେକିନେଇ ଟ୍ରକ୍‌ରେ ଅପହରଣ କରିଥିଲା। ହେଲେ, ଏହାର ଦୃଶ୍ୟ ସ୍ଥାନୀୟ ଏକ ସିସିଟିଭିରେ କଏଦ୍ ହୋଇଯାଇଥିଲା। ସକାଳୁ ସୋସିଆଲ ମିଡିଆରେ ଏହି ଦୃଶ୍ୟ ଘୂରି ବୁଲିବା ପରେ ପୁଲିସ୍ ବିଭିନ୍ନ ସ୍ଥାନରେ ଚଢ଼ଉ ଆରମ୍ଭ କରିଥିଲା। ଗତକାଲି ବିଳମ୍ବିତ ରାତ୍ରିରେ ଅଭିଯୁକ୍ତକୁ କେନ୍ଦୁଝର ଝୁମ୍ପୁରାରୁ ଗିରଫ କରିବାକୁ ସକ୍ଷମ ହୋଇଥିଲା। ପୁଲିସ ବ୍ୟବହୃତ ଟ୍ରକକୁ ଜବତ କରିବା ସହ ଅଭିଯୁକ୍ତକୁ କୋର୍ଟଚାଲାଣ କରିଛି। ଅନ୍ୟପଟେ ମାନସିକ ଭିନ୍ନକ୍ଷମ ମହିଳାଜଣଙ୍କ ପଶ୍ଚିମବଙ୍ଗରେ ବୋଲି ଜଣାପଡ଼ିଛି। ସେ ଘଟଣାକୁ ନେଇ କୌଣସି ସ୍ପଷ୍ଟ କଥା କହୁ ନଥିଲେ ମଧ୍ୟ ତାଙ୍କ ସହ ଦୁଷ୍କର୍ମ ହୋଇଥିବା ସନ୍ଦେହ କରାଯାଇଛି। ସେହିଭଳି ପାରିପାର୍ଶ୍ୱିକ ସ୍ଥିତି ଓ ଡାକ୍ତରୀ ରିପୋର୍ଟ ଅନୁଯାୟୀ ପୁଲିସ ତଦନ୍ତ ଆରମ୍ଭ କରିଥିବା ଅତିରିକ୍ତ ଏସ୍‌ପି ଶ୍ରୀ ବେହେରା କହିଛନ୍ତି। ଏନେଇ ଟ୍ରକ୍ ମାଲିକ ଚିତ୍ତରଞ୍ଜନ ପ୍ରଧାନ କହିଛନ୍ତି, ଗତ ୩ମାସ ହେବ ଅଭିଯୁକ୍ତ ତାଙ୍କ ଟ୍ରକ୍ ଚଳାଉଥିଲା।

### ■ ଗରିବଙ୍କ ଅର୍ଥ ଆତ୍ମସାତ୍ କରି ପୋଷ୍ଟମାଷ୍ଟର ଫେରାର୍

# ଓଭରସିଅରଙ୍କୁ ଅଟକ ରଖିଲେ ଜମାକାରୀ



ବାରିପଦା, ୪।୧୦ (ସମିସ): ବାଙ୍ଗିରିପୋଷି ଥାନା ଅଧୀନ ଅସନା ପୋଷ୍ଟ ଅଫିସ୍‌ର ପୋଷ୍ଟମାଷ୍ଟର ବିନୋଦ ନାଏକ ସ୍ଥାନୀୟ ଗ୍ରାମବାସୀଙ୍କ ୧୦ଲକ୍ଷରୁ ଉର୍ଦ୍ଧ୍ୱ ଜମା ଟଙ୍କା ନେଇ ଫେରାର୍ ହୋଇଯିବାକୁ ମାସେ ବିତିଗଲାଣି। କିନ୍ତୁ ଏଯାଏ ପୁଲିସ କିମ୍ବା ଡାକ ବିଭାଗ ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବା ତ ଦୂରର କଥା, ତାଙ୍କ ଟେର୍ ମଧ୍ୟ ପାଇନାହିଁ। ଏହାକୁ ନେଇ ଜମାକାରୀଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବାରେ ଲାଗିଛି। ଏହାର ପ୍ରତିବାଦରେ ଆଜି ଜମାକାରୀମାନେ ପୋଷ୍ଟାଲ ମେଲ ଓଭରସିଅର୍ ଅଶୋକ କୁମାର ଦେଙ୍କୁ ଅଟକ ରଖିଥିଲେ। ଶ୍ରୀ ଦେ ଅଭିଯୋଗ ଶୁଣିବାକୁ ଆସିଥିବା ବେଳେ ଜମାକାରୀମାନେ ତାଙ୍କ ହାତ ବାନ୍ଧି ଅଟକ ରଖିଥିଲେ। ଖବର ପାଇ ପୁଲିସ ଘଟଣାସ୍ଥଳରେ ପହଞ୍ଚି ଉତ୍ତ୍ୟକ୍ତ ଲୋକଙ୍କୁ ବୁଝାସୁଝା କରିବା ସହ ପ୍ରତିଶ୍ରୁତି ଦେବା ପରେ ପରିସ୍ଥିତି ଶାନ୍ତ ପଡ଼ିଥିଲା। ପରେ ପୁଲିସ ଶ୍ରୀ ଦେ'ଙ୍କୁ ଉଦ୍ଧାର କରିଥିଲା। ତେବେ ଶୀଘ୍ର ଟଙ୍କା ଫେରସ୍ତ ନ ପାଇଲେ ଆଗକୁ ଆନ୍ଦୋଳନ ତୀବ୍ର ହେବ ବୋଲି ସମେ଼ାନେ ଚେତାବନୀ ଦେଇଛନ୍ତି ଜମାକାରୀ।

ସୂଚନାଯୋଗ୍ୟ, ଫେରାର୍ ପୋଷ୍ଟମାଷ୍ଟର୍ ଶ୍ରୀ ନାଏକ ଗରିବ ଆଦିବାସୀ ଜମାକାରୀଙ୍କର ପ୍ରାୟ ୧୦ଲକ୍ଷରୁ ଅଧିକ ଟଙ୍କା ନେଇ ଫେରାର୍ ହୋଇଯାଇଛନ୍ତି। ଏ ସଂପର୍କରେ ସେପ୍ଟେମ୍ବର ୫ତାରିଖରେ ବାଙ୍ଗିରିପୋଷି ଥାନାରେ ବିଭାଗ ପକ୍ଷରୁ ଲିଖିତ ଅଭିଯୋଗ ହୋଇଥିଲା।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବଡ଼ବଡ଼ିଆଙ୍କୁ ହାତ...

ଲିମିଟେଡ୍ ଟେଣ୍ଡର ପାଇଥିବା ବେଳେ କେଉଁ ପରିସ୍ଥିତିରେ ସିଲିକନ୍ ଟେକ୍‌ଲାବ୍ ପ୍ରାଇଭେଟ୍ ଲିମିଟେଡ୍‌କୁ ସବ୍ କଣ୍ଟ୍ରାକ୍ଟ ଦେଲା ଓ ସିଲିକନ୍ ଟେକ୍‌ଲାବ୍ କିପରି ପଞ୍ଚସଫ୍ଟକୁ ସବ୍ କଣ୍ଟ୍ରାକ୍ଟ ଦେଇଛି, ତାହା ସନ୍ଦେହଘେରରେ। ଏହି ସବ୍‌ଲେଟିଂ ଘଟଣା ସମ୍ପର୍କରେ ଓପିଆର୍‌ବିକୁ ସୂଚନା ମିଳିଥିଲା କି ନାହିଁ ଓ ଯଦି ମିଳିଥିଲା, ତେବେ ସରକାରଙ୍କ କେଉଁ ନିର୍ଦ୍ଦେଶ ବଳରେ ଓପିଆର୍‌ବି ଏହି ଅନୁମତି ଦେଇଥିଲା ତାହା ମଧ୍ୟ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଚାକିରି ବିକ୍ରି ଘଟଣାରେ ସିଲିକନ୍ ଓ ପଞ୍ଚସଫ୍ଟର ପ୍ରତ୍ୟକ୍ଷ ସମ୍ପୃକ୍ତି ରହିଥିବା ପ୍ରାଥମିକ ତଦନ୍ତରୁ ସୂଚନା ମିଳିଛି। ମାତ୍ର ସିଲିକନ୍‌ର ନିର୍ଦ୍ଦେଶକ ସୁରେଶ ଚନ୍ଦ୍ର ନାୟକ, ସଂଗ୍ରାମ କେଶରୀ ମହାନ୍ତି, ଶାଶ୍ୱତୀ ମିଶ୍ର, ଶ୍ରୀନିବାସଭେଙ୍କଟରମଣା ଇରାଙ୍କି ଓ ସମୀର କୁମାର ରଥ, ପଞ୍ଚସଫ୍ଟର ନିର୍ଦ୍ଦେଶକ ଥିବା ଶଙ୍କର ପୃଷ୍ଟି ଓ ଦିପ୍ତିମୟୀ ସାହୁଙ୍କ ବିରୋଧରେ କୌଣସି ପଦକ୍ଷେପ ନିଆଯାଇ ପାରିନାହିଁ। ଘଟଣାକୁ ୫ଦିନ ଅତିକ୍ରମ କରିଥିଲେ ମଧ୍ୟ ପୁଲିସ୍ ପକ୍ଷରୁ କୌଣସି ଦୃଢ଼ ପଦକ୍ଷେପ ନିଆଯାଇ ପାରିନି। ଚାକିରି ବିକ୍ରି ଘଟଣାରେ ବହୁ ବଡ଼ବଡ଼ିଆଙ୍କ ହାତ ଥିବାରୁ ତଦନ୍ତ ବାଟବଣା ହେଉଥିବା ଅଭିଯୋଗ ହୋଇଛି।

ଅନୁସନ୍ଧାନରୁ ଜଣାପଡ଼ିଛି ଯେ ୯୩୩ଟି ଏସ୍‌ଆଇ ପଦ ମଧ୍ୟରୁ ପ୍ରାୟ ୫୦୦ ପଦ ବିକ୍ରି କରିବା ପାଇଁ ଷଡ଼ଯନ୍ତ୍ର ହୋଇଥିଲା ଏବଂ ଏଥିପାଇଁ ସାରା ରାଜ୍ୟରେ ଚାକିରି ଦଲାଲମାନଙ୍କୁ ସକ୍ରିୟ କରାଯାଇଥିଲା। ଗଞ୍ଜାମଠାରୁ ଆରମ୍ଭ କରି ବାଲେଶ୍ୱର, ବଲାଙ୍ଗିର ଓ ମାଲକାନଗିରି ପର୍ଯ୍ୟନ୍ତ ଜାଲ ବିଛାଇ ପରୀକ୍ଷାର୍ଥୀ ଯୋଗାଡ଼ କରିଥିଲେ। ବୌଦ୍ଧ ଜିଲ୍ଲା ବୁଟୁପାଲିର ପ୍ରଭୁଦତ୍ତ ମହାରଣା ଓ ତାଙ୍କ ସାନ ଭାଇ ସମ୍ୟକ ମହାରଣା ଟଙ୍କା ଦେଇ ଚାକିରି କରିବାକୁ ଉଦ୍ୟମ କରିଥିବା ବେଳେ ବଲାଙ୍ଗିର ଜିଲ୍ଲା ମୁରିବାହାର ଥାନା ପତ୍ରାପାଲିର ମୁନ୍‌କି ରାଜପଲିଆ ଓ ତାଙ୍କ ସ୍ୱାମୀ ପ୍ରହ୍ଲାଦ ନାଗ ମଧ୍ୟ ଧରାପଡ଼ିଛନ୍ତି। ସେହିପରି ଏକାଧିକ ରାଜନୈତିକ ବ୍ୟକ୍ତି ମଧ୍ୟ ଚାକିରି କରିବା ପାଇଁ ଯାଉଥିବା ବେଳେ ଧରାପଡ଼ିଛନ୍ତି। କଟକ ଜିଲ୍ଲାରୁ ସର୍ବାଧିକ ୩୩ଜଣ ଆଶାୟୀ ପ୍ରାର୍ଥୀ ଧରାପଡ଼ିଥିବାବେଳେ ଗଞ୍ଜାମରୁ ୨୫, ଢେଙ୍କାନାଳରୁ ୧୨, ଖୋର୍ଦ୍ଧାରୁ ୯, ବରଗଡ଼ରୁ ୭, ନୟାଗଡ଼ରୁ ୫, ପୁରୀରୁ ୪, ବୌଦ୍ଧ ଓ କେନ୍ଦ୍ରାପଡ଼ାରୁ ୩ ଲେଖାଏଁ ଏବଂ ସୋନପୁର, ଭଦ୍ରକ, ଯାଜପୁର, ବାଲେଶ୍ୱର, କଳାହାଣ୍ଡି ଓ ବଲାଙ୍ଗିରରୁ ୨ ଜଣ ଲେଖାଏଁ ଆଶାୟୀ ଧରା ପଡ଼ିଛନ୍ତି। ସେହିପରି ଅନୁଗୋଳ, କେନ୍ଦୁଝର, ରାୟଗଡ଼ା ଓ ନୂଆପଡ଼ାରୁ ଜଣେ ଲେଖାଏଁ ପ୍ରାର୍ଥୀ ବନ୍ଧା ହୋଇଛନ୍ତି।

### ଆଶାୟୀଙ୍କ ମଧ୍ୟରେ ଦମ୍ପତି ଓ ଦୁଇ ଭାଇ

ଗିରଫ ପରୀକ୍ଷାର୍ଥୀଙ୍କ ମଧ୍ୟରେ ଜେଲ୍ ବିଭାଗର ଜଣେ ପୂର୍ବତନ ଡିଆଇଜିଙ୍କ ପୁଅ ଓ ଜଣେ ଅବସରପ୍ରାପ୍ତ ଏସ୍‌ପିଙ୍କ ପୁଅ ଥିବା ସୂଚନା ମିଳିଛି। ସେହିପରି ଗିରଫ ହୋଇଥିବା ୧୧୮ ଆଶାୟୀଙ୍କ ମଧ୍ୟରେ ବଲାଙ୍ଗୀର ମୁରିବାହାଲ ଥାନା ଅଞ୍ଚଳର ପ୍ରହ୍ଲାଦ ନାଗ ଓ ତାଙ୍କ ପତ୍ନୀ ମୁନକୀ ରାଜପାଲିଆ ରହିଥିବା ସୂଚନା ମିଳିଛି। ଚାକିରି ପାଇଁ ଉଭୟଙ୍କ ସହ ୩୦ ଲକ୍ଷ ଟଙ୍କା ଲେଖାଏଁ ଡ଼ିଲ୍ ହୋଇଥିବା ଅସମର୍ଥିତ ସୂତ୍ରରୁ ସୂଚନା ମିଳିଛି। ପ୍ରହ୍ଲାଦଙ୍କ ପତ୍ନୀ ମୁନକୀ ଗତ ପଞ୍ଚାୟତ ନିର୍ବାଚନରେ ପତ୍ରାପାଲି ପଞ୍ଚାୟତ ପାଇଁ ସମିତି ସଭ୍ୟ ଭାବେ ନିର୍ବାଚନ ମଧ୍ୟ ଲଢ଼ିଥିଲେ। ସେହିପରି ବୌଦ୍ଧର ଦୁଇଭାଇ ମଧ୍ୟ ପୁଲିସ ଚାକିରି ପାଇଁ ଟଙ୍କା ଦେଇ ଗିରଫ ହୋଇଛନ୍ତି।

### ଭସାଣିରେ ଗୋଷ୍ଠୀ...

୩ କନେଷ୍ଟବଲଙ୍କ ମୁଣ୍ଡ ଫାଟିଥିବା ଜଣାପଡ଼ିଛି। ଘଟଣାସ୍ଥଳରେ କମିଶନର ଏସ୍. ଦେବଦତ୍ତ ସିଂ ଏବଂ ଅତିରିକ୍ତ କମିଶନର ନରସିଂହ ଭୋଳ ପହଞ୍ଚି ଆଇନଶୃଙ୍ଖଳା ପରିସ୍ଥିତି ଉପରେ ନଜର ରଖିଛନ୍ତି। ସେଠାରେ ୨କମ୍ପାନୀ ଫୋର୍ସ ମୁତୟନ କରାଯାଇଛି। ଅନ୍ୟପକ୍ଷରେ କଟକ ସହର ଏବଂ ପାର୍ବଣ ପରିଚାଳନାରେ ଅଭିଜ୍ଞତା ଥିବା ଦାୟିତ୍ୱସମ୍ପନ୍ନ ପୁଲିସ ଅଧିକାରୀଙ୍କୁ ଭସାଣି ଶୋଭାଯାତ୍ରାରେ ନିୟୋଜିତ କରା ନଯିବାରୁ ଏଭଳି ଭୟାନକ ଗଣ୍ଡଗୋଳ ଘଟିଥିବା କୁହାଯାଉଛି। ବିଶେଷକରି ପୁଲିସ ଉଚ୍ଚ କର୍ତ୍ତୃପକ୍ଷଙ୍କ ତ୍ରୁଟିପୂର୍ଣ୍ଣ ଭସାଣି ପରିଚାଳନା ଗଣ୍ଡଗୋଳର ପ୍ରମୁଖ କାରଣ ବୋଲି ଚର୍ଚ୍ଚା ଜୋର୍ ଧରିଛି। ଅନ୍ୟପଟେ ସୋସିଆଲ୍ ମଡିଆରେ ଏହି ଗଣ୍ଡଗୋଳ ଘଟଣାକୁ ନେଇ ପରସ୍ପର ମଧ୍ୟରେ ଆକ୍ଷେପ ଓ ପ୍ରତିଆକ୍ଷେପ କରାଯାଉଥିବା ବେଳେ ପୁଲିସ ପାଇଁ ଏହା ଚିନ୍ତା ବଢ଼ାଇ ଦେଇଛି।

ପୁଲିସ ସୂଚନା ଅନୁସାରେ, ଗତକାଲି ରାତି ପ୍ରାୟ ୨ଟାରେ ଝାଞ୍ଜିରମଙ୍ଗଳା ଭାଗବତ ପୂଜା କମିଟିର ପ୍ରତିମା ଶୋଭାଯାତ୍ରାରେ ବାହାରି ବିସର୍ଜନ ପାଇଁ ଦେବୀଗଡ଼ା ଅଭିମୁଖେ ଯାଉଥିଲା। ଶୋଭାଯାତ୍ରାରେ ବାଜୁଥିବା ନିର୍ଦ୍ଦିଷ୍ଟ ଗୀତକୁ ଦରଘାବଜାର ଅଞ୍ଚଳରେ ସ୍ଥାନୀୟ କିଛି ଲୋକ ବିରୋଧ କରିଥିଲେ। ଏହାପରେ ଦରଘାବଜାର ଜେଲ୍ ରୋଡ୍‌ର ଏକ ନିର୍ଦ୍ଦିଷ୍ଟ ଦିଗରୁ ହଠାତ୍ କାଚ ବୋତଲ ଓ ଢେଲା ପଥର ମାଡ଼ ହୋଇଥିଲା। ଶୋଭାଯାତ୍ରାକାରୀ ମଧ୍ୟ ଢ଼େଲା ପଥର ମାଡ଼ କରିଥିଲେ। ଫଳରେ ଗୋଷ୍ଠୀ ସଂଘର୍ଷର ସୂତ୍ରପାତ ହୋଇ ଏହା ଭୟଙ୍କର ରୂପ ଧାରଣ କରିଥିଲା। ଘଟଣାସ୍ଥଳ ରଣକ୍ଷେତ୍ରରେ ପରିଣତ ହୋଇଥିଲା। ସେଠାରେ ଥିବା ଗାଡ଼ି ମୋଟର ଭାଙ୍ଗିରୁଜି ଯାଇଥିଲା। କିଛି ସମୟ ପରେ ପରିସ୍ଥିତି ଶାନ୍ତ ପଡ଼ିବା ପରେ ମଧ୍ୟ ଉତ୍ତେଜନା ଲାଗି ରହିଥିଲା। ରାଉସାପାଟଣା ମେଢ଼ ଆସିବା ବେଳେ ଦରଘାବଜାର ଅଞ୍ଚଳରେ ପୁଣି ଢେଲା ପଥର ମାଡ଼ ହୋଇଥିଲା। ପରିସ୍ଥିତି ଅଣାୟତ୍ତ ହୋଇପଡ଼ିବାରୁ ପୁଲିସ ଲାଠିଚାର୍ଜ କରିବାକୁ ବାଧ୍ୟ ହୋଇଥିଲା। ପୁଲିସର ମାଡ଼ରେ ଗଣ୍ଡଗୋଳକାରୀ ଛତ୍ରଭଙ୍ଗ ଦେଇଥିଲେ। ଉଭୟ ଗୋଷ୍ଠୀଙ୍କ ପକ୍ଷରୁ ଛକାପଞ୍ଝା ଲାଗି ରହିଥିଲା। ପୁଲିସ ଭୟରେ ଉଭୟ ଗୋଷ୍ଠୀ ଗଣ୍ଡଗୋଳରୁ ନିବୃତ୍ତ ରହିଥିଲେ। ତଥାପି ଉତ୍ତେଜନା କମି ନଥିଲା। ଏହି ଗଣ୍ଡଗୋଳରେ ଊଣାଅଧିକେ ୩୦ରୁ ଅଧିକ ଶୋଭାଯାତ୍ରାକାରୀ ଓ ଜନସାଧାରଣ ଆହତ ହୋଇଥିବା ସୂଚନା ମିଳିଛି।

କଟକ ଇତିହାସରେ ଭସାଣି ଶୋଭାଯାତ୍ରାରେ ଏଭଳି ବଡ଼ଧରଣର ଭୟଙ୍କର ଗୋଷ୍ଠୀ ସଂଘର୍ଷ ଘଟିନଥିଲା। ଏହି ଗଣ୍ଡଗୋଳ ପ୍ରତିବାଦରେ ଶୋଭାଯାତ୍ରାରେ ଆସୁଥିବା ଲୋକ ରାସ୍ତା ଉପରେ ଧାରଣାରେ ବସିବା ସହ ଭସାଣ ଶୋଭାଯାତ୍ରା ବନ୍ଦ କରି ଦେଇଥିଲେ। ବିସର୍ଜନ ନ ହୋଇ ଅନେକ ମେଢ଼ ରାସ୍ତା ଉପରେ ଅଟକି ରହିଥିଲା। ଆଜି ପୁଲିସର ସ୍ୱତନ୍ତ୍ର ସୁରକ୍ଷାବଳୟ ମଧ୍ୟରେ ସମସ୍ତ ମେଢ଼କୁ ଦେବୀଗଡ଼ାରେ ବିସର୍ଜନ କରାଯାଇଛି। ସେହିପରି ନିମ ସାହିରେ ରାଉସପାଟଣା ଦୁର୍ଗା ମେଢ଼ ଅଟକି ରହିଥିଲା। ଗତ ରାତିରେ ଆକ୍ରମଣକୁ ନେଇ ଆଜି ଶତାଧିକ ପୂଜା କମିଟି ସଦସ୍ୟ ଧାରାଣାରେ ବସି ରହିଥିଲେ। ଆଜି ପୁଲିସ ବୁଝାସୁଝା କରିବା ପରେ ସେମାନେ ଧାରଣାରୁ ଉଠିଥିଲେ। ଏହି ଘଟଣାର ଉଚ୍ଚସ୍ତରୀୟ ତଦନ୍ତ କରାଯିବା ଏବଂ ଗଣ୍ଡଗୋଳକାରୀଙ୍କ ବିରୋଧର ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ପାଇଁ ସାଧାରଣରେ ଦାବି ହେଉଛି। ଅନ୍ୟପଟେ ଏଭଳି ନିନ୍ଦନୀୟ ଘଟଣାର ଦୃଢ଼ ନିନ୍ଦା କରି ଆସନ୍ତା ସୋମବାର କଟକ ବନ୍ଦ ଡାକରା ଦେଇଛି ବିଶ୍ୱ ହିନ୍ଦୁ ପରିଷଦ। ଗଣ୍ଡଗୋଳକାରୀଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ପରିଷଦ ଦୃଢ଼ ଦାବି କରିଛି। ଏହି ବନ୍ଦକୁ ବିଜେପି ସମର୍ଥନ କରିଛି।

### ୪ ଦିନ ହେଲା...

ପୂରା ଠପ୍ ହୋଇଟିବାର ଆଶଙ୍କା ରହିଛି। ବିଭିନ୍ନ ଦେଶ ଉପରେ ଟ୍ରମ୍ପଙ୍କ ଅତ୍ୟଧିକ ଶୁଳ୍କ ନୀତି ଯୋଗୁଁ ଆମେରିକାର ଅର୍ଥନୀତି ସଙ୍କଟ ଦେଇ ଗତି କରୁଥିବା ବେଳେ 'ସଟ୍ ଡାଉନ୍' ପରିସ୍ଥିତିକୁ ଆହୁରି ବିଗାଳି ଦେବ। ତେବେ ବର୍ତ୍ତମାନ ଯେଉଁ ସଙ୍କଟ ସୃଷ୍ଟି ହୋଇଛି, ସେଥିରେ ବିଶେଷ କରି ଅଣ-ଅତ୍ୟାବଶ୍ୟକ ସେବା ବନ୍ଦ ହୋଇଯାଇଛି। ଯେଉଁ ସରକାରୀ କର୍ମଚାରୀଙ୍କ କାମ ଅତ୍ୟାବଶ୍ୟକ ସେବାରେ ଯାଉନି, ସେମାନଙ୍କୁ ଛୁଟିରେ ଯିବାକୁ କୁହାଯାଇଛି। ଦେଶରେ ସମସ୍ତ ପାର୍କ ଓ ମ୍ୟୁଜିୟମ ବନ୍ଦ ହୋଇଯାଇଛି। ଅନେକ ସରକାରୀ ଅନୁଦାନ ପ୍ରାପ୍ତ ଶିକ୍ଷାନୁଷ୍ଠାନ ମଧ୍ୟ ବନ୍ଦ ହୋଇଯିବ। ବିକାଶମୂଳକ କାମରେ ଲାଗିଥିବା ଠିକା ସଂସ୍ଥା ସେମାନଙ୍କର କାମ ବନ୍ଦ କରିଦେଇଛନ୍ତି। ପାସପୋର୍ଟ ଓ ଭିସାରେ ନିୟୋଜିତ ଅଧିକାଂଶ କର୍ମଚାରୀଙ୍କୁ ଛୁଟିରେ ଯିବାକୁ କୁହାଯାଇଥିବାରୁ ଏହି ସେବା ମଧ୍ୟ ବାଧାପ୍ରାପ୍ତ ହୋଇଛି। ପାସପୋର୍ଟ ଏବଂ ଭିସା ସେବା ଜାରି ରହିଥିଲେ ମଧ୍ୟ ଏହି ପ୍ରକ୍ରିୟା ବିଳମ୍ବିତ ହେଉଛି। ଏବେ ସମସ୍ତ ଗବେଷଣା ପ୍ରକଳ୍ପକୁ ମଧ୍ୟ ବନ୍ଦ କରି ଦିଆଯାଇଛି। କେବଳ ଏତିକି ନୁହେଁ, ଦେଶର ମହାକାଶ ଗବେଷଣା ସଂସ୍ଥା 'ନାସା'କୁ ମଧ୍ୟ ବର୍ତ୍ତମାନ ପାଇଁ ବନ୍ଦ କରିଦିଆଯାଇଛି। କେବଳ ଉପଗ୍ରହ ଓ ମହାକାଶରେ ଥିବା କେନ୍ଦ୍ରକୁ ଚାଲୁ ରଖିବା ପାଇଁ କ୍ରିଟିକାଲ ଅପରେସନ୍ ଜାରି ରହିବ। ହସପିଟାଲ ଭଳି ଅନେକ ଅତ୍ୟାବଶ୍ୟକ ସେବା ଜାରି ରହିଥିଲେ ମଧ୍ୟ କର୍ମଚାରୀଙ୍କୁ ଏବେ ଦରମା ମିଳିବାର ସମ୍ଭାବନା କମ୍ ବୋଲି କୁହାଯାଉଛି।

### ବିମାନବନ୍ଦରରୁ ପୁଣି...

ଏହିଭଳି ନିଶାଦ୍ରବ୍ୟ ଚାଲାଣ ହେଉଛି। କଷ୍ଟମ ବିଭାଗ ଯଦିଓ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁଛି। ତଥାପି ଆହୁରି ଅନେକ ନିଶାଦ୍ରବ୍ୟ ଚାଲାଣକାରୀ ଖସିଯାଉଥିବାର ସନ୍ଦେହ କରାଯାଉଛି। ଗତ ଅଗଷ୍ଟ ୨୩ ତାରିଖରେ ମଧ୍ୟ ଭୁବନେଶ୍ୱର ବିମାନବନ୍ଦରରୁ କଷ୍ଟମ୍ ଅଧିକାରୀମାନେ ୪ କୋଟି ଟଙ୍କାର ନିଷିଦ୍ଧ ଡ୍ରଗ୍ସ ମାରିଜୁଆନା ଜବତ କରିଥିଲେ। ବ୍ୟାଙ୍କକରୁ ଭୁବନେଶ୍ୱର ଆସିଥିବା ପ୍ରେମୀଯୁଗଳଙ୍କଠାରୁ ଏହା ଜବତ ହୋଇଥିଲା। ବିମାନରେ ଜଣେ ଯୁବକ ଓ ଜଣେ ଯୁବତୀ ନିଶାଦ୍ରବ୍ୟ ଆଣୁଥିବା ସଂପର୍କରେ ଗୁଇନ୍ଦା ସୂଚନା ମିଳିବା ପରେ କଷ୍ଟମ୍ ଅଧିକାରୀମାନେ ଚେକିଂ କରିଥିଲେ। ପ୍ରକାଶଯୋଗ୍ୟ ଯେ, ବିଜୁ ପଟ୍ଟନାୟକ ଅନ୍ତର୍ଜାତୀୟ ବିମାନବନ୍ଦରରୁ ଅଗଷ୍ଟ ମାସରେ ମାସ ୮ କୋଟି ଟଙ୍କାର ବିଦେଶୀ ଗଞ୍ଜେଇ (ମାରିଜୁଆନା) ଜବତ ହୋଇଥିଲା। ଥାଇଲାଣ୍ଡରୁ ଇଣ୍ଡିଗୋ ବିମାନରେ ଆସୁଥିବା ବେଳେ ରାଜସ୍ୱ ଗୁଇନ୍ଦା ନିର୍ଦ୍ଦେଶାଳୟ (ଡିଆର୍‌ଆଇ) ହାବୁଡ଼ରେ ପଡ଼ିଥିଲା ଏହି ଉତ୍କଟ ନିଶାଦ୍ରବ୍ୟ। ଗୁଜୁରାଟ ଅହମଦାବାଦର ଜଣେ ଯୁବକଙ୍କୁ ଏହି ମାମଲାରେ ଅଟକ ରଖିଥିଲା କଷ୍ଟମ୍ ବିଭାଗ। ଏହି ଘଟଣାର ଦୁଇଦିନ ପୂର୍ବରୁ ବିମାନବନ୍ଦରରୁ ୩୦ କୋଟିର ମାରିଜୁଆନା ଜବତ ହୋଇଥିଲା। ସେହିପରି ଗତ ଜୁଲାଇ ୩୦ ତାରିଖରେ ଭୁବନେଶ୍ୱର ବିମାନବନ୍ଦରରୁ ୩୦ କେଜି ମାରିଜୁଆନା ଜବତ କରାଯାଇଥିବା ବେଳେ ଉତ୍ତରପ୍ରଦେଶର ୩ ଜଣ ଯୁବକ ଗିରଫ ହୋଇଥିଲେ। ପୁଣି ଥରେ ମାରିଜୁଆନା ଚାଲାଣ ଘଟଣା ପଦାକୁ ଆସିବା ପରେ ଭୁବନେଶ୍ୱରକୁ ନିଶା ହବ୍ ପରିଣତ କରିବା ପାଇଁ ଅନ୍ତର୍ଜାତୀୟ ସ୍ତରରେ ଚକ୍ରାନ୍ତ ଚାଲିଥିବା ସ୍ପଷ୍ଟ ହୋଇଛି।

### ■ ପାଟଣାଗଡ଼ ପାର୍ସଲ ବୋମା ବିସ୍ଫୋରଣ ମାମଲା

# ନିମ୍ନ ଅଦାଲତଙ୍କ ରାୟକୁ ଚାଲେଞ୍ଜ କରି ହାଇକୋର୍ଟରେ ପୁଞ୍ଜିଲାଲ

କଟକ, ୪।୧୦(ସମିସ): ବହୁଚର୍ଚ୍ଚିତ ପାଟଣାଗଡ଼ ପାର୍ସଲ ବୋମା ବିସ୍ଫୋରଣର ମୁଖ୍ୟ ଅଭିଯୁକ୍ତ ପୁଞ୍ଜିଲାଲ ମେହେର ନିମ୍ନ ଅଦାଲତଙ୍କ ରାୟକୁ ଚାଲେଞ୍ଜ କରି ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ଗତ ମେ' ୨୮ ତାରିଖରେ ପାଟଣାଗଡ଼ ଅତିରିକ୍ତ ଦୌରାଜଜ୍ ଏହି ଘଟଣାରେ ଏକମାତ୍ର ଅଭିଯୁକ୍ତ ପୁଞ୍ଜିଲାଲଙ୍କୁ ଦୋଷୀ ସାବ୍ୟସ୍ତ କରି ଯାବତ୍‌ଜୀବନ ଜେଲ ଦଣ୍ଡାଦେଶ ପ୍ରଦାନ କରିଥିଲେ। ମୃତ୍ୟୁ ପର୍ଯ୍ୟନ୍ତ ଜେଲରେ ରହିବା ସହ ୫୦ ହଜାର ଟଙ୍କା ଜରିମାନା ପ୍ରଦାନ ପାଇଁ ରାୟ ଦେଇଥିଲେ। ଏହାକୁ ଚାଲେଞ୍ଜ କରି ପୁଞ୍ଜିଲାଲ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ସୂଚନାଯୋଗ୍ୟ ଯେ ୨୦୧୮ ଫେବୃଆରୀ ୨୩ରେ ପାଟଣାଗଡ଼ସ୍ଥିତ ଏକ ବିବାହ ଭୋଜିରେ ଉପହାର ପାର୍ସଲ ବୋମା ବିସ୍ଫୋରଣରେ ନବବିବାହିତ ସୌମ୍ୟଶେଖର ସାହୁ ଓ ତାଙ୍କ ଜେଜେ ମା' ଜେମାମଣିଙ୍କ ମୃତ୍ୟୁ ହୋଇଥିଲା। ମୁଖ୍ୟ ଅଭିଯୁକ୍ତ ଭଇଁସା କଲେଜରେ ଇଂରାଜୀ ଅଧ୍ୟାପକ ପୁଞ୍ଜିଲାଲ ମେହେର ଏହି ଘଟଣା ଘଟାଇଥିଲେ। ତାଙ୍କୁ କ୍ରାଇମବ୍ରାଞ୍ଚ ଗତ ୨୦୧୮ ଏପ୍ରିଲ ୨୫ରେ ଗିରଫ କରିଥିଲା ବେଳେ ଏହି ଘଟଣାରେ ତାଙ୍କ ଜାମିନ ଆବେଦନ ଏକାଧିକବାର ଖାରଜ ହୋଇଥିଲା।


**ପୂର୍ବ ତଟ ରେଳପଥ**

ଟେଣ୍ଡର ସଂ. ETCECONIIBBS2025040, ତା. 12.09.2025 ରିଖ ର

**ଶୁଦ୍ଧିପତ୍ର-1**

ଉପରେ ଉଲ୍ଲିଖିତ ଟେଣ୍ଡର ବିଜ୍ଞପ୍ତି ସଂଖ୍ୟା ର ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟରେ ଆବଶ୍ୟକ ରୂପାନ୍ତରଣ କରାଯାଇଅଛି ।

| ପ୍ରକାଶିତ ଅନୁଯାୟୀ | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|
| 14.10.2025, 1200 ଘଟିକା | 24.10.2025, 1200 ଘଟିକା |

ଶୁଦ୍ଧିପତ୍ର ସମ୍ବନ୍ଧୀୟ ସମ୍ପୂର୍ଣ୍ଣ ବିବରଣୀ ନିମନ୍ତେ ଦୟାକରି www.ireps.gov.in ଅବଲୋକନ କରନ୍ତୁ । ଅନ୍ୟ ସମସ୍ତ ନିୟମ ଏବଂ ସର୍ତ୍ତାବଳୀ ଅପରିବର୍ତ୍ତିତ ରହିବ ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର

PR-122/CI/25-26

**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ.MCS/Stores/E-Procure/ Tender Notice/Coupler/339, ତା.23.09.2025ରିଖ

ଟେଣ୍ଡର ସଂ.92255842, ସାମଗ୍ରୀଗୁଡ଼ିକର ବିବରଣୀ: RDSO ବିନିର୍ଦ୍ଦେଶ ସଂ RDSO/2011/CG-03 (ସଂଶୋଧନ-3) ଜାନୁଆରୀ, 2019 ଅନୁଯାୟୀ ଭାରତୀୟ ରେଳପଥର ବୋର୍ଡ଼ ଗେଜ୍ (BG) ପାସେଞ୍ଜର କୋଚ୍ ଗୁଡ଼ିକର ଫିଟମେଣ୍ଟ ନିମନ୍ତେ AAR H ହେଡ୍ ଏବଂ ବାଲାନ୍ସ ଡ୍ରାଫ୍ଟ ଗିଅର (Head and Balanced Draft Gear) ସହିତ ହାଇ ଟେନ୍ସାଇଲ ଟାଇଟ୍ ଲକ୍ ସେଣ୍ଟର ବଫର କପଲର (High Tensile Tight Lock Centre Buffer Coupler), ପରିମାଣ: 100 ଗୋଟି ।

ଆନୁମାନିକ ମୂଲ୍ୟ(ଟଙ୍କାରେ): 2,44,26,000/-, EMD (ଟଙ୍କାରେ): 4,88,520/- ।

ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ: ତା.22.10.2025ରିଖ 1500 ଘଟିକାରେ ।

ଇ-ଟେଣ୍ଡର ନଥିପତ୍ର ସହିତ ସଂପୂର୍ଣ୍ଣ ବିବରଣୀ ୱେବ୍‌ସାଇଟ୍ http://www.ireps.gov.in ରେ ଉପଲବ୍ଧ ।

ଉପ ମୁଖ୍ୟ ସାମଗ୍ରୀ ପ୍ରବନ୍ଧକ/ ରେଳ ଡବା ମରାମତି କାରଖାନା, ମଞ୍ଚେଶ୍ୱର

PR-653/Q/25-26

**ହଜିଛି**

ମୁଁ, ପୂଜା ଅଗ୍ରୱାଲ, ପିତା: ୰ ଅଶୋକ କୁମାର ଅଗ୍ରୱାଲ, ସା: ଗୋଶାଳା, ପୋ.: କଳାମାଟି, ଜିଲ୍ଲା: ସମ୍ବଲପୁର, ଓଡ଼ିଶା। ପୂଜା ଅଗ୍ରୱାଲ, ପବନ କୁମାର ଅଗ୍ରୱାଲ, ରଞ୍ଜୁ ଅଗ୍ରୱାଲ ନାମରେ ଥିବା ମୂଳ ବିକ୍ରୟ ଦଲିଲ୍ ନଂ.: ୨୦୬/୧୯୯୯, ତା୨୭.୦୧.୧୯୯୯ରିଖର ଜେରକ୍ସ କପି ଏବଂ ଲାମିନେସନ ନିମନ୍ତେ ମୁଁ ଯାଉଥିବା ସମୟରେ ସମ୍ବଲପୁରରୁ ଗୋଶାଳା ରୋଡ଼ ମଧ୍ୟରେ ତା ୦୨.୦୧.୨୦୨୫ରିଖ ଅପରାହ୍ନ ୪.୦୦ ଘଟିକାରୁ ୫.୦୦ ଘଟିକା ମଧ୍ୟରେ କେଉଁଠାରେ ହଜିଯାଇଛି। ଏହି ଦଲିଲ୍ କୌଣସି ବ୍ୟାଙ୍କ/ଆର୍ଥିକ ଅନୁଷ୍ଠାନରେ ବନ୍ଧକ ରଖାଯାଇନାହିଁ। ଏ ବାବଦରେ ସତ୍ୟ ପାଠ ମଧ୍ୟ ପ୍ରକାଶିତ ହୋଇଛି। ଗୃହ ଋଣ ନେବା ପାଇଁ ଏ ବାବଦରେ ବୁର୍ଲା ଥାନାରେ ଷ୍ଟେସନ ଡାଏରୀ ଦିଆଯାଇଛି। ଉପରୋକ୍ତ ବିବରଣୀ ସତ୍ୟ ଅଟେ। ଯଦି ମିଥ୍ୟା ପ୍ରମାଣିତ ହୁଏ ତେବେ ବ୍ୟାଙ୍କ ମୋ ବିରୁଦ୍ଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ।

ଯୋଗାଯୋଗ :୭୪୭୦୪୩୩୨୧୩

**OFFICE OF THE NOTIFIED AREA COUNCIL, JUNAGARH**

email-nacjunagrh@g111ail.com

LETTER NO. 1644, DATE - 03.10.2025

**NOTICE INVITING TENDER FOR LEASE OF GYMNASIUM OF NAC JUNAGARH**

Details terms and Conditions are available at Office of the Notified area council Junagarh. www.junagarhnac.in or visit website - www.Kalahandi.odisha.gov.in

Sd/- Executive Officer
N.A.C., Junagarh

OIPR-13133/11/0021/2526 C-1204

**OFFICE OF THE PRINCIPAL**

**DADHIBAMAN HIGHER SECONDARY SCHOOL, TURUMUNGA,**

AT/PO-TURUMUNGA, DIST-KEONJHAR, PIN-758046

Ph: 06766-238025, 238035 e-mail: dadhibamantmg@gmail.com

Advt.No-03/25 Date-03.10.2025

**A Walk-in-interview for engagement of Guest Faculties**

A Walk-in-interview will be held for the post of Guest Faculties in subjects Physics, Mathematics and Botany on engagement basis. Candidates who have secured minimum 55% marks in PG for PGT must come with all original certificates (both original and Xerox) on **12.10.2025(Sunday) at 10.00 AM.**

**Contact No: - 9438162760, 6371399442**

Sd/- Principal

OFFICE OF THE DEPUTY DIRECTOR,
NANDANKANAN ZOOLOGICAL PARK
P.O-BARANG,DIST-KHURDA,PIN-754005
PHONE NO- 9437022023
Email: deputydirector.kanan@gmail.com
Web: www.nandankanan.org

NANDANKANAN
CONSERVE | EDUCATE INSPIRE

TENDER NOTICE

Notice No. 22 /NKZP/2025-26 Date: 03.10.2025

The Nandankanan Zoological Park Authority, Bhubaneswar invites Tender in sealed cover from reputed distributor/ stockists/ firms for the Supply of laboratory chemicals, glass and plastic wares for the financial year, 2025-26 use in Centre for Conservation Research and Training, Nandankanan Zoological Park (CCRT). The detailed terms and conditions alongwith tender documents shall be available at the website: www.nandankanan.org from **04.10.2025** onwards. The last date of submission of bid is 13.10.2025 at 05.00 PM and date of opening of Bid will be on 14.10.2025 at 11.30 AM.

Deputy Director
Nandankanan Zoological Park

OIPR-08070/11/0118/2526 MM-215

**AFFIDAVIT**

I, Dilip Kumar Sahu, S/o-Alia Sahoo, Resident of Upimara, PO: Tangi, PS: Tangi, Dist.: Khordha, Odisha PIN-752023 declared by this Affidavit No.: 1102/2025, Dated.: 03.10.2025. That now onwards I shall Be known as **DILLIP KUMAR SAHOO** for all future Purposes.

**AFFIDAVIT**

I Prashanna Kumar Barik, S/o.: Bisunu Barik, At-Kespania, PO.: Bhaliadihi, Ps- Sarankul, Dist.: Nayagarh, Pin-752092, Odisha. Declare by this Affidavit No-7515, Dated-04/10/2025 that now onwards I shall be known as **Prasanna Kumar Barik** for all future Purpose.

**Affidavit-cum-Undertaking**

I Dasharathi Sahoo, S/o- Sankar Sahoo, aged about 75 Years residing At/Po- Derang,Angul, Odisha, Pin-759117, I have purchased and lawful owner of Khata No - 746/50and sale deed has been lost during photocopy of the original. I had put FIR for lost my original property document. I undertake that if my original document received then I will submit the mutation ROR to ICICI Bank Ltd.

Dasharathi Sahoo

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**AFFIDAVIT**

I, Chandrakanta Mohanty, S/o- Alekha Chandra Mohanty, Resident of Mahulaburi Sahi, Kandasar (Part), PO: Kandasar, PS: Nalco Angul, Dist.: Angul, Odisha, Pin-759145 declared by this Affidavit No.1103/2025 Dated.03.10.20205 that now onwards I shall Be known as **CHANDRA KANT MOHANTY** for all future Purposes.

**AFFIDAVIT**

I Rupasree Sahoo D/o Sanjukta Jena, Resident of At-Badagada Jena Sahi, PO- Badagada Brit, PS-Badagada, Bhubaneswar, Dist- Khorda, Odisha, declare by this affidavit No.44611 dtd 23.09.2025 that now onwards I shall be known as **RUPASREE JENA** for all future purposes.

**AFFIDAVIT**

I, Sanu Khatun, D/o Sk Usman, Resident of Village-Panisanda, PO-Sukhasandapatna, PS-Bhograi, Dist-Balasore, Odisha-756036, declare by this affidavit No.2966 dtd 04.10.2025 that now onwards I shall be known as **SANU BIBI** for all future purposes.

**AFFIDAVIT**

By virtue of an affidavit sworn before Notary Public, Sinapali on date 11/10/2025, I Hemanta Harijan have changed my Surname from Harijan to Harpal. Henceforth I shall be known as **Hemanta Harpal** for all purposes.

**AFFIDAVIT**

I, Ghanshyam Patra, S/o- Debendra Patra, resident of At/Po-Jangalpadu, Paralakhemundi, Dist-Gajapati, PIN- 761210, Odisha declared by this affidavit No. 799, dtd-30/09/2025 that now onwards I shall be known as **GHANASHYAM PATRA** for all future purposes.

**VEHICLE FOR SALE**

EICHER PRO 2059, Model - 2022, Registration No-OD-02-CB-0749, in as is where is condition, Contact: M/S Sundaram Finance Limited, BHUBANESWAR BRANCH Ph:0674-2544772 within 7 days

**AFFIDAVIT**

By Virtue of an affidavit before Executive Magistrate, Angul, **I, Prangyashree Pradhan,** D/o.: Prakash Pradhan, Permanent & Current Address At: Rajanipal, PO.: Kukudang, P.S.: Sadar, Dist: Angul (Odisha), PIN-759123 have changed my name from Pragyan Parimita Pradhan to **Prangyashree Pradhan.** Henceforth I shall be known as **Prangyashree Pradhan** for all purposes.

**AFFIDAVIT**

I Suchismita Deo, W/o-Pramod Kumar Deo, At-Bhansar, Po-Kadamchhanda, Ps-Tirtol, Dist- Jagatsinghpur, Pin-754135, Odisha. Declare by this Affidavit No-7517, Dated- 04/10/2025 that now onwards I shall be known as **SUCHISMITA JENA** for all future Purpose.

**AFFIDAVIT**

By virtue of an Affidavit before Notary Public, Malkangiri, I, **Burunda Darli**, aged about 43 years, W/o.: Laba Darli resident of Village: Godiput, PO.: Biralaxmanpur, P.S./Dist.: Malkangiri, Odisha, declare by this Affidavit No.: 1641/2025, Dated: 25.09.2025 that I have changed my & my husband name from Burunda Barali, W/o.: Lab Barali to **Burunda Darli, W/o.: Laba Darli**. Henceforth I shall be known as **Burunda Darli, W/o.: Laba Darli** for all future purposes.

**AFFIDAVIT**

By virtue of an Affidavit sworn before the Executive Magistrate, Bhadrak, affidavit no. 16AA139458, dated-3/10/25.I Ajay Kumar Siyal, F/o-Rajalaxmi Siyal of At/Po-Kushaleswar, Dist-Keonjhar, Odisha do hereby declare that I have add the surname to my daughter's name as Rajalaxmi Siyal. Henceforth, my daughter shall be known as **RAJALAXMI SIYAL** for all purposes.

SD/- AJAY KUMAR SIYAL

**AFFIDAVIT**

By virtue of an affidavit sworn before Notary Public, Sinapali on date 11/10/2025, I Bidyadhar Harijan have changed my Surname from Harijan to Bidyadhar Nial. Henceforth I shall be known as **Bidyadhar Nial** for all purposes.

**AFFIDAVIT**

By virtue of an affidavit sworn before Notary, Cuttack, Dtd 22.08.2025 I, Bishnu Ganju, resident of At/PO- Aulajodi, P.S.-Bahalda, Mayurbhanj, Odisha (presently residing at At-Naranpur, G.P.-Belagachia, P.S.-Barang, Cuttack, Odisha), have changed my name from Bishnu Ganju to Bishnu Mohanta. Henceforth, I shall be known as **Bishnu Mohanta** for all purposes.

Sd/- Bishnu Mohanta

**AFFIDAVIT**

I, Ashok Rath, S/o-Late Saroj Chandra Rath, resident of Plot No- 1364, Daya Bhawan, Shastry nagar, Bhubaneswar, Dist- Khordha, Odisha, PIN- 751001 declare by this affidavit Sl No. 1996, dtd- 03/10/2025 that now onwards I shall be known as **ASHOK KUMAR RATH** for all future purposes.

**AFFIDAVIT**

I, Suprava Patra, W/o-Debendra Patra, resident of At/Po-Jangalpadu, Paralakhemundi, Dist-Gajapati, PIN- 761210, Odisha declared by this affidavit No. 800, dtd-30/09/2025 that now onwards I shall be known as **SUPRABHA PATRA** for all future purposes.

# ଶାନ୍ତିଶୃଙ୍ଖଳାରେ ସରିଲା ମା'ଙ୍କ ଭସାଣି ଉତ୍ସବ







**ପଟ୍ଟାମୁଣ୍ଡାଇ, ୪।୧୦(ସମିସ)**

ପଟ୍ଟାମୁଣ୍ଡାଇ ଅଞ୍ଚଳର ଅନନ୍ୟ ଗଣପର୍ବ ଶାରଦୀୟ ଦୁର୍ଗାପୂଜା ଓ ଭସାଣି ଉତ୍ସବ ଲଘୁଚାପଜନିତ ଲଗାଣବର୍ଷା ପାଇଁ ବିଶେଷ ଭାବେ ପ୍ରଭାବିତ ହୋଇଛି। ପ୍ରାୟ ୬୦/୭୦ ବର୍ଷର ପୁରୁଣା ଏହି ଶାରଦୀୟ ଦୁର୍ଗାପୂଜା ଉତ୍ସବରେ ଉଭୟ ହିନ୍ଦୁ ଓ ମୁସଲମାନ ଭାଗ ନେବାର ବିରଳ ପରମ୍ପରା ରହିଛି। ଚଳିତବର୍ଷ ଶାରଦୀୟ ଦୁର୍ଗାପୂଜା ଓ ଭସାଣି ଉତ୍ସବ ଶାନ୍ତିପୂର୍ଣ୍ଣ ଭାବେ ଶେଷ ହୋଇଛି। ପଟ୍ଟାମୁଣ୍ଡାଇ ବଣିକ ସଂଘ, ବିଭିନ୍ନ ପୂଜା କମିଟି ପକ୍ଷରୁ ଆକର୍ଷଣୀୟ ସାଜସଜ୍ଜା କରାଯାଇଥିଲେ ମଧ୍ୟ ପୋଖରୀଆପଡ଼ା ଦୁର୍ଗା, ବଙ୍ଗାଳି ଦୁର୍ଗା, ନୀଳମାଧବ, ଦଶ ଅବତାର, ମହାବୀର ପ୍ରଭୃତି ମେଢ଼ ସାଜସଜ୍ଜା ଅତ୍ୟନ୍ତ ଆକର୍ଷଣୀୟ ହୋଇଥିଲା। ଷଷ୍ଠି, ସପ୍ତମୀ, ଅଷ୍ଟମୀ ଭଲରେ କଟିଥିବାବେଳେ ନବମୀ ଦିନ ସାମାନ୍ୟ ବର୍ଷା ଓ ଦଶହରା ଦିନ ଲଗାଣ ବର୍ଷା ପୂଜା ଉତ୍ସବର ମାହୋଲକୁ ବିଗାଡି ଦେଇଥିଲା। ଲୋକେ ବର୍ଷାରେ ଭିଜି ଭିଜି ବିଭିନ୍ନ ମେଢ଼ ଦର୍ଶନ କରିଥିଲେ। କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା, ବରିଷ୍ଠ ନେତା ଅମୂଲ୍ୟ ପ୍ରଧାନ, ଧନେଶ୍ୱର ଦାସ, ସନାତନ ବିଶ୍ୱାଳ, ଅଭୟ ଜେନା, ଲକ୍ଷ୍ମୀଧର ବାରିକ ପ୍ରମୁଖ ତାଙ୍କ ସମର୍ଥକଙ୍କ ସହିତ ବିଭିନ୍ନ ମେଢ଼ ଦର୍ଶନ କରି ଭଗବାନଙ୍କ ଆଶୀର୍ବାଦ ଭିକ୍ଷା କରିବା ସହିତ ଜନସାଧାରଣଙ୍କୁ ଶାରଦୀୟ ଅଭିନନ୍ଦନ ଜ୍ଞାପନ କରିଥିଲେ। ରାଜନଗର ବିଧାୟକ ଧ୍ରୁବ ସାହୁ, ନଗର ବିଜେଡି ସଭାପତି ବୁଢ଼ା ଲେଙ୍କା, ନଗର ଯୁବ ବିଜେଡି ସଭାପତି ଅଶୋକ ଧଳ, କାଉନସିଲର ପ୍ରଶାନ୍ତ ବାରିକ, ପୂର୍ବତନ କାଉନସିଲର ଶ୍ରୀକାନ୍ତ ରାଉତ, ସରପଞ୍ଚ ସଂଘ ସଭାନେତ୍ରୀ ଲକ୍ଷ୍ମୀପ୍ରିୟା ଷଡଙ୍ଗୀ, ଯୁବନେତା ବାବନ ସାହୁ, ଦିଲ୍ଲୀପ ସେଠୀ, ଅଭିରାମ ସ୍ୱାଇଁ, ବିଜେପି ବିଧାୟକ ପ୍ରାର୍ଥୀ ଲଳିତ ବେହେରା, ବ୍ଲକ ଉପାଧ୍ୟକ୍ଷା ଜୟନ୍ତୀ ସ୍ୱାଇଁ, ଯୁବନେତା ମିଟୁ ମନୋଜ ନାୟକ, ସୁରେଶ ସାହୁ, କାଉନସିଲର ବିଦ୍ୟାଧର ସେଠୀ, ସୁଶାନ୍ତ ଦାସ, ପ୍ରମୋଦ ସାହୁ, ସଞ୍ଜୟ ସ୍ୱାଇଁ, ପୀତାମ୍ବର କର ଓ ଦେବାଶିଷ ମଲିକ, ଶିଶିର ମଲିକ ପ୍ରମୁଖ ନିଜ ସମର୍ଥକଙ୍କ ସହିତ ବିଭିନ୍ନ ମେଢ଼ ପରିଦର୍ଶନ କରିଥିଲେ। କେନ୍ଦ୍ରାପଡ଼ା ଜିଲ୍ଲାପାଳ ରଘୁରାମ ଆର ଆୟାର, ପଟ୍ଟାମୁଣ୍ଡାଇ ତହସିଲଦାର ପଞ୍ଚାନନ ନାୟକ, ପୌର ପରିଷଦ ଅଧ୍ୟକ୍ଷ ହେମନ୍ତ ସାହୁ, ପୌର ନିର୍ବାହୀ ଅଧିକାରୀ ରଞ୍ଜନ ଦାଶ ଓ ପୌର ପରିଷଦ କାଉନସିଲର ବିଭିନ୍ନ ମେଢ଼ ପରିଦର୍ଶନ କରିଥିଲେ।

ଦଶହରା ଦିନ ପୋଖରୀଆପଡ଼ା ଦୁର୍ଗାପୂଜା କମିଟି ପକ୍ଷରୁ ରାବଣ ପୋଡି ଉତ୍ସବ ଅନୁଷ୍ଠିତ ହୋଇଥିଲା। ରାଜନଗର ବିଧାୟକ ଧ୍ରୁବ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ରାବଣ ଶରୀରରେ ଅଗ୍ନି ସଂଯୋଗ କରିଥିଲେ। ଏହି ଉତ୍ସବକୁ ମିଟୁ ଦାଶ, ପ୍ରଦୀପ ତ୍ରିପାଠୀ ଓ ମିଟୁ ପଣ୍ଡା ପ୍ରମୁଖ ପରିଚାଳନା କରିଥିଲେ।

## ବର୍ଷା ହେଲା ବାଧକ

ଗତକାଲି ଲଗାଣ ବର୍ଷା ସତ୍ତ୍ୱେ ସକାଳ ୯ଘଟିକାଠାରୁ ବିଭିନ୍ନ ଦେବା ଦେବୀଙ୍କ ମେଢ଼ ବିସର୍ଜନ ପାଇଁ ବିଭିନ୍ନ ବଜା ବାଣ, ଘଣ୍ଟ, ଆଧୁନିକ ବାଦ୍ୟ ଯନ୍ତ୍ରାଂଶ ସହିତ ଶୋଭାଯାତ୍ରାରେ ବିସର୍ଜନ ଘାଟକୁ ଯାଇଥିଲେ। ଲଗାଣ ବର୍ଷା ଯୋଗୁଁ ଭସାଣି ଉତ୍ସବ ପ୍ରଭାବିତ ହୋଇଥିଲା। ପ୍ରତ୍ୟେକ ଦେବା ଦେବୀଙ୍କ ମୂର୍ତ୍ତି ଜରିରେ ଘୋଡା ଯାଇଥିଲା। ଏଥିସହ ଅଳପୁଆ, ତରଡ଼ିପାଳ, ଅମୃତମଣୋହି, ଚୌଦକୁଲାଟ, ନୀଳକଣ୍ଠପୁର, ମାଳିପୁର, କଣ୍ଡାବଣ, ମଦନପୁର ଆଦି ବିଭିନ୍ନ ସ୍ଥାନରେ ଲଗାଣ ବର୍ଷା ସତ୍ତ୍ୱେ ଭସାଣି ଉତ୍ସବ ଶାନ୍ତିପୂର୍ଣ୍ଣ ଭାବେ ଅନୁଷ୍ଠିତ ହୋଇଯାଇଛି। ପଟ୍ଟାମୁଣ୍ଡାଇ ସହରର ଦୁର୍ଗାପୂଜା ଉତ୍ସବକୁ ବିପୁଳ ଆନନ୍ଦ ଉଲ୍ଲାସର ସହିତ ଶାନ୍ତିପୂର୍ଣ୍ଣ ଭାବେ ପାଳନ ପାଇଁ ପଟ୍ଟାମୁଣ୍ଡାଇ ଏସଡିପିଓ କ୍ଷମାସାଗର ପଣ୍ଡା, ଆଦର୍ଶ ଥାନା ଆଇଆଇସି ବନ୍ଦନା ପାତ୍ରଙ୍କ ନେତୃତ୍ୱରେ ସଶସ୍ତ୍ର ପୁଲିସ ବାହିନୀ ପଇଁତରା ମାରିବା ସହିତ ଆଇନଶୃଙ୍ଖଳା ରକ୍ଷା କରିଥିଲେ। ଅତିରିକ୍ତ ତହସିଲଦାର ଦିଲ୍ଲୀପ ନାୟକ ମାଜିଷ୍ଟ୍ରେଟ୍ ଦାୟିତ୍ୱ ସମ୍ପାଦନ କରିଥିଲେ। ବଣିକ ସଂଘ ସଭାପତି ଗୋପୀନାଥ କର, ଉପସଭାପତି ମୋହନ ଦାସ, ସମ୍ପାଦକ ପ୍ରଫୁଲ୍ଲ ଲେଙ୍କା, ସହସମ୍ପାଦକ ସରୋଜ ପାଢ଼ୀଙ୍କ ସମେତ ଶାନ୍ତି କମିଟି ସଦସ୍ୟ ପରିଚାଳନାରେ ସହଯୋଗ କରିଥିଲେ। ସେହିପରି ପଟ୍ଟାମୁଣ୍ଡାଇ ଶାନ୍ତି କମିଟି ସଦସ୍ୟ ପୂଜା ଉତ୍ସବରେ ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ପଟ୍ଟାମୁଣ୍ଡାଇ ପ୍ରଶାସନକୁ ସହଯୋଗ କରିଥିଲେ।

# ହଂସୁଆରେ ଚାପ ଖେଳି ବିଦାୟ ନେଲେ ମା'



**ରାଜନଗର, ୪।୧୦(ସମିସ):** ରାଜନଗରର ଗଣପର୍ବ ଶାରଦୀୟ ଦୁର୍ଗାପୂଜା ଉତ୍ସାହ ଉଦ୍ଦୀପନାର ସହ ଶେଷ ହୋଇଛି। ମା'ଙ୍କୁ ହଂସୁଆ ନଦୀରେ ମେଲାଣି ଦିଆଯାଇଛି। ପରମ୍ପରା ଅନୁଯାୟୀ ଗୋପାଳ ସମ୍ପ୍ରଦାୟର ଲୋକେ ମା'ଙ୍କୁ କାନ୍ଧରେ ବୋହି ରାଜନଗର ବଜାର ପରିକ୍ରମା କରି ହଂସୁଆ ନଦୀ କୂଳରେ ପହଞ୍ଚାଇଥିଲେ। ଘଣ୍ଟଘଣ୍ଟା ଓ ପାରମ୍ପରିକ ବାଦ୍ୟ ସହିତ ହରିବୋଲ ହୁଳହୁଳି ଧ୍ୱନୀରେ ମା'ଙ୍କୁ ମେଲାଣି ଦିଆଯାଇଛି। ହଂସୁଆ ନଦୀରେ ଥିବା ସୁସଜ୍ଜିତ ନୌକାରେ ମା' ବସି ସାତ ଘେରା ଚାପ ଖେଳିଥିଲେ। ଦୁଇଟି ନୌକାକୁ ଯୋଡାଯାଇ ତାକୁ ସୁସଜ୍ଜିତ କରାଯାଇ ମା'ଙ୍କୁ ବସାଇ ନଦୀରେ ସାତ ଘେରା ଚାପ ଖେଳିବା ପରେ ମେଲାଣି ନେଇଛନ୍ତି। ମା' ଦୁର୍ଗାଙ୍କ ସହିତ ଗଳିଦାଣ୍ଡର ବନଦୁର୍ଗା, ସାନବଡ଼ଗୋପାଳପୁରର ମା'ଶାରଳା, ମାଛ ମାର୍କେଟର ମା'ଗଙ୍ଗାମାତା ଓ ପୁରୁଣା ବଜାରର ହରଗୌରୀ, ଘାଟଗଳିର ସାଇବାବାଙ୍କ ମୃଣ୍ମୟ ମୂର୍ତ୍ତିକୁ ସୁସଜ୍ଜିତ ନୌକାରେ ଚାପଖେଳ ମାଧ୍ୟମରେ ମେଲାଣି ଦିଆଯାଇଛି। ସାରା ଓଡ଼ିଶାରେ ବିରଳ ଏହି ଜଳପଥରେ ଭସାଣି ଉତ୍ସବ ଦେଖିବାକୁ ହଜାର ହଜାର ଶ୍ରଦ୍ଧାଳୁଙ୍କ ଭିଡ଼ ହୋଇଥିଲା। ନଦୀ ମଧ୍ୟରେ ଭଜନ କୀର୍ତ୍ତନ, ପାରମ୍ପାରିକ ବାଦ୍ୟ ସହିତ ମା' ଓ ଦେବାଦେବୀଙ୍କୁ ମେଲାଣି ଆଧ୍ୟାତ୍ମିକ ପରିବେଶ ସୃଷ୍ଟି କରିଥିଲେ। ଦୀର୍ଘ ୨ କିମି ବ୍ୟାପି ନଦୀ ମଧ୍ୟରେ ୭ ଘେରା ଚାପ ଖେଳିବା ପରେ ମା'ଙ୍କୁ ମେଲାଣି ଦିଆଯାଇଥିଲା। ଶାରଦୀୟ କମିଟି ସ୍ଥାୟୀ ସଭାପତି ତଥା ରାଜନଗର ଆଇଆଇସି ନରେଶ ସାହୁ, ଶାନ୍ତି କମିଟି ସଭାପତି ତହସିଲଦାର ଯୀଶୁକ୍ରିଷ୍ଟ ଦାସ, ଶାରଦୀୟ ଦୁର୍ଗାପୂଜା କମିଟି ସମ୍ପାଦକ ପ୍ରଭାତ ମିଶ୍ର, ପଣ୍ଡିତ ଶଙ୍କର୍ଷଣ ମିଶ୍ର, ନାରାୟଣ ମାହୁନ୍ତ, ରମେଶ ଲାଲ, ଚିତ୍ତରଞ୍ଜନ ଦାସ, ବିଜୟ ଗୁପ୍ତା, ଜୟଦୁର୍ଗା ବଣିକ ସଂଘ ସଭାପତି ବାଇଧର ସେଠୀ ପ୍ରମୁଖ ସାମିଲ ହୋଇଥିଲେ।

## ଭସାଣିରେ ଦର୍ଶକଙ୍କ ମନମୋହିଲା ଅଘୋରୀ ନୃତ୍ୟ



**ଡେରାବିଶ, ୪।୧୦(ସମିସ):** ଡେରାବିଶ ବ୍ଲକର ଚାନ୍ଦୋଳ ପଞ୍ଚାୟତ ଅନ୍ତର୍ଗତ ଖରିଦାସାହି, ମୁକୁନ୍ଦପୁର ପଞ୍ଚାୟତର ମୁକୁନ୍ଦପୁର, ପଲେଇ ପଞ୍ଚାୟତର ନାଲୁବାବା ମଠ, ସୁଦର୍ଶନ ବାବା ମଠ, ଜୟ ଭାରତୀ ସାଥୀ ସମାଜ, ଖମୋଳ ପଞ୍ଚାୟତର ଜହ୍ନିମୂଳ ବଟ, ବସପୁର ପଞ୍ଚାୟତର ଜହ୍ନିମୂଳ, ନରସିଂହପୁର ପଞ୍ଚାୟତର ତିଲଙ୍ଗ, କୁଶିଆପାଳ ପଞ୍ଚାୟତର ବାବୁରାମପାଟଣା, ଲକ୍ଷ୍ମୀନାରାୟଣପୁର ପଞ୍ଚାୟତର ଛଚିଣା, ହରିଅଙ୍କ ପଞ୍ଚାୟତର ଭୋଳହାଟରେ ପୂଜା ପାଉଥିବା ମା' ଦୁର୍ଗାଙ୍କ ଭସାଣି ଉତ୍ସବ ଶାନ୍ତିଶୃଙ୍ଖଳାର ସହ ଶେଷ ହୋଇଛି। ପଲେଇ ପଞ୍ଚାୟତର ନାଲୁବାବା ମଠରୁ ମା' ଦୁର୍ଗାଙ୍କ ମେଢ଼କୁ ବିରାଟ ପଟୁଆରେ ନିଆଯାଇଥିଲା। ଏହି ଶୋଭାଯାତ୍ରାରେ ଆକର୍ଷଣର କେନ୍ଦ୍ରବିନ୍ଦୁ ରହିଥିଲା ଅଘୋରୀ ନୃତ୍ୟ। ସେହିପରି କୁଶିଆପାଳ ପଞ୍ଚାୟତ ଭସାଣି ଉତ୍ସବରେ କାଳିକା ନୃତ୍ୟ ଆକର୍ଷଣର କେନ୍ଦ୍ରବିନ୍ଦୁ ସାଜିଥିଲା।

## ଜରିମୂଳରେ ରାବଣ ପୋଡ଼ି

**ରାଜନଗର, ୪।୧୦ (ସମିସ):** ଉପକୂଳ ଓଡ଼ିଶାର ଅନ୍ୟତମ ଶକ୍ତିପୀଠ ବାରଗାଁର ଜରିମୂଳଠାରେ ମା'ଦୁର୍ଗାଙ୍କ ପାର୍ବଣ ଉତ୍ସବ ପାଳିତ ହୋଇଯାଇଛି। ଏ ଅବସରରେ ବିଜୟାଦଶମୀରେ ଜୟ ମା'ମଙ୍ଗଳା ଶାରଦୀୟ ଦୁର୍ଗାପୂଜା କମିଟି ପକ୍ଷରୁ ରାବଣପୋଡ଼ି ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ରାଜନଗର ବିଧାୟକ ଧ୍ରୁବ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ରାବଣ ଦେହରେ ଅଗ୍ନି ସଂଯୋଗ କରିଥିଲେ। ପୂଜା କମିଟିର ସଭାପତି ତଥା ଚାନ୍ଦିବାଉଁଶମୂଳ ସରପଞ୍ଚ ଚିତ୍ତରଞ୍ଜନ ପଣ୍ଡାଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଉତ୍ସବରେ ତହସିଲଦାର ଯୀଶୁକ୍ରିଷ୍ଟ ଦାସ, ବ୍ଲକ ବିଜେଡି ସଭାପତି ନିରଞ୍ଜନ ରାଉତ, କେନ୍ଦ୍ରାପଡ଼ା ଜିଲ୍ଲା ଓବିସି ସେଲ ସଭାପତି ବିଜୟ ନାୟକ, ସମିତିସଭ୍ୟା ସସ୍ମିତା ସ୍ୱାଇ ପ୍ରମୁଖ ଯୋଗ ଦେଇଥିଲେ।

## ଖଡ୍ଗ ପୂଜନ ଉତ୍ସବ



**ଡେରାବିଶ, ୪।୧୦(ସମିସ):** ଭାଗବତପୁର ପଞ୍ଚାୟତ ଅନ୍ତର୍ଗତ ଦୟାନନ୍ଦ ସେବାଶ୍ରମରେ ବିଜୟାଦଶମୀରେ ଜିଲ୍ଲା ଖଣ୍ଡାୟତ କ୍ଷେତ୍ରୀୟ ଚେତନା ବିକାଶ ପରିଷଦ ପକ୍ଷରୁ ଖଡ୍ଗ ପୂଜନ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସମ୍ପାଦକ ମଦନ ମୋହନ ବେହେରାଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଦେବଯଜ୍ଞରେ ସଭାପତି ହରେକୃଷ୍ଣ ବରାଳ, ଜେନାମଣି ବଳ, କାର୍ତ୍ତିକ ନାୟକ ଘୃତାହୁତି ଓ ସାକଲ୍ୟ ପ୍ରଦାନ କରିଥିଲେ। ପରେ କରୁଣାକର ସ୍ୱାଇଁ, ମାନଗୋବିନ୍ଦ ସ୍ୱାଇଁ, ନାରାୟଣ ସ୍ୱାଇଁ, ସୁବାସ ବରାଳ, ନଗେନ୍ଦ୍ର ରାଉତ, ବସନ୍ତ ଜେନା, ଶମ୍ଭୁନାଥ ମାଇତି ପ୍ରମୁଖ ସାକଲ୍ୟ ପ୍ରଦାନ କରିଥିଲେ। ଯଜ୍ଞ ଶେଷ ପରେ ସମସ୍ତ ଖଣ୍ଡାୟତ କ୍ଷେତ୍ରୀୟମୁଣ୍ଡରେ ପଗଡ଼ି ପିନ୍ଧି ତରବାରୀ ଉତ୍ତୋଳିତ କରିଥିଲେ।

ନଳକୂପରୁ ପାଇପ୍ କାଢିବାକୁ ନେଇ ବିବାଦ

# ଥାନା ଆଗରେ ବିଜେପି ନେତାଙ୍କ ଧାରଣା

ରାଜନଗର, ୪।୧୦(ସମିସ): ତାଳଚୁଆ ସାମୁଦ୍ରିକ ଥାନାରେ ଗତକାଲି ରାତିରୁ ହାଇଡ୍ରାମା ଲାଗି ରହିଛି। ନଷ୍ଟ ହୋଇଥିବା ନଳକୂପରୁ ପାଇପ କାଢିବାକୁ ନେଇ ଏହି ବିବାଦ ସୃଷ୍ଟି ହୋଇଛି। ଡାଙ୍ଗମାଳ ସରପଞ୍ଚଙ୍କ ସ୍ୱାମୀଙ୍କୁ ଗିରଫ ଦାବି କରି ରାଜନଗର ନିର୍ବାଚନମଣ୍ଡଳୀ ବିଜେପି ନେତା ଥାନା ଆଗରେ ଧାରଣାରେ ବସିଥିବାବେଳେ ବିଜେପି ନେତା ଓ ତାଙ୍କ ସମର୍ଥକ ଜାତି ନେଇ ଗାଳିଗୁଲଜ ସହ ଜୀବନରୁ ମାରି ଦେବାକୁ ଧମକ ଦେଇଥିବା ପାଲଟା ଅଭିଯୋଗ କରିଛନ୍ତି।

ଡାଙ୍ଗମାଳ ପଞ୍ଚାୟତ ବରାଡିଆ ଗାଁରେ ଏକ ଅଚଳ ନଳକୂପରୁ ପାଇପ କଢା ଯାଉଥିଲା। ସରକାରୀ ନଳକୂପରୁ ପାଇପ ଓ ଯନ୍ତ୍ରାଂଶ ଚୋରି କରାଯାଉଥିବା ନେଇ ଡାଙ୍ଗମାଳ ଗାଁର ମନୋଜ ବେହେରା, ଆଲୋକ ପ୍ରଧାନ, ପ୍ରଦୀପ କୁଣ୍ଡ, ଆଶୁତୋଷ ଜେନା ପ୍ରମୁଖ ତାଳଚୁଆ ସାମୁଦ୍ରିକ ଥାନାରେ ଅଭିଯୋଗ କରିଥିଲେ। ହଂସୁଆ ଗାଁର ସର୍ବେଶ୍ୱର ପ୍ରଧାନ, ଘଡିଆମାଳର ଗଣେଶ୍ୱର ମଲ୍ଲିକ ଓ ସରପଞ୍ଚଙ୍କ ସ୍ୱାମୀ ବିନୋଦ ସେଠୀ ସରକାରୀ ନଳକୂପରୁ ଯନ୍ତ୍ରାଂଶ ଚୋରି କରୁଥିବା ନେଇ ଅଭିଯୋଗ କରିଥିଲେ। ପୁଲିସ ସର୍ବେଶ୍ୱର ଓ ଗଣେଶ୍ୱରଙ୍କୁ ଥାନାକୁ ନେଇ ଛାଡି ଦେଇଥିଲା। ରାତିରେ ରାଜନଗର ନିର୍ବାଚନମଣ୍ଡଳୀ ବିଜେପି ନେତା ଲଳିତ ବେହେରା ଥାନାରେ ପହଞ୍ଚିବା ପରେ ତାଙ୍କ ସମର୍ଥକ ପହଞ୍ଚିଥିଲେ। ସରପଞ୍ଚଙ୍କ ସ୍ୱାମୀଙ୍କୁ ଗିରଫ ଦାବିରେ ଥାନା ଆଗରେ ବିଜେପି ସମର୍ଥକ ବସିଥିଲେ। ଅନ୍ୟପକ୍ଷରେ ପୂର୍ବ ନିଷ୍ପତ୍ତି ଅନୁଯାୟୀ ଅଚଳ ନଳକୂପରୁ ଶ୍ରମିକ ଲଗାଇ ପାଇପ କଢୁଥିବାବେଳେ ବିଜେପି ନେତା ଲଳିତ ବେହେରା ସହିତ ମନୋଜ ବେହେରା, ପ୍ରଦୀପ କୁଣ୍ଡ ଓ ଅନ୍ୟମାନେ ଶ୍ରମିକଙ୍କୁ ମାରଧର ଓ ଗାଳିଗୁଲଜ କରିଥିଲେ। ଶ୍ରମିକଙ୍କ ଫୋନ ପାଇ ମୁଁ ଓ ମୋ ସ୍ୱାମୀ ସେଠାରେ ପହଞ୍ଚିବା ପରେ ସେଠାକାର ପରିସ୍ଥିତି ଦେଖି ଲୁଚି ଘରକୁ ପଳାଇ ଆସିଥିଲୁ। ଆମକୁ ଜାତି ନେଇ ଗାଳିଗୁଲଜ କରିଥିବା ସରପଞ୍ଚ ଦୌପ୍ରଦୀ ସେଠୀ ଥାନାରେ ଅଭିଯୋଗ କରିଛନ୍ତି। ଆଇଆଇସି ବିମଳ କୁମାର ମଲ୍ଲିକଙ୍କୁ ପଚାରିବାରୁ ଅଭିଯୋଗ ମିଳିଛି। ଆରଡବ୍ଲୁଏସଏସ ନିର୍ବାହୀ ଯନ୍ତ୍ରୀଙ୍କୁ ସରପଞ୍ଚ ନଳକୂପ ଯନ୍ତ୍ରାଶ ଖୋଲି ପାରିବେ କି ନାହିଁ ସ୍ପଷ୍ଟୀକରଣ ମଗାଯାଇଛି। ଏହା ମିଳିବା ପରେ ପଦକ୍ଷେପ ନିଆଯିବ ବୋଲି କହିଛନ୍ତି।

**ବିଜେପି ନେତାଙ୍କ ନାଁରେ ସରପଞ୍ଚଙ୍କ ଅଭିଯୋଗ**

ଚାଟରାଚକଡ଼ା, କୁରୁଜଙ୍ଗା ଓ ଛୋଟି ସମବାୟ ସମିତି କାର୍ଯ୍ୟକ୍ଷମ ନ ହେବା ପ୍ରତିବାଦ

# ଏଆରସିଏସ୍‌ଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା

**ଡେରାବିଶ, ୪।୧୦(ସମିସ):** ଏଆରସିଏସ୍‌ଙ୍କ ଅସହଯୋଗ ପାଇଁ ଡେରାବିଶ ବ୍ଲକ ଅନ୍ତର୍ଗତ ଚାଟରାଚକଡ଼ା, କୁରୁଜଙ୍ଗା ଓ ଛୋଟି ସମବାୟ ସମିତି କାର୍ଯ୍ୟକ୍ଷମ ନ ହେବା ଓ ଚାଷୀ ସେବା ନ ପାଇବା ପ୍ରତିବାଦରେ ଅଞ୍ଚଳର ଚାଷୀ ଏଆରସିଏସ୍‌ଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିଥିଲେ। ଜିଲ୍ଲା ଚାଷୀ ଶ୍ରମିକ ସଂଘ ସଭାପତି ପଣ୍ଡିତ ଶରତ ଚନ୍ଦ୍ର ମିଶ୍ରଙ୍କ ନେତୃତ୍ୱରେ ସଂଘର ସମ୍ପାଦକ କୃତ୍ତିବାସ ଦାସ, ଶରତ ମଲିକ, ରାଧାଶ୍ୟାମ ଦାସ, ଅଭିମନ୍ୟୁ ରାଉତ, କୃଷ୍ଣଚନ୍ଦ୍ର ଦାସ, ହରିଶ ଚନ୍ଦ୍ର ବାରିକ, ମାନସୀ ନାୟକ, ସରସ୍ୱତୀ ବେହେରା, ସ୍ୱର୍ଣ୍ଣଲତା ନାୟକ, ଶଶାଙ୍କ ଶେଖର ରାଉତ ପ୍ରମୁଖ ଧାରଣାରେ ସାମିଲ ହୋଇଥିଲେ। ଜିଲ୍ଲା ଚାଷୀ ଶ୍ରମିକ ସଂଘ ନେତୃତ୍ୱରେ ଧାରଣାରତ ଚାଷୀ ଦାବି କରିଛନ୍ତି ଯେ, ଡେରାବିଶ ବ୍ଲକ ୨୦୨୩ରେ ଗଠନ ହୋଇଥିବା ଚାଟରାଚକଡ଼ା, କୁରୁଜଙ୍ଗା, ଛୋଟି ସମବାୟ ସମିତିକୁ ଶୀଘ୍ର କାର୍ଯ୍ୟକ୍ଷମ କରାଇ ଏ ଅଞ୍ଚଳର ଚାଷୀଙ୍କୁ ଋଣ, ସାର, ବିହନ, ସରକାରଙ୍କ ଦ୍ୱାରା ପ୍ରଦାନ କରାଯାଉଥିବା ଅନ୍ୟାନ୍ୟ ସୁବିଧା ସୁଯୋଗ ଚାଷୀ ଓ ଜନସାଧାରଣଙ୍କୁ ଯୋଗାଇ ଦିଆଯାଉ। ସରକାରଙ୍କ ଦ୍ୱାରା ଜାରି କରାଯାଇଥିବା ଚିଠି ଅନୁଯାୟୀ ମୂଳ ସମିତିରୁ ତୁରନ୍ତ ନୂତନ ସମିତିକୁ ଆସେଟ୍‌ସ୍ ଓ ଲିଆବିଲିଟିଜ୍ ହସ୍ତାନ୍ତର କରାଯାଉ। ଚଳିତ ଖରିଫ ଋତୁରେ ଚାଟରାଚକଡ଼ା, କୁରୁଜଙ୍ଗା, ଛୋଟି ସମିତି ମାଧ୍ୟମରେ ଚାଷୀଙ୍କଠାରୁ ଧାନକ୍ରୟ କରାଯାଉ। ଚାଟରାଚକଡ଼ା ପ୍ରାଥମିକ କୃଷି ସମବାୟ ସମିତିର ଦାୟିତ୍ୱରେ ଥିବା ସମ୍ପାଦକ ଭାବେ ଅବସ୍ଥାପିତ କରାଯାଇଥିବା କାଉପଡ଼ା ସମିତିର ସହସମ୍ପାଦକ ଚାଟରାଚକଡ଼ା ସମିତିର କାଗଜାତ କଟକ କେନ୍ଦ୍ର ସମବାୟ ସମିତିରେ ଦାଖଲ ନକରି ବିଳମ୍ବ କରୁଥିବାରୁ ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ। ଆସନ୍ତା ସାତଦିନ ମଧ୍ୟରେ ଚାଟରାଚକଡ଼ା ସମବାୟ ସମିତି ଚାଷୀଙ୍କୁ କୃଷିଋଣ ପ୍ରଦାନ କରାଯାଉ। ତେବେ ଅପରାହ୍ନରେ କେନ୍ଦ୍ରାପଡ଼ା ଏଆରସିଏସ୍ ଧାରଣକାରୀଙ୍କ ନିକଟରେ ପହଞ୍ଚି ସେମାନଙ୍କ ସମସ୍ତ ଦାବି ମାନିନେବା ସହିତ ତୁରନ୍ତ ଚାଟରାଚକଡ଼ା, କୁରୁଜଙ୍ଗା ଓ ଛୋଟି ସମବାୟ ସମିତିକୁ କାର୍ଯ୍ୟକ୍ଷମ କରିବାକୁ ପ୍ରତିଶ୍ରୁତି ଦେବାପରେ ଚାଷୀ ଓହରିଥିଲେ।

# ଘରୋଇ ବସ୍‌ରେ ଯାତ୍ରୀ ଶୋଷଣ ପ୍ରତିବାଦରେ ଧାରଣା ନିଷ୍ପତ୍ତି

**ରାଜକନିକା, ୪।୧୦(ସମିସ):** ରାଜକନିକାରୁ ଦୈନିକ ୩୦ରୁ ଅଧିକ ଘରୋଇ ବସ୍ କଟକ ଓ ଭୁବନେଶ୍ୱର ସହ ରାଉରକେଲା ଓ କୋଲକାତା ଯାଉଥିବାବେଳେ ଏସବୁ ଘରୋଇ ବସ୍‌ରେ ନିର୍ଦ୍ଧାରିତ ଭଡାଠାରୁ ଢେର ଅଧିକ ଭଡ଼ା ଆଦାୟ ହେବା ଓ କେତେକ କଣ୍ଡକ୍ଟର ଯାତ୍ରୀଙ୍କୁ ଦୁର୍ବ୍ୟବହାର କରୁଥିବା ଅଭିଯୋଗ ହୋଇଛି। ଅତୀତରେ ଏଭଳି ଘଟଣା ବାରମ୍ବାର ଘଟୁଥିବାରୁ ସ୍ଥାନୀୟ ବୁଦ୍ଧିଜୀବୀ ଓଁ ସଚେତନ ଲୋକେ ଏହାର ପ୍ରତିବାଦ କରି ଗଣଧାରଣା ଦେଇଥିଲେ। କନିକା ତହସିଲଦାରଙ୍କୁ ଦାବିପତ୍ର ପ୍ରଦାନ କରାଯାଇ ଏଭଳି ଶୋଷଣ ବନ୍ଦ ପାଇଁ ଦାବି ହୋଇଥିଲେ ବି ତାହାର କୌଣସି ସୁଫଳ ମିଳି ନ ଥିଲା। ଗତ ୧୫ ତାରିଖ ଦିନ ବଡ଼ାଗର ଗ୍ରାମର ଜଣେ ମହିଳା ଯାତ୍ରୀଙ୍କୁ ଜଣେ ବସ୍ କଣ୍ଡକ୍ଟର ଅଧିକ ଭଡା ମାଗିବା ସହ ତାଙ୍କୁ ଅସମ୍ମାନ କରିଥିବା ସେ ଅଭିଯୋଗ କରିଛନ୍ତି। ନିର୍ଦ୍ଧାରିତ ଭଡା ନେବା ସହ ଯାତ୍ରୀ ଶୋଷଣ ବନ୍ଦ କରି ଉତ୍ତମ ବ୍ୟବହାର ଦେବାକୁ ଦାବି ହେବା ସହ ଧାରଣା ଦିଆଯିବାକୁ ନିଷ୍ପତ୍ତି ହୋଇଥିବା ଜଣାପଡ଼ିଛି।

# ନବବଧୂର ସନ୍ଦେହଜନକ ମୃତ୍ୟୁ

**ରାଜନଗର, ୪।୧୦(ସମିସ):** ବିବାହର ୪ ମାସ ପୂରିନି। ପାଦରୁ ଅଳତା ଲିଭିନି। ତେବେ ନବବଧୂର ସ୍ୱପ୍ନ ଅଧୁରା ରହିଲା। ଆଜି ଶାଶୂଘରେ ନବବଧୂର ଶବ ଦେଖିଲା ଭଳି ଏକ ଅଭାବନୀୟ ଘଟଣା ସମଗ୍ର ରାଜନଗର ଅଞ୍ଚଳରେ ଚାଞ୍ଚଲ୍ୟ ସୃଷ୍ଟି କରିଛି। ଖବର ପାଇ ସ୍ଥାନୀୟ ମାଜିଷ୍ଟ୍ରେଟ ତଥା ତହସିଲଦାର ଯୀଶୁକ୍ରିଷ୍ଟ ଦାସ ଓ ପୁଲିସ ଘଟଣାସ୍ଥଳରେ ପହଞ୍ଚି ଶବକୁ ଜବତ କରିଛନ୍ତି। ଆସନ୍ତାକାଲି ଶବ ବ୍ୟବଚ୍ଛେଦ ପାଇଁ ଆଳିକୁ ପଠାଯିବ ବୋଲି ପୁଲିସ ସୂତ୍ରରୁ ଜଣାପଡ଼ିଛି। ଏ ନେଇ ରାଜନଗର ଥାନାରେ ୨୬/୨୫ରେ ଅପମୃତ୍ୟୁ ମାମଲା ରୁଜୁ କରାଯାଇଛି। ରାଜନଗର ବ୍ଲକ ମହୁଲିଆ ପଞ୍ଚାୟତ କଣି ଗ୍ରାମର ଗୋବର୍ଦ୍ଧନ ପରିଡ଼ାଙ୍କ ଝିଅ ଗାୟତ୍ରୀ ପରିଡ଼ା(୨୪)ଙ୍କ ଚଳିତ ବର୍ଷ ଜୁନ ୧୮ ତାରିଖରେ ହାତିନା ପଞ୍ଚାୟତ ପ୍ରସନ୍ନପୁର ଗ୍ରାମର ଅଜୟ ପଲେଇଙ୍କ ପୁତ୍ର ଶିଶିରଙ୍କ ସହିତ ବିବାହ ହୋଇଥିଲା। ଆକସ୍ମିକ ଭାବେ ଗାୟତ୍ରୀ ରଶି ଲଗାଇ ନିଜ ଶୋଇବା ଘରେ ଆତ୍ମହତ୍ୟା କରିଛନ୍ତି। ନବବଧୂର ମୃତ୍ୟୁକୁ ନେଇ ସାଧାରଣରେ ନାନା ଆଶଙ୍କା ସୃଷ୍ଟି ହୋଇଛି। ଗାୟତ୍ରୀଙ୍କ ସ୍ୱାମୀ କିଛିଦିନ ତଳେ ଦୁବାଇରେ କାମ କରିବାକୁ ଯାଇଛନ୍ତି। ଗାୟତ୍ରୀଙ୍କ ବାପା ଗୋବର୍ଦ୍ଧନ ପରିଡ଼ା ଅଭିଯୋଗରେ ଦର୍ଶାଇଛନ୍ତି ଯେ, ମୋ ଝିଅର ଛାତିରେ ଯନ୍ତ୍ରଣା ଅସହ୍ୟ ହେବାରୁ ପଙ୍ଖାରେ ବେକରେ ଧୋତି(ଲୁଗା) ଲଗାଇ ଆତ୍ମହତ୍ୟା କରିଛନ୍ତି। ଏ ଆତ୍ମହତ୍ୟା ଘଟଣାକୁ ନେଇ ସୋସିଆଲ ମିଡିଆରେ ମୃତ ନବବଧୂର ବାପା ଦେଇଥିବା ବୟାନ ଏହି ଘଟଣାକୁ ଭିନ୍ନ ରୂପ ଦେଇଛି।

**ଶବ ଜବତ କଲେ ତହସିଲଦାର**

# ବେଲସରପୁରରେ ସିରିଜ ଚୋରି

**ଆଳି, ୪।୧୦(ସମିସ):** ଆଳି ଥାନା ବେଲସରପୁର ଗ୍ରାମରେ ଗତକାଲି ବିଳମ୍ବିତ ରାତ୍ରିରେ ତିନୋଟି ସ୍ଥାନରୁ ଲୁଟ ହୋଇଥିବା ନେଇ ଥାନାରେ ଏତଲା ହୋଇଛି। ଅଜୟ ଧଳଙ୍କ ଏତଲା ଅନୁଯାୟୀ କିଛି ଦୁର୍ବୃତ୍ତ ସେ ଓ ତାଙ୍କ ପରିବାର ଲୋକ ଶୋଇଥିବା କୋଠରୀକୁ ବାହାର ପଟୁ କବାଟ ଦେଇ ଦେଇଥିଲେ। ଅନ୍ୟ କୋଠରୀ ଝରକା କାଟି ସୁନା ଚେନ, ମଙ୍ଗଳସୂତ୍ର, କାନଫୁଲ, ନାକଫୁଲ, ରୁପା ପାଉଁଜି ସହ ନଗଦ ୨୫ ହଜାର ଟଙ୍କା ଲୁଟି ନେଇଥିଲେ। ବନମାଳୀ ଦାଶଙ୍କ ଘରୁ ନଗଦ ୪୫ ହଜାର ଟଙ୍କା ଓ ସୁନା କାନଫୁଲ ସହ ୫ ଶହ ଗ୍ରାମର ସୁନା ଅଳଙ୍କାର ଲୁଟି ନେଇଥିବା ବନମାଳୀ ଆଳି ଥାନାରେ ଏତଲା ଦେଇଛନ୍ତି। ମନୋରଞ୍ଜନ ମିଶ୍ରଙ୍କ ଘରୁ ସୁନା ଚେନ ସହ ନଗଦ ୧୫ ହଜାର ଟଙ୍କା ଲୁଟି ନେଇଥିବା ଅଭିଯୋଗ ହୋଇଛି।

# ଗାନ୍ଧୀ ଜୟନ୍ତୀରେ ବିଜେଡିର ସାମୂହିକ ସଂକଳ୍ପ ଉତ୍ସବ

**କେନ୍ଦ୍ରାପଡ଼ା, ୪।୧୦(ସମିସ):** ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ଜୟନ୍ତୀରେ କେନ୍ଦ୍ରାପଡ଼ା ବିଜୁ ଜନତା ଦଳ ପକ୍ଷରୁ ଗରାପୁର ଗାନ୍ଧୀ ସ୍ମୃତି ପୀଠରେ ସଂକଳ୍ପ ସମାରୋହ ଅନୁଷ୍ଠିତ ହୋଇଛି। କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା ପୌରୋହିତ୍ୟ କରି ଗାନ୍ଧୀ ଦର୍ଶନ ଉପରେ ଆଲୋକପାତ କରିଥିଲେ। ସମସ୍ତ ବିଜେଡି କର୍ମକର୍ତ୍ତା, ନିର୍ବାଚିତ ପ୍ରତିନିଧି ଓ କର୍ମୀଙ୍କୁ ଦଳ ପକ୍ଷରୁ ପ୍ରସ୍ତୁତ ୬ ଦଫା ସମ୍ବଳିତ ସଂକଳ୍ପ ପାଠ କରାଇଥିଲେ। ଦଳର ସଭାପତି ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ଉପସ୍ଥାପିତ ପ୍ରସଙ୍ଗ ଅହିଂସାକୁ ଭାରତ ସମ୍ବିଧାନରେ ମୁଖ୍ୟବନ୍ଧରେ ସାମିଲ କରିବାକୁ ପୂର୍ଣ୍ଣ ସମର୍ଥନ ଜଣାଇଥିଲେ।



୧୯୩୪ରେ ମହାତ୍ମା ଗାନ୍ଧୀଙ୍କ ହରିଜନ ଯାତ୍ରା ସମୟରେ ତାଙ୍କ ରହଣୀ ସ୍ଥାନ ଗରାପୁର ଡାକବଙ୍ଗଳାରେ ପ୍ରତିଷ୍ଠିତ ଗାନ୍ଧୀ ପ୍ରତିମୂର୍ତ୍ତିରେ ବିଜୁ ପରିବାର ପକ୍ଷରୁ ମାଲ୍ୟାର୍ପଣ କରାଯାଇଥିଲା। ଏହି ଅବସରରେ ଦଳ ପକ୍ଷରୁ ନିଆଯାଇଥିବା ନିଷ୍ପତ୍ତି ମୁତାବକ ଆସନ୍ତା ୯ରୁ ନଭେମ୍ବର ୯ ପର୍ଯ୍ୟନ୍ତ ଜନସମ୍ପର୍କ ଅଭିଯାନ ଆୟୋଜନ କରାଯିବାର ଘୋଷଣା କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ସଭାପତି ଶିବପ୍ରସାଦ ଭଳ, ଜିଲ୍ଲା ପରିଷଦ ସଭାପତି ଲିଳିତା ଦାସ, ବୃନ୍ଦ ସଭାପତି ଆଲୋକ ସାହୁ, ନଗର ସଭାପତି ଯଯାତି ମହାନ୍ତି, ଜିଲ୍ଲା ଯୁବ ସଭାପତି ରାଜେଶ ଦାସ, ସଂଖ୍ୟାଲଘୁ ସଭାପତି ସେକ୍ ଚନ୍ଦନ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ପ୍ରଦୀପ ମହାନ୍ତି, ଦୁର୍ଗାଶିଷ ମହାନ୍ତି, ବ୍ଲକ ଉପାଧ୍ୟକ୍ଷ ପ୍ରତାପ ନାରାୟଣ ମହାପାତ୍ର, ମୋହନ ଆଚାର୍ଯ୍ୟ, ରାଜୁ କୁବେର, ଲୋହିତ ମହାନ୍ତି, ଅଜିତ ପରିଡ଼ା, ମଣ୍ଟୁ ମହାନ୍ତି, ମହମଦ ଇସାକ, ପ୍ରଶାନ୍ତ ବିଶ୍ୱାଳ, ଅଶ୍ୱିନୀ ପାତ୍ର, ହିବଜୁର ରେହମାନ, ମାନସ ପରିଡ଼ା, ବାପି ନାୟକ, ପ୍ରଦୀପ ଜେନା ପ୍ରମୁଖ ଯୋଗଦେଇ ଶପଥ ଗ୍ରହଣ କରିଥିଲେ।

# ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ ପାଳିତ

**କେନ୍ଦ୍ରାପଡ଼ା, ୪।୧୦(ସମିସ)**

କେନ୍ଦ୍ରାପଡ଼ା ଜିଲ୍ଲାସ୍ତରୀୟ ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ ସ୍ଥାନୀୟ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ପାଳିତ ହୋଇଯାଇଛି। ଜିଲ୍ଲାପାଳ ରଘୁରାମ ଆର ଆୟାରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ମୁଖ୍ୟବକ୍ତା ଭାବେ ପ୍ରଫେସର ନନ୍ଦକିଶୋର ପରିଡ଼ା ଓ ଡ. ବାସୁଦେବ ଦାସ ଯୋଗଦେଇ ଗାନ୍ଧୀ ଓ ଶାସ୍ତ୍ରୀଙ୍କ ଜୀବନୀ ସମ୍ପର୍କରେ ଅଭିଭାଷଣ ରଖିବା ସହିତ ଗାନ୍ଧିଜୀଙ୍କ ଓଡ଼ିଶା ଆଗମନ, କେନ୍ଦ୍ରାପଡ଼ାରେ ରହଣୀ, ଗାନ୍ଧିଜୀଙ୍କ ଦର୍ଶନ ଓ ଆଦର୍ଶକୁ ପାଥେଇ କରିବାକୁ ପରାମର୍ଶ ଦେଇଥିଲେ। ପୂର୍ବତନ ପ୍ରଧାନମନ୍ତ୍ରୀ ଲାଲବାହାଦୂର ଶାସ୍ତ୍ରୀଙ୍କ ସଂଘର୍ଷମୟ ଜୀବନ ସମ୍ପର୍କରେ ଅବଗତ କରାଇଥିଲେ। ସର୍ବଧର୍ମ ପ୍ରାର୍ଥନାରେ ଧର୍ମଗୁରୁ ମାଧବ ଚରଣ ନନ୍ଦ, ମହମ୍ମଦ ଇନାଇତୁଲ୍ଲା ଓ ଧ୍ରୁବ ଚରଣ ନାୟକ ଯଥାକ୍ରମେ ଗୀତ, କୋରାନ ଓ ବାଇବେଲ ପାଠ କରିଥିଲେ। ପରେ ପୂର୍ବରୁ ଗାନ୍ଧୀ ଜୟନ୍ତୀ ଅବସରରେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର କୃତୀ ଛାତ୍ରଛାତ୍ରୀଙ୍କୁ ଜିଲ୍ଲାପାଳ ପୁରସ୍କୃତ କରିଥିଲେ।ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ସୁଧାକର ସାହୁଙ୍କ ସମେତ ବୁଦ୍ଧିଜୀବୀ, ଶିକ୍ଷକ ଶିକ୍ଷୟିତ୍ରୀ, ଛାତ୍ରଛାତ୍ରୀ, ଅଭିଭାବକ, ବିଭିନ୍ନ ଗଣଣମାଧ୍ୟମ ପ୍ରତିନିଧି ପ୍ରମୁଖ ଉପସ୍ଥିତ ଥିଲେ। ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ସ୍ୱାଗତ ଭାଷଣ ପ୍ରଦାନ ଦେଇଥିବାବେଳେ ଉପଖଣ୍ଡ ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଅଶୋକ ବଳିଆରସିଂ ସଭା ପରିଚାଳନା କରିଥିଲେ।

**ପଟ୍ଟାମୁଣ୍ଡାଇ:** ପଟ୍ଟାମୁଣ୍ଡାଇ ଓକିଲ ସଂଘ ପକ୍ଷରୁ ଜାତିର ପିତା ମହାତ୍ମା ଗାନ୍ଧୀ ଓ ପୂର୍ବତନ ପ୍ରଧାନମନ୍ତ୍ରୀ ଲାଲବାହାଦୂର ଶାସ୍ତ୍ରୀଙ୍କ ଜୟନ୍ତୀ ପାଳିତ ହୋଇଯାଇଛି। ପଟ୍ଟାମୁଣ୍ଡାଇ ଓକିଲ ସଂଘ ସମ୍ପାଦକ ରବୀନ୍ଦ୍ର ଦାଶଙ୍କ ପୌରୋହିତ୍ୟ ଓ ଉପସଭାପତି ସୁରେଶ ନରେନ୍ଦ୍ରଙ୍କ ସଂଯୋଜନାରେ ଆୟୋଜିତ କାର୍ଯ୍ୟକ୍ରମରେ ସହସମ୍ପାଦକ ମନୋଜ ନାୟକ, ବରିଷ୍ଠ ଆଇନଜୀବୀ ହୃଦାନନ୍ଦ ମହାନ୍ତି, ଗୋପୀନାଥ ତ୍ରିପାଠୀ, ସତ୍ୟରଞ୍ଜନ ନାୟକ, ମୋନାଲିସା ପରିଡ଼ା, ସୁଶାନ୍ତ ସାମଲ, ଶିଶିର ମଲିକ, ରମେଶ ଚନ୍ଦ୍ର ଦାସ ପ୍ରମୁଖ ଯୋଗଦେଇ ମହାତ୍ମା ଗାନ୍ଧୀ ଓ ଲାଲବାହାଦୂର ଶାସ୍ତ୍ରୀଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହ ଗାନ୍ଧୀ ଓ ଶାସ୍ତ୍ରୀଙ୍କ ଆଦର୍ଶରେ ଅନୁପ୍ରାଣିତ ହେବାକୁ ଶପଥ ନେଇଥିଲେ। ଆଇନଜୀବୀ ଧୀରେନ୍ଦ୍ର ସାହୁ ଧନ୍ୟବାଦ ଦେଇଥିଲେ।

**ଡେରାବିଶ:** ଦୁମୁକାହାଟସ୍ଥ ଡେରାବିଶ ମହାବିଦ୍ୟାଳୟର ଜାତୀୟ ସେବା ଯୋଜନା ଓ ଯୁବ ରେଡ୍‌କ୍ରସ ପକ୍ଷରୁ ଗାନ୍ଧୀ ଜୟନ୍ତୀ ପାଳିତ ହୋଇଯାଇଛି। ଜାତୀୟ ସେବା ଯୋଜନା ପ୍ରୋଗ୍ରାମିଂ ଅଫିସର ରଘୁନାଥ ସାହୁ, ଯୁବ ରେଡ୍‌କ୍ରସର କନ୍‌ସେଲର ଡ. ଶଶିକାନ୍ତ ମଲ୍ଲିକାଙ୍କ ସମେତ ଛାତ୍ରଛାତ୍ରୀ ମହାବିଦ୍ୟାଳୟ ପରିସରରେ ଥିବା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ।

# ଜଗତସିଂହପୁରରେ ରାବଣ ପୋଡ଼ି ଉତ୍ସବ



ଜଗତସିଂହପୁର, ୪।୧୦(ସମିସ): ଜଗତସିଂହପୁର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖସ୍ଥ ପଡିଆରେ ଶ୍ରୀରାମ କ୍ଲବ ଆନୁକୂଲ୍ୟରେ ଜିଲ୍ଲା ପ୍ରଶାସନ ସହଯୋଗରେ ରାବଣପୋଡ଼ି ଉତ୍ସବ ପାଳିତ ହୋଇଯାଇଛି। ଶ୍ରୀରାମ କ୍ଲବ ସଭାପତି ରତ୍ନାକର ବିଶ୍ୱାଳଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ଉତ୍ସବରେ ମୁଖ୍ୟଅତିଥି ଭାବେ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଯୋଗଦେଇ ରାବଣ ଦେହରେ ବୈଦ୍ୟୁତିକ ଅଗ୍ନି ସଂଯୋଗ କରିଥିଲେ। ଏହି ଉତ୍ସବରେ ମୁଖ୍ୟବକ୍ତା ଭାବେ ଜଗତସିଂହପୁର ବିଧାୟକ ଶ୍ରୀ ଅମରେନ୍ଦ୍ର ଦାସ, ସମ୍ମାନିତ ଅତିଥି ଭାବେ ଆରକ୍ଷୀ ଅଧୀକ୍ଷକ ଅଙ୍କିତ ବର୍ମା, ଅତିରିକ୍ତ ଜିଲ୍ଲାପାଳ ସମ୍ବିତ ରାଉତ, ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତି ଶଙ୍କର ରାୟ, ଉପଖଣ୍ଡ ଆରକ୍ଷୀ ଅଧୀକ୍ଷକ ଅଜିଙ୍କ୍ୟା ମାଣେ, ପୌର ପରିଷଦ ଅଧ୍ୟକ୍ଷା ଶ୍ରୀମତୀ ଅର୍ଚ୍ଚନା ସିଂହ, ଉପାଧ୍ୟକ୍ଷ ରାଜେନ୍ଦ୍ର ବିଷୋୟୀ, ଥାନପତି ମେଢ଼ ସଭାପତି ସତ୍ୟବ୍ରତ ମହାପାତ୍ର ପ୍ରମୁଖ ଯୋଗ ଦେଇଥିଲେ। ଶ୍ରୀରାମ କ୍ଲବ ସମ୍ପାଦକ ବିଜୟ ରାଉତ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ଦୁଃଖୀରାମ ସ୍ୱାଇଁ କଳା ପ୍ରତିଷ୍ଠାନ ପକ୍ଷରୁ ରାମଲୀଳା ପ୍ରଦର୍ଶିତ ହୋଇଥିଲା। ଶ୍ରୀରାମ କ୍ଲବ୍ କାର୍ଯ୍ୟକର୍ତ୍ତା ସୁଜିତ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

# କାଠଗୋଲା ବଜାରରେ ଭସାଣି

ବାଲିକୁଦା,୪।୧୦(ସମିସ): ବାଲିକୁଦା କାଠଗୋଲା ବଜାର ମୁକ୍ତେଶ୍ୱର ମହାଦେବ ପୂଜା କମିଟି ପକ୍ଷରୁ ଦଶହରା ଭସାଣି ଉତ୍ସବ ଶାନ୍ତିଶୃଙ୍ଖଳାରେ ଅନୁଷ୍ଠିତ ହୋଇଯାଇଛି। କମିଟି ସଭାପତି ରାଜକିଶୋର ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଭସାଣି ଉତ୍ସବରେ ଦୁଇ ଶହରୁ ଊର୍ଦ୍ଧ୍ୱ ବ୍ୟବସାୟୀ ଭାଇ ଉପସ୍ଥିତ ରହି ହର ପାର୍ବତୀଙ୍କୁ ବାଜା ବାଣ ରୋଷଣୀରେ କାଠଗୋଲା ବଜାରରୁ ତହସିଲ ଛକ, ବସଷ୍ଟାଣ୍ଡ, ହାଟଗଡା ବଜାର ପରିକ୍ରମା କରାଇ ମେଲାଣି ଦେଇଥିଲେ। ଏହି ଭସାଣି ଉତ୍ସବକୁ କମିଟିର ସମ୍ପାଦକ, କୋଷାଧ୍ୟକ୍ଷ ପରିଚାଳନା କରିଥିବାବେଳେ ବାଲିକୁଦା ଥାନା ପକ୍ଷରୁ



ଟ୍ରାଫିକ ସମସ୍ୟା ନିୟନ୍ତ୍ରଣ କରାଯାଇଥିଲା।

# ସିରସ୍ତାରେ ଦୁର୍ଗାପୂଜା ଭସାଣି ଉତ୍ସବ

ପାରାଦୀପ,୪।୧୦(ସମିସ): ପାରାଦୀପ ନିର୍ବାଚନମଣ୍ଡଳୀ ତିର୍ତ୍ତୋଲ ବ୍ଲକ୍ ସିରସ୍ତା ଗ୍ରାମରେ ମା' ଦୁର୍ଗାଙ୍କର ୧୯ତମ ଭସାଣି ଶାନ୍ତିଶୃଙ୍ଖଳାର ସହ ଶେଷ ହୋଇଛି। ତିର୍ତ୍ତୋଲ ବ୍ଲକ୍ ଅଧ୍ୟକ୍ଷ ମନୋଜ ବେହେରା,ପ୍ରାକ୍ତନ ସମିତି ସଭ୍ୟ ସୂର୍ଯ୍ୟନାରାୟଣ ବେହେରା, କଂଗ୍ରେସର ନବନିର୍ବାଚିତ ଜିଲ୍ଲା ସଭାପତି ଦେବପ୍ରସାଦ ନାୟକ ଏହି ଉତ୍ସବରେ ସାମିଲ ଥିଲେ। ଆଦ୍ୟାଶକ୍ତି ଫାଉଣ୍ଡେସନର ଅଧ୍ୟକ୍ଷ ସ୍ମୃତିରଞ୍ଜନ ପୃଷ୍ଟିଙ୍କ ପୌରୋହିତ୍ୟରେ ଚଳିତ ବର୍ଷ ପୂଜା ଶାନ୍ତିଶୃଙ୍ଖଳାର ସହିତ ସମ୍ପାଦିତ ହୋଇଥିବାବେଳେ ଅନୁଷ୍ଠାନର ପ୍ରତିଷ୍ଠାତା ସଦସ୍ୟ ପ୍ରହଲ୍ଲାଦ ସୂତାର,



ବାବାଜୀ ସେଠୀ, ମହେଶ୍ୱର ପ୍ରଧାନ, ସୁରେଶ ସାହୁ ସହଯୋଗ କରିଥିଲେ।

## ନିଶା ଦ୍ରବ୍ୟ ପାଇଁ ଟଙ୍କା ନ ଦେବାରୁ ଆକ୍ରମଣ

କୁଜଙ୍ଗ, ୪।୧୦(ସମିସ): ଗଣ୍ଡକିପୁର ନିକଟ ସାହୁ ବଜାର ନିକଟରେ ଜଣେ ଯୁବକଙ୍କୁ ନିଶା ଦ୍ରବ୍ୟ ପାଇଁ ଟଙ୍କା ନ ଦେବାରୁ ଆକ୍ରମଣ କରାଯାଇଛି। ଏ ନେଇ ଗଣ୍ଡକିପୁରର ନାରାୟଣ ଦାସଙ୍କ ପୁଅ ଆଶିଷ ଦାସ କୁଜଙ୍ଗ ଥାନାରେ ଅଭିଯୋଗ କରିଛନ୍ତି। କୁଜଙ୍ଗ ପୁଲିସ୍ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଆଶିଷ ଦୁଗ୍ଧ ପାଇଁ ବଜାରକୁ ଯାଉଥିବାବେଳେ ତାଙ୍କ ଅଟକାଇ ଏ ଅଞ୍ଚଳର ଜଣେ ବ୍ୟକ୍ତି ଓ ତାଙ୍କ ଦୁଇପୁଅ ନିଶାସକ୍ତ ଅବସ୍ଥାରେ ଟଙ୍କା ମାଗି ବିଫଳ ହେବାରୁ ମୁଣ୍ଡକୁ ହତୁଡ଼ିରେ ଆକ୍ରମଣ କରିଥିବା ଅଭିଯୋଗ ହୋଇଛି।

## ତାଳଦଣ୍ଡା କେନାଲରୁ ଯୁବକଙ୍କ ମୃତଦେହ ଉଦ୍ଧାର

କୁଜଙ୍ଗ, ୪।୧୦(ସମିସ): କୁଜଙ୍ଗ ଥାନାରୁ ମାତ୍ର ୫୦ ମିଟର ଦୂରରେ ଥିବା ତାଳଦଣ୍ଡା କେନାଲରୁ ଜଣେ ଯୁବକଙ୍କ ମୃତଦେହ ଉଦ୍ଧାର କରାଯାଇଛି। ମୃତ ଯୁବକ କେନ୍ଦ୍ରାପଡ଼ା ଜିଲ୍ଲା ମାର୍ଶାଘାଇ ଥାନା ଗଡ଼ରୋମିତ ଗ୍ରାମର ସୁମନ୍ତ ବାରିକ ଓରଫ ବୁଲୁ (୪୨)। ସେ କୁଜଙ୍ଗ ବଜାରର ସେଲୁନରେ କାର୍ଯ୍ୟ କରୁଥିଲେ। ତାଳଦଣ୍ଡା କେନାଲକୁ ଶୌଚ ହେବାକୁ ଯିବା ସମୟରେ ଗୋଡ଼ ଖସିଯିବାରୁ ବୁଡ଼ି ଯାଇଥିବା ସନ୍ଦେହ କରାଯାଉଛି।

## ସାପ କାମୁଡ଼ାରେ ମହିଳାଙ୍କ ମୃତ୍ୟୁ

ଏରସମା,୪।୧୦(ସମିସ): ସିହା ଗ୍ରାମର ଅଞ୍ଜଳି ମଲ୍ଲିକଙ୍କ ସାପ କାମୁଡ଼ାରେ ମୃତ୍ୟୁ ଘଟିଛି। ଅଞ୍ଜଳି ଭୋର ସମୟରେ ଫୁଲ ତୋଳୁଥିବାବେଳେ ସାପ କାମୁଡ଼ି ଦେଇଥିଲା। ତାଙ୍କୁ ଚିକିତ୍ସା ପାଇଁ ଏରସମା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଅବସ୍ଥା ଗୁରୁତର ହେବାରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନିଆଯିବା ବାଟରେ ତାଙ୍କର ମୃତ୍ୟୁ ଘଟିଥିଲା।

## ଗୋବରୀରେ ବୁଡ଼ି ନାବାଳକ ମୃତ

ନାଉଗାଁ,୪।୧୦(ସମିସ): ଅବଦଲପୁର ଗ୍ରାମରେ ଏକ ଅଭାବନୀୟ ଘଟଣା ଘଟିଛି। ଅରୁଣ ବେହେରାଙ୍କ ୧୨ ବର୍ଷର ପୁଅ ସତ୍ୟମ ବେହେରା ଗୋବରୀ ନଦୀରେ ବୁଡ଼ି ପ୍ରାଣ ହରାଇଛି। ସତ୍ୟମ ତାଙ୍କ ଘର ନିକଟ ଗୋବରୀ ନଦୀକୁ ଯାଇ ଫେରି ନ ଥିଲା। ପରିବାର ଲୋକେ ବହୁ ଖୋଜିବା ପରେ ନଦୀ ପଠାରେ ଚପଲ ଦେଖି ଖୋଜାଖୋଜି କରିଥିଲେ। ନାଉଗାଁ ଗ୍ରାମର ଯୁବ ସମାଜସେବୀ ତ୍ରିନାଥ ପରିଜା ସତ୍ୟମକୁ ଉଦ୍ଧାର କରି ନାଉଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

## ସାର ସଂକଟ, ଚାଷୀ ହତାଶ

ମଣିଜଙ୍ଗା, ୪।୧୦(ସମିସ): ତିର୍ତ୍ତୋଲ ଅଞ୍ଚଳରେ ସାରର ଘୋର ସଂକଟ ଦେଖାଦେଇଛି। ଫଳରେ ଚାଷୀ ଖୋଲା ବଜାରରୁ ଅଧିକ ଦରରେ ୟୁରିଆ, ଗ୍ରୋମର, ପଟାସ କ୍ରୟ କରୁଛନ୍ତି। ସମବାୟ ସମିତିକୁ ପର୍ଯ୍ୟାପ୍ତ ପରିମାଣର ସାର ଆସୁ ନ ଥିବାରୁ ଚାଷୀ ନିରାଶ ହୋଇ ଦେଖିବାକୁ ମିଳୁଛି। ଏ ନେଇ ବାରମ୍ବାର ଉଚ୍ଚପଦସ୍ଥ ଅଧିକାରୀଙ୍କୁ ଜଣାଇଲେ ମଧ୍ୟ କେହି କର୍ଣ୍ଣପାତ କରୁନାହାନ୍ତି। ବୋଧେଇ ସମବାୟ ସମିତି ଅଧୀନରେ ଥିବା ଜଗନ୍ନାଥପୁର, ତୁଳଙ୍ଗ, ଗରାମ, କଟରା, ଦାଇଁଲୋ ଚାଷୀ ସାର ପାଇଁ ସମବାୟ ସମିତିରେ ଘଣ୍ଟା ଘଣ୍ଟା ଅପେକ୍ଷା କରି ଫେରୁଛନ୍ତି। ଏଥିପ୍ରତି ଜଗତସିଂହପୁର ଜିଲ୍ଲାପାଳ, କୃଷି ବିଭାଗ ଅଧିକାରୀ ଦୃଷ୍ଟି ଦେବାକୁ ବୋଧେଇ ସମବାୟ ସମିତି ସଭାପତି କେଦାର ସ୍ୱାଇଁ ଦାବି କରିଛନ୍ତି।

## ଅସହାୟ ବୃଦ୍ଧାଙ୍କୁ ଛତା ବଣ୍ଟନ

ପାରାଦୀପ,୪।୧୦(ସମିସ): ଆନ୍ତର୍ଜାତିକ ବୟସ୍କ ଦିବସ ଅବସରରେ ବିବେକାନନ୍ଦ ୟୁଥ୍ କ୍ଲବ୍ ପକ୍ଷରୁ ବୟସ୍କ ଅସହାୟ ବୃଦ୍ଧାଙ୍କୁ ଛତା ବଣ୍ଟନ କରାଯାଇଛି। ସ୍ଥାନୀୟ ହନୁମାନ ମନ୍ଦିର ନିକଟରେ ଆୟୋଜିତ କାର୍ଯ୍ୟକ୍ରମରେ କ୍ଲବ୍‌ର ସଭାପତି ଜଗନ୍ନାଥ ହାଲଦାରଙ୍କ ସମେତ କାର୍ଯ୍ୟକାରୀ ସଭାପତି ଅଜୟ ମିସ୍ତ୍ରୀ, ମନୋଜ ପାତ୍ର, ସଞ୍ଜୟ ମଣ୍ଡଳ, ଶଙ୍କର ମିର୍ଧା ଓ ଅନ୍ୟ ସଦସ୍ୟ ଉପସ୍ଥିତ ଥିଲେ।

## ଯୁବକଙ୍କୁ ଆକ୍ରମଣ ଅଭିଯୋଗ

ତିର୍ତ୍ତୋଲ, ୪।୧୦(ସମିସ): ପିତାମ୍ବରପୁର ଗ୍ରାମର ଅଜିତ ମହାନ୍ତିଙ୍କ ପୁଅ ଆରୋଶ୍ରିତ ମହାନ୍ତି( ୨୪)ଙ୍କ ଉପରେ ଆକ୍ରମଣ ହୋଇଥିବା ନେଇ ତିର୍ତ୍ତୋଲ ଥାନାରେ ଅଭିଯୋଗ ହୋଇଛି। ସେ ଘର ବାହାରକୁ ଆସିଥିବାବେଳେ ପଡ଼ୋଶୀ ତ୍ରିଲୋଚନ ମହାନ୍ତି, ପ୍ରସନ୍ନ ମହାନ୍ତି ତାଙ୍କୁ ଘୋଷାଡି ଠେଙ୍ଗାରେ ଆକ୍ରମଣ କରିଥିଲେ। ପ୍ରସନ୍ନ ମହାନ୍ତିଙ୍କ ପତ୍ନୀ ବେବିନା ତାଙ୍କ ପିଠିର ବହୁ ସ୍ଥାନରେ କାମୁଡି ଫୁଟାଇ ଦେଇଥିଲେ। ଆରୋଶ୍ରିତକୁ ବଞ୍ଚାଇବାକୁ ଯାଇ ତାଙ୍କ ବାପା ଓ ମାଆ ମଧ୍ୟ ଆହତ ହୋଇଥିଲେ। ଆରୋଶ୍ରିତଙ୍କ ପରିବାର ଏତଲା ଦେବା ପରେ ପୁଲିସ ମାମଲା ରୁଜୁ କରିଛି। ଅନ୍ୟପକ୍ଷରେ ତ୍ରିଲୋଚନଙ୍କ ପରିବାର ପକ୍ଷରୁ ପାଲଟା ଅଭିଯୋଗ ହୋଇଛି।

## ଅଲ୍ଲୀ ବାବୁଙ୍କ ପରଲୋକ



ପାରାଦୀପ, ୪।୧୦(ସମିସ): ଓଡ଼ିଶା ଷ୍ଟିଭେଡୋର୍ସ ଲିମିଟେଡ଼ (ଓଏସଏଲ)ର ବରିଷ୍ଠ ଅଧିକାରୀ ମିର୍ ଅବଦୁଲ ଖଲିକ (ଅଲ୍ଲୀ ବାବୁ)ଙ୍କ ୬୩ ବର୍ଷ ବୟସରେ ହୃଦଘାତରେ ପରଲୋକ ଘଟିଛି। ସେ ଛାତିରେ ଯନ୍ତ୍ରଣା ଅନୁଭବ କରିବାରୁ ତାଙ୍କୁ ଡାକ୍ତରଖାନା ନିଆଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତାଙ୍କ ମୃତ୍ୟୁରେ ଓଏସଏଲ ପାରାଦୀପ ଶାଖା କର୍ମଚାରୀଙ୍କ ସମେତ ସାରା ବନ୍ଦରାଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ଓଏସଏଲର ପ୍ରତିଷ୍ଠାତା ଶିଳ୍ପପତି ମହିମାନନ୍ଦ ମିଶ୍ର, ନିର୍ଦ୍ଦେଶକ ଚର୍ଚ୍ଚିତ ମିଶ୍ର ଶୋକ ବ୍ୟକ୍ତ କରିଛନ୍ତି। ଓଏସଏଲ ପାରାଦୀପ ଶାଖା ଭାଇସ ପ୍ରେସିଡେଣ୍ଟ ବିଜୟ ଓଝା, ସୁବାସ ଆଚାର୍ଯ୍ୟ, ଡିଜିଏମ ସନ୍ତୋଷ ପଟେଲଙ୍କ ସମେତ ଓଏସଏଲର ବହୁ ଅଧିକାରୀ ଓ ଅଲ୍ଲୀ ବାବୁଙ୍କୁ ଭଲ ପାଉଥିବା ଲୋକ ତାଙ୍କ କଟକ ଜିଲ୍ଲା ନେମାଳସ୍ଥ ବରହମପୁର ବାସଭବନକୁ ଯାଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଗ୍ରାମ ଶ୍ମଶାନରେ ତାଙ୍କୁ କବର ଦିଆଯାଇଛି।

## ଅବସରପ୍ରାପ୍ତ ପୁଲିସ ଡିଏସ୍‌ପି ସଞ୍ଜୟ ବିଶ୍ୱାଳଙ୍କ ଶ୍ରଦ୍ଧାଞ୍ଜଳି

ବାଲିକୁଦା,୪।୧୦(ସମିସ): ତିତିରା ପଞ୍ଚାୟତର କେଉଟପାଳ ଗ୍ରାମରେ ଜନ୍ମିତ ଅବସରପ୍ରାପ୍ତ ପୁଲିସ ଡିଏସ୍‌ପି ସଞ୍ଜୟ ବିଶ୍ୱାଳଙ୍କୁ ତାଙ୍କ ଏକାଦଶାହରେ ଶ୍ରଦ୍ଧାଞ୍ଜଳି ଦିଆଯାଇଛି। ଆଞ୍ଚଳିକ ଜାଗ୍ରତ ଗୌରୀ ଗୀତା ପ୍ରଚାରର ସଭାପତି ପଣ୍ଡିତ ହୃଷିକେଶ ସାହୁଙ୍କ ଅଧ୍ୟକ୍ଷତାରେ ଶ୍ରଦ୍ଧାଞ୍ଜଳି ସଭାରେ ଜିଲ୍ଲା ପରିଷଦ ସଭ୍ୟା ରୁନିଲତା ବେହେରା, ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଶିକ୍ଷାବିତ ଡଃ ବିଷ୍ଣୁଚରଣ ସ୍ୱାଇଁ, ବରିଷ୍ଠ ଆଇନଜୀବୀ ଡଃ ବୀରନାରାୟଣ ପାତ୍ର, ଶିକ୍ଷାବିତ ଶରତ ବାରିକ, ଅକ୍ଷୟ ମହାନ୍ତି, ଚକ୍ରଧର ଷଡଙ୍ଗୀ, ରବୀନ୍ଦ୍ର ବେହେରା, ବିଜୟ ବିଶ୍ୱାଳ, ରଞ୍ଜନ ବିଶ୍ୱାଳ ପ୍ରମୁଖ ଯୋଗଦେଇ ସ୍ମୃତିଚାରଣ କରିଥିଲେ। ପ୍ରାରମ୍ଭରେ ଦୁଇ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ପୁଅ ମିଳନ ବିଶ୍ୱାଳ ଧନ୍ୟବାଦ ଅର୍ପଣ କରିଥିଲେ।

# ଶ୍ରୀକୃଷ୍ଣ ଏକାଡେମୀ ପୁରାତନ ଛାତ୍ରଛାତ୍ରୀଙ୍କ ବନ୍ଧୁମିଳନ




ଜଗତସିଂହପୁର,୪।୧୦(ସମିସ): ଶ୍ରୀକୃଷ୍ଣ ଏକାଡେମୀ ୧୯୮୭ ବ୍ୟାଚ୍ ଛାତ୍ରଙ୍କ ବନ୍ଧୁମିଳନ ଉତ୍ସବ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ବ୍ୟାଚ୍‌ର ଛାତ୍ର ତଥା ସାମ୍ବାଦିକ ଶଶାଙ୍କ ଶେଖର ପଣ୍ଡା, ଶୁଭେନ୍ଦୁ ପଟ୍ଟନାୟକ ଓ ଲଲାଟେନ୍ଦୁ ପାଣିଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି ଉତ୍ସବରେ ୫୦ରୁ ଊର୍ଦ୍ଧ୍ୱ ଛାତ୍ର ଯୋଗଦେଇ ପଢିବା ସମୟର ସ୍ମୃତିଚାରଣ କରିଥିଲେ। ଏ ଅବସରରେ ଦିବଙ୍ଗତ ସହପାଠୀଙ୍କ ସ୍ମୃତିରେ ୨ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ସେହିପରି ପୂର୍ବ ସମୟର ଶିକ୍ଷାଦାନ ଓ ବର୍ତ୍ତମାନର ଶିକ୍ଷାଦାନ ବ୍ୟବସ୍ଥା ସମ୍ପର୍କରେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଶିବ ସ୍ୱାଇଁ, ସୀତାଂଶୁ ଦାଶ, ରଜନୀ ମିଶ୍ର, ଭାରତକ୍ରିଷ୍ଣ ରାଉତ, ବଳଦେବ ପଳାଉରୀ, ପ୍ରଦୀପ ସ୍ୱାଇଁ, ନବ ଗୋଛାୟତ, ପ୍ରଶାନ୍ତ ଦାସ, କିଶୋର ସ୍ୱାଇଁ ଓ ସୁଜ୍ଞାନ ପାତ୍ର ପ୍ରମୁଖ ଯୋଗ ଦେଇଥିଲେ।

# ସରଳା ଦେବୀଙ୍କ ଶ୍ରାଦ୍ଧୋତ୍ସବ



ବାଲିକୁଦା,୪।୧୦(ସମିସ): ରାଜ୍ୟର ପ୍ରଥମ ମହିଳା ସ୍ୱାଧୀନତା ସଂଗ୍ରାମୀ, କଟକର ପ୍ରଥମ ବିଧାୟିକା ଓ ସାହିତ୍ୟିକା ସରଳା ଦେବୀଙ୍କ ୩୯ତମ ଶ୍ରାଦ୍ଧୋତ୍ସବ ବାଲିକୁଦା ସରକାରୀ ମହିଳା ମହାବିଦ୍ୟାଳୟ ପରିସରରେ ଭୁବନେଶ୍ୱର ସରଳା ଦେବୀ ସ୍ମାରକୀ ଟ୍ରଷ୍ଟ ଓ ଜଗତସିଂହପୁର ଜିଲ୍ଲା ବିକାଶ ପରିଷଦ ପକ୍ଷରୁ ଅନୁଷ୍ଠିତ ହୋଇଯାଇଛି। ଗୁରୁକଲ୍ୟାଣ ମହାପାତ୍ରଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଉଦଘାଟକ ଜଗତସିଂହପୁର ସାଂସଦ ବିଭୁ ପ୍ରସାଦ ତରାଇ, ମୁଖ୍ୟବକ୍ତା ଭାବେ ପୂର୍ବତନ ବିଧାନସଭା ସଚିବ ଦାଶରଥି ଶତପଥୀ, ସମ୍ମାନିତ ଅତିଥି ଭାବେ ବାଲିକୁଦା-ଏରସମା ବିଧାୟକ ଶାରଦା ପ୍ରସନ୍ନ ଜେନା, ପ୍ରଫେସର ପୂର୍ଣ୍ଣେନ୍ଦ୍ର ମଲ୍ଲିକ, ବିଶିଷ୍ଟ ସମାଜସେବୀ ମାନସୀ ପ୍ରଧାନ, ପୂର୍ବତନ ବିଧାୟକ ଜ୍ୟୋତିଷ ଦାସ, ଶିବବ୍ରତ ଦାସ ପ୍ରମୁଖ ଯୋଗଦେଇ ସରଳା ଦେବୀଙ୍କ ସ୍ୱାଧୀନତା ପାଇଁ ଅବଦାନ ଅତୁଳନୀୟ ବୋଲି କହିଥିଲେ। କବି ପୂର୍ଣ୍ଣାନନ୍ଦ ମହାନ୍ତି ମଞ୍ଚ ପରିଚାଳନା କରିଥିବାବେଳେ ରଞ୍ଜିତ ଦାସ ସ୍ୱାଗତ କରିଥିଲେ। ସୂର୍ଯ୍ୟ ମହାନ୍ତି ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଜିଲ୍ଲା ପରିଷଦ ସଭ୍ୟା ଡଲି ପଣ୍ଡା ଧନ୍ୟବାଦ ପ୍ରଦାନ କରିଥିଲେ।

## କଳ୍ପତରୁ ସଂକୀର୍ତ୍ତନ ମହାମଣ୍ଡଳ କୁଜଙ୍ଗ ବ୍ଲକ ଶାଖା ବାର୍ଷିକ ଉତ୍ସବ




କୁଜଙ୍ଗ,୪।୧୦(ସମିସ): ବିଜୟା ଦଶମୀରେ ଶ୍ରୀଶ୍ରୀ କଳ୍ପତରୁ ସଂକୀର୍ତ୍ତନ ମହାମଣ୍ଡଳ କୁଜଙ୍ଗ ବ୍ଲକ୍ ଶାଖାର ୧୧ତମ ବାର୍ଷିକ ଉତ୍ସବ ନୃସିଂହ ନାଥ ପୀଠ ତେରମାଣପୁରଠାରେ ଅନୁଷ୍ଠିତ ହୋଇଯାଇଛି। ଜଗତସିଂହପୁର ଜିଲ୍ଲା ସଭାପତି ମହେଶ ଚୌଧୁରୀ ଓ ବିଭିନ୍ନ ବ୍ଲକ୍‌ର କର୍ମକର୍ତ୍ତା ହୃଷିକେଶ ଖଣ୍ଡୁଆଳ, ଭଗବାନ ଦାସ, ଶରତ ବାରିକ, କେଦାର ରାଉତ, ଏରସମା ବ୍ଲକ କଳା ସଂସ୍କୃତି ବିଭାଗ ଉପସଭାପତି ନାରାୟଣ ସାହୁ, ପୋତାନଇ ସରପଞ୍ଚ ବ୍ରଜକିଶୋର ମହାରାଜ, ସଂକୀର୍ତ୍ତନ ଗୁରୁ ବାବାଜୀ ଚରଣ ଦାସ ପ୍ରମୁଖ ଯୋଗଦେଇ ନାମ ସଂକୀର୍ତ୍ତନର ଆଭିମୁଖ୍ୟ ଓ ଗୌରାଙ୍ଗ ମହାପ୍ରଭୁଙ୍କ ଲୀଳା ଉପରେ ଅବତାରଣା କରିଥିଲେ। ମହାମଣ୍ଡଳର ସହସମ୍ପାଦକ ବିଚିତ୍ର ବିଶ୍ୱାଳ ଧନ୍ୟବାଦ ଅର୍ପଣ କରିଥିଲେ।

## ଗୋପାଳସାଗର ଛକରେ ଦବା ଇଣ୍ଡିଆ କାଉଣ୍ଟର ଉଦ୍‌ଘାଟିତ

ଜଗତସିଂହପୁର, ୪।୧୦(ସମିସ): ଜଗତସିଂହପୁର ସହରର ଗୋପାଳସାଗର ଛକ ନିକଟରେ ଦବା ଇଣ୍ଡିଆ ମେଡ଼ିସିନ କାଉଣ୍ଟର ଉଦ୍‌ଘାଟିତ ହୋଇଛି। ସ୍ଥାନୀୟ କଣ୍ଟାବଲ୍ଲଭପୁର ଗ୍ରାମର ଯୁବ ଇଂଜିନିୟର ବସନ୍ତ ବାରିକ ଓ ତାଙ୍କ ପତ୍ନୀ ଇଂ ବୈଜୟନ୍ତୀ ବାରିକଙ୍କ ଉଦ୍ୟମରେ ଖୋଲାଯାଇଥିବା ଏହି ମେଡ଼ିସିନ କାଉଣ୍ଟରକୁ ତାଙ୍କ ମାତା ଶାରୀଲତା ବାରିକ ଉଦଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରିୟ ମହାନ୍ତି, ଦୁର୍ଯ୍ୟୋଧନ ବାରିକ, ସାମ୍ବାଦିକ ଶଶାଙ୍କ ଶେଖର ପଣ୍ଡା, ରେଣୁବାଳା ବାରିକ, ବୀଣାପାଣି ବାରିକ, ଉଷାରାଣୀ ବାରିକ, ବିମ୍ବାଧର ବିଶ୍ୱାଳ, ଆଲୋକ ବାରିଲ, ଶୈଳେନ୍ଦ୍ର ବାରିକ, ସ୍ମିତା ସାଗରିକା ବାରିକ, ସୁବ୍ରତ ତ୍ରିପାଠୀ, ସୁରେଶ ବାରିକ, ଅଭୟ ମହାନ୍ତି ପ୍ରମୁଖ ଯୋଗ ଦେଇଥିଲେ।

## ପାରାଦୀପ କଲେଜ ଏନ୍‌ସିସି କ୍ୟାଡେଟ୍ ବିଶାଳ ସମ୍ମାନିତ



ପାରାଦୀପ, ୪।୧୦(ସମିସ): ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ସଫଳତା ଲାଭ କରିଥିବା କଟକ ଏନସିସି ଗ୍ରୁପ୍‌ର ପାଞ୍ଚଜଣ କ୍ୟାଡେଟଙ୍କୁ ସମ୍ମାନିତ କରାଯାଇଛି। ଏମାନଙ୍କ ମଧ୍ୟରେ ଅଛନ୍ତି ପାରାଦୀପ କଲେଜ ଏନସିସି କ୍ୟାଡେଟ୍ ବିଶାଳ ପଲାଇ। କଟକ ଏନସିସି ଗ୍ରୁପ୍ ମୁଖ୍ୟାଳୟରେ ଗ୍ରୁପ୍ କମାଣ୍ଡର କର୍ଣ୍ଣେଲ ସତ୍ୟବ୍ରତ ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଆୟୋଜିତ ହୋଇଥିବା ଉତ୍ସବରେ ଉପରୋକ୍ତ କ୍ୟାଡେଟ୍‌ଙ୍କୁ ସମ୍ମାନିତ କରାଯାଇଥିଲା। କର୍ଣ୍ଣେଲ ସତ୍ୟବ୍ରତ ସ୍ୱାଇଁ କ୍ୟାଡେଟଙ୍କୁ ସେମାନଙ୍କ ପ୍ରତିବଦ୍ଧତା, ଶୃଙ୍ଖଳା ଓ ଉତ୍ସର୍ଗ ପାଇଁ ପ୍ରଶଂସା କରିଥିଲେ।

## ରଞ୍ଜିତ ପଣ୍ଡା ଜଗତସିଂହପୁର ଜିଲ୍ଲା ବିଜେଡି ସାମାଜିକ ଗଣମାଧ୍ୟମ ସଂଯୋଜକ ନିଯୁକ୍ତ



କୁଜଙ୍ଗ,୪।୧୦(ସମିସ): ବିଜୁ ଜନତା ଦଳର ଜଗତସିଂହପୁର ଜିଲ୍ଲା ସାମାଜିକ ଗଣମାଧ୍ୟମ ସଂଯୋଜକ ଭାବେ ନିଯୁକ୍ତ ହୋଇଥିବା ଜଣାପଡ଼ିଛି। ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କ ସୁପାରିଶ କ୍ରମେ ଦଳର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର ଆଜି ଏ ନେଇ ଘୋଷଣା କରିଥିବା ଜଣାପଡିଛି। ଶ୍ରୀ ପଣ୍ଡା ଜଣେ ସାମ୍ବାଦିକ ଭାବେ ଜଗତସିଂହପୁର ଜିଲ୍ଲାରେ ପରିଚିତ ଅଟନ୍ତି। ତାଙ୍କର ଏହି ନୂତନ ନିଯୁକ୍ତି ପାଇଁ ରାଜ୍ୟ ସଭାପତି ନବୀନ ପଟ୍ଟନାୟକ, ରାଜ୍ୟ ଯୁବ ବ୍ୟାପାର ସାଧାରଣ ସମ୍ପାଦକ ଅମରେଶ ପତ୍ରୀ, ପୂର୍ବତନ ରାଜ୍ୟସଭା ସାଂସଦ ଅମର ପଟ୍ଟନାୟକ, ପୂର୍ବତନ ବିଧାୟକ ସମ୍ବିତ ରାଉତରାୟ, ଜ୍ୟୋତି ରଂଜନ ଜେନା, ଜିଲ୍ଲା ବିଜେଡି ସଭାପତି ପ୍ରଶାନ୍ତ ମୁଦୁଲି, ଯୁବ ବିଜେଡି ପୂର୍ବତନ ସାଧାରଣ ସମ୍ପାଦକ ଶାନ୍ତିସ୍ୱରୂପ ଦାସଙ୍କୁ କୃତଜ୍ଞତା ଜଣାଇଛନ୍ତି। ଶ୍ରମିକ ନେତା ବାପି ସର୍ଖେଲ, ବିଜେଡି ଜିଲ୍ଲା ଉପସଭାପତି ପୀତାମ୍ବର ତରାଇ, କୁଜଙ୍ଗ ପଞ୍ଚାୟତ ସମିତି ଅଧ୍ୟକ୍ଷା ନୀନାରାଣୀ ସାହୁ, ସୁଢଳ ସ୍ୱାଇଁ, ଅରୁଣ ବେହେରା, ବ୍ରଜ ମହାରାଜ ପ୍ରମୁଖ ଅଭିନନ୍ଦନ ଜଣାଇଛନ୍ତି।

## ପୂର୍ବତନ ବିଧାୟକ କୃଷ୍ଣଚନ୍ଦ୍ର ମଲ୍ଲିକଙ୍କ ପରଲୋକ



ଜଗତସିଂହପୁର, ୪।୧୦(ସମିସ): ଜଗତସିଂହପୁର ସଦରର ପୂର୍ବତନ ବିଧାୟକ କୃଷ୍ଣଚନ୍ଦ୍ର ମଲ୍ଲିକ ଗତକାଲି ପୂର୍ବାହ୍ନରେ ପରଲୋକ ହୋଇଯାଇଛି। ସ୍ୱର୍ଗତ ମଲ୍ଲିକ ଜଣେ ଲୋକପ୍ରିୟ ସଂଗଠକ ଓ ଆଧ୍ୟାତ୍ମିକ ଚେତନାବାଦୀ ବ୍ୟକ୍ତିତ୍ୱ ଥିଲେ। ସେ ୧୯୮୦ରୁ ୧୯୮୫ ପର୍ଯ୍ୟନ୍ତ ଜଗତସିଂହପୁର ସଂରକ୍ଷିତ ବିଧାନସଭା ଆସନରୁ କଂଗ୍ରେସ ଦଳରୁ ଓଡ଼ିଶା ବିଧାନସଭାକୁ ପ୍ରତିନିଧିତ୍ୱ କରିଥିଲେ। ତାଙ୍କର ମରଶରୀର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ପହଞ୍ଚିବା ପରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଅତିରିକ୍ତ ଜିଲ୍ଲାପାଳ ସମ୍ବିତ କୁମାର ରାଉତ ପୁଷ୍ପମାଲ୍ୟ ପ୍ରଦାନ ପୂର୍ବକ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିବା ସହ ତାଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିଥିଲେ। ଏ ଅବସରରେ ଜିଲ୍ଲା ସଂସ୍କୃତି ଅଧିକାରୀ ଦିଲ୍ଲୀପ ଜେନା, ସୂଚନା ଓ ଲୋକସମ୍ପର୍କ ବିଭାଗର ବରିଷ୍ଠ ସହାୟକ ଦିବାକର ପାତ୍ର ଓ ଅନ୍ୟ କର୍ମଚାରୀ ଉପସ୍ଥିତ ଥିଲେ। ସ୍ୱର୍ଗତ ମଲ୍ଲିକଙ୍କ ବିୟୋଗରେ ସମଗ୍ର ଜଗତସିଂହପୁର ଜିଲ୍ଲାରେ ଶୋକର ଛାୟା ଖେଳିଯାଇଛି।

# ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ ପାଳିତ



ଜଗତସିଂହପୁର,୪।୧୦(ସମିସ)

ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ ଐତିହାସିକ ଅଳକା ଆଶ୍ରମ ଆନୁକୂଲ୍ୟ ଓ ଉତ୍କଳ ସେବାନିବୃତ୍ତ ସେନାନୀ ସଂଘ ସହଯୋଗରେ ପାଳିତ ହୋଇଯାଇଛି।




ଏ ଅବସରରେ ଜଗତସିଂହପୁର ସହରରେ ଏକ ସଦଭାବନା ଯାତ୍ରା ଆୟୋଜିତ ହୋଇଥିଲା। ପ୍ରାତଃ ୮.୩୦ ସମୟରେ ଅଳକା ଆଶ୍ରମ ପରିସରରେ ଜଗତସିଂହପୁର ବ୍ଲକ ଉନ୍ନୟନ ଅଧିକାରୀ ଆଶୁତୋଷ ମିଶ୍ର, ଜଗତସିଂହପୁର ପୌରପରିଷଦର ଉପାଧ୍ୟକ୍ଷ ରାଜେନ୍ଦ୍ର ବିଶୋଇ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ପ୍ରତୀଚୀ ତନୟା ମହାନ୍ତି, ଅଳକା ଆଶ୍ରମ ପରିଚାଳନା କମିଟି ମୁଖ୍ୟ ଉପଦେଷ୍ଟା ବିନାୟକ ପଟ୍ଟନାୟକ, ସଭାପତି ଗୌରାଙ୍ଗ ହୋତା, ଉତ୍କଳ ସେବାନିବୃତ୍ତ ସେନାନୀ ସଂଘ ସଭାପତି ସୋମନାଥ ମହାରଣା ପ୍ରମୁଖ ଉପସ୍ଥିତିରେ ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ ପରେ ରାମଧୁନ ଗାନ କରାଯାଇ ବାପୁଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରାଯାଇଥିଲା। ସଦଭାବନା ଯାତ୍ରାରେ ବିଜୟ ରଥ, ଜ୍ୟୋତି ରଞ୍ଜନ ପ୍ରଧାନ, ନିରଞ୍ଜନ ବିଶ୍ୱାଳ, ପ୍ରତାପ ଲେଙ୍କା, ସୁଧାଂଶୁ ନାୟକ, ଜଗନ୍ନାଥ ଦାସ, ସୁଭାଷ ରାଉତ, ସାମ୍ବାଦିକ ଶଶାଙ୍କ ଶେଖର ପଣ୍ଡା, କେଦାର ଦାସଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି, ଛାତ୍ରଛାତ୍ରୀ, ଦୁଇ ଅନୁଷ୍ଠାନର ସଦସ୍ୟ ଯୋଗଦେଇ ଗାନ୍ଧୀଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

**ପାରାଦୀପ:** ପାରାଦୀପ ବନ୍ଦର ପକ୍ଷରୁ ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ ପାଳିତ ହୋଇଯାଇଛି। ବରିଷ୍ଠ ଅଧିକାରୀ ଓ କର୍ମଚାରୀଙ୍କ ଗହଣରେ ବନ୍ଦର ପ୍ରାଧିକରଣ ଅଧ୍ୟକ୍ଷ ପିଏଲ ହରନାଦ ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। ପାରାଦୀପ ବିଧାୟକ ତଥା ମନ୍ତ୍ରୀ ସମ୍ପଦ ସ୍ୱାଇଁଙ୍କ ସମେତ ବନ୍ଦରର ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ। ସେହିଭଳି ପାରାଦୀପ ବନ୍ଦର ପ୍ରାଧିକରଣ ମାର୍ଗଦର୍ଶନରେ ସ୍ଥାନୀୟ ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ସ୍ୱଚ୍ଛତା ଓ ପରିବେଶ ସୁରକ୍ଷା ବିଷୟ ବସ୍ତୁ ଉପରେ ପ୍ରବନ୍ଧ ଓ ଚିତ୍ରକଳା ପ୍ରତିଯୋଗିତା ଆୟୋଜିତ ହୋଇଥିଲା।

ସେହିପରି ପାରାଦୀପ ନଗର କଂଗ୍ରେସ ପକ୍ଷରୁ ଜାତିର ପିତା ମହାତ୍ମା ଗାନ୍ଧୀ ଓ ଲାଲ ବାହାଦୂର ଶାସ୍ତ୍ରୀଙ୍କ ଜନ୍ମ ଦିବସ ବଡପଡ଼ିଆ କଂଗ୍ରେସ କାର୍ଯ୍ୟାଳୟରେ ପାଳିତ ହୋଇଯାଇଛି। ନଗର କଂଗ୍ରେସ ସଭାପତି କେଦାର ନାଥ ବିଶ୍ୱାଳଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଉତ୍ସବରେ ଉଭୟ ବରପୁତ୍ରଙ୍କର ଫଟୋଚିତ୍ରରେ ମାଲ୍ୟାର୍ପଣ କରାଯାଇ ଶ୍ରଦ୍ଧା ସୁମନ ଅର୍ପଣ କରାଯାଇ ଦୁଇ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ମନୋଜ ପ୍ରଧାନ, ପ୍ରେମଲତା ବାରିକ, ତ୍ରିନାଥ ମହାନ୍ତି, ସାମ୍ବାଦିକ ଧ୍ରୁବ ଚରଣ ମହାପାତ୍ର, ସୁନାକର ସେଠୀ, ଧରିତ୍ରୀ ସାମଲ, ପ୍ରତରମା ବାରିକ, ପଦ୍ମସମ୍ଭୂତ ମହାନ୍ତି, ଚନ୍ଦ୍ରଶେଖର ମହାପାତ୍ର, ସସ୍ମିତା ମହାନ୍ତି ପ୍ରମୁଖ ଯୋଗ ଦେଇଥିଲେ।

ପାରାଦୀପ ପୌରପାଳିକା ପକ୍ଷରୁ ଜାତିର ଜନକ ମହାତ୍ମା ଗାନ୍ଧୀଙ୍କ ଜୟନ୍ତୀ ଓ ସ୍ୱଚ୍ଛ ଭାରତ ଦିବସ ପାଳିତ ହୋଇଯାଇଛି। ମଧୁବନ ଏଡିଏମଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଥିବା ଗାନ୍ଧିଜୀଙ୍କ ପ୍ରତିମୂର୍ତ୍ତିରେ ମୁଖ୍ୟଅତିଥି ମନ୍ତ୍ରୀ ସମ୍ପଦ ସ୍ୱାଇଁ ମାଲ୍ୟାର୍ପଣ କରିଥିଲେ। ଆୟୋଜିତ କାର୍ଯ୍ୟକ୍ରମରେ ପୌରାଧ୍ୟକ୍ଷ ବସନ୍ତ ବିଶ୍ୱାଳ ସଭାପତିତ୍ୱ କରିଥିଲେ। ଏଥିରେ ପୌର ପରିଷଦର ବହୁ ପାରିଷଦ, କର୍ମଚାରୀ ଓ ଅନ୍ତେବାସୀ ଯୋଗ ଦେଇଥିଲେ। ପୌର ପରିଷଦ କାର୍ଯ୍ୟନିର୍ବାହୀ ଅଧିକାରୀ ଅଭିଷେକ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ।

ଜାତିର ଜନକ ମହାତ୍ମା ଗାନ୍ଧୀଙ୍କ ଜୟନ୍ତୀ ଇଣ୍ଡିଆନ୍ ଅଏଲ୍ ପାରାଦୀପ ରିଫାଇନାରୀ ପରିସରରେ ପାଳିତ ହୋଇଯାଇଛି। କାର୍ଯ୍ୟକାରୀ ନିର୍ଦ୍ଦେଶକ ତଥା ରିଫାଇନାରୀ ମୁଖ୍ୟ କୈଶିକ ବସୁ ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ ଏ ଅବସରରେ ଶ୍ରୀ ବସୁ ଉପସ୍ଥିତ ଅଧିକାରୀ, କର୍ମଚାରୀଙ୍କୁ ସ୍ୱଚ୍ଛତାର ଶପଥ ପାଠ କରାଇଥିଲେ।

**ବାଲିକୁଦା:** ବାଲିକୁଦା ବ୍ଲକ ଥାଇଲ ପଞ୍ଚାୟତ ଜଏଗାଁସ୍ଥ ଶ୍ରୀକୃଷ୍ଣ ଗୁରୁକୁଳ ପରିସରରେ ଜାତିର ପିତା ମହାତ୍ମା ଗାନ୍ଧୀ ଓ ଲାଲ ବାହାଦୂର ଶାସ୍ତ୍ରୀଙ୍କ ଜୟନ୍ତୀ ପାଳିତ ହୋଇଯାଇଛି। ଏ ଅବସରରେ ଅଧ୍ୟାପକ ପଣ୍ଡିତ ପ୍ରଶାନ୍ତ ଶତପଥୀ ଶ୍ରୀଜଗନ୍ନାଥଙ୍କ ବଡ଼ପଣ୍ଡାଙ୍କ ହାତରେ ପୁରାଣ ପୁରୁଷ ଉପାଧି ପାଇଥିବାରୁ ଅଧ୍ୟାପକ ଶ୍ରୀ ଶତପଥୀଙ୍କୁ ଶ୍ରୀକୃଷ୍ଣ ଗୁରୁକୁଳ ପକ୍ଷରୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧନା କରାଯାଇଥିଲା। ବିଦ୍ୟାଳୟ ମାର୍ଗଦର୍ଶକ ଧର୍ମାନନ୍ଦ ଦାସ, ଅଳାଭର ସମିତି ସଭ୍ୟ ହରିଶ୍ଚନ୍ଦ୍ର ଶତପଥୀ, ଥାଇଲୋ ସମିତିସଭ୍ୟା ଜୟଶ୍ରୀ ଦର୍ପଦଳିନୀ ମଲ୍ଲିକ, ସମାଜସେବୀ ବିଭୂତି ଭୂଷଣ ସ୍ୱାଇଁ, ପ୍ରଫୁଲ୍ଲ ଷଡ଼ଙ୍ଗୀ, ରାମଚନ୍ଦ୍ର ଶତପଥୀ, ସ୍ମିତା ଦାସ, ପ୍ରସନ୍ନ ସାହୁ ପ୍ରମୁଖ ଯୋଗ ଦେଇଥିଲେ। ରବୀନ୍ଦ୍ର କୁମାର ସାହୁ ସଂଯୋଜନା କରିଥିଲେ।

**ଅପର୍ଣ୍ଣା ହତ୍ୟା ମାମଲା**

# ଡାକ୍ତରଙ୍କ ଚୂଡ଼ାନ୍ତ ରିପୋର୍ଟକୁ ଅପେକ୍ଷା

ଭୁବନେଶ୍ୱର,୪।୧୦(ସମିସ): ମହିଳା ଟ୍ରାଫିକ୍ କନେଷ୍ଟବଳ ଶୁଭମିତ୍ରା ସାହୁ ହତ୍ୟା ଘଟଣାରେ ଗିରଫ କନେଷ୍ଟବଳ ସ୍ୱାମୀ ଦୀପକର ଅଡୁଆ ବଢ଼ିଛି। ପ୍ରଥମ ପତ୍ନୀ ଅପର୍ଣ୍ଣା ରାଉତ ହତ୍ୟା ମାମଲାର ତଦନ୍ତ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ଉକ୍ତ ମାମଲାର ତଦନ୍ତ କରୁଥିବା କଟକ ଗ୍ରାମାଞ୍ଚଳ ପୁଲିସ ଘଟଣା ସହ ଜଡ଼ିତ ସମସ୍ତଙ୍କୁ ପଚରାଉଚରା କରି ସାରିଲାଣି। ଆର୍ଥିକ ଖୋଳତାଡ଼ ଜାରି ରହିଥିବା ବେଳେ ଡାକ୍ତରଙ୍କ ଚୂଡ଼ାନ୍ତ ରିପୋର୍ଟକୁ ଅପେକ୍ଷା କରିଛି।

୨୦୨୨ ମସିହା ମାର୍ଚ୍ଚ ୧୭ରେ ଦୀପକ ଓ ପ୍ରଥମ ପତ୍ନୀ ଅପର୍ଣ୍ଣା (ରାଜସ୍ୱ ନିରୀକ୍ଷକ) କାର୍ ଯୋଗେ ଢେଙ୍କାନାଳରୁ ଭୁବନେଶ୍ୱର ଆସୁଥିଲେ। ରାଧାକିଶୋରପୁରଠାରେ ଅପର୍ଣ୍ଣା ପରିସ୍ରା ପାଇଁ କାର୍‌ରୁ ଓହ୍ଲାଇଥିବା ବେଳେ ତାଙ୍କୁ ଏକ ଟ୍ରକ୍ ଧକ୍କା ଦେଇଥିଲା। ଦୀପକ ତାଙ୍କୁ କଟକସ୍ଥିତ ଘରୋଇ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲା ଓ ସେଠାରେ ଅପର୍ଣ୍ଣାଙ୍କ ମୃତ୍ୟୁ ହୋଇଥିଲା। କଟକ ବଡ଼ ଡାକ୍ତରଖାନାରେ ମୃତଦେହ ବ୍ୟବଚ୍ଛେଦ କରାଯାଇଥିଲା। ଦୀପକ ଅଭିଯୋଗ ଆଧାରରେ ସେତେବେଳେ ଖୁଣ୍ଟୁଣି ପୁଲିସ ଏକ ଦୁର୍ଘଟଣା ଜନିତ ମାମଲା ରୁଜୁ କରିଥିଲା। କିନ୍ତୁ ଦୀପକ ଟ୍ରକ୍ ମାଲିକଙ୍କୁ ଟଙ୍କା ଦେଇ ମିଛ କହିବାକୁ କହିଥିଲା ବୋଲି ସେତେବେଳେ ଟ୍ରକ୍ ମାଲିକ ବୟାନ ଦେଇଥିଲେ। ଦୀପକ ଦେଇଥିବା ଟ୍ରକ୍‌ର ସଂପୃକ୍ତି ନ ମିଳିବାରୁ ପୁଲିସ ଏଫ୍‌ଆରଟି ନୋ-କ୍ଲୁ କରି ମାମଲାକୁ ବନ୍ଦ କରିଦେଇଥିଲା। ଏବେ ଦ୍ୱିତୀୟ ପତ୍ନୀ ଶୁଭମିତ୍ରା



ହତ୍ୟାକାଣ୍ଡରେ ଦୀପକ ଗିରଫ ହେବା ପରେ ଅପର୍ଣ୍ଣାଙ୍କ ମାମଲା ସାମ୍ନାକୁ ଆସିଛି। ଅପର୍ଣ୍ଣାଙ୍କ ଭଉଣୀ ରୋଜାଲିନଙ୍କ ଅଭିଯୋଗ କରିବାରୁ ଖୁଣ୍ଟୁଣି ଥାନା ପୁଲିସ ମାମଲା ରୁଜୁ କରିଛି।

ତଦନ୍ତକାରୀ ଅଧିକାରୀ ଡିଏସପି ଅଜୟ ଦାସ ଦୁର୍ଘଟଣା ମାମଲାର ସମସ୍ତ ନଥିପତ୍ରକୁ ଜବତ କରିଥିଲେ। ଅପର୍ଣ୍ଣାଙ୍କ ପରିବାରର ୮ ଜଣ ସଦସ୍ୟଙ୍କ ସମେତ ଦୁର୍ଘଟଣା ମାମଲାର ତଦନ୍ତକାରୀ ଅଧିକାରୀ, ସାକ୍ଷୀ ଓ ତତ୍କାଳୀନ ଖୁଣ୍ଟୁଣି ଥାନା ଅଧିକାରୀଙ୍କୁ ପଚରାଉଚରା କରିଛନ୍ତି। ଅପର୍ଣ୍ଣାଙ୍କୁ ମୃତ ଘୋଷଣା କରିଥିବା ଡାକ୍ତର ଓ ମୃତଦେହକୁ ବ୍ୟବଚ୍ଛେଦ କରିଥିବା ଡାକ୍ତରଙ୍କୁ ମଧ୍ୟ ତଦନ୍ତ ପରିସରଭୁକ୍ତ କରିଛି ପୁଲିସ। ଏଥିସହ ବ୍ୟବଚ୍ଛେଦ ସମୟରେ ଉପସ୍ଥିତ ଥିବା ଦୀପକର ଭାଇ, ଭାଉଜଙ୍କ ସମେତ ଅନ୍ୟ ବ୍ୟକ୍ତିଙ୍କୁ

**■ ସରିଲା ୨୯ ଜଣଙ୍କ ବୟାନ ରେକର୍ଡ**
**■ ମହିଳା କନେଷ୍ଟବଳଙ୍କୁ ବି ପଚରାଉଚରା**

ମଧ୍ୟ ପଚରାଉଚରା କରାଯାଇଛି। ମୃତ୍ୟୁ ଦିନ ଅପର୍ଣ୍ଣା କାହା କାହା ସହ କଥା ହୋଇଛନ୍ତି ସେନେଇ ମଧ୍ୟ ପୁଲିସ ଖୋଳତାଡ଼ କରିଛି। ଦୀପକର ଧରମ ଭଉଣୀ ତଥା କମିସନରେଟ ପୁଲିସରେ କାର୍ଯ୍ୟରତ ଜଣେ ମହିଳା କନେଷ୍ଟବଳ ଅପର୍ଣ୍ଣାଙ୍କୁ ମାନସିକ ନିର୍ଯାତନା ଦେଉଥିଲେ ବୋଲି ରୋଜାଲିନ ଅଭିଯୋଗରେ ଦର୍ଶାଇଛନ୍ତି। ଏସବୁ ଦିଗକୁ ଯାଇ ମଧ୍ୟ ପୁଲିସ ତଦନ୍ତ କରିଛି। ସଂପୃକ୍ତ ମହିଳା କନେଷ୍ଟବଳଙ୍କୁ ଡକାଇ ତାଙ୍କ ବୟାନ ରେକର୍ଡ କରିଛି। ଏଯାବତ୍ ଘଟଣା ସହ ଜଡ଼ିତ ପ୍ରାୟ ୨୯ଜଣଙ୍କ ବୟାନ ରେକର୍ଡ କରି ସାରିଲାଣି ପୁଲିସ।

ଅପର୍ଣ୍ଣାଙ୍କ ମୃତ୍ୟୁ ପୂର୍ବରୁ ଦୀପକ ତାଙ୍କ ନାମରେ ଋଣ ଆଣିଥିଲା ଓ ସେହି ଟଙ୍କାକୁ ମାଛଚାଷ ଏବଂ ଅନ୍ୟାନ୍ୟ କ୍ଷେତ୍ରରେ ନିବେଶ କରିଥିଲା ବୋଲି ଜଣାପଡ଼ିବା ପରେ ଆର୍ଥିକ ଖୋଳତାଡ଼ ଆରମ୍ଭ ହୋଇଛି। ଅପର୍ଣ୍ଣା ଓ ଦୀପକ ନାମରେ ଥିବା ବ୍ୟାଙ୍କ ଆକାଉଣ୍ଟଗୁଡ଼ିକ ପୁଲିସ ସ୍କାନର୍‌କୁ ଆସିଛି। ଟଙ୍କା ନେଣଦେଣର ସବିଶେଷ ତଥ୍ୟ ମଗାଯାଇଛି। ଏଥିସହ ଅପର୍ଣ୍ଣାଙ୍କ ମୃତ୍ୟୁ ପରେ ବୀମା ବାବଦରେ ଦୀପକ ପ୍ରାୟ ଦେଢ଼ କୋଟି ଟଙ୍କା ହାତେଇଥିଲା। ସେସବୁର ତଥ୍ୟ ମଧ୍ୟ ମଗାଯାଇଛି। ସେପଟେ ଶବ ଡାକ୍ତରଙ୍କ ବୟାନ ରେକର୍ଡ ପରେ ବ୍ୟବଚ୍ଛେଦ ରିପୋର୍ଟକୁ ପୁନଃଯାଞ୍ଚ କରାଯାଉଛି। ସ୍ୱତନ୍ତ୍ର ଡାକ୍ତରୀ ଟିମ୍ ଅପର୍ଣ୍ଣାଙ୍କ ଶବ ବ୍ୟବଚ୍ଛେଦ ରିପୋର୍ଟକୁ ଆଉଥରେ ଯାଞ୍ଚ କରୁଛନ୍ତି। ଡାକ୍ତରଙ୍କ ଚୂଡ଼ାନ୍ତ ରିପୋର୍ଟ ବା ମତାମତ ଆସିବା ପରେ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ପୁଲିସ କହିଛି।

**■ ପାରିବାରିକ କଳହର କରୁଣ ପରିଣତି**

# ସ୍ତ୍ରୀକୁ ପିଟିପିଟି ହତ୍ୟା

ଔପଦା,୪।୧୦(ସମିସ): ପାରିବାରିକ କଳହର କରୁଣ ପରିଣତି। ନିଜ ପରିବାରଠାରୁ ବି ଅଧିକ ବିଶ୍ୱାସ କରି ଯେଉଁ ମଣିଷର ହାତ ଧରିଥିଲେ, ସେ ହିଁ ପିଟିପିଟି ଜୀବନ ନେଇଗଲା। ଏଭଳି ଏକ ଦୁଃଖଦ ତଥା ଲୋମହର୍ଷକ ଘଟଣା ଦେଖିବାକୁ ମିଳିଛି ବାଲେଶ୍ୱର ଜିଲ୍ଲା ଔପଦା ଥାନା ତଳକିଆ ପଞ୍ଚାୟତ ପ୍ରତାପପୁର ଗାଁରେ। ସ୍ତ୍ରୀକୁ ପିଟିପିଟି ହତ୍ୟା କରିଛି ସ୍ୱାମୀ। ମୃତ ମହିଳାଜଣଙ୍କ ହେଲେ, ମୟୂରଭଞ୍ଜ ଜିଲ୍ଲା ବାରିପଦା ପୂର୍ଣ୍ଣଚନ୍ଦ୍ରପୁର ଗାଁର କୁନୁ ବାଗଙ୍କ କନ୍ୟା ବିଷମା ବାଗ (୨୫)। ଏହି ଘଟଣାରେ ପୁଲିସ ବିଷମାଙ୍କ ସ୍ୱାମୀ ନିଶାକର ମାଣ (୩୩) ଓରଫ ଜଗାକୁ ଗିରଫ କରିଛି।



୪ବର୍ଷ ତଳେ ନିଶାକରଙ୍କୁ ବିଷମା ପ୍ରେମବିବାହ କରିଥିଲେ। ସେମାନଙ୍କର ଅଢ଼େଇ ବର୍ଷର ଏକ କନ୍ୟା ସନ୍ତାନ ଅଛି। ଗତକାଲି ରୋଷେଇକୁ ନେଇ ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ପରେ ଏହା ଉଗ୍ରରୂପ ନେଇଥିଲା। ବିଷମାକୁ ନିସ୍ତୁକ ମାଡ଼ ମାରିବା ସହ ଜଗା ତାଙ୍କୁ ତଳେ କଚାଡ଼ି ଦେଇଥିଲା। ତେବେ ସନ୍ଧ୍ୟାରେ ବିଷମାଙ୍କ ଅବସ୍ଥା ଗୁରୁତର ହେବାରୁ ଜଗା ସ୍କୁଟିରେ ତାଙ୍କୁ ଖଇରା ମେଡ଼ିକାଲକୁ ନେଇଥିଲା। ସେଠାରେ ଅବସ୍ଥା ସଙ୍କଟାପନ୍ନ ଦେଖି ଡାକ୍ତର ଭଦ୍ରକ ଡାକ୍ତରଖାନାକୁ ସ୍ଥାନାନ୍ତର କରିଥିଲେ।

୧୦୮ ଆମ୍ବୁଲାନ୍ସ ଯୋଗେ ଭଦ୍ରକ ନେବା ରାସ୍ତାରେ ବିଷମାର ମୃତ୍ୟୁ ହେବା ଜାଣି ଭୟରେ ଜଗା ନିଜ ଘର ପ୍ରତାପପୁରକୁ ଫେରାଇ ଆଣିଥିଲା। ଖବର ପାଇ ବିଷମାର ବପା କୁନୁ ବାଗ, ମା' ପାର୍ବତୀ ବାଗ ଓ ସମ୍ପର୍କୀୟ ମାନେ ଆଜି ଭୋର ଆସି ଥାନାରେ ଅଭିଯୋଗ କରିଥିଲେ। ଅଭିଯୁକ୍ତ ଜଗା ଖସିଯିବାକୁ ଚେଷ୍ଟା କରୁଥିବା ବେଳେ ପୁଲିସ ତାକୁ କାବୁ କରିଥିଲା।

**■ ବିଜେଡି ଆଇଟି ଓ ସୋସିଆଲ ମିଡିଆ ସେଲ**

## ଅମରେଶ ପତ୍ରୀଙ୍କୁ ସହ ଆବାହକ ଦାୟିତ୍ୱ

ଭୁବନେଶ୍ୱର, ୪।୧୦(ସମିସ): ବିଜେଡି ଆଇଟି ଓ ସୋସିଆଲ ମିଡିଆ ସେଲ କମିଟିରେ ନୂଆ ନିଯୁକ୍ତ ପ୍ରଦାନ କରାଯାଇଛି। ବିଜେଡି ସଭାପତି ନବୀନ ପଟ୍ଟନାୟକ ଏହି ନୂଆ ନିଯୁକ୍ତିକୁ ଅନୁମୋଦନ ଦେଇଛନ୍ତି। ଏନେଇ ବିଜେଡି ରାଜ୍ୟ କାର୍ଯ୍ୟାଳୟରୁ ନିର୍ଦ୍ଦେଶନାମା ପ୍ରକାଶ ପାଇଛି। ବିଜେଡି ରାଜ୍ୟ ସାଧାରଣ ସମ୍ପାଦକ(ଯୁବ ବ୍ୟାପାର) ଅମରେଶ ପତ୍ରୀଙ୍କୁ ଆଇଟି ଓ ସୋସିଆଲ ମିଡିଆ ସେଲର ସହ-ଆବାହକ ଦାୟିତ୍ୱ ପ୍ରଦାନ କରାଯାଇଛି। ସେହିପରି କ୍ୟାମ୍ପେନ୍ ଟିମ୍ ସଂଯୋଜକ ଭାବେ ଜ୍ୟୋତିରଞ୍ଜନ ଜେନା, ରିସର୍ଚ୍ଚ ଟିମ୍ ସଂଯୋଜକ ଭାବେ ବିଶ୍ୱପ୍ରତାପ ସାହୁ, କଣ୍ଟେଣ୍ଟ ରାଇଟର୍ ସଂଯୋଜକ ଭାବେ କୃଷ୍ଣପ୍ରିୟା ମିଶ୍ର ଓ ଲଗ୍ନଜିତ୍ ମହାନ୍ତିଙ୍କୁ ନିଯୁକ୍ତି ମିଳିଛି। ରାଜ୍ୟସ୍ତରୀୟ ଏବଂ ତୃଣମୂଳସ୍ତରୀୟ ଇନଫ୍ଲୁଏନ୍ସର୍ ସଂଯୋଜକ ଭାବେ ରଶ୍ମିରଞ୍ଜନ ମହାନ୍ତି, ଉମେଶ ଜେନା କାର୍ଯ୍ୟ କରିବେ।

## ବିଜେଡି ଆଇଟି ସେଲର ଷ୍ଟିୟରିଂ ଓ କାର୍ଯ୍ୟାନ୍ୱୟନ କମିଟି ଗଠିତ

ଭୁବନେଶ୍ୱର, ୪।୧୦(ସମିସ): ବିଜେଡି ଆଇଟି ଓ ସୋସିଆଲ ମିଡିଆ ସେଲର ଷ୍ଟିୟରିଂ କମିଟି ଏବଂ କାର୍ଯ୍ୟାନ୍ୱୟନ କମିଟି ଗଠନ କରାଯାଇଛି। ବିଜେଡି ସଭାପତି ନବୀନ ପଟ୍ଟନାୟକ ଏହି ନୂଆ ନିଯୁକ୍ତିକୁ ଅନୁମୋଦନ ଦେଇଛନ୍ତି। ଷ୍ଟିୟରିଂ କମିଟିରେ ମୋଟ ୧୩ଜଣ ନେତା ସ୍ଥାନ ପାଇଛନ୍ତି। ସେମାନେ ହେଲେ ପ୍ରସନ୍ନ ଆଚାର୍ଯ୍ୟ, ପ୍ରମିଳା ମଲ୍ଲିକ, ପ୍ରତାପ ଜେନା, ସ୍ନେହାଙ୍ଗିନୀ ଛୁରିଆ, ସୁଲତା ଦେଓ, କଳିକେଶ ନାରାୟଣ ସିଂହଦେଓ, ମହେଶ ସାହୁ, ପ୍ରୀତିରଞ୍ଜନ ଘଡାଇ, ତୁଷାରକାନ୍ତି ବେହେରା, ପ୍ରଣବ କୁମାର ବଳବନ୍ତରାୟ, ବ୍ୟୋମକେଶ ରାୟ, ଦେବେଶ ଆଚାର୍ଯ୍ୟ ଓ ଭୃଗୁ ବକ୍ସିପାତ୍ର। ସେହିପରି କାର୍ଯ୍ୟାନ୍ୱୟନ କମିଟିରେ ୧୫ଜଣ ନେତାଙ୍କୁ ସ୍ଥାନ ମିଳିଛି। ସେମାନେ ହେଲେ, ସୁଲୋଚନା ଦାସ, ସୁନୀଲ କୁମାର ମହାନ୍ତି, ଶର୍ମିଷ୍ଠା ସେଠୀ, ଲେଖାଶ୍ରୀ ସାମନ୍ତସିଂହାର, ବର୍ଷା ସିଂ ବରିହା, ରୁଦ୍ରପ୍ରତାପ ମହାରଥୀ, ମନ୍ମଥ କୁମାର ରାଉତରାୟ, ଅବିନାଶ ସାମଲ, ବିଷ୍ଣୁବ୍ରତ ରାଉତରାୟ, ଡ. ଲେନିନ୍ ମହାନ୍ତି, ଚିନ୍ମୟାନନ୍ଦ ଶ୍ରୀରୂପ ଦେବ, ସୁଶ୍ରୀ ରଞ୍ଜିତା ସାହୁ, ଚିନ୍ମୟ କୁମାର ସାହୁ, ଇପ୍ସିତା ସାହୁ ଓ ସ୍ୱୟମପ୍ରକାଶ ମହାପାତ୍ର।

## ଦାଦନ ସର୍ଦ୍ଦାର ଘରୁ ୫୫ ଶ୍ରମିକ ଉଦ୍ଧାର

କଣ୍ଟାବାଞ୍ଜି, ୪।୧୦ (ସମିସ): ବଲାଙ୍ଗିର ସହରର ୮ ନମ୍ବର ୱାର୍ଡର ଦୁଇଜଣ ଦାଦନ ସର୍ଦ୍ଦାରଙ୍କ ଘରୁ କଣ୍ଟାବାଞ୍ଜି ପୁଲିସ ୫୫ଜଣ ଦାଦନ ଶ୍ରମିକଙ୍କୁ ଉଦ୍ଧାର କରିଛି। ଦାଦନ ସର୍ଦ୍ଦାର ପ୍ରକାଶ ବେହେରା (୩୭) ଏବଂ ବ୍ରଜେଶ ବେହେରା (୩୫) ଘରୁ ଏମାନେ ଉଦ୍ଧାର ହୋଇଛନ୍ତି। ଉଦ୍ଧାର ଶ୍ରମିକମାନେ ନୂଆପଡ଼ା ଜିଲ୍ଲା ଓ ତୁରେକେଲା ଥାନା ଅଞ୍ଚଳର। ଏମାନଙ୍କ ମଧ୍ୟରେ ୨୫ଜଣ ପୁରୁଷ, ୧୬ମହିଳା, ୧୪ଜଣ ବାଳକ/ବାଳିକା ରହିଛନ୍ତି। ଘଟଣାସ୍ଥଳରୁ ୧ଲକ୍ଷ ୬୭ ହଜାର ଟଙ୍କା, ଗୋଟିଏ ଲାପ୍‌ଟପ୍, କାଗଜପତ୍ର, ୧ହଜାର ଶ୍ରମିକଙ୍କ ଆଧାର, ଭୋଟର କାର୍ଡ, ଖେଳଣା ବନ୍ଧୁକ ଜବତ ହୋଇଛି। କଣ୍ଟାବାଞ୍ଜି ଥାନାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଏସ୍‌ଡିପିଓ ଲକ୍ଷ୍ମୀନାରାୟଣ ମାରାଣ୍ଡି ଏହି ସୂଚନା ଦେଇଛନ୍ତି। ପୁଲିସ ସୂଚନାନୁଯାୟୀ, ଏ ସମସ୍ତଙ୍କୁ ଦାଦନ ସର୍ଦ୍ଦାରଦ୍ୱୟ ନୂଆଁଖାଇ ପୂର୍ବରୁ ଅଗ୍ରିମ ଟଙ୍କା ଦେଇଥିଲେ। ଏବେ ଦଶହରା ଶେଷ ହେଲା ପରେ ରାଜ୍ୟ ବାହାରକୁ ଚାଲାଣ କରିବାକୁ ପ୍ରୟାସ ଆରମ୍ଭ କରିଥିଲେ। ଅନ୍ୟପକ୍ଷେ, ଦୁଇ ଅଭିଯୁକ୍ତଙ୍କ ବାପା ହେଉଛି କଣ୍ଟାବାଞ୍ଜି ଅଞ୍ଚଳର ଜଣାଶୁଣା ଦାଦନ ସର୍ଦ୍ଦାର ଅର୍ଜ୍ଜୁନ ବେହେରା। ଗତବର୍ଷ ତା' ମୃତ୍ୟୁ ଘଟିଛି। ତା' ମୃତ୍ୟୁ ପରେ ଦୁଇ ପୁଅ ଏହି ଦାଦାନ ଚାଲାଣ କାମ ଜାରି ରଖିଛନ୍ତି।

# ଆମ୍ବୁଲାନ୍ସ ଭଡ଼ାକୁ ନେଇ ଗଡ଼ିଲା ମୁଣ୍ଡ; ୩ ଗିରଫ

ଅନୁଗୋଳ, ୪।୧୦ (ସମିସ): ଆମ୍ବୁଲାନ୍ସ ଭଡ଼ାକୁ କେନ୍ଦ୍ର କରି ଅନୁଗୋଳ ସହରରେ ଏକ ବୀଭତ୍ସ ହତ୍ୟାକାଣ୍ଡ ଘଟିଛି। ବୁଧବାର ମହାନବମୀ ରାତିରେ ସହରର ହରିମହୁରି ଛକରେ ଦୁର୍ବୃତ୍ତମାନେ ସଂଘବଦ୍ଧ ଭାବେ ଜଣେ ଯୁବକଙ୍କୁ ଆକ୍ରମଣ କରି ହତ୍ୟା କରିଛନ୍ତି। ହତ୍ୟାର ଶିକାର ଯୁବକଜଣଙ୍କ ହେଲେ, ହରିମହୁରି ଛକର ସୌରଭ ବାସାକ। ଦୁର୍ବୃତ୍ତମାନଙ୍କ ଆକ୍ରମଣରେ ତାଙ୍କ ଭାଇ ଗୌରବ ବାସାକ ମଧ୍ୟ ଗୁରୁତର ଆହତ ହୋଇଛନ୍ତି। ଏହି ଘଟଣାରେ ପୁଲିସ ୩ ଅଭିଯୁକ୍ତଙ୍କୁ ଗିରଫ କରିଛି। ସେମାନେ ହେଲେ, ଅନୁଗୋଳ ତାମରିତ କଲୋନୀର ରାହୁଲ ଅନୁରାଗ ସାହୁ (୨୮), ଢେଙ୍କାନାଳ ସହର ଦୋଳମଣ୍ଡପ ସାହିର ମନୋଜ ବେହେରା ଓରଫ୍ ବାଗା (୩୫) ଓ ଅନୁଗୋଳ ହୁଲୁରସିଂଘାର ସମ୍ବିତ ସାହୁ ଓରଫ ବାବା (୨୬)। ଶନିବାର ଏକ ସାମ୍ବାଦିକ ସମ୍ମିଳନୀରେ ଏସ୍‌ଡିପିଓ ରମାକାନ୍ତ ମହାଳିକ ଏ ସଂପର୍କରେ ସୂଚନା ଦେଇଛନ୍ତି।

ସୂଚନା ମୁତାବକ, ଅଭିଯୁକ୍ତ ରାହୁଲ ତାଙ୍କ ଅସୁସ୍ଥ କୁକୁରର ଚିକିତ୍ସା ପାଇଁ କଟକ ନେବାକୁ ସୌରଭ ବାସାକଙ୍କ ଆମ୍ବୁଲାନ୍ସ ଭଡ଼ାରେ ନେଇଥିଲେ। କଟକ ଯିବା ବାଟରେ ଗୁଡ଼ିଆକଟେଣୀ ନିକଟରେ ଆମ୍ବୁଲାନ୍ସର ଏସିରେ ଯାନ୍ତ୍ରିକ ସମସ୍ୟା ଦେଖାଦେଇଥିଲା। ତେଣୁ ସୌରଭଙ୍କ ସହ ଯୋଗାଯୋଗ କରି ରାହୁଲ ଅନ୍ୟ ଏକ



ଆମ୍ବୁଲାନ୍ସରେ କଟକ ଯାଇଥିଲେ। ତେବେ ପରେ ଦ୍ୱିତୀୟ ଆମ୍ବୁଲାନ୍ସର ଭଡ଼ାକୁ ନେଇ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ରାହୁଲ ଏଥିରେ ଉତ୍ତ୍ୟକ୍ତ ହୋଇ ସୌରଭଙ୍କୁ ହରିମହୁରି ଛକକୁ ଆସିବାକୁ ଫୋନ୍‌ରେ ଡାକିଥିଲେ। ସେଠାରେ ପୂର୍ବରୁ ରାହୁଲଙ୍କ ସମେତ ତାଙ୍କ ସହଯୋଗୀ ମନୋଜ ବେହେରା ଓ ସମ୍ବିତ ସାହୁ ଉପସ୍ଥିତ ଥିଲେ। ସୌରଭ ପହଞ୍ଚିବା ପରେ ଅଭିଯୁକ୍ତମାନଙ୍କ ସହ ତାଙ୍କର ବଚସା ବଢ଼ିଥିଲା। ରାହୁଲ ଓ ତାଙ୍କ ସହଯୋଗୀମାନେ ଏକ ଚାପଡ଼ରେ ସୌରଭଙ୍କୁ ଆକ୍ରମଣ କରିଥିଲେ। ସୌରଭଙ୍କ ଚିତ୍କାର ଶୁଣି ତାଙ୍କ ଭାଇ ଗୌରବ ଆସି ପହଞ୍ଚିଯିବାରୁ ଅଭିଯୁକ୍ତମାନେ ତାଙ୍କୁ ମଧ୍ୟ ଆକ୍ରମଣ କରିଥିଲେ। ଗୁରୁତର ଅବସ୍ଥାରେ ଦୁଇଭାଇଙ୍କୁ ପ୍ରଥମେ ଅନୁଗୋଳ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ପ୍ରାଥମିକ ଚିକିତ୍ସା ପରେ ଉଭୟଙ୍କୁ କଟକ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ସୌରଭଙ୍କ ମୃତ୍ୟୁ ହୋଇଥିଲା। ପୁଲିସ ଘଟଣାର ତଦନ୍ତ କରି ଅଭିଯୁକ୍ତମାନଙ୍କୁ ଗିରଫ କରିବା ସହ ସେମାନଙ୍କ ନିକଟରୁ ୪ଟି ମୋବାଇଲ୍ ଫୋନ୍, ହତ୍ୟାକାଣ୍ଡରେ ବ୍ୟବହୃତ ଚାପଡ଼, ଅଭିଯୁକ୍ତଙ୍କ ରକ୍ତଛିଟା ଲଗା ପୋଷାକ ଆଦି ଜବତ କରିଛି। ଅଭିଯୁକ୍ତମାନଙ୍କ ନାମରେ ପୂର୍ବରୁ ବିଭିନ୍ନ ଥାନାରେ ମାମଲା ରହିଥିବା ଯାଞ୍ଚ ବେଳେ ଜଣାପଡ଼ିଛି। ଅନୁଗୋଳ ଥାନା ଆଇଆଇସି ଧୀରେଶ କୁମାର ଦାସ, ଏସ୍‌ଆଇ ଆଶିଷ କୁମାର ସ୍ୱାଇଁ, ଗୋବିନ୍ଦ ଚନ୍ଦ୍ର ସାହୁ, ଆଦିତ୍ୟ ପଟ୍ଟନାୟକଙ୍କୁ ନେଇ ଗଠିତ ପୁଲିସ ଟିମ୍ ଅଭିଯୁକ୍ତଙ୍କୁ ଧରିବାରେ ସଫଳ ହୋଇଥିଲେ। ଏହି ମାମଲାର ଅଧିକ ତଦନ୍ତ ଜାରି ରହିଥିବା ଏସଡିପିଓ ମହାଳିକ ସୂଚନା ଦେଇଛନ୍ତି।

# ମୁଖ୍ୟମନ୍ତ୍ରୀଙ୍କ ଛଅ ଘଣ୍ଟିଆ ଦିଲ୍ଲୀ ଗସ୍ତ

ଭୁବନେଶ୍ୱର,୪।୧୦(ସମିସ): ଶନିବାର ଦିନିକିଆ ଗସ୍ତରେ ନୂଆଦିଲ୍ଲୀ ଯାଇ ଭୁବନେଶ୍ୱର ପ୍ରତ୍ୟାବର୍ତ୍ତନ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ଏହି ଅବସରରେ ସେ ଉପ ରାଷ୍ଟ୍ରପତି ସିପି ରାଧାକ୍ରିଷ୍ଣନ ଏବଂ କେନ୍ଦ୍ର ସ୍ୱାସ୍ଥ୍ୟମନ୍ତ୍ରୀ ଜଗତ ପ୍ରକାଶ ନଡ୍ଡାଙ୍କୁ ସାକ୍ଷାତ କରିଛନ୍ତି। ଏନେଇ ସାମାଜିକ ଗଣମାଧ୍ୟମ ଏକ୍ସରେ ସୂଚନା ଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ

**■ ନବନିର୍ବାଚିତ ଉପରାଷ୍ଟ୍ରପତିଙ୍କୁ ଭେଟି ଜଣାଇଲେ ଶୁଭେଚ୍ଛା**
**■ ବିଜେପି ରାଷ୍ଟ୍ରୀୟ ସଭାପତିଙ୍କ ସହ ସାଙ୍ଗଠନିକ ଆଲୋଚନା**

ଆଜି ନୂଆଦିଲ୍ଲୀରେ ଉପରାଷ୍ଟ୍ରପତିଙ୍କ ସହ ସୌଜନ୍ୟମୂଳକ ସାକ୍ଷାତ କରିବାର ସୁଯୋଗ ପ୍ରାପ୍ତ ହେଲା ।ଏହି ଅବସରରେ ରାଜ୍ୟରେ ଆମ ସରକାରଙ୍କ ବିକାଶମୂଳକ କାର୍ଯ୍ୟ, ଜନକଲ୍ୟାଣ ଯୋଜନା ଓ ଭବିଷ୍ୟତ କାର୍ଯ୍ୟପନ୍ଥା ଉପରେ ଆଲୋଚନା କଲି। ଉପରାଷ୍ଟ୍ରପତିଙ୍କୁ 'ଓଡ଼ିଶା ଭିଜନ୍ ୨୦୩୬ ଏବଂ ୨୦୪୭' ପ୍ରଦାନ କରି ରାଜ୍ୟର ଦୀର୍ଘମିଆଦୀ ଲକ୍ଷ୍ୟ ସମ୍ପର୍କରେ ଅବଗତ କରାଇଲି । ତାଙ୍କର ପ୍ରେରଣା ଓ ମାର୍ଗଦର୍ଶନ ପାଇଁ କୃତଜ୍ଞ ବୋଲି ସେ ଉଲ୍ଲେଖ କରିଛନ୍ତି। ସେହିପରି ବିଜେପି ରାଷ୍ଟ୍ରୀୟ ସଭାପତି ତଥା ସ୍ୱାସ୍ଥ୍ୟମନ୍ତ୍ରୀ ଜେପି ନଡ୍ଡାଙ୍କ ସହ ବିଭିନ୍ନ ସାଙ୍ଗଠନିକ ବିଷୟ, ରାଜନୈତିକ ପରିସ୍ଥିତି ଓ ଭବିଷ୍ୟତର କାର୍ଯ୍ୟପନ୍ଥା ସମ୍ପର୍କରେ ଆଲୋଚନା ହୋଇଥିବା ନେଇ ମୁଖ୍ୟମନ୍ତ୍ରୀ ସୂଚନା ଦେଇଛନ୍ତି।

# ବନ୍ଧୁକ ଦେଖାଇ ମହିଳାଙ୍କୁ ଅପହରଣ

ବାରିପଦା, ୪।୧୦ (ସମିସ): ଏକ ଘରୋଇ ଇଂରାଜୀ ମାଧ୍ୟମ ବିଦ୍ୟାଳୟର ଜଣେ ମହିଳା କର୍ମଚାରୀଙ୍କୁ ବନ୍ଧୁକ ଦେଖାଇ ଅପହରଣ କରାଯାଇଥିବା ନେଇ ଭଞ୍ଜପୁର ଥାନାରେ ଅଭିଯୋଗ ହୋଇଛି। ଅପହରଣର ଶିକାର ମହିଳାଜଣଙ୍କ ହେଲେ, ରଘୁନାଥପୁର ଅଞ୍ଚଳର ସବିତା ପାତ୍ର। ସବିତା ସ୍କୁଲରୁ ଡ୍ୟୁଟି ସାରି ଅପରାହ୍ଣରେ ଘରକୁ ଫେରୁଥିଲେ। ଏହି ସମୟରେ ଲିଟୁ ନାମକ ଜଣେ ବ୍ୟକ୍ତି ତାଙ୍କୁ ଅଟକାଇଥିଲା। ସେ କିଛି ବୁଝିବା ପୂର୍ବରୁ ଲିଟୁ ତାଙ୍କ ମୁଣ୍ଡରେ ବନ୍ଧୁକ ଲଗାଇ ଏକ ଅଟୋରେ ବସିବାକୁ ବାଧ୍ୟ କରିଥିଲା। ସବିତା ଅଟୋରେ ବସିବା ପରେ ସେ ତାଙ୍କ ଉକ୍ତ ଅଟୋରେ ଅପହରଣ କରିନେଇଥିଲା। ସହର ବାହାରକୁ ତାଙ୍କୁ ନେଇଆସିବା ପରେ ଅନ୍ୟ ସହଯୋଗୀଙ୍କ ସହ ମିଶି ତାଙ୍କୁ ଏକ କାର୍‌ରେ ନେଇଯାଇଥିଲା। ସେମାନେ କାର୍ ଭିତରେ ମହିଳାଙ୍କୁ ଏକ ନିଶ୍ଚେତକ ଇଂଜେକସନ୍ ଦେଇ ଅଚେତ କରି କଟକ ବାଦାମବାଡ଼ି ଅଞ୍ଚଳର ଏକ ଘରେ ବନ୍ଦୀ କରି ରଖିଥିଲେ। ତେବେ ଚେତା ଫେରିବା ପରେ ସବିତା ଜୋରରେ ଚିତ୍କାର କରିବାରୁ ସ୍ଥାନୀୟ ଲୋକଙ୍କ ନଜରକୁ ଆସିଥିଲା। ଖବର ପାଇ ବାଦାମବାଡ଼ି ପୁଲିସ ତାଙ୍କୁ ଉଦ୍ଧାର କରିଥିଲା। ପରିବାରଲୋକ ତାଙ୍କୁ ବାରିପଦା ଆଣିବା ପରେ ସବିତା ଏନେଇ ଭଞ୍ଜପୁର ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ଅପହରଣ ଓ ଆର୍ମସ୍ ଆକ୍ଟରେ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

**ବାଦାମବାଡ଼ିରୁ ଉଦ୍ଧାର**

# ୧୦୮୫ଟି ଦୁର୍ଗାମେଢ଼କୁ ମିଳିବ ୭ କୋଟି ୧ ଲକ୍ଷ ୪୦ ହଜାର ଟଙ୍କାର ଅନୁଦାନ

ଭୁବନେଶ୍ୱର,୪।୧୦(ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନିର୍ଦ୍ଦେଶ କ୍ରମେ ଚଳିତ ବର୍ଷ ପ୍ରଥମ ଥର ପାଇଁ ରାଜ୍ୟର ୧୦୮୫ଟି ଦଶହରା ଦୁର୍ଗାମେଢ଼କୁ ୭କୋଟି ୧ଲକ୍ଷ ୪୦ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ କରିବା ନିମନ୍ତେ ନିଷ୍ପତ୍ତି ନିଆଯାଇଛି। ଦୁର୍ଗାମେଢ଼କୁ ୩ଗୋଟି ବର୍ଗରେ ବିଭକ୍ତ କରାଯାଇ ଆର୍ଥିକ ଅନୁଦାନ ରାଶି ପ୍ରଦାନ କରାଯିବ। ୨୧୫ ଐତିହ୍ୟ ସମ୍ପନ୍ନ ଦୁର୍ଗାମେଢ଼ ପାଇଁ ୨ କୋଟି ୧୭ଲକ୍ଷ ୧୫ ହଜାର ଟଙ୍କା ପ୍ରଦାନ କରାଯିବ। ପ୍ରତ୍ୟେକ ଐତିହ୍ୟ ସମ୍ପନ୍ନ ମେଢ଼କୁ ୧ ଲକ୍ଷ ୧ ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ କରାଯିବ। ସେହିପରି ୭୫ ବର୍ଷ ପୁରୁଣା ୧୯୭ଟି ମେଢ଼କୁ ୧ କୋଟି ୪୭ ଲକ୍ଷ ୭୫ ହଜାର ଟଙ୍କା ପ୍ରଦାନ କରାଯିବ। ଏହି ବର୍ଗରେ ପ୍ରତ୍ୟେକ ମେଢ଼କୁ ୭୫ ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ କରାଯିବ। ଅନ୍ୟପକ୍ଷରେ ୫୦ ବର୍ଷ ପୁରୁଣା ୬୭୩ମେଢ଼କୁ ୩ କୋଟି ୩୬ ଲକ୍ଷ ୫୦ହଜାର ଟଙ୍କା ପ୍ରଦାନ କରାଯିବ। ଏହି ବର୍ଗର ପ୍ରତ୍ୟେକ ମେଢ଼କୁ ୫୦ ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ କରାଯିବ। ରାଜ୍ୟର ସମୁଦାୟ ୧୦୮୫ ଦଶହରା ଦୁର୍ଗାମେଢ଼ଙ୍କୁ ୭କୋଟି ୧ଲକ୍ଷ ୪୦ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ ନିମନ୍ତେ ନିଷ୍ପତ୍ତି ନେଇ ସଂସ୍କୃତି ବିଭାଗ ପକ୍ଷରୁ ସୂଚନା ପ୍ରଦାନ କରାଯାଇଛି।

# ଗାଧୋଇବା ବେଳେ ବୁଡ଼ିଗଲେ ଦୁଇ ଭାଇ

ରାଉରକେଲା, ୪।୧୦(ସମିସ): ସୁନ୍ଦରଗଡ଼ ହେମଗିରି ଥାନା ଝୁମ୍ପୁରୁଙ୍ଗା ଗାଁରେ ପୋଖରୀରେ ଗାଧୋଇବା ବେଳେ ଦୁଇଭାଇ ବୁଡ଼ି ପ୍ରାଣ ହରାଇଛନ୍ତି। ସେମାନେ ହେଲେ, ଗ୍ରାମର ଚିତ୍ତ ମାକର ଓ ଦେବାଶିଷ ମାକର। ଅଗ୍ନିଶମ କର୍ମଚାରୀଙ୍କ ସହାୟତାରେ ପୁଲିସ ଦୁଇଭାଇଙ୍କ ମୃତଦେହକୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ଶୁକ୍ରବାର ଅପରାହ୍ନ ପ୍ରାୟ ୨ଟାରେ ଏହି ଅଘଟଣ ଘଟିଥିଲା। ଚିତ୍ତ ଓ ଦେବାଶିଷ ଘରଠୁ ଅନତି ଦୂରରେ ଥିବା ଗାଁ ପୋଖରୀକୁ ଗୋଧୋଇବାକୁ ଯାଇଥିଲେ। ଗୋଧୋଇବା ବେଳେ ଦେବାଶିଷ ବୁଡ଼ି ଯାଉଥିବା ଦେଖି ବଡ଼ ଭାଇ ଚିତ୍ତ ତାଙ୍କୁ ଉଦ୍ଧାର କରିବାକୁ ଉଦ୍ୟମ କରିଥିଲେ। ହେଲେ ସେ ମଧ୍ୟ ବୁଡ଼ି ଯାଇଥିଲେ। ପରିବାରଲୋକେ ସେମାନଙ୍କୁ ଖୋଜାଖୋଜି କରି ନ ପାଇବାରୁ ପୁଲିସକୁ ଜଣାଇଥିଲେ। ହେମଗିରି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅଗ୍ନିଶମବାହିନୀ ସହାୟତାରେ ରାତି ପ୍ରାୟ ୧୦ଟାରେ ୨ ଭାଇଙ୍କ ମୃତଦେହ ଉଦ୍ଧାର କରିଥିଲା। ଏନେଇ ପୁଲିସ ଅପମୃତ୍ୟୁ ମାମଲା ରୁଜୁ କରି ହେମଗିରି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଶନିବାର ମୃତଦେହ ବ୍ୟବଚ୍ଛେଦ କରାଇଛି।

## ଅମରେନ୍ଦ୍ର ମାଧବ ଦାଶଙ୍କୁ 'ବସନ୍ତ ମୁଦୁଲି କବିତା ପୁରସ୍କାର'

ଭଦ୍ରକ, ୪।୧୦(ସମିସ): ଦିବଂଗତ କବି ବସନ୍ତ ମୁଦୁଲିଙ୍କ ସ୍ମୃତିରେ ଗଠିତ କବି ବସନ୍ତ ମୁଦୁଲି ସ୍ମୃତି ସଂସଦ ତରଫରୁ ପ୍ରଦତ୍ତ କବି ବସନ୍ତ ମୁଦୁଲି କବିତା ପୁରସ୍କାର-୨୦୨୫ ପାଇବା ପାଇଁ କବି ଅମରେନ୍ଦ୍ର ମାଧବ ଦାଶ ଯୋଗ୍ୟ ବିବେଚିତ ହୋଇଛନ୍ତି। ସଂସଦର ସଭାପତି




ପବିତ୍ର ପାଣିଗ୍ରାହୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ପୁରସ୍କାର ଚୟନ କମିଟି ବୈଠକରେ ପ୍ରାକ୍ତନ ସଭାପତି ରଜନୀକାନ୍ତ ମହାନ୍ତି, ଆବାହକ ଅରୁଣ ଖିଲାର, କାର୍ଯ୍ୟକାରୀ ସଭାପତି ନିରାକାର ଦାସ, ଉପସଭାପତି କିଶୋର ପାଣିଗ୍ରାହୀ, ଯୁଗ୍ମ ସଂପାଦକ ଅମିତାଭ ଖିଲାର, କବିପୁତ୍ର ପାର୍ଥସାରଥି ମୁଦୁଲିଙ୍କ ସମେତ ଅନ୍ୟ ସଦସ୍ୟମାନେ ଉପସ୍ଥିତ ଥିଲେ। ରାଜ୍ୟର ୪୩ଜଣ ବରିଷ୍ଠ କବିଙ୍କଠାରୁ ଆସିଥିବା ସୁପାରିସକ୍ରମେ କବି ଅମରେନ୍ଦ୍ର ମାଧବ ଦାଶଙ୍କ ନାମ ଚୂଡ଼ାନ୍ତ ହୋଇଥିଲା।

# ଆଇଆଇଏମ୍ ଓଡ଼ିଶାର ବୌଦ୍ଧିକ ଓ ବ୍ୟାବସାୟିକ ଆବଶ୍ୟକତା ପୂରଣ କରିବ: ଧର୍ମେନ୍ଦ୍ର

ସମ୍ବଲପୁର, ୪।୧୦ (ସମିସ) : ଆଇଆଇଏମ, ସମ୍ବଲପୁର ଧୀରେଧୀରେ ବଟବୃକ୍ଷର ରୂପ ନେବା ଆରମ୍ଭ କରିଛି। ଆଗାମୀ ଦିନରେ ଏହା ଓଡ଼ିଶା ସମେତ ଭାରତବର୍ଷର ବୌଦ୍ଧିକ ଓ ବ୍ୟାବସାୟିକ ଆବଶ୍ୟକତାକୁ ପୂରଣ କରିବ ବୋଲି ଗୁରୁବାର ଆଇଆଇଏମ୍, ସମ୍ବଲପୁରର ୧୧ତମ ପ୍ରତିଷ୍ଠା ଦିବସ ସମାରୋହରେ ଯୋଗଦେଇ କହିଛନ୍ତି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ।

ଏହି ଅବସରରେ ଶ୍ରୀ ପ୍ରଧାନ ଉଦ୍ୟମିତା ବିକାଶ କାର୍ଯ୍ୟକ୍ରମରେ ମାଷ୍ଟର ବୁଣାକାରଙ୍କୁ ପ୍ରମାଣପତ୍ର ପ୍ରଦାନ କରିଥିଲେ। ଆଇଆଇଏମ ଦ୍ୱାରା ସ୍ଥାନୀୟ ବୁଣାକାରମାନଙ୍କୁ ସିଧାସଳଖ ବ୍ୟବସାୟ ସହ ଯୋଡ଼ିବା ଏବଂ ସେମାନଙ୍କ ଦକ୍ଷତା ବଢ଼ାଇବା ପାଇଁ ତିନିବର୍ଷିଆ ଏକ ଯେଉଁ ବିଶେଷ କାର୍ଯ୍ୟକ୍ରମ ହୋଇଥିଲା, ତାହାର ସମାପନ ହୋଇଛି। ପ୍ରତିଷ୍ଠା ଦିବସରେ ଏହି କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ୫୦ରୁ ଅଧିକ ବୁଣାକାରଙ୍କୁ ଆଇଆଇଏମ ତରଫରୁ ଦକ୍ଷତା ପ୍ରମାଣପତ୍ର ପ୍ରଦାନ କରାଯାଇଛି। କେବଳ ବୁଣାକାର ନୁହେଁ, ନ୍ୟୁ ଏଜ୍ ଇକୋନୋମି ସମୟରେ



କ୍ଷୁଦ୍ର, ଲଘୁ ଏବଂ ମଧ୍ୟମ ଉଦ୍ୟୋଗ (ଏମଏସଏମଇ) କ୍ଷେତ୍ରର ବ୍ୟବସାୟୀଙ୍କ ଦକ୍ଷତା ବଢ଼ାଇବା ପାଇଁ ପ୍ରଶିକ୍ଷଣ ଦେବା ଦିଗରେ ଯୋଜନା କରିବା ପାଇଁ ଆଇଆଇଏମକୁ ପ୍ରସ୍ତାବ ଦେଇଛନ୍ତି ଶ୍ରୀ ପ୍ରଧାନ। ଆଗାମୀ ଦିନରେ ସ୍ଥାନୀୟ ଅଞ୍ଚଳର ଚାଷୀ ଏବଂ ସବୁ ବର୍ଗର ବ୍ୟବସାୟୀଙ୍କୁ ଆଇଆଇଏମ ସହ ଯୋଡ଼ି ଏକ ନୂଆ 'ଭେଲ୍ୟୁ ଚେନ୍' ସୃଷ୍ଟି କରାଯିବାର କଳ୍ପନା ରହିଛି।

ଶ୍ରୀ ପ୍ରଧାନ ଶିକ୍ଷାନୁଷ୍ଠାନ ପରିସରରେ "ରଙ୍ଗବତୀ ମଞ୍ଚ', କାବେରୀ ଛାତ୍ରାବାସ ଓ କାଫେ ହବ୍ କମ୍ପ୍ଲେକ୍ସ ଉଦ୍‌ଘାଟନ କରିଥିଲେ। ସେ କହିଥିଲେ ଓଡ଼ିଶାର ଗୌରବ 'ରଙ୍ଗବତୀ' ଗୀତର ନାମରେ ନାମିତ ଏହି ମଞ୍ଚ ଆମ ଛାତ୍ରଛାତ୍ରୀଙ୍କୁ ସେମାନଙ୍କର କଳା, ସଂସ୍କୃତି ଓ ପ୍ରତିଭା ପ୍ରଦର୍ଶନ କରିବା ପାଇଁ ଏକ ସୁନ୍ଦର ପ୍ଲାଟଫର୍ମ ଦେବ। ଏହା ସମ୍ବଲପୁରର କଳା ଓ ସଂସ୍କୃତିକୁ ବିଶ୍ୱସ୍ତରରେ ପହଞ୍ଚାଇବାରେ ସହାୟକ ହେବ।

**■ ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷାରେ ଜାଲିଆତି ମାମଲା**

# ବିଜେପି ନେତାଙ୍କ ସମ୍ପୃକ୍ତି ଓ ସରକାରୀ ଷଡ଼ଯନ୍ତ୍ରର ଚିଠା ଖୋଲିଲା ବିଜେଡି

ଭୁବନେଶ୍ୱର,୪।୧୦(ସମିସ): ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲାର ଯୋଜନାବଦ୍ଧ ଷଡଯନ୍ତ୍ର ଏବଂ ସରକାରୀ ସମ୍ପୃକ୍ତିର ରହସ୍ୟ ଖୋଲିବାରେ ଲାଗିଛି। ପରୀକ୍ଷା ପୂର୍ବରୁ ପରୀକ୍ଷା ପରିଚାଳନା କରୁଥିବା ସଂସ୍ଥା ଓପିଆର୍‌ବିର ଅଧ୍ୟକ୍ଷଙ୍କୁ ଅବ୍ୟାହତି ଦିଆଯାଇ ତାଙ୍କ ସ୍ଥାନରେ ନୂତନ ଅଧ୍ୟକ୍ଷଙ୍କୁ ନିଯୁକ୍ତି ଦିଆଗଲା। ପରୀକ୍ଷାରେ ସହଯୋଗ କରୁଥିବା ଘରୋଇ ସଂସ୍ଥାକୁ ଅଚାନକ ବଦଳାଗଲା। ଉକ୍ତ ସଂସ୍ଥା ଦକ୍ଷତା ନଥିବା ଆଉ ଏକ ଘରୋଇ ସଂସ୍ଥା ଅନଭିଜ୍ଞ ପଞ୍ଚସଫ୍ଟ ଟେକ୍ନୋଲୋଜିକୁ ସହଯୋଗୀ କରି ଚାକିରି ବିକ୍ରି ପାଇଁ ପୁରା ଷଡ଼ଯନ୍ତ୍ର କରିଛି ବୋଲି ଅଭିଯୋଗ କରିଛି ବିଜେଡି। ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ମୁଖପାତ୍ର ତୁମ୍ବନାଥ ପଣ୍ଡା ଓ ଛାତ୍ରଶାଖା ସଭାନେତ୍ରୀ ଇପ୍ସିତା ସାହୁ ଏହି ଘଟଣାରେ ରାଜ୍ୟ ସରକାରଙ୍କ ସିଧାସଳଖ ସମ୍ପୃକ୍ତି ଥିବା ଅଭିଯୋଗ କରିଛନ୍ତି। ଏହି ଅବସରରେ ସରକାର ଓ ବିଜେପିର ବହୁ ବରିଷ୍ଠ ନେତାମାନଙ୍କ ମୁଖ୍ୟ ଅଭିଯୁକ୍ତର ଫଟୋକୁ ବିଜେଡି ପ୍ରମାଣ ସ୍ୱରୂପ ଗଣମାଧ୍ୟମ ସାମ୍ନାରେ ଉପସ୍ଥାପନ କରିଛି। ପଞ୍ଚସଫ୍ଟ କମ୍ପାନୀର ମୁଖ୍ୟ ଶଙ୍କର ପୃଷ୍ଟି ବିଜେପି ଦଳର ଜଣେ ସଦସ୍ୟ ହୋଇଥିବାବେଳେ ରାଜ୍ୟ ବିଜେପି ସଭାପତି ଏହି ଘଟଣାରେ ତାଙ୍କ ଦଳର କିଛି ସମ୍ପୃକ୍ତି ନ ଥିବା ମନ୍ତବ୍ୟକୁ ମଧ୍ୟ ବିଜେଡି ସମାଲୋଚନା

**ଲାଞ୍ଚ ଦେଇଥିବା ଲୋକ ଗିରଫ, ଲାଞ୍ଚ ନେଇଥିବା ଲୋକ ବାହାରେ**

କରିଛି। ଖୋଦ ରାଜ୍ୟ ସଭାପତିଙ୍କ ଉପସ୍ଥିତିରେ ଚାକିରି ବେପାରର ଅନ୍ୟତମ ଷଡ଼ଯନ୍ତ୍ରକାରୀ ଓ ମୁଖ୍ୟ କାର୍ପଟଦାର ଶଙ୍କର ପୃଷ୍ଟି ବିଜେପିରେ ଯୋଗ ଦେଇଥିଲେ ବୋଲି ବିଜେଡି କହିଛି।

ସେହିପରି ପୂର୍ବ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଏହି ପ୍ରସଙ୍ଗରେ ଦେଇଥିବା ଟିପ୍ପଣୀକୁ ମଧ୍ୟ ବିଜେଡି ସମାଲୋଚନା କରିଛି। ତୁମ୍ବନାଥ ଓ ଇପ୍ସିତା କହିଛନ୍ତି ଯେ ଚାକିରି ବିକ୍ରି କରିବା ଭଳି ସାଙ୍ଘାତିକ କାର୍ଯ୍ୟ ବିଜେପି ଜିନ୍‌ରେ ଅଛି। ବ୍ୟାପମ ଦୁର୍ନୀତି ଯାହାର ଜ୍ୱଳନ୍ତ ଉଦାହରଣ। ଅପରପକ୍ଷରେ, ଚୌଦ୍ୱାର ଜେଲରୁ ଦୁଇ ଜଣ ଆନ୍ତଃରାଜ୍ୟ ଅପରାଧୀ କାଲି ମଧ୍ୟରାତ୍ରିରେ ଫେରାର ହୋଇଯିବା ଖବର ଆସିଛି। ଯାହା ରାଜ୍ୟର ବିପର୍ଯ୍ୟସ୍ତ ଆଇନ ଶୃଙ୍ଖଳାକୁ ଦର୍ଶାଉଛି। ଗୋଟିଏ ପଟେ ରାଜ୍ୟ ସରକାର ପରୀକ୍ଷାଟିଏ ସୁରୁଖୁରୁରେ କରାଇ ପାରୁନାହାନ୍ତି। ଆରପଟରେ ଗିରଫ ଅଭିଯୁକ୍ତ ମାନଙ୍କୁ ଜେଲ ଭିତରେ ରଖିବାରେ ସକ୍ଷମ ହେଉନାହାନ୍ତି। ଗୁରୁତର ତ୍ରୁଟି ଘଟିଥିବା ଏହି ଦୁଇଟି ବିଭାଗର ଦାୟିତ୍ୱରେ ଜଣେ ଅଧିକାରୀ ଅଛନ୍ତି। ଆଶ୍ଚର୍ଯ୍ୟର କଥା ଉଭୟ ବିଭାଗ ଗୃହ ମନ୍ତ୍ରାଳୟ ଅଧୀନରେ ଅର୍ଥାତ ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କ ଅଧୀନରେ ରହିଛି। ତେଣୁ ମୁଖ୍ୟମନ୍ତ୍ରୀ ଏହି ଦୁର୍ନୀତି ଅଭିଯୋଗ ବିଷୟରେ ସ୍ପଷ୍ଟୀକରଣ ରଖିବା ଦରକାର। ଏଥିରେ ସମ୍ପୃକ୍ତ ବଡ଼ ମୁଣ୍ଡ ମାନଙ୍କୁ ସରକାର ଖସାଇ ଦେବାକୁ ଉଦ୍ୟମ କରୁଛନ୍ତି ବୋଲି ଉଭୟ ବିଜେଡି ନେତା ଅଭିଯୋଗ କରିଛନ୍ତି ।



ରିଆଲିଟି ଶୋ'ରୁ ଓଲିଉଡ୍‌କୁ ଯାତ୍ରା । ହୃଦୟସ୍ପର୍ଶୀ ଓ ଉଚ୍ଚକୋଟୀର ତାଙ୍କ ଅଭିନୟ । ରୋମାଣ୍ଟିକ୍ ସିନ୍ ହେଉ କି ଇମୋସନାଲ ଅବା ଥ୍ରିଲର, ସବୁଠି ସେ ନିଜ ପ୍ରତିଭାର ଚମତ୍କାରିତା ପ୍ରଦର୍ଶନ କରିଛନ୍ତି । ଏମିତି ଜଣେ ଅଭିନେତ୍ରୀ ହେଉଛନ୍ତି ଓଲିଉଡର ଚୁଲବୁଲି ନାୟିକା ଏଲିନା ସାମନ୍ତରାୟ । ସେ ଜଣେ ପ୍ରକୃତି ପ୍ରେମୀ ମଧ୍ୟ । 'ଇସ୍କ ତୁ ହି ତୁ' ଥିଲା ତାଙ୍କର ଡେବ୍ୟୁ ଫିଲ୍ମ । 'କେହି ନୁହଁ କାହାର', 'ମୁଁ ଖାଣ୍ଟି ଓଡ଼ିଆ ଝିଅ', 'ଲଭ୍ ଷ୍ଟେସନ୍', 'ଅଭୟ', 'ପାପ', 'ପ୍ରତିଶୋଧ', 'ପାବାର' ଆଦି ଅନେକ ଫିଲ୍ମରେ ଅଭିନୟ କରି ଦର୍ଶକଙ୍କ ହୃଦୟ ଜିଣି ପାରିଛନ୍ତି । ଏବେ ଦଶହରାରେ ରିଲିଜ୍ ହୋଇଛି ତାଙ୍କ ଅଭିନୀତ 'ଚ୍ୟାଲେଞ୍ଜ' । ଏଥିରେ ସେ 'ସ୍ନେହା' ଚରିତ୍ରରେ ନଜର ଆସିଛନ୍ତି । 'ଚ୍ୟାଲେଞ୍ଜ'କୁ ନେଇ ଏଲିନାଙ୍କ ଅନୁଭୂତି, ତାଙ୍କର ଆଗାମୀ ପ୍ରୋଜେକ୍ଟ ବିଷୟରେ ଜାଣିବା ତାଙ୍କ ମୁହଁରୁ... ।

# "ସିନେମାରେ ବଜେଟ୍ ନୁହେଁ, କାହାଣୀକୁ ଗୁରୁତ୍ୱ ଦିଏ"

**ଏଲିନା ସାମନ୍ତରାୟ, ଅଭିନେତ୍ରୀ**

**'ଚ୍ୟାଲେଞ୍ଜ'କୁ ନେଇ କ'ଣ କହିବେ?**

● ଚ୍ୟାଲେଞ୍ଜ ଗୋଟେ ସୁନ୍ଦର କାହାଣୀ । ମଲ୍ଟିଷ୍ଟାର୍ କାଷ୍ଟ ସିନେମା । ସାଇ କିରଣ ମଙ୍ଗରାଜଙ୍କ ନିର୍ଦ୍ଦେଶିତ ଏହି ସିନେମାଟି ସମାଜ ପାଇଁ ଭଲ ବାର୍ତ୍ତା ଦେଉଛି ଯେ, ସତ୍ୟ ସହିତ ସବୁବେଳେ ସମସ୍ତେ ଛିଡ଼ା ହେବା ଆବଶ୍ୟକ । ଏହା ବ୍ୟତୀତ ସମାଜ ପାଇଁ କେଉଁଟା ଠିକ୍ ଆଉ ଭୁଲ୍, ଭାଇ-ଭଉଣୀର ସମ୍ପର୍କ, ପ୍ରେମ, ଇମୋସନ୍ ସବୁକିଛି ରହିଛି ଏହି ସିନେମାରେ । ଗୋଟେ ଭଲ କାହାଣୀ ଆଣିବାକୁ ପୂରା ଟିମ୍ ପରିଶ୍ରମ କରିଛୁ । ଗୌରବ ଆନନ୍ଦ ଏବଂ ତାଙ୍କ ଟିମ୍‌ଙ୍କ ଦ୍ୱାରା ଫିଲ୍ମର ଗୀତ ଗୁଡ଼ିକ ଭଲ ହୋଇଛି । ଅମିତ ସାର୍ କୋରିଓଗ୍ରାଫ୍ କରିଛନ୍ତି । ସମସ୍ତ ଟେକ୍ନିସିଆନ୍ ପାରୁ ପର୍ଯ୍ୟନ୍ତ ଚେଷ୍ଟା କରିଛନ୍ତି ଫିଲ୍ମଟିକୁ ଆକର୍ଷଣୀୟ କରିବା ପାଇଁ । ଭିଜିଏମ୍ ବହୁତ ସୁନ୍ଦର ରହିଛି । ପ୍ରତ୍ୟେକ ସିନ୍‌ରେ ବ୍ୟାକଗ୍ରାଉଣ୍ଡ ସାଉଣ୍ଡର ବି ନୂତନତ୍ୱ ରହିଛି । ସିନେମାଟି ସମସ୍ତଙ୍କୁ ମନକୁ ଛୁଇଁବ ବୋଲି ମୋର ଆଶା ।

**ଏଲିନାଙ୍କ ଆଗାମୀ ଯୋଜନା ?**

● ଖୁବ୍ ଶୀଘ୍ର ଏକ ବଡ଼ ପ୍ରୋଜେକ୍ଟରେ ନଜର ଆସିବି । ଏହା ବାସ୍ତବଧର୍ମୀ ସୁନ୍ଦର କାହାଣୀ ଉପରେ ପର୍ଯ୍ୟବସିତ । ଏମିତି ସିନେମା ଓଲିଉଡ୍ ଇଣ୍ଡଷ୍ଟ୍ରି ପାଇଁ ନିହାତି ଦରକାର । ସିନେମାରେ ଜୟପ୍ରକାଶ ମହାନ୍ତି ( ଟିଲୁ ଭାଇଙ୍କ) ସହିତ ମୋର କେମେଷ୍ଟ୍ରି ଦେଖିବାକୁ ମିଳିବ ।

**ଡ୍ରିମ୍ ରୋଲ ?**

● ନୂଆ କରି ଇଣ୍ଡଷ୍ଟ୍ରିକୁ ଆସିବାବେଳେ ଡ୍ରିମ୍ ରୋଲ୍‌କୁ ନେଇ ମନରେ ଖୁସି ଥିଲା । ଏବେ ଭଲ କାହାଣୀରେ କାମ କରିବାକୁ ଇଚ୍ଛା ଅଛି । ମୁଁ ସିନେମାର ବଜେଟ ନୁହେଁ, ମୌଳିକତାକୁ ହିଁ ଗୁରୁତ୍ୱ ଦିଏ । କାହାଣୀକୁ ସୁଟ୍ କରିବା ପରି ନୃତ୍ୟଭିତ୍ତିକ ଗୀତ କରେ ।

**'ସ୍ନେହା' ଚରିତ୍ର ପାଇଁ କେମିତି ପ୍ରସ୍ତୁତ ହୋଇଥିଲେ?**

● ସ୍ନେହା ଜଣେ ସରଳ ଝିଅର କାହାଣୀ । ସେ ପ୍ରତ୍ୟେକ ପରିସ୍ଥିତିରେ ନିଜର ଭାଇ-ଭାଉଜଙ୍କ ସହିତ ରହୁଛି । ଆଦିତ୍ୟକୁ ସେ ଭଲ ପାଉଛି । ସହରର ପ୍ରତିଷ୍ଠିତ ବ୍ୟକ୍ତି ଜେଡି କିପରି ଡାକ୍ତରଖାନା ତିଆରି କରି ସାଧାରଣ ଜନତାଙ୍କୁ ଶୋଷଣ କରୁଛି ଆଉ ନେତା ମନ୍ତ୍ରୀଙ୍କ ସହଯୋଗ ପାଉଛି, ଆଦିତ୍ୟ ସହିତ ମିଶି ସ୍ନେହା ତା'ର ପର୍ଦ୍ଦାଫାସ କରୁଛି । ଜେଡିକୁ ଚ୍ୟାଲେଞ୍ଜ ଦେବାକୁ ଆଦିତ୍ୟକୁ ସ୍ନେହା ସାହସ ଦେଉଛି । ସୁଖଶାନ୍ତି ସବୁକୁ ହରାଇ ବି ଆଦିତ୍ୟ ଶେଷରେ ଜେଡିକୁ ଧ୍ୱଂସ କରୁଛି । ତେଣୁ ବହୁତ ସୁନ୍ଦର ଭାବେ ମୋର ଚରିତ୍ରକୁ ସଜାଇଛନ୍ତି ପୁଚୁ ଭାଇ । ଅର୍ଦ୍ଧେନ୍ଦୁଙ୍କ ସହିତ କାମ କରିବାର ଅନୁଭୂତି ବି ନିଆରା । ସୁନ୍ଦର ଦେଖାଯିବା ପାଇଁ ଧନ୍ୟବାଦ ଦେବି ଡିଓପି ପ୍ରତାପ ଭାଇଙ୍କୁ । "ଦୁଲ୍‌ଦୁଲି' ଗୀତକୁ ବହୁତ ଭଲ ପାଇବା ମିଳୁଛି । ରୋମାଣ୍ଟିକ୍ ଗୀତ "ମଖମଲି ମିଶିରି' ବି ଭଲ ହୋଇଛି । ସ୍ନେହା ଚରିତ୍ରକୁ ମୁଁ କେତେ ପ୍ରତିଶତ ଭଲ କରି ପାରିଛି, ତାହା ଦର୍ଶକ ହିଁ କହି ପାରିବେ । ଏହି ବାସ୍ତବଧର୍ମୀ ସିନେମାଟି ନିଶ୍ଚିତ ଦର୍ଶକଙ୍କୁ ଛୁଇଁବ । ଦର୍ଶକଙ୍କ ପ୍ରତିକ୍ରିୟାରେ ଆମ ଭୁଲ୍ ଠିକ୍ ସଜାଡ଼ି ହୋଇ ପାରିବ ।

**ଆପଣଙ୍କ ପ୍ରାୟ ସିନେମାରେ ଟ୍ରେନ୍ ସିନ୍ ଥାଏ, ଏହାକୁ ନେଇ କିଛି ସ୍ମରଣୀୟ ମୁହୂର୍ତ୍ତ ଅଛି?**

● ଟ୍ରେନ୍‌ରେ ସିନ୍ ଭଗବାନଙ୍କ ଆଶୀର୍ବାଦ । ସାଇ କିରଣ ମଙ୍ଗରାଜ ଭାଇଙ୍କୁ ଧନ୍ୟବାଦ ଦେବି । ସେ 'ଚ୍ୟାଲେଞ୍ଜ'ରେ ପ୍ଲାଟଫର୍ମରେ ମୋ ପାଇଁ 'ଡିଡିଏଲ୍' ସିନ୍ ତିଆରି କରିଛନ୍ତି । 'ଡିଡିଏଲ' ଗୀତ ସାଙ୍ଗକୁ ହଠାତ୍ ମୋ ଉପରେ ଫୁଲ ବର୍ଷୁଛି । ହିରୋ ମୋ' ହାତକୁ ଭିଡ଼ି ଟ୍ରେନ୍‌କୁ ନେଉ ଯାଉଛନ୍ତି । ଡିଡିଏଲ୍ ସିନ୍ କରିବା ସୌଭାଗ୍ୟର ବିଷୟ । ଏହା ମୋ' ପାଇଁ ସ୍ମରଣୀୟ ରହିବ ।

**ଆପଣଙ୍କ ନୃତ୍ୟଭିତ୍ତିକ ଗୀତର ସବୁବେଳେ କ୍ରେଜ୍ ଥାଏ । ସେନେଇ କ'ଣ କହିବେ?**

● ଧନ୍ୟବାଦ ଦେବି ଅମିତ ସାର୍‌ଙ୍କୁ । 'ଦୁଲ୍‌ଦୁଲି', 'ମଖମଲି ମିଶିରି' ଆଦି ଗୀତ ସବୁ ସେ କରାଇଛନ୍ତି । ତା' ପୂର୍ବରୁ 'ଲାଲ୍ ଟହ ଟହ...' ଗୀତ ବି ଟ୍ରେଣ୍ଡରେ ରହିଥିଲା । ପ୍ରାୟତଃ ନୃତ୍ୟଭିତ୍ତିକ ଗୀତ ବ୍ୟାବସାୟିକ ସଫଳତା ପାଇଛି । ମୁଁ ନାଚକୁ ଏନ୍‌ଜଏ କରେ । ହେଲେ ମୋତେ ଗାଇଡାନ୍ସ ନିହାତି ଦରକାର ଥାଏ । ସବୁ ଶ୍ରେୟ ଅମିତ ସାର୍‌ଙ୍କୁ ଦେବି । ମୋର ଲୁକ୍ ତିଆରି ପାଇଁ ଟିମ୍ ମଧ୍ୟ ବହୁତ ପରିଶ୍ରମ କରନ୍ତି ।

**ଫିଟ୍ ରହିବାକୁ କ'ଣ କରନ୍ତି?**

● କଳାକାରଙ୍କୁ ସବୁବେଳେ ଫିଟ୍ ରହିବାକୁ ହୁଏ । ସେଥିପାଇଁ ମୁଁ ଘର ପ୍ରସ୍ତୁତ ସନ୍ତୁଳିତ ଖାଦ୍ୟ ଖାଏ । ୱାର୍କଆଉଟ୍ କରେ । ଏକ ସୁସ୍ଥ ଜୀବନଶୈଳୀ ହିଁ ଜଣଙ୍କୁ ସୁସ୍ଥ ରଖିବାରେ ଭୂମିକା ଗ୍ରହଣ କରେ ।

**ଦର୍ଶକଙ୍କୁ କ'ଣ ମେସେଜ ଦେବେ?**

● ଦର୍ଶକ ହେଉଛନ୍ତି ଭଗବାନ । ମୁଁ ସୌଭାଗ୍ୟଶାଳୀ ଯେ ଓଡ଼ିଶାର ଦର୍ଶକ ମୋତେ ଭଲପାଇବା ଦେଇଆସିଛନ୍ତି । ଯେବେ ବି କିଛି ସିନେମା ନେଇ ଆସିଛି , ସମସ୍ତେ ଭଲ ପାଇବା ଦେଉଛନ୍ତି । ସାମାଜିକ ଗଣମାଧ୍ୟମ ଜରିଆରେ ମୋତେ ମେସେଜ୍ କରୁଛନ୍ତି । ତେଣୁ ଦର୍ଶକଙ୍କ ଭଲ ପାଇବା ଏମିତି ରହିଥାଉ ।



## ଷ୍ଟାଇଲିସ୍ ହିରୋ ଲୋହିତାକ୍ଷ

ଷ୍ଟାଇଲ ଯେମିତି, ସ୍ମାଇଲ ସେମିତି । ହାଇଟ୍ ଯେମିତି, ଫାଇଟ୍ ସେମିତି । ଯେମିତି କନ୍ଦେଇ ପାରନ୍ତି, ସେମିତି ହସେଇ ବି ପାରନ୍ତି । ଆଗାମୀ ଚଳଚ୍ଚିତ୍ର 'ଲଢ଼େଇ' ଜରିଆରେ ଇଣ୍ଡଷ୍ଟ୍ରିରେ ଆଉ ଜଣେ ନାୟକଙ୍କର ଆବିର୍ଭାବ ଘଟିବାକୁ ଯାଉଛି । ସେ ହେଉଛନ୍ତି ଲୋହିତାକ୍ଷ ପଟ୍ଟନାୟକ । ତାଙ୍କର ଷ୍ଟାଇଲ ଷ୍ଟେଟ୍‌ମେଣ୍ଟ ଦେଖି ନୂଆପିଢ଼ିର ସବୁ ନାୟିକା ଫିଦା । ଯଦିଓ ଆଗରୁ ସେ ଅନେକ ଚଳଚ୍ଚିତ୍ରରେ ଶିଶୁ କଳାକାର ଭାବେ ଅଭିନୟ କରି ଦର୍ଶକଙ୍କ ହୃଦୟ ଜିତି ପାରିଛନ୍ତି । ତେବେ ନାୟକ ଭାବରେ ଏହା ତାଙ୍କର ପ୍ରଥମ ସିନେମା । 'ହୋମ୍ ପ୍ରଡକ୍ସନ' ବ୍ୟାନରର ଏହି ଚଳଚ୍ଚିତ୍ରରେ ତାଙ୍କୁ ଉପସ୍ଥାପିତ କରାଯାଉଛି । ତେଣୁ ନିର୍ମାତା ଦେବାଶିଷ ପଟ୍ଟନାୟକ କୌଣସିଥିରେ କିଛି ଊଣା କରି ନାହାଁନ୍ତି ଏବଂ ଏ ଗୁରୁ ଦାୟିତ୍ୱ ନ୍ୟସ୍ତ କରିଛନ୍ତି ନିର୍ଭରଯୋଗ୍ୟ ନିର୍ଦ୍ଦେଶକ ଅଶୋକ ପତିଙ୍କ ହାତରେ । ଲୋହିତାକ୍ଷଙ୍କୁ ଆଖିରେ ରଖି କାହାଣୀ ଲେଖା ଯାଇଛି ଏବଂ ତାଙ୍କ ବିପକ୍ଷରେ ଜଣେ ନବାଗତାଙ୍କୁ ସୁଯୋଗ ମିଳିଛି । ସେହି ନାୟିକାଙ୍କ ନାଁ ହେଉଛି ଅଭିଲିପ୍ସା । ନିଜର ନୂଆ ଲୁକ, ନୂଆ ଇମେଜ ଓ ନୂଆ ଅନ୍ଦାଜରେ ଲୋହିତାକ୍ଷ ସମସ୍ତଙ୍କର ମନ ଜିଣିବେ ବୋଲି ପ୍ରଯୋଜନା ସଂସ୍ଥା ଦୃଢ ଆଶାବାଦୀ ଅଛନ୍ତି । 'ଲଢେଇ' ଆଗାମୀ ଦୀପାବଳିରେ ମୁକ୍ତିଲାଭ କରିବ ବୋଲି କୁହାଯାଉଛି ।

## ନଭେମ୍ବରରେ 'ଦର୍ପଣ'





ଦର୍ପଣ ଭିତରେ ଦିଶିବ ଏକ ଭୟଙ୍କର ଚେହେରା । ମଣିଷ ଭିତରର ରାକ୍ଷସ ଚରିତ୍ର ପଦାକୁ ଫୁଟି ଆସିବ । ଯାହାକୁ ଦେଖି ହଲରେ ଥରିବେ ଦର୍ଶକ । ଭରପୂର କମେଡ଼ି ସହିତ ଡ୍ରାମା ବି ଜବରଦସ୍ତ । ଏମିତି ଏକ ନିଆରା ରହସ୍ୟଭରା କାହାଣୀକୁ ନେଇ ନଭେମ୍ବରରେ ପରଦାକୁ ଆସିବ ନୂଆ ଓଡ଼ିଆ ଚଳଚ୍ଚିତ୍ର 'ଦର୍ପଣ' । ନିତିଦିନିଆ ଜୀବନରେ ଦର୍ପଣ ହିଁ ଦେଖାଏ ପ୍ରତିଛବି । ବେଳେବେଳେ ମଣିଷ ସାମ୍ନାରେ ଏହାକୁ ରଖିଦେଲେ ହୁଏତ ମୁହଁ ତଳେ ଲୁଚିଥିବା ଭିନ୍ନ ଏକ ଭୟଙ୍କର ରୂପ ସାମ୍ନାକୁ ଆସିଯାଏ । ଏହିଭଳି ଏକ ରହସ୍ୟଭରା କାହାଣୀକୁ ଚଳଚ୍ଚିତ୍ରର ରୂପ ଦେଇଛନ୍ତି ସିନେମାର ନିର୍ଦ୍ଦେଶକ ଭରତ ପୁଷ୍ପରାଗ । ପ୍ରଥମ ଥର 'ସାୟନ୍ ପ୍ରଡକ୍ସନ ହାଉସ୍' ବ୍ୟାନରରେ ନିର୍ମାଣ ହୋଇଛି ପ୍ରଥମ ଓଡ଼ିଆ ହରର୍ ସହ ସାଇକୋ ଥ୍ରିଲର୍ ସିନେମା 'ଦର୍ପଣ' । ଯାହା ଏକ ଭୟାନକ କାହାଣୀ ଉପରେ ଆଧାରିତ । ଯେଉଁଥିରେ ହରର୍, ସସ୍‌ପେନ୍ସ ଓ ଫାମିଲି ଡ୍ରାମା ସହ ଭରପୂର କମେଡି ମଧ୍ୟ ରହିଛି । ଏହି ଚଳଚ୍ଚିତ୍ରରେ ନାୟକ ଭାବରେ ନଜର ଆସୁଛନ୍ତି ଅଙ୍କିତ କୁମାର । ଅଙ୍କିତଙ୍କ ବିପକ୍ଷରେ ଅଛନ୍ତି ସୁନ୍ଦରୀ ନାୟିକା ତୃପ୍ତି ମୀରାମ୍ବିକା । ଆଗରୁ ତୃପ୍ତି ଓ ଅଙ୍କିତ୍ ଅନେକ ସିନେମା ସହ ବଡ଼ ପରଦାରେ ମଧ୍ୟ ଅଭିନୟ କରିସାରିଛନ୍ତି । ଏହି ଦର୍ପଣ ସିନେମା ମାଧ୍ୟମରେ ଏ ଦୁହିଁଙ୍କୁ ଦମଦାର ଚରିତ୍ରରେ ଦର୍ଶକ ଦେଖିବାକୁ ପାଇବେ । ଏତଦ୍ ବ୍ୟତୀତ ଏହି ସିନେମାରେ ନୂଆ ଓ ପୁରୁଣା ଉଭୟ କଳାକାରମାନଙ୍କୁ ଦର୍ଶକ ଦେଖିବାକୁ ପାଇବେ । ହିରଣ୍ମୟୀ, ପ୍ରଦ୍ୟୁମ୍ନ ଲେଙ୍କା, ରାନୁ ପାଢ଼ୀ, କାଳୀ ଚରଣ, ଲଲାଟ, ପ୍ରଜ୍ଞା, ଏମିତି ବହୁତ କଳାକାରଙ୍କୁ ଦେଖିବାକୁ ମିଳିବ । ଏହି ଚଳଚ୍ଚିତ୍ରର କାହାଣୀ ଓ ପ୍ରଯୋଜନା ଦାୟିତ୍ୱରେ ଅଛନ୍ତି ଦିଲ୍ଲୀପ କୁମାର ସାହୁ । ଏହାର ସୁଟିଂ ଓଡ଼ିଶା ସମେତ ଓଡ଼ିଶା ବାହାରେ ମଧ୍ୟ ବିଭିନ୍ନ ସ୍ଥାନରେ ହେଉଛି । 'ଦର୍ପଣ' ଚଳଚ୍ଚିତ୍ରରେ ମ୍ୟୁଜିକ୍ ଦେଇଛନ୍ତି ସଙ୍ଗୀତ ନିର୍ଦ୍ଦେଶକ ବୈଦ୍ୟନାଥ ଦାଶ ଓ ଟୁନୁ ପଟ୍ଟନାୟକ । ସେହିପରି ଅସୀମା ପଣ୍ଡା, ହ୍ୟୁମାନ ସାଗର, ଅନ୍ତରା ଚକ୍ରବର୍ତ୍ତୀ, ଅନନ୍ୟା ଶ୍ରୀତମ ନନ୍ଦ ଓ ନାଭ୍ୟା ବିଭିନ୍ନ ଗୀତରେ କଣ୍ଠଦାନ କରିଛନ୍ତି । ଏହାର ସଂଳାପ ଲେଖିଛନ୍ତି କମେଶ ଶୁକ୍ଲା ଓ ନୃତ୍ୟ ନିର୍ଦ୍ଦେଶନା ଦେଇଛନ୍ତି ସୁଧାକର ବସନ୍ତ । ଉକ୍ତ ଚଳଚ୍ଚିତ୍ରରେ ଦର୍ଶକମାନେ ନିହାତି ଭାବରେ କିଛି ଭିନ୍ନ ଦେଖିବାକୁ ପାଇବେ ବୋଲି ପ୍ରଯୋଜକ ଆଶା ରଖିଛନ୍ତି ।



## ଓଟିଟିରେ 'ଘମାଘୋଟ୍'ର ରେକର୍ଡ

ଓଡ଼ିଆ ହାଇ-ଆକ୍ସନ ଫିଲ୍ମ 'ଘମାଘୋଟ୍' ଗତ ସେପ୍ଟେମ୍ବର ୨୨ରେ ଓଡ଼ିଶାର ଲୋକପ୍ରିୟ ଷ୍ଟ୍ରିମିଂ ପ୍ଲାଟଫର୍ମ ଆଓ ନେକ୍ସଟରେ ଡିଜିଟାଲ୍ ପ୍ରିମିୟର ହୋଇଥିଲା । ଯାହାକି ଓଟିଟିରେ ରେକର୍ଡ ବ୍ରେକ୍ କରିଛି । ମାତ୍ର ୨୧ ଦିନରେ ୪ ଲକ୍ଷ ଭିୟୁଜ୍ ଏହା ସଂଗ୍ରହ କରିଛି । 'କୌସ୍ତବ ଡ୍ରିମୱାର୍କ୍ସ ଷ୍ଟୁଡିଓ' ଅଧୀନରେ ତଥା କୌଶିକ ଦାସଙ୍କ ଦ୍ୱାରା ପ୍ରଯୋଜିତ ଓ ରାଜା. ଡି.ଙ୍କ ନିର୍ଦ୍ଦେଶିତ ଫିଲ୍ମ 'ଘମାଘୋଟ୍' ଗତ ମାର୍ଚ୍ଚ ମାସରେ ଓଡ଼ିଶାର ଫିଲ୍ମ ହଲ୍‌ରେ ରିଲିଜ ହୋଇ ବକ୍ସ ଅଫିସ୍‌ରେ ହିଟ୍ ହୋଇଥିଲା । ଜବରଦସ୍ତ ଡ୍ରାମା ଏବଂ ଆକର୍ଷଣୀୟ କାହାଣୀ ସହିତ ଏହି ଫିଲ୍ମଟି ରାଜ୍ୟରେ ଗ୍ୟାଙ୍ଗ ୱାରର ଅନ୍ଧାର ଦୁନିଆର ଗଭୀରତାକୁ ଅତି ସରଳ ଭାବରେ ଦର୍ଶକଙ୍କ ପାଖରେ ପହଞ୍ଚାଇ ଥିଲା ନିର୍ଦ୍ଦେଶକ ରାଜା ଡି. କହିଛନ୍ତି ଯେ, ଆକ୍ସନ୍ ସିକ୍ୱେନ୍ସଗୁଡ଼ିକ ରଶି ବିନା ପ୍ରଦର୍ଶନ କରାଯାଇଥିଲା । ଫଳରେ ଏହା ଫାଇଟ୍ ଦୃଶ୍ୟଗୁଡ଼ିକକୁ ଅତ୍ୟନ୍ତ ନିଚ୍ଛକ ଏବଂ ବାସ୍ତବବାଦୀ କରିଥିଲା । ଫିଲ୍ମରେ ଅଭିଷେକ ପଣ୍ଡା, ଦୀପକ ପରିଡ଼ା, ବିଶ୍ୱଜିତ ରାଉତ, ଜୋଣ୍ଟି, ଆକାଶ ହୋତା, ଆକାଶ ରାଉତ, ସନ୍ଦୀପ ମିଶ୍ର, ସନୋଜ କୁମାର, ଗୋଲ୍‌ଡି ଦାସ, ଶକ୍ତି, ରାଜେଶ କୁମାର ସାହୁ, ତପି ମିଶ୍ର, ଆଇମନ୍ ପ୍ରଧାନ, ଶୈଳେନ୍ଦ୍ର ସାମନ୍ତରାୟ ଏବଂ କ୍ରୀଷ୍ଣା କରଙ୍କ ପରି ପ୍ରତିଭାଶାଳୀ କଳାକାରମାନେ ନିଜର ଅଭିନୟର ଯାଦୁ ଦେଖାଇଛନ୍ତି ।







## 'ହେ ମା'ର ଶୁଭମୁକ୍ତି

ଶାରଦୀୟ ଦୁର୍ଗାପୂଜା ଅବସରରେ 'ମଞ୍ଜୟ ଏଣ୍ଟରଟେନମେଣ୍ଟ' ପ୍ରସ୍ତୁତ ଆଧୁନିକ ମ୍ୟୁଜିକ୍ ଭିଡିଓ 'ହେ ମା'ର ଶୁଭମୁକ୍ତି ହୋଇଯାଇଛି । ଏହାର ପରିକଳ୍ପନା କରିଛନ୍ତି ମଙ୍ଗଳ ଜ୍ୟୋତି ଦାସ । ଗୀତ ଲେଖିଛନ୍ତି ବିଶିଷ୍ଟ ଗୀତିକାର ସଚି ମହାନ୍ତି । ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ଶାନ୍ତନୁ ନାୟକ । କଣ୍ଠଦାନ କରିଛନ୍ତି ବିଖ୍ୟାତ କଣ୍ଠଶିଳ୍ପୀ କ୍ରିଷ୍ଣା ବେଉରା । ଏହାର ପ୍ରଯୋଜନା ଭାର ନନ୍ଦିତା ଦାସ ନେଇଥିବା ବେଳେ କାର୍ଯ୍ୟନିର୍ବାହୀ ପ୍ରଯୋଜନା କରିଛନ୍ତି ଚିତ୍ରଶିଳ୍ପୀ ଓ କଥାକାର ସଂଜୟ ଭଟ୍ଟ । ତେବେ ଏହି ଆଧୁନିକ ମ୍ୟୁଜିକ୍ ଭିଡିଓକୁ ଦର୍ଶକେ ଖୁବ୍ ପସନ୍ଦ କରିଛନ୍ତି ।

**ପରଦା ପଛର କାହାଣୀ**

## ଗୁଳି ବର୍ଷଣ ମଧ୍ୟରେ ଫିଲ୍ମ ସୁଟିଂ

ହିନ୍ଦୀ ସିନେମା ଜଗତରେ ଜଣେ ସାହସୀ ଅଭିନେତା ତଥା ନିର୍ଦ୍ଦେଶକ ଭାବେ ପରିଚିତ ଫିରୋଜ ଖାନ୍ । ବଲିଉଡ୍‌ର ଜଗତରେ ସେ 'କାଓବୟ' ଭାବେ ପରିଚିତ । ସେ ଜଣେ ଲୋକପ୍ରିୟ ଅଭିନେତା, ନିର୍ଦ୍ଦେଶକ ଓ ପ୍ରଯୋଜକ ଥିଲେ । ଫିରୋଜ ଖାନ୍ ତାଙ୍କ ଷ୍ଟାଇଲିସ୍ ଅନ୍ଦାଜ ପାଇଁ ବେଶ୍ ଜଣାଶୁଣା । ତାଙ୍କ ନିର୍ମିତ ଫିଲ୍ମରେ ଗ୍ଲାମର୍, ବୋଲ୍ଡ ଦୃଶ୍ୟ ଅଧିକ ଥାଏ । ସେ ଫିଲ୍ମରେ ପରଫେକ୍ଟ ସଟ୍ ଦେବା ପାଇଁ ଯେ କୌଣସି ବିପଦପୂର୍ଣ୍ଣ ସ୍ଥାନରେ ମଧ୍ୟ ସୁଟିଂ କରିବାକୁ ଆଗେଇ ଆସୁଥିଲେ । ତାଙ୍କ ଫିଲ୍ମ 'ଧର୍ମାତ୍ମା'କୁ ନେଇ ଏକ ରୋଚକୀୟ କାହାଣୀ ରହିଛି । ସେ ଏହି ଫିଲ୍ମକୁ ଗୁଳି ବର୍ଷଣ ମଧ୍ୟରେ ସୁଟିଂ କରିଥିଲେ । ନିର୍ଦ୍ଦେଶକ ଭାବେ ତାଙ୍କ ପ୍ରଥମ ଫିଲ୍ମ 'ଧର୍ମାତ୍ମା'ର ଯୋଜନା କରୁଥିଲେ, ଏହି ଫିଲ୍ମଟିକୁ ସେ କୌଣସି ସାଧାରଣ ସ୍ଥାନ ନୁହେଁ,ବରଂ ସୁନ୍ଦର ଓ ସାଂସ୍କୃତିକ ପରିବେଶ ମଧ୍ୟରେ ସୁଟିଂ କରିବେ । ଏହାରି ମଧ୍ୟରେ ତାଙ୍କ ନଜର ଆଫଗାନିସ୍ତାନ ଉପରେ ପଡ଼ିଥିଲା । କିନ୍ତୁ ସେତେବେଳେ ସେଠାରେ ରାଜନୈତିକ ଅସ୍ଥିରତା ଲାଗି ରହିଥିଲା । ସ୍ଥିତି ଏତେ ଖରାପ ଥିଲା ଯେ, ଫିଲ୍ମ ନିର୍ମାତାମାନେ ସେଠାକୁ ଯିବାକୁ ଭୟ କରୁଥିଲେ । କିନ୍ତୁ ଫିରୋଜ ଖାନ୍ ଆଫଗାନିସ୍ତାନର ମରୁଭୂମି ଓ ପାହାଡ଼ରେ ଫିଲ୍ମ ସୁଟିଂ କରିବାକୁ ନିଷ୍ପତ୍ତି ନେଇଥିଲେ । ତାଙ୍କ ଫିଲ୍ମର କାହାଣୀ ଅନୁସାରେ ଏହି ସ୍ଥାନ ପରଫେକ୍ଟ ବୋଲି ସେ କହିଥିଲେ । ସୁଟିଂ ସମୟରେ ତାଙ୍କ ଟିମ୍ ଉପରେ ଅଚାନକ ଗୁଳି ମାଡ଼ ହୋଇଥିଲା । ସୁଟିଂ ସେଟ୍‌ରେ ଥିବା ସମସ୍ତ କଳାକାର ଭୟଭୀତ ହୋଇପଡ଼ିଥିଲେ । ସେଠାରୁ ପ୍ରତ୍ୟାବର୍ତ୍ତନ କରିବାକୁ ଭାବିଥିଲେ । କିନ୍ତୁ ଫିରୋଜ ଖାନ୍ ହାର ମାନି ନଥିଲେ । ସେଠାକାର ତତ୍କାଳୀନ ରାଷ୍ଟ୍ରପତି ମୋହମ୍ମଦ ଦାଉଦ ଖାନଙ୍କୁ ଭେଟିଥିଲେ । ରାଷ୍ଟ୍ରପତିଙ୍କୁ ତାଙ୍କ ଫିଲ୍ମର କାହାଣୀ କହିବା ସହ ଆଫଗାନିସ୍ତାନ ସୌନ୍ଦର୍ଯ୍ୟକୁ ସମଗ୍ର ବିଶ୍ୱରେ ଦେଖାଇବାକୁ ଚାହୁଁଥିବା କହିଥିଲେ । ଫିରୋଜ ଖାନ୍‌ଙ୍କ ସାହସ ଓ ନିଷ୍ଠା ଦେଖି ପ୍ରଭାବିତ ହୋଇଥିଲେ ରାଷ୍ଟ୍ରପତି । ତାଙ୍କୁ ଓ ତାଙ୍କ ଟିମ୍‌କୁ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ଯୋଗାଇଥିଲେ । ଫଳରେ ଫିରୋଜ ଖାନ୍ ନିର୍ଭୟରେ ନିଜ ଫିଲ୍ମ ସୁଟିଂ କରିଥିଲେ । ତେଣୁ ସେ ନିଜ ଫିଲ୍ମ ପାଇଁ କିଛି ବି କରିପାରନ୍ତି ବୋଲି ଏଥିରୁ ପ୍ରମାଣିତ ହୋଇଥିଲା ।



### ପ୍ରଥମ ଟେଷ୍ଟରେ ଜାଡେଜା ଶ୍ରେଷ୍ଠ, ୧୦ରୁ ଦ୍ୱିତୀୟ ମୁକାବିଲା

# ଭାରତ ଇନିଂସ ଓ ୧୪୦ ରନରେ ବିଜୟୀ

**ଅହମ୍ମଦାବାଦ, ୪।୧୦ (ଏଜେନ୍ସି):** ୱେଷ୍ଟଇଣ୍ଡିଜ୍ ବିପକ୍ଷ ପ୍ରଥମ ଟେଷ୍ଟମ୍ୟାଚ୍‌କୁ ଘରୋଇ ଭାରତ ଅଢ଼େଇ ଦିନରେ ଜିତିନେଇଛି। ପ୍ରଥମ ଦିନରୁ ଏକତରଫା ହୋଇଥିବା ଏହି ମ୍ୟାଚ୍ ଶନିବାର ୩ୟ ଦିନରେ ସମାପ୍ତ ହୋଇଥିଲା। ଅହମ୍ମଦାବାଦ ଟେଷ୍ଟକୁ ଭାରତ ଇନିଂସ ଓ ୧୪୦ ରନ୍‌ରେ ଜିତିବାରେ ସଫଳ ହୋଇଛି। ରବୀନ୍ଦ୍ର ଜାଡ଼େଜା ଓ ମହମ୍ମଦ ସିରାଜ୍‌ଙ୍କ ବୋଲିଂ ସଫଳତା ବଳରେ ଭାରତ ଏହି ବିଜୟ ହାସଲ କରିଛି। ପ୍ରଥମ ଇନିଂସରେ ୨୮୬ ରନ୍ ପଛରେ ରହିଥିବା ୱେଷ୍ଟଇଣ୍ଡିଜ୍ ୨ୟ ଇନିଂସରେ ମାତ୍ର ୧୪୬ ରନ୍‌କରି ଅଲ୍‌ଆଉଟ ହୋଇ ଯାଇଥିଲା। ଫଳରେ ୨ ମ୍ୟାଚ୍‌ର ଟେଷ୍ଟ ଶୃଙ୍ଖଳାରେ ଭାରତ ଅପରାଜେୟ ୧-୦ ଲିଡ୍ ନେଇପାରିଛି। ଆସନ୍ତା ୧୦ରୁ ଦିଲ୍ଲୀରେ ଉଭୟ ଦଳଙ୍କ ମଧ୍ୟରେ ୨ୟ ତଥା ଅନ୍ତିମ ଟେଷ୍ଟମ୍ୟାଚ୍ ଖେଳାଯିବ। ଅପରାଜିତ ଶତକ ସହ ୪ଟି ୱିକେଟ୍ ନେଇଥିବା ରବୀନ୍ଦ୍ର ଜାଡ଼େଜା ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।




ଏହି ମ୍ୟାଚ୍‌ର ଶୁକ୍ରବାର ୨ୟ ଦିନ ଶେଷରେ ଭାରତ ପ୍ରଥମ ଇନିଂସ୍‌ରେ ୫ ୱିକେଟ୍‌ରେ ୪୪୮ ରନ୍ କରିଥିଲା। ଶନିବାର ତୃତୀୟ ଦିନ ସକାଳୁ ସେହି ସ୍କୋର୍‌ରେ ଭାରତ ପ୍ରଥମ ଇନିଂସ ଘୋଷଣା କରିଥିଲା। ଫଳରେ ଭାରତ ୨୮୬ ରନ୍ ଆଗରେ ରହିଥିଲା। ରବୀନ୍ଦ୍ର ଜାଡ଼େଜା ୧୦୪ ଓ ୱାଶିଂଟନ ସୁନ୍ଦର ୯ ରନ୍‌କରି ଅପରାଜିତ ଥିଲେ। ପ୍ରଥମ ଇନିଂସ ପରି ଦ୍ୱିତୀୟ ଇନିଂସରେ ମଧ୍ୟ ୱେଷ୍ଟଇଣ୍ଡିଜ୍ ନିମ୍ନମାନର ବ୍ୟାଟିଂ କରିଥିଲା। ଉଭୟ ଇନିଂସ୍‌କୁ ମିଶାଇ ୱେଷ୍ଟଇଣ୍ଡିଜ୍‌ର ଜଣେ ମାତ୍ର ବ୍ୟାଟ୍‌ସମ୍ୟାନ୍ ଅର୍ଦ୍ଧଶତକ ହାସଲ କରି ପାରିନଥିଲେ। ଦୁଇ ଓପ୍‌ନର ଜନ୍ କ୍ୟାମ୍ପବେଲ୍ ୧୪ ଓ ତ୍ୟାଗନାରାୟଣ ଚନ୍ଦ୍ରପଲ ୮ ରନ୍ କରିଥିଲେ। ମଧ୍ୟକ୍ରମରେ ବ୍ରାଣ୍ଡନ୍ କିଙ୍ଗ୍ (୫) ଏବଂ ଅଧିନାୟକ ରୋଷ୍ଟନ୍ ଚେଜ୍ ଓ ସାଇ ହୋପ୍ ୧ ରନ୍ ଲେଖାଏଁ କରିଥିଲେ। ୪୬ ରନ୍‌ରେ ଇଣ୍ଡିଜ୍ ୫ଟି ୱିକେଟ୍ ହରାଇବା ପରେ ଆଲିକ୍ ଆଥାନେଜ୍ ଓ ଜଷ୍ଟିନ୍ ଗ୍ରିଭ୍‌ସ ୪୬ ରନ୍ ଯୋଗ କରିଥିଲେ। ଆଥାନେଜ୍ ୩ଟି ଚୌକା ସହ ସର୍ବାଧିକ ୩୮ ରନ୍ କରିଥିଲେ। ଜଷ୍ଟିନ୍ ଗ୍ରିଭ୍‌ସ ୪ଟି ଚୌକା ସହ ୨୫ ରନ୍ କରିଥିଲେ। ଶେଷ ୱିକେଟ୍‌ରେ ୨୬ ରନ୍ ହୋଇଥିବା ବେଳେ ଏଥିରୁ ଜେଡେନ୍ ସିଲ୍‌ସ ୧୨ ବଲ୍‌ରୁ ୨ଟି ଛକା ଓ ଗୋଟିଏ ଚୌକା ସହ ୨୨ ରନ୍ କରିଥିଲେ। ଯୋହାନ୍ ଲେନ୍ ୧୪ ରନ୍ କରିଥିବା ବେଳେ ଖାରି ପିଏରେ ୧୩ ରନ୍‌କରି ଅପରାଜିତ ଥିଲେ। ରବୀନ୍ଦ୍ର ଜାଡ଼େଜା ୫୪ ରନ୍ ଦେଇ ୪ଟି ୱିକେଟ୍ ନେଇଥିଲେ। ମହମ୍ମଦ ସିରାଜ୍ ୩୧ ରନ୍‌ରେ ୩ଟି ଓ କୁଲଦୀପ ଯାଦବ ୨୩ ରନ୍‌ଦେଇ ୨ଟି ୱିକେଟ୍ ନେଇଥିଲେ।

**ସଂକ୍ଷିପ୍ତ ସ୍କୋର**

**ୱେଷ୍ଟଇଣ୍ଡିଜ୍ ପ୍ରଥମ ଇନିଂସ**
୧୬୨/୧୦ (ଜଷ୍ଟିନ୍ ଗ୍ରୀଭସ୍-୩୨, ଶାଇ ହୋପ୍-୨୬, ରୋଷ୍ଟୋନ ଚେଜ୍-୨୪, ସିରାଜ-୪/୪୦, ବୁମ୍‌ରା-୩/୪୨, କୁଲଦୀପ ଯାଦବ-୨/୨୫)।

**ଭାରତ ପ୍ରଥମ ଇନିଂସ**
୪୪୮/୫, ଘୋଷିତ (ଧ୍ରୁବ ଜୁରେଲ-୧୨୫, ରବୀନ୍ଦ୍ର ଜାଡେଜା-୧୦୪ ନଟ୍‌ଆଉଟ, ଲୋକେଶ ରାହୁଲ-୧୦୦, ଚେଜ୍-୨/୯୦)।

**ୱେଷ୍ଟଇଣ୍ଡିଜ୍ ଦ୍ୱିତୀୟ ଇନିଂସ**
୧୪୬/୧୦ (ଆଲିକ୍ ଆଥାନାଜେ-୩୮, ଗ୍ରୀଭ୍ସ-୨୫, ଜେଡେନ ସିଲ୍ସ-୨୨, ଜାଡେଜା-୪/୫୪, ସିରାଜ-୩/୩୧, କୁଲଦୀପ-୨/୩୧)।

**● ୧୪୮ ବର୍ଷର କ୍ରିକେଟ ଇତିହାସରେ ପ୍ରଥମ**

## ଗୋଟିଏ ବର୍ଷରେ ୨ଥର ୧୦୦ରେ ଆଉଟ ହେଲେ ରାହୁଲ

**ଅହମ୍ମଦାବାଦ, ୪।୧୦ (ଏଜେନ୍ସି):** ୱେଷ୍ଟଇଣ୍ଡିଜ ବିପକ୍ଷ ପ୍ରଥମ ଟେଷ୍ଟକୁ ଘରୋଇ ଭାରତ ଏକ ଇନିଂସ ଓ ୧୪୦ ରନରେ ବିଜୟୀ ହୋଇଛି। ଏହି ମ୍ୟାଚରେ ଲୋକେଶ ରାହୁଲ ଶତକୀୟ ଇନିଂସ ଖେଳି ଦଳକୁ ବଡ଼ ବିଜୟ ଦେବାରେ ସହାୟତା କରିଥିଲେ। ଇନିଂସ ଓପନ କରିଥିବା ରାହୁଲ ଠିକ୍ ୧୦୦ ରନ କରି ଆଉଟ୍ ହୋଇଥିଲେ। ଏଥିସହ ସେ ଏକ ବିରଳ କ୍ଲବରେ ସାମିଲ ହୋଇଛନ୍ତି। ଗୋଟିଏ କ୍ୟାଲେଣ୍ଡର ବର୍ଷରେ ଟେଷ୍ଟ କ୍ରିକେଟରେ ଦୁଇଥର ଠିକ୍ ୧୦୦ ରନରେ ଆଉଟ୍ ହେବାରେ ସେ ବିଶ୍ୱର ପ୍ରଥମ କ୍ରିକେଟର୍। ରାହୁଲ ଏଥିପୂର୍ବରୁ ଚଳିତ ବର୍ଷ ଇଂଲଣ୍ଡ ବିପକ୍ଷ ସିରିଜରେ ଲର୍ଡ୍ସରେ ଠିକ୍ ୧୦୦ ରନ କରିବା ପରେ ଆଉଟ୍ ହୋଇଥିଲେ। ୧୮୭୭ ମସିହାରୁ ଟେଷ୍ଟ କ୍ରିକେଟ୍ ଆରମ୍ଭ ହୋଇଥିବାବେଳେ ଅଦ୍ୟାବଧି ୧୪୮ ବର୍ଷ ମଧ୍ୟରେ କୌଣସି କ୍ରିକେଟର ଗୋଟିଏ ବର୍ଷରେ ଦୁଇଥର ଟେଷ୍ଟରେ ୧୦୦ ରନରେ ଆଉଟ ହୋଇ ନ ଥିଲେ। ସେହିଭଳି ବିଶ୍ୱର ୭ମ କ୍ରିକେଟର୍ ଭାବେ ରାହୁଲ ଟେଷ୍ଟ କ୍ରିକେଟରେ ଦୁଇଥର ୧୦୦ ରନରେ ଆଉଟ୍ ହୋଇଛନ୍ତି।

## କ୍ରିକେଟ୍‌ରୁ ରସନାରାଙ୍କ ଅବସର

**ଭୁବନେଶ୍ୱର, ୪।୧୦ (ସମିସ):** ଓଡ଼ିଶାର ଆନ୍ତର୍ଜାତିକ ମହିଳା କ୍ରିକେଟର ରସନାରା ପରୱିନ ସମସ୍ତ ଫର୍ମାଟ କ୍ରିକେଟ୍‌ରୁ ଅବସର ଘୋଷଣା କରିଛନ୍ତି। ୩୩ ବର୍ଷ ବୟସ୍କା ରାସନାରା ୨୦୧୨ ଟ୍ୱେଣ୍ଟି୨୦ ବିଶ୍ୱକପ୍‌ରେ ଭାରତ ପାଇଁ ପାକିସ୍ତାନ ଓ ଶ୍ରୀଲଙ୍କା ବିପକ୍ଷରେ ୨ଟି ଟ୍ୱେଣ୍ଟି୨୦ ମ୍ୟାଚ୍ ଖେଳି ୪ଟି ୱିକେଟ୍ ନେଇଥିଲେ। ୨୦୧୩ରେ ୱେଷ୍ଟଇଣ୍ଡିଜ୍ ମହିଳା ଦଳ ବିପକ୍ଷରେ ରାସନାରା




ଏକମାତ୍ର ଦିନିକିଆ ମ୍ୟାଚ୍ ଖେଳି ୱିକେଟ୍ ପାଇନଥିଲେ। ବଲାଙ୍ଗିରର ଅଫ୍‌ସ୍ପିନର ରାସନାରା ପରୱିନ ପାଖାପାଖି ୨ ଦଶନ୍ଧି ଓଡ଼ିଶା ମହିଳା ଦଳ ପାଇଁ ଖେଳିଥିଲେ। ଓଡ଼ିଶା ଓ ଭାରତୀୟ କ୍ରିକେଟ୍ ପ୍ରତି ରାସନାରାଙ୍କ ଅବଦାନ ପାଇଁ ଓସିଏ ପକ୍ଷରୁ ତାଙ୍କୁ ଶୁଭେଚ୍ଛା ଜ୍ଞାପନ କରାଯାଇଛି। ତାଙ୍କ ଉଲ୍ଲେଖନୀୟ କ୍ରିକେଟ୍ ଜୀବନର ଲାଗି ଓସିଏ ସଭାପତି ପଙ୍କଜ ଲୋଚନ ମହାନ୍ତି, ସମ୍ପାଦକ ସଞ୍ଜୟ ବେହେରା ଓ ଅନ୍ୟ କର୍ମକର୍ତ୍ତା ରାସନାରାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ଓଡ଼ିଶା ରଣଜୀ ଦଳରୁ ବିପ୍ଳବ, ସୂର୍ଯ୍ୟକାନ୍ତ, ଶାନ୍ତନୁ ବାଦ୍

**ଭୁବନେଶ୍ୱର, ୪।୧୦ (ସମିସ):** ରଣଜୀ ଟ୍ରଫିର ୨୦୨୫-୨୬ ଋତୁ ଚଳିତମାସ ୧୫ରୁ ଆରମ୍ଭ ହେଉଛି। ରଣଜୀ ଟ୍ରଫିରେ ଓଡ଼ିଶା ଏଲିଟ୍ ଗ୍ରୁପ୍ 'ଏ'ରେ ରହିଛି। ପ୍ରଥମ ୩ଟି ମ୍ୟାଚ୍ ଲାଗି ୧୫ ଜଣିଆ ଓଡ଼ିଶା ଦଳ ଓଡ଼ିଶା କ୍ରିକେଟ୍ ଆସୋସିଏସନ୍ (ଓସିଏ) ଘୋଷଣା କରିଛି। ଗତବର୍ଷ ଓଡ଼ିଶା ଛାଡ଼ି ମଧ୍ୟପ୍ରଦେଶ ଚାଲି ଯାଇଥିବା ବ୍ୟାଟ୍‌ସମ୍ୟାନ ଶୁଭ୍ରାଂଶୁ ସେନାପତି ପୁଣି ଓଡ଼ିଶା ଫେରିବା ପରେ ତାଙ୍କୁ ନେତୃତ୍ୱ ପ୍ରଦାନ କରାଯାଇଛି। ଓପ୍‌ନର ସ୍ୱସ୍ତିକ ସାମଲ ଉପଅଧିନାୟକ ହୋଇଛନ୍ତି। ଗତବର୍ଷ ଓଡ଼ିଶାର ନେତୃତ୍ୱ ନେଇଥିବା ଓପ୍‌ନର ଶାନ୍ତନୁ ମିଶ୍ର ଦଳରୁ ବାଦ୍ ପଡ଼ିଛନ୍ତି। ଶାନ୍ତନୁଙ୍କ ସହ ପୂର୍ବତନ ଅଧିନାୟକ ବିପ୍ଳବ ସାମନ୍ତରାୟ ଓ ପେସ୍ ବୋଲର ସୂର୍ଯ୍ୟକାନ୍ତ ପ୍ରଧାନଙ୍କୁ ଦଳରେ ସ୍ଥାନ ମିଳିନାହିଁ। ଶାନ୍ତନୁ ଓ ବିପ୍ଳବ ଷ୍ଟାଣ୍ଡବାଇ ତାଲିକାରେ ଅଛନ୍ତି। ଦଳରେ ୩ ଜଣ ନୂଆ ମୁହଁ ସାମିଲ ହୋଇଛନ୍ତି। ସେମାନେ ହେଲେ ଓପ୍‌ନିଂ ବ୍ୟାଟ୍‌ସମ୍ୟାନ ଗୌରବ ଚୌଧୁରୀ, ଅଲ୍‌ରାଉଣ୍ଡର ସମ୍ବିତ ବରାଳ ଓ ବାମହାତି ସ୍ପିନର ବାଦଲ ବିଶ୍ୱାଳ। ଓଡ଼ିଶା ଅକ୍ଟୋବର ୧୫ରୁ ବାରବାଟୀ ଷ୍ଟାଡିୟମ୍‌ରେ ବରୋଦାର ମୁକାବିଲା କରିବ। ଅକ୍ଟୋବର ୨୫ରୁ କାନପୁରରେ ଉତ୍ତର ପ୍ରଦେଶ ଓ ନଭେମ୍ବର ୧ରୁ ବାରବାଟୀରେ ଆନ୍ଧ୍ରପ୍ରଦେଶ ବିପକ୍ଷରେ ଓଡ଼ିଶା ଏହି ୩ଟି ମ୍ୟାଚ୍ ଖେଳିବ। ଗତବର୍ଷ ଏଲିଟ୍ ଗ୍ରୁପ୍ 'ଏ'ରେ ଥିବା ଓଡ଼ିଶା ଦଳ ଦୁର୍ବଳ ପ୍ରଦର୍ଶନ କରି ୭ଟି ମ୍ୟାଚ୍‌ରୁ ୨ଟି ବିଜୟ ସହ ୧୭ ପଏଣ୍ଟ ପାଇ ୬ଷ୍ଠ ସ୍ଥାନରେ ରହିଥିଲା। ଘୋଷିତ ଦଳ: ଶୁଭ୍ରାଂଶୁ ସେନାପତି (ଅଧିନାୟକ), ସ୍ୱସ୍ତିକ ସାମଲ (ଉପଅଧିନାୟକ), ଗୌରବ ଚୌଧୁରୀ, ସନ୍ଦୀପ ପଟ୍ଟନାୟକ, ଗୋବିନ୍ଦ ପୋଦ୍ଦାର, ଆଶୀର୍ବାଦ ସ୍ୱାଇଁ, ରାଜେଶ ଧୁପର (ଉଭୟେ ୱିକେଟ୍ ରକ୍ଷକ), ଅନୀଲ ପରିଡ଼ା, ସମ୍ବିତ ବରାଳ, ସୁମିତ ଶର୍ମା, ବାଦଲ ବିଶ୍ୱାଳ, ସୁନୀଲ ରାଉଳ, ରାଜେଶ ମହାନ୍ତି, ତାରିଣୀ ସ' ଓ ତାପସ ଦାସ।

## ଶ୍ରୀଲଙ୍କା-ଅଷ୍ଟ୍ରେଲିଆ ମ୍ୟାଚ୍ ବାତିଲ

**କଲମ୍ବୋ, ୪।୧୦ (ଏଜେନ୍ସି):** ମହିଳା ଦିନିକିଆ ବିଶ୍ୱକପ୍‌ରେ ଶନିବାର ଏଠାରେ ହେବାକୁ ଥିବା ଶ୍ରୀଲଙ୍କା-ଅଷ୍ଟ୍ରେଲିଆ ମ୍ୟାଚ୍ ବର୍ଷା ଯୋଗୁଁ ବାତିଲ ହୋଇଯାଇଛି। ବର୍ଷା ଲାଗି ରହିବାରୁ ଟସ୍ ମଧ୍ୟ ପଡ଼ିନଥିଲା। ଫଳରେ ଉଭୟ ଦଳ ପଏଣ୍ଟ ଭାଗ କରିଛନ୍ତି। ଏହି ଫଳାଫଳରେ ଶ୍ରୀଲଙ୍କା ଲାଭବାନ ହୋଇଛି। ଚାମ୍ପିଅନ ଅଷ୍ଟ୍ରେଲିଆକୁ ହରାଇବା ଘରୋଇ ଦଳ ପକ୍ଷେ ବେଶ୍ କଷ୍ଟକର ହୋଇଥାନ୍ତା। ଭାରତଠାରୁ ପ୍ରଥମ ମ୍ୟାଚ୍ ହାରିଥିବା ଶ୍ରୀଲଙ୍କା ୧ ପଏଣ୍ଟ ପାଇ ଖାତା ଖୋଲିପାରିଛି। ୨ଟି ମ୍ୟାଚ୍‌ରୁ ୩ ପଏଣ୍ଟ ପାଇ ଅଷ୍ଟ୍ରେଲିଆ ଟେବୁଲ ଶୀର୍ଷରେ ପହଞ୍ଚିଛି। ଚଳିତ ବିଶ୍ୱକପ୍‌ରେ ପ୍ରଥମଥର ଏକ ମ୍ୟାଚ୍ ବର୍ଷା ଯୋଗୁଁ ବାତିଲ ହୋଇଛି। ଆସନ୍ତା ୮ରେ କଲମ୍ବୋରେ ପାକିସ୍ତାନର ମୁକାବିଲା କରିବ ଅଷ୍ଟ୍ରେଲିଆ। ଅଷ୍ଟ୍ରେଲିଆ ଖେଳିଥିବା ପ୍ରଥମ ମ୍ୟାଚରେ ନ୍ୟୁଜିଲାଣ୍ଡକୁ ୮୯ ରନ୍‌ରେ ହରାଇ ବିଜୟ ଅଭିଯାନ ଆରମ୍ଭ କରିଥିଲା।

**ଇରାନୀ କପ୍ କ୍ରିକେଟ**

## ଲକ୍ଷ୍ୟ ୩୬୧; ଅବଶିଷ୍ଟ ଭାରତ ଏକାଦଶ ୩୦/୨

**ନାଗପୁର, ୪।୧୦ (ଏଜେନ୍ସି):** ଚଳିତ ଇରାନୀ କପ୍ କ୍ରିକେଟ୍ ମ୍ୟାଚ୍‌ରେ ଅବଶିଷ୍ଟ ଭାରତ ବିପକ୍ଷରେ ରଣଜୀ ଟ୍ରଫି ଚମ୍ପିଆନ୍ ବିଦର୍ଭ ଦୃଢ଼ ସ୍ଥିତିରେ ରହିଛି। ବିଦର୍ଭ ପ୍ରଥମ ଇନିଂସରେ ୩୪୨ ରନ୍ କରିଥିଲା। ପ୍ରଥମ ଇନିଂସରେ ୧୨୮ ରନ୍ ଆଗରେ ଥିବା ବିଦର୍ଭ ଶନିବାର ୪ର୍ଥ ଦିନରେ ୨ୟ ଇନିଂସରେ ୨୩୨ ରନ୍‌କରି ଅଲ୍‌ଆଉଟ୍ ହୋଇଯାଇଛି।

ଫଳରେ ଅବଶିଷ୍ଟ ଭାରତକୁ ୨ୟ ଇନିଂସରେ ୩୬୧ ରନ୍‌ର ବିଜୟଲକ୍ଷ୍ୟ ମିଳିଛି। ଏହାର ପିଛାକରି ୪ର୍ଥ ଦିନ ଶେଷରେ ଅବଶିଷ୍ଟ ଭାରତ ୨ ୱିକେଟ୍ ହରାଇ ୩୦ ରନ୍ କରିପାରିଛି। ୮ଟି ୱିକେଟ୍ ବାକିଥାଇ ଅବଶିଷ୍ଟ ଭାରତ ଆଉ ୩୩୧ ରନ୍ ଆବଶ୍ୟକ କରୁଛି। ରବିବାର ମ୍ୟାଚ୍‌ର ୫ମ ତଥା ଅନ୍ତିମ ଦିନ। ଯଦି ଅବଶିଷ୍ଟ ଭାରତ ମ୍ୟାଚ୍ ଡ୍ର ରଖେ; ତେବେ ପ୍ରଥମ ଇନିଂସରେ ଆଗୁଆ ରହିଥିବା ବିଦର୍ଭ ଦଳ ଚମ୍ପିଆନ୍ ହେବ। ଅବଶିଷ୍ଟ ଭାରତର ୨ୟ ଇନିଂସରେ ଅଭିମନ୍ୟୁ ଈଶ୍ୱରନ୍ ୧୭ ଓ ଆର୍ଯ୍ୟନ୍ ଜୁୟାଲ ୬ ରନ୍‌କରି ଆଉଟ୍ ହୋଇଥିଲେ। ଈଶାନ୍ କିଷନ୍ ୫ ଓ ଅଧିନାୟକ ରଜତ ପଟିଦାର ୨ ରନ୍‌କରି ଅପରାଜିତ ଅଛନ୍ତି। ୩ୟ ଦିନ ଶେଷରେ ବିଦର୍ଭ ୨ୟ ଇନିଂସରେ ୨ ୱିକେଟ୍‌ରେ ୯୬ ରନ୍ କରିଥିଲା। ୪ର୍ଥ ଦିନରେ ଧ୍ରୁବ ସୋରେ ୨୭ ଓ ଡାନିସ୍ ମାଲେୱାର ୧୬ ରନ୍‌କରି ଆଉଟ୍ ହୋଇଥିଲେ। ଅଧିନାୟକ ଅକ୍ଷୟ ୱାଡ୍‌କର ୪ଟି ଚୌକା ସହ ୩୬ ଓ ହର୍ଷ ଦୁବେ ୩ଟି ଚୌକା ସହ ୨୯ ରନ୍ କରିଥିଲେ। ତଳ ଅର୍ଡରରେ ଦର୍ଶନ ନାଲ୍‌କାଣ୍ଡେ ୩୫ ଓ ଯଶ ଠାକୁର ୧୩ ରନ୍ କରିଥିଲେ। ଭାରତ ପାଇଁ ଟେଷ୍ଟ ଖେଳିଥିବା ଅଂଶୁଳ କାମ୍ବୋଜ ୪ଟି ଏବଂ ସାରାଂଶ ଜୈନ, ମାନବ ସୁତାର ଓ ଗୁରନୁର ବ୍ରାର ୨ଟି ଲେଖାଏଁ ୱିକେଟ୍ ନେଇଥିଲେ।

**ଭାରତ-ଅଷ୍ଟ୍ରେଲିଆ ଦିନିକିଆ ସିରିଜ୍ ୧୯ରୁ**

## ରୋହିତଙ୍କ ସ୍ଥାନରେ ଗିଲ୍ ଅଧିନାୟକ

**ଶର୍ମା ସ୍ଥାନ ବଜାୟ ରଖିଲେ**
**କୋହଲି ସାମିଲ, ବୁମ୍‌ରାଙ୍କୁ ବିଶ୍ରାମ**
**ବାଦ୍ ପଡ଼ିଲେ ରବୀନ୍ଦ୍ର ଜାଡେଜା**

**ମୁମ୍ବଇ,୪।୧୦(ଏଜେନ୍ସି):** ଅଷ୍ଟ୍ରେଲିଆ ବିପକ୍ଷ ଦିନିକିଆ ସିରିଜ୍‌ରେ ଶୁବମନ ଗିଲ୍ ଅଧିନାୟକ ମନୋନୀତ ହୋଇଛନ୍ତି। ସେ ନିୟମିତ ଅଧିନାୟକ ଥିବା ରୋହିତ ଶର୍ମାଙ୍କ ସ୍ଥାନରେ ପ୍ରଥମଥର ଭାରତୀୟ ଦଳର ନେତୃତ୍ୱ ନେବେ। ଅଷ୍ଟ୍ରେଲିଆରେ ଏହି ଦିନିକିଆ ସିରିଜ୍ ଅକ୍ଟୋବର ୧୯, ୨୩ ଓ ୨୫ରେ ଖେଳାଯିବ। ୨୬ ବର୍ଷୀୟ ଗିଲ୍ ମଧ୍ୟ ରୋହିତ ଶର୍ମାଙ୍କ ଅବସର ପରେ ଟେଷ୍ଟ ଦଳର ନେତୃତ୍ୱ ନେଉଛନ୍ତି। ଏବେ ୨୦୨୭ ବିଶ୍ୱକପ୍ ଆଉ ଦୁଇ ବର୍ଷ ରହିଛି। ଏଣୁ ଗିଲଙ୍କୁ ତାଙ୍କ ଟିମ୍ ଚୟନ କରିବାକୁ ପର୍ଯ୍ୟାପ୍ତ ସମୟ ମିଳିବ ବୋଲି ମୁଖ୍ୟ ଚୟନକର୍ତ୍ତା ଅଜିତ ଅଗରକର କହିଛନ୍ତି। ସେ ଆହୁରି ମଧ୍ୟ କହିଛନ୍ତି, ହେଡ୍ କୋଚ୍ ଗୌତମ ଗମ୍ଭୀର, ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆଙ୍କ ସହ ପରାମର୍ଶ ପରେ ଗିଲଙ୍କୁ ଦିନିକିଆ ଦଳର ନେତୃତ୍ୱ ଦିଆଯାଇଛି।

ଏହି ୩ ମ୍ୟାଚ୍ ବିଶିଷ୍ଟ ସିରିଜ୍ ଲାଗି ଚାମ୍ପିଅନ୍ସ ଟ୍ରଫିରେ ଶେଷଥର ଭାରତ ପକ୍ଷରୁ ଖେଳିଥିବା ଦୁଇ ସୁପରଷ୍ଟାର ବିରାଟ କୋହଲି ଓ ରୋହିତ ଶର୍ମାଙ୍କୁ ସ୍ଥାନ ମିଳିଛି। ଅନ୍ୟ ସମସ୍ତ ଖେଳାଳି ଆଶାଅନୁଯାୟୀ ଦଳରେ ସ୍ଥାନ ପାଇଛନ୍ତି। କେବଳ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କୁ ଏହି ସିରିଜ୍‌ରେ ବିଶ୍ରାମ ଦିଆଯାଇଛି। କିନ୍ତୁ ଅଲ୍‌ରାଉଣ୍ଡର ରବୀନ୍ଦ୍ର ଜାଡେଜାଙ୍କୁ ବାଦ୍ ଦିଆଯାଇଛି। ଏହା ପରେ ନଭେମ୍ବର-ଡିସେମ୍ବରରେ ଘରୋଇ ମାଟିରେ ଦକ୍ଷିଣ ଆଫ୍ରିକା ସହ ଓ ୨୦୨୬ ଜାନୁଆରୀରେ ନ୍ୟୁଜିଲାଣ୍ଡ ସହ ଦିନିକିଆ ସିରିଜ୍ ଖେଳାଯିବ। ଅଷ୍ଟ୍ରେଲିଆ ବିପକ୍ଷ ଦିନିକିଆ ସିରିଜ୍ ପରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଅକ୍ଟୋବର ୨୯ରୁ ଆରମ୍ଭ ହୋଇ ନଭେମ୍ବର ୮ରେ ଶେଷ ହେବ। ଏହି ସିରିଜ୍ ଲାଗି ପରେ ଭାରତୀୟ ଦଳ ଘୋଷଣା କରାଯିବ।

**ଘୋଷିତ ଦଳ**
ଶୁବମନ ଗିଲ୍ (ଅଧିନାୟକ), ଶ୍ରେୟସ ଆୟର (ଉପଅଧିନାୟକ), ରୋହିତ ଶର୍ମା, ବିରାଟ କୋହଲି, ଯଶସ୍ୱୀ ଜୟସ୍ୱାଲ, ଲୋକେଶ ରାହୁଲ ଓ ଧ୍ରୁବ ଜୁରେଲ (ୱିକେଟରକ୍ଷକ), ନୀତୀଶ କୁମାର ରେଡ୍ଡୀ, ୱାଶିଂଟନ ସୁନ୍ଦର, ଅକ୍ଷର ପଟେଲ, ଅର୍ଶଦୀପ ସିଂହ, ମହମ୍ମଦ୍ ସିରାଜ, ପ୍ରସିଦ୍ଧ କ୍ରିଷ୍ଣା ଓ ହର୍ଷିତ ରାଣା।

## ମାର୍ଶଙ୍କ ଶତକ; ଅଷ୍ଟ୍ରେଲିଆ ଟି୨୦ ସିରିଜ୍ ବିଜୟୀ

**ମାଉଣ୍ଟ ମୌଙ୍ଗନୁଇ, ୪।୧୦:** ଘରୋଇ ନ୍ୟୁଜିଲାଣ୍ଡ ବିପକ୍ଷରେ ଟ୍ୱେଣ୍ଟି୨୦ ସିରିଜ୍ ଜିତିନେଇଛି ଅଷ୍ଟ୍ରେଲିଆ। ଅଧିନାୟକ ମିଚେଲ ମାର୍ଶଙ୍କ ଅପରାଜିତ ଶତକ ବଳରେ ଶନିବାର ୩ୟ ତଥା ଅନ୍ତିମ ଟ୍ୱେଣ୍ଟି୨୦ ମ୍ୟାଚ୍‌କୁ ଅଷ୍ଟ୍ରେଲିଆ ୩ ୱିକେଟ୍‌ରେ ଜିତିନେଇଛି। ବ୍ୟାଟିଂ ବିଫଳତା ଭୋଗି ପ୍ରଥମେ ବ୍ୟାଟିଂ କରିଥିବା ନ୍ୟୁଜିଲାଣ୍ଡ ୯ ୱିକେଟ୍‌ରେ ୧୫୬ ରନ୍ କରିଥିଲା। ପରେ ଅଷ୍ଟ୍ରେଲିଆର ବ୍ୟାଟ୍‌ସମ୍ୟାନ ମଧ୍ୟ ବିଫଳ ହୋଇଥିଲେ ହେଁ ମାର୍ଶ ଗୋଟିଏ ପଟେ ଛିଡ଼ାହୋଇ ଅପରାଜିତ ଶତକ ମାରି ଦଳକୁ ଜିତାଇଥିଲେ।




୧୨ଟି ବଲ୍ ବାକିଥାଇ ୭ ୱିକେଟ୍ ହରାଇ ଅଷ୍ଟ୍ରେଲିଆ ଜିତିଥିଲା। ୨ୟ ଟ୍ୱେଣ୍ଟି୨୦ ବାତିଲ ହୋଇଥିବା ବେଳେ ଏହି ମ୍ୟାଚ୍ ଜିତି ଅଷ୍ଟ୍ରେଲିଆ ୨-୦ରେ ଶୃଙ୍ଖଳା ଜିତିବାରେ ସଫଳ ହୋଇଛି। ଜୀବନର ପ୍ରଥମ ଟି-୨୦ ଶତକ ହାସଲ କରିଥିବା ମାର୍ଶ ୫୨ ବଲ୍‌ରୁ ୭ଟି ଛକା ଓ ୮ଟି ଚୌକା ସହ ୧୦୩ ରନ୍‌କରି ଅପରାଜିତ ଥିଲେ। ମିଚେଲ ମାର୍ଶ ଏହି ମ୍ୟାଚ୍‌ର ଓ ସିରିଜ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ମାର୍ଶ ଉଭୟ ବ୍ୟାଟିଂ ଓ ନେତୃତ୍ୱ ନେଇ ଅଷ୍ଟ୍ରେଲିଆକୁ ବିଜୟୀ କରାଇଥିଲେ।

## ନକ୍‌ଭୀଙ୍କୁ ମିଳିବ ସ୍ୱର୍ଣ୍ଣ ପଦକ

**କରାଚି, ୪।୧୦ (ଏଜେନ୍ସି):** ଏସିଆ କପ୍ ଫାଇନାଲରେ ଜିତିବା ପରେ ଭାରତୀୟ ଖେଳାଳି ଜିଦ୍ ଧରିଥିଲେ ଯେ ପାକିସ୍ତାନ ସରକାରରେ ମନ୍ତ୍ରୀ ଥିବା ଏସୀୟ କ୍ରିକେଟ୍ ପରିଷଦ (ଏସିସି) ଅଧ୍ୟକ୍ଷ ମୋହସିନ ନକ୍‌ଭିଙ୍କଠାରୁ ସେମାନେ ଟ୍ରଫି ଗ୍ରହଣ କରିବେ ନାହିଁ। ପରେ ନକ୍‌ଭି ଟ୍ରଫି ଧରି ତାଙ୍କ ହୋଟେଲ ରୁମ୍‌କୁ ଚାଲି ଯାଇଥିଲେ। ତାଙ୍କର ଏହି ନୀତି ପାଇଁ ନକ୍‌ଭିଙ୍କୁ ସ୍ୱତନ୍ତ୍ର ସ୍ୱର୍ଣ୍ଣପଦକ ପ୍ରଦାନ କରାଯିବ। କରାଚିରେ ହେବାକୁ ଥିବା ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ନକ୍‌ଭିଙ୍କୁ ସହିଦ୍ ଜୁଲ୍‌ଫିକର ଅଲୀ ଭୁଟ୍ଟୋ ସ୍ୱର୍ଣ୍ଣପଦକ ପ୍ରଦାନ କରାଯିବ। ପିପିପି ଅଧ୍ୟକ୍ଷ ବିଲାୱଲ ଭୁଟ୍ଟୋ ଜର୍ଦାରି ଉତ୍ସବରେ ମୁଖ୍ୟ ଅତିଥି ହେବେ। ପୁଣି ନକ୍‌ଭି କହିଛନ୍ତି ଯେ ଭାରତୀୟ ଦଳ ଦୁବାଇସ୍ଥିତ ଏସିସି କାର୍ଯ୍ୟାଳୟକୁ ଆସି ତାଙ୍କଠାରୁ ହିଁ ଟ୍ରଫି ଗ୍ରହଣ କରିପାରିବେ। ସେ ନିଜେ ଟ୍ରଫି ପ୍ରଦାନ କରିବେ ବୋଲି ନକ୍‌ଭି ଜିଦ୍ ଧରିଛନ୍ତି। ବିସିସିଆଇକୁ ସେ କ୍ଷମା ମାଗିଛନ୍ତି ବୋଲି ଭାରତ ଯେଉଁ ଦାବିକରୁଛି; ତାହା ମିଥ୍ୟା ବୋଲି ନକ୍‌ଭି କହିଛନ୍ତି।

## ୱାର୍ଲ୍ଡ ପାରା ଆଥଲେଟିକ୍ସ: ଭାରତର ଶ୍ରେଷ୍ଠ ପ୍ରଦର୍ଶନ

**ନୂଆଦିଲ୍ଲୀ,୪।୧୦(ଏଜେନ୍ସି):** ଏଠାରେ ଚାଲିଥିବା ୱାର୍ଲ୍ଡ ପାରାଆଥଲେଟକ୍ସ ଚାମ୍ପିଅନସିପ୍‌ରେ ଏକତା ଭାୟାନ ଭାରତ ଲାଗି ୧୮ଶ ପଦକ ବିଜୟୀ ହୋଇଛନ୍ତି। ଏହା ଫଳରେ ୱାର୍ଲ୍ଡ ପାରା ଆଥଲେଟିକ୍ସରେ ଭାରତ ତାହାର ଶ୍ରେଷ୍ଠ ପ୍ରଦର୍ଶନ କରିଛି। ଏହି ପ୍ରତିଯୋଗିତାର ୭ମ ଦିନରେ ଭାରତ ୩ଟି ପଦକ ଜିତିଛି। ଏକତା ଏଫ୍‌୫୧ କ୍ଲବ୍ ଥ୍ରୋ କାଟାଗୋରୀରେ ଦ୍ୱିତୀୟ ସ୍ଥାନ ଅଧିକାର କରି ରୌପ୍ୟ ପଦକ ବିଜୟୀ ହୋଇଥିଲେ। ତାଙ୍କ ଛଡ଼ା ଟି୬୪ ହାଇଜମ୍ପରେ ପ୍ରବୀଣ କୁମାର ଓ ସଟ୍‌ପୁଟ ଏଫ୍‌୫୭ରେ ସୋମନ ରାଣା କାଂସ୍ୟ ପଦକ ବିଜୟୀ ହୋଇଥିଲେ।

**ମହିଳା ଦିନିକିଆ ବିଶ୍ୱକପ୍**

# ଆଜି ଭାରତ-ପାକିସ୍ତାନ ଲଢ଼େଇ

**କଲମ୍ବୋ, ୦୪।୧୦ (ଏଜେନ୍ସି):** ଭାରତରେ ଚାଲିଥିବା ଆଇସିସି ମହିଳା ଦିନିକିଆର ୧୩ତମ ସଂସ୍କରଣରେ ରବିବାର ଏକ ହାଇଭୋଲଟେଜ ମୁକାବିଲା ଖେଳାଯିବ। ଏଥିରେ ଦୁଇ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ପରସ୍ପରକୁ ସାମ୍ନା କରିବେ। ଟୁର୍ଣ୍ଣାମେଣ୍ଟର ସହ-ଆୟୋଜକ ରହିଥିବା ଶ୍ରୀଲଙ୍କାର ଆର୍ ପ୍ରେମଦାସ ଷ୍ଟାଡିୟମରେ ଏହି ମ୍ୟାଚ୍ ରବିବାର ଅପରାହ୍ଣ ୩ଟାରୁ ଆରମ୍ଭ ହେବ। ରାଜନୈତିକ କାରଣ ଲାଗି ଭାରତରେ ମ୍ୟାଚ୍ ଖେଳିବାକୁ ରାଜି ନ ହେବାରୁ ଆଇସିସି ପାକିସ୍ତାନର ସମସ୍ତ ମ୍ୟାଚ ଶ୍ରୀଲଙ୍କାରେ ଆୟୋଜିତ କରିବାକୁ ନିଷ୍ପତ୍ତି ନେଇଥିଲା।

ପୂର୍ବରୁ ଆୟୋଜକ ଭାରତ ଉଦ୍‌ଘାଟନୀ ଦିବସରେ ପ୍ରଥମ ମ୍ୟାଚରେ ୫୯ ରନରେ ଶ୍ରୀଲଙ୍କାକୁ ମାତ୍ ଦେଇ ଅଭିଯାନ ଆରମ୍ଭ କରିଥିଲା। ଅପରପକ୍ଷରେ ପାକିସ୍ତାନ ପ୍ରଥମ ମ୍ୟାଚରେ ୭ ୱିକେଟରେ ବାଂଲାଦେଶ ନିକଟରୁ ଲଜ୍ଜାଜନକ ଭାବେ ପରାସ୍ତ ହୋଇଥିଲା। ତେଣୁ ହରମନପ୍ରୀତ୍ କୌରଙ୍କ ନେତୃତ୍ୱାଧୀନ ଟିମ୍ ଇଣ୍ଡିଆ ଏହି ବିଜୟଧାରାକୁ ବଜାୟ ରଖିବା ଲକ୍ଷ୍ୟରେ ପଡ଼ିଆକୁ ଓହ୍ଲାଇବ। ଶ୍ରୀଲଙ୍କା ବିପକ୍ଷ ମ୍ୟାଚରେ ମଧ୍ୟ ଓ ନିମ୍ନକ୍ରମରେ ଅମନଜୋତ୍ କୌର ଓ ଦୀପ୍ତି ଶର୍ମା ଲଢୁଆ ଅର୍ଦ୍ଧଶତକୀୟ ଇନିଂସ ଖେଳିବା ଯୋଗୁ ଭାରତ ୮ ୱିକେଟରେ ୨୬୯ ରନ କରିବାକୁ ସକ୍ଷମ ହୋଇଥିଲା। ଏହି ମ୍ୟାଚରେ କିନ୍ତୁ ସ୍ମୃତି ମନ୍ଧାନା (୮ ରନ), ଅଧିନାୟିକା ହରମନପ୍ରୀତ୍ କୌର (୨୧ ରନ) ଓ




ଜେମିମା ରୋଡ୍ରିଗ୍ସ (୦) ନିରାଶ କରିଥିଲେ। ତେଣୁ ଆସନ୍ତାକାଲି ପାକିସ୍ତାନ ବିପକ୍ଷ ଗୁରୁତ୍ୱପୂର୍ଣ୍ଣ ମ୍ୟାଚରେ ଦଳ ଏହି ୩ ବରିଷ୍ଠ ଖେଳାଳିଙ୍କ ନିକଟରୁ ବଡ଼ ସ୍କୋର ଆଶାରେ ରହିଛି।

**ଭାରତ ସପକ୍ଷରେ ରେକର୍ଡ:**

ରେକର୍ଡ ଉପରେ ନଜର ପକାଇଲେ ମହିଳା ଦିନିକିଆ କ୍ରିକେଟରେ ଭାରତ ଓ ପାକିସ୍ତାନ ୧୧ଥର ସାମ୍ନାସାମ୍ନି ହୋଇଛନ୍ତି। ଏଥିରେ ଭାରତୀୟ ମହିଳା ଦଳ ସମସ୍ତ ୧୧ଟି ଯାକ ମ୍ୟାଚ୍ ଜିତି ଅଗ୍ରଣୀ ରହିଛି। ତେଣୁ ରେକର୍ଡ ଭାରତ ସପକ୍ଷରେ ରହିଛି। ଶେଷଥର ଲାଗି ଦୁଇ ଦଳ ୨୦୨୨ରେ ଏକ ଦିନିକିଆ ମ୍ୟାଚରେ ମୁହାଁମୁହିଁ ହୋଇଥିଲେ। ଏଥିରେ ଭାରତ ୧୦୭ ରନର ବଡ଼ ବ୍ୟବଧାନରେ ବିଜୟୀ ହୋଇଥିଲା।

## ଖେଳାଳି ହାତ ମିଳାଇବେ ନାହିଁ

**ନୂଆଦିଲ୍ଲୀ, ୪।୧୦ (ଏଜେନ୍ସି):** ରବିବାର ମହିଳା ବିଶ୍ୱକପ୍‌ରେ ଭାରତ-ପାକିସ୍ତାନ ମୁକାବିଲା ହେବ। ଏସିଆ କପ୍‌ରେ ପୁରୁଷ କ୍ରିକେଟରଙ୍କ ପରି ଏହି ମ୍ୟାଚ୍‌ରେ ପାକିସ୍ତାନ ଖେଳାଳିଙ୍କ ସହ ଭାରତୀୟ ମହିଳା ଖେଳାଳି ହାତ ମିଳାଇବେ ନାହିଁ ବୋଲି ଜାଣିବାକୁ ମିଳିଛି। ଏହା ବିଷୟରେ ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆ କହିଛନ୍ତି, ଭାରତ ଉକ୍ତ ମ୍ୟାଚ୍ ଖେଳିବ ଏବଂ କ୍ରିକେଟ୍‌ର ସମସ୍ତ ନିୟମ ପାଳନ କରାଯିବ। ତେବେ ଉଭୟ ଦଳର ଖେଳାଳି ହାତ ମିଳାଇବେ କିମ୍ବା କୋଳାକୋଳି ହେବ; ତାହା ମୁଁ କହିପାରିବି ନାହିଁ। ଆମର ଧ୍ୟାନ ଖେଳ ଉପରେ ରାଜନୀତି ଉପରେ ନୁହେଁ। ଗତ ସପ୍ତାହକ ମଧ୍ୟରେ ଦୁଇ ଦେଶର ସମ୍ପର୍କରେ ସେପରି କିଛି ପରିବର୍ତ୍ତନ ହୋଇନାହିଁ; ବରଂ ଏହା ଖରାପ ହୋଇଛି। ଏଣୁ କ୍ରିକେଟ୍ ବୋର୍ଡ ଏଭଳି ଘଟଣାରୁ ଦୂରେଇ ରହିବାକୁ ଉଚିତ ମନେ କରୁଛି। କୌଣସି ନିୟମ ଭଙ୍ଗ କିମ୍ବା କାହାରିକୁ ଅପମାନିତ କରିବା ବିସିସିଆଇର କାମ ନୁହେଁ। ଖେଳୁଆଡ଼ ମନୋଭାବ ଓ ନିୟମ ଅନୁଯାୟୀ ଖେଳିବାକୁ ଆମେ ଗୁରୁତ୍ୱ ଦେଇଛୁ ଏବଂ ଦେବୁ ମଧ୍ୟ ବୋଲି ସାଇକିଆ କହିଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS